


◀ ଆଜିର 'ସକାଳ' ସହ 'ସିନ୍ଦୂରା' ପଢ଼ନ୍ତୁ

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

•VOLUME- 43 •ISSUE-99 •SUNDAY •5 OCTOBER 2025 •PAGE-12 •₹ 6.00 | PANIKOILI | •ବର୍ଷ-୪୩ •ସଂଖ୍ୟା-୯ ୯ •ରବିବାର •୫ ଅକ୍ଟୋବର ୨୦୨୫ •ପୃଷ୍ଠା-୧୨ •ଟ.୬.୦୦ (ସିନ୍ଦୂରା ସହ)


**ପୁଲିସ ଚାକିରି ବେପାର**

## ୧୧୮ ଗିରଫ; ଚେର ଖୋଜୁଛି କ୍ରାଇମ୍‌ବ୍ରାଞ୍ଚ୍

# ବଡ଼ବଡ଼ିଆଙ୍କୁ ହାତ ପାଉନି

- ଜେଲ ଡିଜି ଓ ପୂର୍ବ ଡ଼ିଆଇଜିଙ୍କ ଭୂମିକାକୁ ନେଇ ପ୍ରଶ୍ନ
- ସିଲିକନ୍ ଟେକ୍‌ଲାବ୍ ଓ ପଞ୍ଚସଫ୍ଟ ମଧ୍ୟରେ ତଦନ୍ତ ସୀମିତ
- ତଦନ୍ତ ପରିସରଭୁକ୍ତ ହୋଇନାହିଁ ମୂଳ ସଂସ୍ଥା ଆଇଟିଆଇ
- କଟକ ଜିଲ୍ଲାରୁ ସର୍ବାଧିକ ୩୩, ଗଞ୍ଜାମ ଜିଲ୍ଲାରୁ ୨୫ ପ୍ରାର୍ଥୀ
- ଢେଙ୍କାନାଳରୁ ୧୨, ଖୋର୍ଦ୍ଧାରୁ ୯, ବରଗଡ଼ରୁ ୭ ପ୍ରାର୍ଥୀ

■ **ଭୁବନେଶ୍ୱର, ୪।୧୦ (ସମିସ):** ଓଡ଼ିଶା ପୁଲିସ୍ ଏସ୍‌ଆଇ ଚାକିରି ବିକ୍ରି ଘଟଣା ସାରା ଦେଶରେ ଚାଞ୍ଚଲ୍ୟ ସୃଷ୍ଟି କରିଛି। ଏହି ଘଟଣାରେ ୧୧୪ ଜଣ ପରୀକ୍ଷାର୍ଥୀ ଓ ୪ ଜଣ ଦଲାଲଙ୍କୁ ମିଶାଇ ମୋଟ ୧୧୮ ଜଣ ଗିରଫ ହୋଇଛନ୍ତି । ମାତ୍ର ଘଟଣାକୁ ୫ଦିନ ବିତିଥିଲେ ମଧ୍ୟ ପ୍ରକୃତ ମାଷ୍ଟରମାଇଣ୍ଡ ପାଖରେ ପୁଲିସ୍ ପହଞ୍ଚି ପାରିନାହିଁ। ପରୀକ୍ଷା ପରିଚାଳନା କରିବା ପାଇଁ ଟେଣ୍ଡର ପାଇଥିବା କେନ୍ଦ୍ରୀୟ ପିଏସ୍‌ୟୁ ଆଇଟିଆଇ ଲିମିଟେଡ୍‌ର କୌଣସି ଅଧିକାରୀଙ୍କୁ ଜେରା କରାଯାଇ ନାହିଁ। ସେହି କମ୍ପାନୀ ଠାରୁ ସବ୍ ଟେଣ୍ଡର ପାଇଥିବା ସିଲିକନ୍ ଟେକ୍‌ଲାବ୍ ପ୍ରାଇଭେଟ୍ ଲିମିଟେଡ୍ ଏବଂ ସିଲିକନ୍ ଠାରୁ ସବ୍ ଟେଣ୍ଡର ନେଇଥିବା ପଞ୍ଚସଫ୍ଟ ଟେକ୍ନୋଲୋଜି ମଧ୍ୟରେ ହିଁ ତଦନ୍ତ ସୀମିତ ରହିଛି ଅପରପକ୍ଷରେ ପୂର୍ବତନ ଜେଲ୍ ଡିଆଇଜି କୁଳମଣି ବେହେରାଙ୍କ ପୁଅ ମଧ୍ୟ ଏହି ମାମଲାରେ ଗିରଫ ହୋଇଛନ୍ତି। ଏସ୍‌ଆଇ ପରୀକ୍ଷା ପରିଚାଳନା କରୁଥିବା ଓଡ଼ିଶା ପୁଲିସ୍ ନିଯୁକ୍ତି ବୋର୍ଡ (ଓପିଆର୍‌ବି) ର ଅଧ୍ୟକ୍ଷ ଜେଲ୍ ବିଭାଗର ଡିଜି ଭାବେ କାର୍ଯ୍ୟ କରୁଥିବାରୁ ତାଙ୍କର ସମ୍ପୃକ୍ତି ମଧ୍ୟ ଅଭିଯୋଗ ହୋଇଛି।

ପରୀକ୍ଷା ପରିଚାଳନା ପାଇଁ ଆଇଟିଆଇ ଲିମିଟେଡ୍ ଟେଣ୍ଡର ପାଇଥିବାବେଳେ କେଉଁ ପରିସ୍ଥିତିରେ ▶ପୃଷ୍ଠା-୭

## ବାରଙ୍ଗରୁ ଆଉ ଜଣେ ଦଲାଲ ଗିରଫ



ବିଶ୍ୱରଞ୍ଜନ ବେହେରା

**ମୁନ୍ନା ମହାନ୍ତି, ଶଙ୍କର ପୃଷ୍ଟି ନିଖୋଜ**

■ **ଭୁବନେଶ୍ୱର, ୪।୧୦ (ସମିସ):** ପୁଲିସ ଏସ୍‌ଆଇ ଚାକିର ବିକ୍ରି ରାକେଟ୍‌ର ଦୁଇ ପ୍ରମୁଖ ଅଭିଯୁକ୍ତ ମୁନା ମହାନ୍ତି ଓ ଶଙ୍କର ପୃଷ୍ଟିଙ୍କ ପତ୍ତା ପାଉନାହିଁ ପୁଲିସ। ଦୁହିଁଙ୍କୁ ଧରିବାକୁ ପୁଲିସ ତନାଘନା ଚଳାଇଥିଲେ ବି ସେମାନେ ଫେରାର ଅଛନ୍ତି। ତେବେ କ୍ରାଇମବ୍ରାଞ୍ଚ ଟିମ୍ ଭୁବନେଶ୍ୱର ବାରଙ୍ଗ ଅଞ୍ଚଳରୁ ଅନ୍ୟ ଜଣେ ଦଲାଲକୁ ଗିରଫ କରିଛି। ଗିରଫ ଦଲାଲ ହେଲେ ବାରଙ୍ଗ ଥାନା ବିଦ୍ୟାଧରପୁର ଗ୍ରାମର ବିଶ୍ୱରଞ୍ଜନ ବେହେରା। ଅଭିଯୁକ୍ତ ବିଶ୍ୱରଞ୍ଜନ ଏହି ଘଟଣାରେ ଜଣେ ମଧ୍ୟସ୍ଥ ଭାବରେ କାର୍ଯ୍ୟ କରୁଥିଲେ। ଏହି ସିଣ୍ଡିକେଟର ମୁଖ୍ୟଙ୍କ ନିର୍ଦ୍ଦେଶ ଅନୁଯାୟୀ ବିଶ୍ୱରଞ୍ଜନ ଆଶାୟୀ ପ୍ରାର୍ଥୀଙ୍କ ସହିତ ନିୟମିତ ଯୋଗାଯୋଗ କରୁଥିଲେ। ଆଶାୟୀ ପ୍ରାର୍ଥୀଙ୍କଠାରୁ ସେମାନଙ୍କ ଅରିଜିନାଲ ଶିକ୍ଷାଗତ ପ୍ରମାଣପତ୍ର ଏବଂ ବ୍ଲାଙ୍କ୍ ଚେକ୍ ସଂଗ୍ରହ କରିଥିଲେ। ପରବର୍ତ୍ତୀ ସମୟରେ ଏହି କାଗଜପତ୍ର ଗୁଡିକୁ ସିଣ୍ଡିକେଟ୍‌ର ଅନ୍ୟ ଜଣେ ସଦସ୍ୟଙ୍କୁ ସେ ହସ୍ତାନ୍ତର କରିଥିଲେ ।

### ପଞ୍ଚସଫ୍ଟର ୩ଟି ଅଫିସ ସିଲ୍

ଚାକିରି ବେପାର ଘଟଣାର ତଦନ୍ତ କ୍ରାଇମ୍‌ବ୍ରାଞ୍ଚ ଚଳାଇଥିବାବେଳେ ଏସ୍‌ପି ଅନୀଲ ବେହୁରିଆ ଏହାର ତତ୍ତ୍ୱାବଧାନ କରୁଛନ୍ତି। ତେବେ ଏହାର ତଦନ୍ତ ଦାୟିତ୍ୱ ଡିଏସ୍‌ପି ରତ୍ନପ୍ରଭା ଶପତଥୀଙ୍କୁ ପ୍ରଦାନ କରାଯାଇଛି। ପରୀକ୍ଷା ପରିଚାଳନା ଦାୟିତ୍ୱରେ ଥିବା ଓପିଆରବିଠୁ କାମ ନେଇଥିବା ସଂସ୍ଥା ସିଲିକନ୍ ମାଲିକ ସମେତ ୫ଜଣଙ୍କୁ ପଚରାଉଚରା କରିଛି ଆଜି କ୍ରାଇମ୍‌ବ୍ରାଞ୍ଚ ଜେରା କରିଛି। ଏହା ସହ ବ୍ରହ୍ମପୁର ଏବଂ ଭୁବନେଶ୍ୱରରେ ଥିବା ପଞ୍ଚସଫ୍ଟ ସହ ଅନ୍ୟ ୩ ଅଫିସ ସିଲ କରିଛି କ୍ରାଇମ୍‌ବ୍ରାଞ୍ଚ। ଫେରାର ଥିବା ଶଙ୍କର ପୃଷ୍ଟି ବ୍ରହ୍ମପୁରସ୍ଥିତ ପଞ୍ଚସଫ୍ଟ ସଂସ୍ଥାର ମୁଖ୍ୟ ବୋଲି କୁହାଯାଉଛି। ଶଙ୍କର ଘର ଗଞ୍ଜାମ ଶେରଗଡ଼ ଅଞ୍ଚଳରେ ବୋଲି ସୂଚନା ମିଳିଛି।

### ଆଶାୟୀଙ୍କ ମଧ୍ୟରେ ଦମ୍ପତି, ପୁଲିସ ପୁଅ

ଗିରଫ ପରୀକ୍ଷାର୍ଥୀଙ୍କ ମଧ୍ୟରେ ଜେଲ୍ ବିଭାଗର ଜଣେ ପୂର୍ବତନ ଡିଆଇଜିଙ୍କ ପୁଅ ଓ ଜଣେ ଅବସରପ୍ରାପ୍ତ ଏସ୍‌ପିଙ୍କ ପୁଅ ଥିବା ସୂଚନା ମିଳିଛି। ସେହିପରି ଗିରଫ ହୋଇଥିବା ୧୧୮ ଆଶାୟୀଙ୍କ ମଧ୍ୟରେ ବଲାଙ୍ଗୀର ମୁରିବାହାଲ ଥାନା ଅଞ୍ଚଳର ପ୍ରହଲ୍ଲାଦ ନାଗ ଓ ତାଙ୍କ ପତ୍ନୀ ମୁନକୀ ରାଜପାଲିଆ ରହିଥିବା ସୂଚନା ମିଳିଛି। ଚାକିରି ପାଇଁ ଉଭୟଙ୍କ ସହ ୩୦ ଲକ୍ଷ ଟଙ୍କା ଲେଖାଏଁ ଡ଼ିଲ୍ ହୋଇଥିବା ଅସମର୍ଥିତ ସୂତ୍ରରୁ ସୂଚନା ମିଳିଛି। ପ୍ରହଲ୍ଲାଦଙ୍କ ପତ୍ନୀ ମୁନକୀ ଗତ ପଞ୍ଚାୟତ ନିର୍ବାଚନରେ ପତ୍ରାପାଲି ପଞ୍ଚାୟତ ପାଇଁ ସମିତି ସଭ୍ୟ ଭାବେ ନିର୍ବାଚନ ମଧ୍ୟ ଲଢିଥିଲେ।

### ବେପାର ପଛରେ ବଡ଼ବଡ଼ିଆ

ପରୀକ୍ଷା ପରିଚାଳନାରେ ବାରମ୍ବାର ପ୍ରଘଟ ଏବଂ ଦାୟିତ୍ୱହୀନତା ପଛରେ କିଛି ବଡ଼ ବଡ଼ିଆଙ୍କ ହାତ ଥିବା ପରୀକ୍ଷାର୍ଥୀ ଆଶଙ୍କା କରିଛନ୍ତି। ପୁଲିସ ଏସ୍‌ଆଇ ପରିଚାଳନା ଦାୟିତ୍ୱରେ ଥିଲା ଓଡ଼ିଶା ପୁଲିସ ରିକ୍ରୁ୍ୟଟ୍‌ମେଣ୍ଟ ବୋର୍ଡ ବା ଓପିଆରବି। ରାଷ୍ଟ୍ରାୟତ୍ତ ସଂସ୍ଥା ଆଇଟିଆଇ ଲିମିଟେଡକୁ ଟେଣ୍ଡର ଦେଇଥିଲା ଓପିଆରବି । ଆଇଟିଆଇ ଲିମିଟେଡ ହାଇଦ୍ରାବାଦର ସିଲିକନକୁ ଦାୟିତ୍ୱ ଦେଇଥିଲା ଓ ସିଲିକନ୍ ବ୍ରହ୍ମପୁରର ପଞ୍ଚସଫ୍ଟକୁ ପରିଚାଳନା ପାଇଁ ଦାୟିତ୍ୱ ପ୍ରଦାନ କରିଥିଲା। ମୁନା ଖଣ୍ଡଗିରିରେ ରହୁଥିବା ବେଳେ ସେ ଏକାଧିକ ପିଲାଙ୍କୁ ଯୋଗାଡ଼ କରି ସାର୍ଟିଫିକେଟ ଏବଂ ଟଙ୍କା ସଂଗ୍ରହ କରୁଥିଲା।

**ଦୁର୍ନୀତି ଗନ୍ଧ ବାରି ଇସ୍ତଫା ଦେଇଥିଲେ ପୂର୍ବତନ ଅଧ୍ୟକ୍ଷ**

## ଦାୟିତ୍ୱ ପାଇଥିଲା ସିଲିକନ୍ ଟେକ୍‌ଲାବ୍

■ **ଭୁବନେଶ୍ୱର, ୪।୧୦ (ସମିସ):** ଏସ୍‌ଆଇ ପରୀକ୍ଷା ନିଯୁକ୍ତିରେ ବ୍ୟାପକ ଦୁର୍ନୀତି ହେଉଥିବା ଗନ୍ଧ ବାରିଥିଲେ ପୂର୍ବତନ ଓପିଆରବି ଅଧ୍ୟକ୍ଷ ସନ୍ତୋଷ ଉପାଧ୍ୟାୟ। ୨୦୨୪ରେ ପୁଲିସ ଏସଆଇ ନିଯୁକ୍ତି ପାଇଁ ବିଜ୍ଞପ୍ତି ବାହାରିବା ପରେ ପ୍ରକ୍ରିୟାର ଦାୟିତ୍ୱ ନେଇଥିଲା ଓଡ଼ିଶା ପୁଲିସ ରିକ୍ରୁଟମେଣ୍ଟ ବୋର୍ଡ ବା ଓପିଆରବି। ସେତେବେଳେ ଓପିଆରବିର ଅଧ୍ୟକ୍ଷ ଥିଲେ ଆଇପିଏସ୍ ସନ୍ତୋଷ ଉପାଧ୍ୟାୟ। ପରୀକ୍ଷା ପରିଚାଳନା ପାଇଁ ଓପିଆରବି ଦାୟିତ୍ୱ ଦେଇଥିଲା କେନ୍ଦ୍ର ସରକାରଙ୍କ ପିଏସୟୁ ଗୁଜୁରାଟର ଆଇଟିଆଇ ସଂସ୍ଥାକୁ। ଆଇଟିଆଇ ଗୁଜୁରାଟର ଆଉ ଏକ ସଂସ୍ଥା ରିଚ୍ ମାଇନସ ଡ଼ିଜିଟାଲକୁ ଏହି ଦାୟିତ୍ୱ ଦେଲା। ଏଥିରେ ଦୁର୍ନୀତି ଆଶଙ୍କାରେ ସେ ଯେଉଁଥିପାଇଁ ନିଜଆଡୁ ସେ ଗତ ଏପ୍ରିଲମାସରେ ଇସ୍ତଫା ଦେଇଥିଲେ। ଓପିଆରବି ଅଧ୍ୟକ୍ଷ ପଦରୁ ସନ୍ତୋଷ ଉପାଧ୍ୟାୟ ଇସ୍ତଫା ଦେବା ପରେ ସୁଶାନ୍ତ ନାଥ ଅଧ୍ୟକ୍ଷ ଦାୟିତ୍ୱ ସମ୍ଭାଳିଲେ। ଏହା ପରେ ବଦଳିଗଲା ଓପିଆରବି ଅଧିନରେ ପୁଲିସ ଏସ୍‌ଆଇ ପରୀକ୍ଷା ଦାୟିତ୍ୱରେ ଥିବା ସଂସ୍ଥା। ଆଇଟିଆଇ ରିଚ୍ ମାଇନସ ଡ଼ିଜିଟାଲ ବଦଳରେ ଭୁବନେଶ୍ୱରର ସିଲିକନ ଟେକ୍‌ଲାବକୁ ଦେଲା ପରୀକ୍ଷା ପରିଚାଳନା ଦାୟିତ୍ୱ। ସିଲିକନ ଟେକଲାବ ନିଜେ ଏହି ଦାୟିତ୍ୱ ନ ତୁଲାଇ ପରୀକ୍ଷା ପରିଚାଳନା ଦାୟିତ୍ୱ ବ୍ରହ୍ମପୁରର ପଞ୍ଚସଫ୍ଟ ସଂସ୍ଥାକୁ ଟେକି ଦେଇଥିଲା। ଯେଉଁ ସଂସ୍ଥାର ମାଲିକ ଥିଲେ ଶଙ୍କର ପୃଷ୍ଟି ।

## ମୁଖ୍ୟ ସଚିବଙ୍କ ଉଚ୍ଚସ୍ତରୀୟ ବୈଠକ

■ **ଭୁବନେଶ୍ୱର, ୪।୧୦ (ସମିସ):** ପୁଲିସ ସବଇନ୍ସପେକ୍ଟର ପରୀକ୍ଷା କେଲେଙ୍କାରୀକୁ ନେଇ ଶନିବାର ସନ୍ଧ୍ୟାରେ ଲୋକସେବା ଭବନରେ ଏକ ଉଚ୍ଚସ୍ତରୀୟ ବୈଠକ ଅନୁଷ୍ଠିତ ହୋଇଛି। ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ଗୃହ ସଚିବ ସତ୍ୟବ୍ରତ ସାହୁଙ୍କ ସହ ଓପିଆରବି(ଓଡ଼ିଶା ପୁଲିସ ନିଯୁକ୍ତି ବୋର୍ଡ)ଅଧ୍ୟକ୍ଷ ସୁଶାନ୍ତ ନାଥ, ଓପିଆରବି ସଦସ୍ୟ ଆଇପିଏସ ଅବିନାଶ କୁମାର ପ୍ରମୁଖ ଉପସ୍ଥିତ ଥିଲେ।ସୂଚନା ଅନୁଯାୟୀ ବୈଠକରେ ମୁଖ୍ୟ ସଚିବ ଏସଆଇ କେଲେଙ୍କାରୀ ସମ୍ପର୍କରେ ବିସ୍ତୃତ ତଥ୍ୟ ପଚାରି ବୁଝିଛନ୍ତି। ଏପରି ଦୁର୍ନୀତି କିପରି ହେଲା, ଦୁର୍ନୀତିର ମୂଳ ଖିଅ ଖୋଜିବା ପାଇଁ ତଦନ୍ତ କେତେବାଟ ଯାଇଛି, ପରୀକ୍ଷା ପରିଚାଳନାରେ ମୂଳ ତ୍ରୁଟି କେଉଁଠି ରହିବା ସେନେଇ ବୈଠକରେ ବ୍ୟାପକ ବିଚାର ବିମର୍ଶ କରାଯାଇଛି। ସେହିପରି ଏପର୍ଯ୍ୟନ୍ତ ହୋଇଥିା ତଦନ୍ତ ସମ୍ପର୍କରେ ମଧ୍ୟ ଆଲୋଚନା କରାଯାଇଥିବା ନେଇ ମଧ୍ୟ ସୂଚନା ହସ୍ତଗତ ହୋଇଛି। ଏ ସମ୍ପର୍କରେ ଓପିଆର୍‌ବି ଅଧ୍ୟକ୍ଷ ସୁଶାନ୍ତ ନାଥ କହିଛନ୍ତି, ଯାହା ଘଟଣା ଘଟିଛି କ୍ରାଇମ୍‌ବ୍ରାଞ୍ଚକୁ ଲିଖିତ ଭାବେ ଜଣାଇଛୁ। ତଦନ୍ତ ରିପୋର୍ଟକୁ ଅପେକ୍ଷା କରିଛୁ। ରିପୋର୍ଟ ଆସିବା ପରେ ପରବର୍ତ୍ତି କାର୍ଯ୍ୟାନୁଷ୍ଠାନ ନିଆଯିବ। ସଠିକ୍ ସମୟରେ ସ୍ୱଚ୍ଛ ଭାବେ ପରୀକ୍ଷା ହେବ ବୋଲି ଶ୍ରୀ ନାଥ କହିଛନ୍ତି।

**ଅଧିନାୟକ ପଦରୁ ବିଦାହେଲେ ରୋହିତ**

## ଗିଲ୍‌ଙ୍କୁ ଦିନିକିଆ ନେତୃତ୍ୱ




■ **ମୁମ୍ବଇ, ୪।୧୦ (ଏଜେନ୍ସି):** ଭାରତୀୟ ଦିନିକିଆ ଦଳର ନେତୃତ୍ୱ ପରିବର୍ତ୍ତନ ହୋଇଛି। ଟେଷ୍ଟ ଅଧିନାୟକ ଶୁବମନ ଗିଲ୍‌ଙ୍କୁ ରୋହିତ ଶର୍ମାଙ୍କ ସ୍ଥାନରେ ଅଷ୍ଟ୍ରେଲିଆ ବିପକ୍ଷ ଦିନିକିଆ ସିରିଜ୍ ଲାଗି ଦଳର ନେତୃତ୍ୱ ଦିଆଯାଇଛି। ଟେଷ୍ଟ କ୍ରିକେଟରୁ ଅବସର ନେବା ପରେ ରୋହିତଙ୍କ ସ୍ଥାନରେ ମଧ୍ୟ ଗିଲ୍‌ଙ୍କୁ ନେତୃତ୍ୱ ନେବା ଲାଗି ଚୟନ କରାଯାଇଥିଲା। ଅଷ୍ଟ୍ରେଲିଆରେ ଅକ୍ଟୋବର ୧୯, ୨୩ ଓ ୨୫ରେ ଖେଳାଯିବାକୁ ଥିବା ଦିନିକିଆ ସିରିଜ୍ ଲାଗି ଟେଷ୍ଟ ଓ ଟି-୨୦ କ୍ରିକେଟରୁ ଅବସର ନେଇଥିବା ରୋହିତ ଶର୍ମା ଓ ବିରାଟ କୋହଲିଙ୍କୁ ସାମିଲ କରାଯାଇଛି। ଶ୍ରେୟସ ଆୟରଙ୍କୁ ଦଳର ଉପ-ଅଧିନାୟକ ମନୋନୀତ କରାଯାଇଥିଲାବେଳେ ଯଶପ୍ରୀତ୍ ବୁମ୍‌ରାଙ୍କୁ ଏହି ସିରିଜ୍ ଲାଗି ବିଶ୍ରାମ ଦିଆଯାଇଛି। (ବିବରଣୀ: ଖେଳ ପୃଷ୍ଠାରେ...)

**ଭାଇଚାରାର ସହରରେ ରକ୍ତର ଛିଟା**

## ଭସାଣିରେ ଗୋଷ୍ଠୀ ସଂଘର୍ଷ: ୬ ଗୁରୁତର, ଆଇସିୟୁରେ ୨

■ **କଟକ, ୪।୧୦ (ସମିସ):** ଭାଇଚାରାରେ ରକ୍ତଛିଟା। ଐତିହାସିକ କଟକ ଦୁର୍ଗାପୂଜା ଭସାଣିରେ ଗତକାଲି ବିଳମ୍ବିତ ରାତିରେ କଟକ ଦରଘାବଜାର ଥାନା ଅଞ୍ଚଳରେ ରକ୍ତାକ୍ତ ଗୋଷ୍ଠୀ ସଂଘର୍ଷ ଘଟିଛି। ୨ ଗୋଷ୍ଠୀ ମଧ୍ୟରେ ଢେଲା ଓ କାଚ ବୋତଲ ମାଡ଼ ହୋଇଥିବା ବେଳେ ଏଥିରେ ୬ ଜଣ ଗୁରୁତର ଆହତ ହୋଇଛନ୍ତି। ସେମାନଙ୍କ ମଧ୍ୟରୁ ୨ଜଣଙ୍କ ସ୍ୱାସ୍ଥ୍ୟାବସ୍ଥା ସଂକଟାପନ୍ନ ରହିଛି। ଦୁହିଁଙ୍କୁ ଚିକିତ୍ସା ନିମନ୍ତେ ଏସ୍‌ସିବି ଟ୍ରମା ଆଇସିୟୁରେ ଭର୍ତ୍ତି କରାଯାଇଛି। ଏହି ଗଣ୍ଡଗୋଳରେ ସମ୍ପୃକ୍ତି ଥିବା ୬ ଆକ୍ରମଣକାରୀଙ୍କୁ ଦରଘାବଜାର ପୁଲିସ ଗିରଫ କରିଛି। ଅନ୍ୟପଟେ ସିସି କ୍ୟାମେରା, ନିୟୋଜିତ ଡ୍ରୋନ୍ ଫୁଟେଜ୍ ଏବଂ ପୁଲିସ ପକ୍ଷରୁ ସୁଟିଂ ହୋଇଥିବା ଭିଡିଓ ଫୁଟେଜ୍‌ରୁ ଆକ୍ରମଣକାରୀ ଚିହ୍ନଟ ପ୍ରକ୍ରିୟା ଚାଲିଛି। ସେହିପରି ସର୍ଚ୍ଚ ଅପରେସନ୍‌କୁ ପୁଲିସ ଜୋରଦାର୍ କରିଛି।

**ଡିସିପିଙ୍କ ସମେତ ୩ ପୁଲିସ କନେଷ୍ଟବଲ ଆହତ**

**ସୋମବାର ଭିଏଚ୍‌ପିର 'କଟକ ବନ୍ଦ' ଡାକରା**

ଗତକାଲି ବିଳମ୍ବିତ ରାତିରେ ଦରଘାବଜାର ଥାନା ଅଞ୍ଚଳରେ ଗଣ୍ଡଗୋଳ ପରେ ତୀବ୍ର ଉତ୍ତେଜନା ସୃଷ୍ଟି ହୋଇଥିଲା। ଏହା ପରେ ଉଭୟ ଗୋଷ୍ଠୀ ଢେଲା ଓ କାଚ ବୋତଲ ମାଡ଼ କରିଥିଲେ। ଏଥିରେ ଡିସିପି ଖିଲାରି ଋଷିକେଶ ଦ୍ୟାନଦେଓ ବି ଆହତ ହୋଇଛନ୍ତି। ପଥର ମାଡ଼ରେ ତାଙ୍କ ଆଖିପତା ଫାଟି ▶ପୃଷ୍ଠା-୭

### ନିନ୍ଦାକଲେ ନବୀନ



**ଶାନ୍ତିପ୍ରିୟ ଓଡ଼ିଶାରେ ଏ ଅଶାନ୍ତିର ବାତାବରଣ କଦାପି ଗ୍ରହଣୀୟ ନୁହେଁ**

**ଆଇନଶୃଙ୍ଖଳାକୁ ବିଗାଡ଼ିଦେଉଛି ପୁଲିସ ଉପରେ ଚାପ**

■ **ଭୁବନେଶ୍ୱର, ୪।୧୦ (ସମିସ):** ଦୁର୍ଗାପୂଜା ଭସାଣି ସମୟରେ କଟକ ଦରଘା ବଜାରରେ ଘଟିଥିବା ଗୋଷ୍ଠୀ ସଂଘର୍ଷକୁ ଦୃଢ଼ ନିନ୍ଦା କରିଛନ୍ତି ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ଏ ସଂପର୍କରେ ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ଉଲ୍ଲେଖ କରି ନବୀନ କହିଛନ୍ତି ଯେ ଭାଇଚାରାର ସହର କଟକରେ ଏପରି ଅପ୍ରୀତିକର ସ୍ଥିତି ବେଶ୍ ଚିନ୍ତାଜନକ। ଭସାଣି ସମୟରେ ଢେଲା ପଥର, ବୋତଲ ମାଡ଼ ପରି ଘଟଣା ଏକ ବଡ଼ ସମ୍ବେଦନଶୀଳ ଦିଗକୁ ଇଙ୍ଗିତ କରୁଛି। ଶାନ୍ତିପ୍ରିୟ ଓଡ଼ିଶାରେ ଏ ଅଶାନ୍ତିର ବାତାବରଣ କଦାପି ଗ୍ରହଣୀୟ ନୁହେଁ। ଏପରି ସ୍ଥିତିକୁ ନିୟନ୍ତ୍ରଣ କରିବା ଆଗରେ ପୁଲିସ ପ୍ରଶାସନ ସମ୍ପୂର୍ଣ୍ଣ ଅସହାୟ ମନେ ହେଉଛି। ବିଜେପି ସରକାରରେ ପୁଲିସ ଉପରେ ରହୁଥିବା ଚାପ ରାଜ୍ୟରେ ଆଇନଶୃଙ୍ଖଳାକୁ ବିଗାଡ଼ି ଦେଉଛି। ପରସ୍ପର ମଧ୍ୟରେ ସୌହାର୍ଦ୍ଦ୍ୟ ଓ ସଦ୍‌ଭାବନା ବଜାୟ ରଖିବା ଆମ ସମସ୍ତଙ୍କ ପ୍ରଥମ ଲକ୍ଷ୍ୟ ଏବଂ କର୍ତ୍ତବ୍ୟ ହେଉ। ସମାଜରେ ଶାନ୍ତି ଓ ମୈତ୍ରୀ ବଜାୟ ରହୁ ବୋଲି ନବୀନ ନିଜ ପୋଷ୍ଟରେ ଉଲ୍ଲେଖ କରି କହିଛନ୍ତି।

## ଇଏମ୍‌ଆଇ ନ ଦେଲେ ଚାଲିବନି ମୋବାଇଲ୍, ଟିଭି

■ **ମୁମ୍ବଇ, ୪।୧୦ (ଏଜେନ୍ସି):** ଇଏମ୍‌ଆଇରେ ଖିଲାପ କଲେ ବହୁମୂଲ୍ୟ ଦେବାକୁ ପଡ଼ିବ। ଏହା ନ ଭରିଲେ ଆଗକୁ ଆଉ ଟିଭି ଏବଂ ମୋବାଇଲ ବି ଦେଖିପାରିବେ ନାହିଁ। ଟଙ୍କା ପୈଠ ନ କଲେ କେବୁଲ ଟିଭି ଭଳି ଏହାର ସେବା ମଧ୍ୟ ଆପେଆପେ ବନ୍ଦ ହୋଇଯିବ। କେନ୍ଦ୍ରୀୟ ବ୍ୟାଙ୍କ ଆର୍‌ବିଆଇ ଏଭଳି ଏକ ନୂଆ ବ୍ୟବସ୍ଥା ଆଣିବା ପାଇଁ ପ୍ରସ୍ତୁତ କରୁଛି। ଇଏମ୍‌ଆଇ ପରିଶୋଧ ନ କଲେ ଏହା ମାଧ୍ୟମରେ ଆଣିଥିବା ଉତ୍ପାଦର ସେବାକୁ ଦୂରରୁ ବନ୍ଦ କରିହେବ। ମୋବାଇଲ, ଟିଭି ଭଳି ଉତ୍ପାଦର ଋଣ ଆଦାୟକୁ ସରଳ କରିବା ଏହାର ଉଦ୍ଦେଶ୍ୟ। ବ୍ୟାଙ୍କ ଏବଂ ଆର୍ଥିକ ସଂସ୍ଥାଗୁଡିକ ସହ ଏ ନେଇ ଆର୍‌ବିଆଇ ଆଲୋଚନା କରିଛି। ତେବେ ବିଶେଷଜ୍ଞଙ୍କ ଅନୁଯାୟୀ ଏହା କାର୍ଯ୍ୟକାରୀ କରିବା ପୂର୍ବରୁ ଆର୍‌ବିଆଇକୁ କିଛି ସ୍ୱତନ୍ତ୍ର ଦିଗ ପ୍ରତି ଦୃଷ୍ଟିଦେବାକୁ ହେବ। ଫୋନ୍, ଲ୍ୟାପଟପ୍ କିମ୍ବା ଏହି ଭଳି ଅନ୍ୟ ସାମଗ୍ରୀ କ୍ରୟରେ ଦିଆଯାଇଥିବା ଋଣ କୋଲ୍ୟାଟେରାଲ-ଫ୍ରି ହୋଇଥାଏ। ଅର୍ଥାତ୍ ଏଥିପାଇଁ କୌଣସି ସମ୍ପତ୍ତି ବନ୍ଧକ ରଖିବାକୁ ପଡ଼ି ନ ଥାଏ। ତେଣୁ ସୁଧ ହାର ଅଧିକ ତଥା ୧୪-୧୬ ପ୍ରତିଶତ ରହିଥାଏ। ଯଦି ନୂଆ ବ୍ୟବସ୍ଥା ଲାଗୁ କରାଯିବ ତେବେ ଏହା ସୁରକ୍ଷିତ ଋଣ (ଗୃହ, ଅଟୋ) ଆଦି ଶ୍ରେଣୀରେ ଆସିଯିବ। ଫଳରେ ବ୍ୟାଙ୍କର ଏହାକୁ ଅଧିକାର ଦେବା ପୂର୍ବରୁ ଶ୍ରେଣୀ ଏବଂ ସୁଧହାର ବଦଳାଇବାକୁ ପଡ଼ିବ।

ଆମେରିକା ସମେତ ଅନେକ ଦେଶରେ ଏଭଳି ବ୍ୟବସ୍ଥା ରହିଛି। ଇଏମଆଇ ନ ଦେଲେ କାର୍ ଷ୍ଟାର୍ଟ ହୋଇପାରେ ନାହିଁ। ଆର୍‌ବିଆଇ ଯେଉଁ ବ୍ୟବସ୍ଥା ଆଣିବାକୁ ବିଚାର କରୁଛି ତାହା କ୍ଷୁଦ୍ର ଉପଭୋକ୍ତା ଋଣ (ମୋବାଇଲ, ▶ପୃଷ୍ଠା-୭

**ଆମେରିକା 'ସଟ୍ ଡାଉନ୍'**

## ଚାରି ଦିନ ହେଲା ସବୁ ଅଚଳ


**ନାସା ବି ବନ୍ଦ ■ ଛୁଟିରେ ଗଲେ ୭ ଲକ୍ଷ ୫୦ ହଜାର କର୍ମଚାରୀ**

■ **ୱାସିଂଟନ, ୪।୧୦ (ଏଜେନ୍ସି):** ସିନେଟ୍‌ରେ ଅର୍ଥ ବିଲ୍ ଅନୁମୋଦନକୁ ନେଇ ଅଚଳାବସ୍ଥା ଲାଗି ରହିଥିବାରୁ ଗତ ୪ ଦିନ ଧରି ଆମେରିକା ଠପ୍ (ସଟ୍ ଡାଉନ୍) ହୋଇଯାଇଛି। କେବଳ କିଛି ଅତ୍ୟାବଶ୍ୟକ ସେବାକୁ ଛାଡ଼ିଦେଲେ ଅନ୍ୟ ସେବା ଗୁଡ଼ିକୁ ବନ୍ଦ କରି ଦିଆଯାଇଛି। ଏପରିକି ଆମେରିକାର ମହାକାଶ ସଂସ୍ଥା 'ନାସା' ମଧ୍ୟ ବନ୍ଦ ହୋଇଯାଇଛି। ଦେଶର ସା।।ଢ଼େ ସାତ ଲକ୍ଷ କର୍ମଚାରୀଙ୍କ ଭବିଷ୍ୟତ ଏବେ ବିପଦ ମୁହଁକୁ ଠେଲି ହୋଇଯାଇଛି। ସାତ ଲକ୍ଷ କର୍ମଚାରୀଙ୍କୁ ଛୁଟିରେ ପଠାଇ ଦିଆଯାଇଥିବା ବେଳେ ସେମାନଙ୍କ ମଧ୍ୟରୁ ୩ ଲକ୍ଷ କର୍ମଚାରୀ ଛଟେଇ ହେବାର ଆଶଙ୍କା ରହିଛି। ଏହାଛଡ଼ା ଅନେକ କର୍ମଚାରୀଙ୍କୁ ଏବେ ବିନା ବେତନରେ କାମ କରିବାକୁ ପଡ଼ିବ। ଗତ ୭ ବର୍ଷରେ ପ୍ରଥମ ଥର ଲାଗି ଆମେରିକାରେ ଏଭଳି ପରିସ୍ଥିତି ସୃଷ୍ଟି ହୋଇଛି। ଏଥିଲାଗି ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କୁ ଦାୟୀ କରାଯାଇଛି।

ନିୟମ ଅନୁଯାୟୀ ଆମେରିକାର ବିଭିନ୍ନ ବିଭାଗ ପାଇଁ ସଂସଦ ପ୍ରତିବର୍ଷ ଅକଟୋବର ପହିଲା ତାରିଖ ସୁଦ୍ଧା ଅର୍ଥ ମଞ୍ଜୁର କରିଥାଏ। ମଞ୍ଜୁରୀ ମିଳିବା ପେରେ ୧ ତାରିଖରୁ ବିଭାଗଗୁଡ଼ିକ ବଜେଟ ଖର୍ଚ୍ଚ ଆବଣ୍ଟନ କରାଯାଏ। କିନ୍ତୁ ଏଥର ଟ୍ରମ୍ପଙ୍କ ରିପବ୍ଲିକାନ ପାର୍ଟି ଏବଂ ବିରୋଧୀ ଦଳ ଡେମୋକ୍ରାଟିକ ପାର୍ଟି ମଧ୍ୟରେ ମତଭେଦ ଯୋଗୁଁ ଏହା ସମ୍ଭବ ହୋଇପାରି ନାହିଁ। ସ୍ୱାସ୍ଥ୍ୟ ସେବାକୁ ମିଳୁଥିବା ସବସିଡିକୁ କାଟିବା ଲାଗି ଟ୍ରମ୍ପ ପ୍ରଶାସନ ଜିଦ୍ ଧରିଥିବା ବେଳେ ଡେମୋକ୍ରାଟିକ ପାର୍ଟି ଏହାର ବିରୋଧ କରୁଛି। ଯେଉଁ ପର୍ଯ୍ୟନ୍ତ ଏହି ସବସିଡି ବ୍ୟବସ୍ଥା ଅବ୍ୟାହତ ରଖାନଯାଇଛି, ସେପର୍ଯ୍ୟନ୍ତ ଡେମୋକ୍ରାଟ୍ ସାଂସଦ ଅର୍ଥ ବିଲକୁ ସମର୍ଥନ କରିବେ ନାହିଁ ବୋଲି ସ୍ପଷ୍ଟ କରିଦେଇଛନ୍ତି। ସୂଚନାଯୋଗ୍ୟ ଯେ ଆମେରିକା ସଂସଦ ବା କଂଗ୍ରେସର ନିମ୍ନ ସଦନ (ହାଉସ ଅଫ୍ ରିପ୍ରେଜେଣ୍ଟେଟିଭ୍) ରେ ଟ୍ରମ୍ପଙ୍କ ପାର୍ଟିର ସଂଖ୍ୟାଗରିଷ୍ଠତା ଥିବା ବେଳେ ଉଚ୍ଚ ସଦନ (ସିନେଟ)ରେ ବିରୋଧୀ ଡେମୋକ୍ରାଟିକ୍ ପାର୍ଟିର ଅଧିକ ସାଂସଦ ରହିଛନ୍ତି। ତେଣୁ ସିନେଟରେ ବିଲ୍ ପାସ୍ କରିବାକୁ ହେଲେ ଡେମୋକ୍ରାଟ୍ ପାର୍ଟିର ସମର୍ଥନ ଜରୁରୀ। ତେଣୁ ଏଭଳି ଅଚଳାବସ୍ଥା ସୃଷ୍ଟି ହୋଇଛି।

ଅର୍ଥ ମଞ୍ଜୁର ହୋଇନଥିବାରୁ ଜାତୀୟ ଅର୍ଥନୀତି ପୂରା ଠପ୍ ହୋଇଯିବାର ଆଶଙ୍କା ରହିଛି। ବିଭିନ୍ନ ଦେଶ ଉପରେ ଟ୍ରମ୍ପଙ୍କ ଅତ୍ୟଧିକ ଶୁଳ୍କ ନୀତି ଯୋଗୁଁ ଆମେରିକାର ଅର୍ଥନୀତି ସଙ୍କଟ ଦେଇ ଗତି କରୁଥିବା ବେଳେ 'ସଟ୍ ଡାଉନ୍' ପରିସ୍ଥିତିକୁ ଆହୁରି ବିଗାଳି ଦେବ। ତେବେ ବର୍ତ୍ତମାନ ଯେଉଁ ସଙ୍କଟ ସୃଷ୍ଟି ହୋଇଛି, ସେଥିରେ ବିଶେଷ କରି ଅଣ-ଅତ୍ୟାବଶ୍ୟକ ସେବା ବନ୍ଦ ହୋଇଯାଇଛି। ଯେଉଁ ସରକାରୀ କର୍ମଚାରୀଙ୍କ କାମ ଅତ୍ୟାବଶ୍ୟକ ସେବାରେ ଯାଉନି, ସେମାନଙ୍କୁ ଛୁଟିରେ ଯିବାକୁ କୁହାଯାଇଛି। ଦେଶରେ ସମସ୍ତ ପାର୍କ ଓ ମ୍ୟୁଜିୟମ ବନ୍ଦ ହୋଇଯାଇଛି। ଅନେକ ସରକାରୀ ଅନୁଦାନ ପ୍ରାପ୍ତ ଶିକ୍ଷାନୁଷ୍ଠାନ ମଧ୍ୟ ବନ୍ଦ ▶ପୃଷ୍ଠା-୭

# ଜୁବିନଙ୍କୁ ବିଷ ଦେଇଛନ୍ତି ମ୍ୟାନେଜର!



ନୂଆଦିଲ୍ଲୀ,୪ା୧୦(ଏଜେନ୍ସି): ଜଣାଶୁଣା ବଲିଉଡ ଓ ଆସାମ ଗାୟକ ଜୁବିନ ଗର୍ଗଙ୍କ ମୃତ୍ୟୁକୁ ନେଇ ନୂଆ ନୂଆ କଥା ସାମନାକୁ ଆସିବାରେ ଲାଗିଛି। ଜୁବିନଙ୍କୁ ହତ୍ୟା କରିବା ଲାଗି ବଡ଼ ଧରଣର ଷଡ଼ଯନ୍ତ୍ର ହୋଇଥିଲା। ଏହାକୁ କାର୍ଯ୍ୟକାରୀ କରିବା ଲାଗି ସିଙ୍ଗାପୁରର ପାନ୍ ପେସିଫିକ୍ ହୋଟେଲକୁ ଚୟନ କରାଯାଇଥିଲା। କେବଳ ଏତିକି ନୁହେଁ, ତାଙ୍କୁ ପାଣିରେ ବୁଡ଼ାଇ ମାରିବା ଲାଗି ବିଷ ଦିଆଯାଇଥିଲା। ଏଭଳି ଷଡ଼ଯନ୍ତ୍ର କରି ଜୁବିନଙ୍କୁ ବିଷ ଦେଇଛନ୍ତି ତାଙ୍କର ମ୍ୟାନେଜର ସିଦ୍ଧାର୍ଥ ଶର୍ମା ଓ ଇଭେଣ୍ଟ ଆୟୋଜକ ଶ୍ୟାମକାନୁ ମହନ୍ତ। ଏଭଳି ଅଭିଯୋଗ ଆଣିଛନ୍ତି ଜୁବିନଙ୍କ ବ୍ୟାଣ୍ଡମେଟ୍ ତଥା ସାଥି ଗାୟକ ଶେଖର ଜ୍ୟୋତି ଗୋସ୍ୱାମୀ।

ମାମଲାର ତଦନ୍ତ କରୁଥିବା ସ୍ୱତନ୍ତ୍ର ତଦନ୍ତକାରୀ ଦଳ ବା ଏସ୍ଆଇଟି ଅଧିକାରୀଙ୍କ ସାମନାରେ ଶେଖର ଏହି ବୟାନ ଦେଇ କହିଛନ୍ତି ଯେ ଏହି ଦୁଇଜଣ ହତ୍ୟାକୁ ଦୁର୍ଘଟଣାର ରୂପ ଦେବାକୁ ଷଡ଼ଯନ୍ତ୍ର କରିଥିଲେ। ସିଙ୍ଗାପୁରର ପାନ୍ ପେସିଫିକ୍ ହୋଟେଲରେ ମ୍ୟାନେଜର

**ହତ୍ୟାକୁ ଦୁର୍ଘଟଣାର ରୂପ ଦେବାକୁ ହୋଇଛି ଷଡ଼ଯନ୍ତ୍ର**

ସିଦ୍ଧାର୍ଥ ସେମାନଙ୍କ ସହ ରହୁଥିଲେ। ଜୁବିନଙ୍କ ମୃତ୍ୟୁ ପୂର୍ବରୁ ତାଙ୍କ ଆଚରଣ ସନ୍ଦେହଜନକ ଥିଲା। ସିଦ୍ଧାର୍ଥ ସମୁଦ୍ର ମଝିରେ ବୋଟ୍‌ର ଚାଳକଙ୍କୁ ହଟାଇ ନୟନ୍ତ୍ରଣ ହାତକୁ ନେଇଥିଲେ। ଜୁବିନ ସମୁଦ୍ରକୁ ଭିତରକୁ ଯିବା ପରେ ଅଣନିଶ୍ୱାସୀ ହେବା ଭଳି ଲାଗୁଥିଲା। ଏହାସତ୍ତ୍ୱେ ସିଦ୍ଧାର୍ଥ ଜୁବିନଙ୍କୁ ଯିବାକୁ ଦିଅ, ଯିବାକୁ ଦିଅ ବୋଲି କହିଥିଲେ। ତେଣୁ ଏହା ଆଦୌ ଦୁର୍ଘଟଣା ନଥିଲା ବୋଲି ସେ କହିଛନ୍ତି।

ଉଲ୍ଲେଖଥାଉ କି, ସିଙ୍ଗାପୁରରେ ସେପ୍ଟେମ୍ବର ୧୯ରେ ଜୁବିନ ସ୍କୁବା ଡାଇଭିଂ କରିବା ବେଳେ ମୃତ୍ୟୁବରଣ କରିଥିଲେ। ୨୦ ତାରିଖରେ ସିଙ୍ଗାପୁରରେ ହେବାକୁ ଥିବା ନର୍ଥ ଇଷ୍ଟ ଇଣ୍ଡିଆ ଫେଷ୍ଟିଭାଲରେ ସଂଗୀତ ପରିବେଷଣ କରିଥାନ୍ତେ। କିନ୍ତୁ ଜୁବିନ ଇଭେଣ୍ଟ ପୂର୍ବରୁ ୱାଟର ଆଡଭାନଚର ଆକ୍ଟିଭିଟିରେ ଭାଗ ନେଇଥିଲେ। ଜୁବିନଙ୍କୁ ଭଲଭାବେ ପହଁରା ଜଣାଥିଲା। ତେଣୁ ସେ ପାଣିରେ ବୁଡ଼ି ମୃତ୍ୟୁବରଣ କରିନାହାନ୍ତି ବୋଲି ଶେଖର ଦାବି କରିଛନ୍ତି। ଏହି ମାମଲାରେ ବର୍ତ୍ତମାନ ସୁଦ୍ଧା ୪ ଜଣଙ୍କୁ ଗିରଫ କରି ଜେଲ୍ ହାଜତକୁ ପଠାଇ ଦିଆଯାଇଛି।

# ଗାଜାରେ ଶାନ୍ତି ପାଇଁ ବାଟ ଫିଟୁଛି

ୱାଶିଂଟନ,୪ା୧୦(ଏଜେନ୍ସି):

ଆମେରିକାର ରାଷ୍ଟ୍ରପତି ଟ୍ରମ୍ପଙ୍କ ଧମକର ୬ ଘଣ୍ଟା ପରେ ହମାସ ଅସ୍ତ୍ରବିରତି ପାଇଁ ରାଜି ହୋଇଛି। ହମାସ ଶୁକ୍ରବାର ରାତିରେ ଏ ନେଇ ଘୋଷଣା କରିଛି। ଟ୍ରମ୍ପଙ୍କ ଦ୍ୱାରା ଦିଆଯାଇଥିବା ଯୋଜନା ଅନୁଯାୟୀ ବଞ୍ଚିଥିବା ଓ ମୃତ୍ୟୁବରଣ କରିଥିବା ସବୁ ପଣବନ୍ଦୀଙ୍କୁ ମୁକ୍ତ କରିବାକୁ ହମାସ ପ୍ରସ୍ତୁତ ଅଛି ବୋଲି କହିଛି। ଏଥିସହ ଗାଜା ଉପରୁ ନିୟନ୍ତ୍ରଣ ଛାଡ଼ିବାକୁ ହମାସ ମଧ୍ୟ ରାଜି ହୋଇଛି। ତେବେ ଟ୍ରମ୍ପ ଦେଇଥିବା ୨୦ ସୂତ୍ରୀ ଶାନ୍ତି ପ୍ରସ୍ତାବରେ କେତୋଟି ସ୍ଥାନରେ ଆଲୋଚନା କରିବାର ଆବଶ୍ୟକତା ଅଛି ବୋଲି ହମାସ କହିଛି। ହମାସ ଅସ୍ତ୍ର ଛାଡ଼ିବ କି ନାହିଁ ସେ ନେଇ କିଛି କୁହାଯାଇନାହିଁ। ହମାସର ଏହି ଘୋଷଣା ପରେ ଗାଜା ଉପରେ ଆକ୍ରମଣ ନ କରିବାକୁ ଟ୍ରମ୍ପ ଇସ୍ରାଏଲକୁ ନିର୍ଦ୍ଦେଶ ଦେଇଛନ୍ତି। ଇସ୍ରାଏଲ ମଧ୍ୟ ଟ୍ରମ୍ପଙ୍କ ଗାଜା ଯୋଜନା ଉପରେ କାର୍ଯ୍ୟ କରିବାକୁ ପ୍ରସ୍ତୁତ ବୋଲି କହିଛି। ଟ୍ରମ୍ପଙ୍କ ଏହି ଯୋଜନାର ପ୍ରଥମ ପର୍ଯ୍ୟାୟ ଲାଗୁ କରିବାକୁ ପ୍ରସ୍ତୁତ ଅଛୁ ବୋଲି ଇସ୍ରାଏଲ ପ୍ରଧାନମନ୍ତ୍ରୀ ବେଞ୍ଜାମିନ ନେତାନ୍ୟାହୁଙ୍କ କାର୍ଯ୍ୟାଳୟ ତରଫରୁ କୁହାଯାଇଛି।



**ନିୟନ୍ତ୍ରଣ ଛାଡ଼ିବ ହମାସ**

**ମୁକ୍ତ ହେବେ ପଣବନ୍ଦୀ**

**ଇସ୍ରାଏଲର ପୁଣି ଆକ୍ରମଣ, ୬ ମୃତ**

ଯୁଦ୍ଧ ଶେଷ କରିବା ପାଇଁ ଟ୍ରମ୍ପ ଓ ନେତାନ୍ୟାହୁଙ୍କ ଟିମ୍ ସାଥିହୋଇ କାର୍ଯ୍ୟ କରିବେ। ଗାଜାରେ ଆକ୍ରମଣ ରୋକିବାକୁ ଇସ୍ରାଏଲ ପ୍ରସ୍ତୁତ ବୋଲି କହିଛି। ତେବେ ଅତି ଆବଶ୍ୟକ ପଡିଲେ କାର୍ଯ୍ୟାନୁଷ୍ଠାନ କରିବାକୁ ଇସ୍ରାଏଲ କହିଛି।

ଉଲ୍ଲେଖଥାଉ କି, ହମାସ ପାଖରେ ୪୮ ଜଣ ଇସ୍ରାଏଲ ପଣବନ୍ଦୀ ରହିଛନ୍ତି। ଏମାନଙ୍କ ମଧ୍ୟରୁ ଏବେ ୨୦ ଜଣ ବଞ୍ଚିଛନ୍ତି। ଅସ୍ତ୍ରବିରତି ଘୋଷଣା ହେବାର ୭୨ ଘଣ୍ଟା ମଧ୍ୟରେ ଇସ୍ରାଏଲ ମଧ୍ୟ ୨,୦୦୦ରୁ ଅଧିକ ପାଲେଷ୍ଟାଇନ୍ ସୁରକ୍ଷାକର୍ମୀ ଓ ମୃତାହତ ହୋଇଥିବା ଗାଜା ବାସୀଙ୍କ ମୃତଦେହ ଫେରାଇବାକୁ କୁହାଯାଇଛି। ଇସ୍ରାଏଲ ଓ ହମାସର ଏଭଳି ଆଚରଣ ଗାଜାରେ ଶାନ୍ତି ପାଇଁ ବାଟ ଫିଟାଇଛଇ ବୋଲି କୁହାଯାଉଛି।

ଶାନ୍ତି ତଥା ଅସ୍ତ୍ରବିରତି ପାଇଁ କ୍ଷେତ୍ର ପ୍ରସ୍ତୁତ ହେଉଥିବା ବେଳେ ଇସ୍ରାଏଲ ଗାଜା ଉପରେ ପୁଣି ଶନିବାର ଆକ୍ରମଣ କରିଛି। ଫଳରେ ସ୍ଥିତି ବିଗିଡ଼ିବାର ସମ୍ଭାବନା ସୃଷ୍ଟି ହୋଇଛି। ଏହି ଆକ୍ରମଣରେ ଗାଜା ଷ୍ଟ୍ରିପ୍‌ରେ ୬ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି। ଗୋଟିଏ ଆକ୍ରମଣରେ ଗାଜା ସିଟିର ଏକ ଘରେ ରହୁଥିବା ୪ ଜଣ ପ୍ରାଣ ହରାଇଥିଲେ। ସେହିପରି ଦକ୍ଷିଣ ଗାଜାର ଖାନ୍ ୟୁନିସ୍‌ରେ ଆଉ ଏକ ଆକ୍ରମଣରେ ଦୁଇଜଣ ମୃତ୍ୟୁବରଣ କରିଛନ୍ତି ବୋଲି ସ୍ୱାସ୍ଥ୍ୟକର୍ମୀ ଓ ସ୍ଥାନୀୟ କର୍ତ୍ତୃପକ୍ଷ କହିଛନ୍ତି। ପୂର୍ବରୁ ଗାଜା ଉପରେ ଆକ୍ରମଣକୁ ତୁରନ୍ତ ବନ୍ଦ କରିବାକୁ ଆମେରିକା ରାଷ୍ଟ୍ରପତି ଟ୍ରମ୍ପ ନିର୍ଦ୍ଦେଶ ଦେଇଥିଲେ। ୨୦୨୩ ଅକ୍ଟୋବର ୭ ପରେ ହମାସର ଆତଙ୍କବାଦୀ ଆକ୍ରମଣ ପରେ ଇସ୍ରାଏଲ୍ ଗାଜାରେ ଆକ୍ରମଣ ଜାରି ରଖିଛି। ହମାସର ଏହି ଆକ୍ରମଣରେ ୧୨୦୦ ଲୋକ ମୃତ୍ୟୁବରଣ କରିଥିଲେ। ଏଥିସହ ହମାସ୍ ୨୫୧ଜଣଙ୍କୁ ପଣବନ୍ଦୀ ରଖିଥିଲା ଗାଜାରେ ଇସ୍ରାଏଲ ଏହି ସେନା ଅଭିଯାନରେ ଏପର୍ଯ୍ୟନ୍ତ ୬୬,୦୦୦ ଲୋକ ପ୍ରାଣ ହରାଇଲେଣି।

# ପିଲାଙ୍କ ପାଇଁ କାଳ କଫ୍ ସିରପ୍







ନୂଆଦିଲ୍ଲୀ,୪ା୧୦(ଏଜେନ୍ସି): ତାମିଲନାଡୁ ପରେ ମଧ୍ୟପ୍ରଦେଶରେ କଫ୍ ସିରପକୁ ନିଷେଧ କରାଯାଇଛି। କଫ୍ ସିରପ ସେବନ କରି ଏପର୍ଯ୍ୟନ୍ତ ରାଜସ୍ଥାନରେ ୩ ଓ ମଧ୍ୟପ୍ରଦେଶରେ ୯ଜଣ ପିଲା ମୃତ୍ୟୁବରଣ କରିଛନ୍ତି। ଫଳରେ ଏହି ଦୁଇ ରାଜ୍ୟରେ କଫ୍ ସିରପକୁ ସମ୍ପୂର୍ଣ୍ଣ ଭାବେ ନିଷେଧ କରାଯାଇଛି। ମଧ୍ୟପ୍ରଦେଶରେ ଶନିବାରଠାରୁ କୋଲ୍ଡରିଫ୍ ସିରପ ଓ ନେକ୍ସେଟ୍ରୋ-ଡିଏସ୍ ବିକ୍ରି କରିବାକୁ ନିଷେଧ କରାଯାଇଛି। ଏହି ଦୁଇ କଫ୍ ସିରପ ତାମିଲନାଡୁର କାଞ୍ଚିପୁରମ୍‌ରେ ତିଆରି କରାଯାଉଥିଲା। ପିଲାଙ୍କ ମୃତ୍ୟୁପରେ ତାମିଲନାଡୁ ସରକାର ଏହି ଔଷଧଗୁଡିକର ତିଆରି ଓ ବିକ୍ରି ଉପରେ ନିଷେଧାଦେଶ ଜାରି କରିଛନ୍ତି। ସେପଟେ ରାଜସ୍ଥାନରେ ଡେକ୍ସଟ୍ରୋମେଥେରୋଫାନ ହାଇଡ୍ରୋବ୍ରୋମାଇଡ୍ କଫ୍ ସିରପ୍‌ର ଉତ୍ପାଦନକାରୀ କମ୍ପାନୀ କସନ ଫାର୍ମାକୁ ମଧ୍ୟ ବ୍ୟାନ କରାଯାଇଛି। ଏହି କମ୍ପାନୀର ପ୍ଲାଣ୍ଟ ରାଜସ୍ଥାନର ଜୟପୁରରେ ମଧ୍ୟ

- **୧୨ ପିଲାଙ୍କ ମୃତ୍ୟୁ ପରେ କାର୍ଯ୍ୟାନୁଷ୍ଠାନ**
- **ତାମିଲନାଡୁ ପରେ ମଧ୍ୟପ୍ରଦେଶରେ ନିଷିଦ୍ଧ**
- **ରାଜସ୍ଥାନରେ ଡ୍ରଗ୍ସ କଣ୍ଟ୍ରୋଲର ସସ୍‌ପେଣ୍ଡ**


ରହିଛି। ଏଥିପାଇଁ ରାଜସ୍ଥାନର ଜଣେ ଡ୍ରଗ୍ସ କଣ୍ଟ୍ରୋଲରଙ୍କୁ ସସ୍‌ପେଣ୍ଡ କରାଯାଇଛି।

ଉଲ୍ଲେଖଥାଉ କି, କୋଲ୍ଡାରିଫ୍ ଓ ନୋକ୍ସଟ୍ରୋ ଡିଏସ୍ ସେବନ କାରଣରୁ ମଧ୍ୟ ପ୍ରଦେଶରେ ଗତ ୨୬ ଦିନ ମଧ୍ୟରେ ୯ ଜଣ ପିଲା ମୃତ୍ୟୁବରଣ କରିଛନ୍ତି। ସେହିପରି ରାଜସ୍ଥାନର ଭରତପୁର ଓ ସିକାରରେ ମଧ୍ୟ ସମକାରଣ ଯୋଗୁ ତିନିଜଣ ପିଲା ମୃତ୍ୟୁବରଣ କରିଥିଲେ। ମଧ୍ୟପ୍ରଦେଶ ଏ ନେଇ ଚିଠି ଦେବା ପରେ ୪୮ ଘଣ୍ଟା ମଧ୍ୟରେ ତାମିଲନାଡୁରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଥିଲା। ସେପଟେ ଦୁଇବର୍ଷରୁ କମ୍ ବୟସ୍କ ପିଲାଙ୍କୁ କଫ୍ ସିରପ ନ ଦେବାକୁ କେନ୍ଦ୍ର ସରକାରଙ୍କ ସ୍ୱାସ୍ଥ୍ୟ ମନ୍ତ୍ରଣାଳୟ ତରଫରୁ ସମସ୍ତ ରାଜ୍ୟ ସରକାରଙ୍କୁ ନିର୍ଦ୍ଦେଶ ଦିଆଯାଇଛି।

# ମହାରାଷ୍ଟ୍ରକୁ ବିପଦ ‘ଶକ୍ତି’

ମୁମ୍ବାଇ,୪ା୧୦(ଏଜେନ୍ସି):

ଗୁଜରାଟର କଚ୍ଛ ନିକଟରେ ଆରବ ସାଗରରେ ସୃଷ୍ଟି ହୋଇଥିବା ଲଘୁଚାପ ଏବେ ବାତ୍ୟାର ରୂପ ନେଇଛି। ଶ୍ରୀଲଙ୍କା ଏହି ବାତ୍ୟାର ନାମ ‘ଶକ୍ତି’ ରଖିଛି। ମହାରାଷ୍ଟ୍ରରେ ୩ରୁ ୭ ଅକ୍ଟୋବର ମଧ୍ୟରେ ବାତ୍ୟା ଶକ୍ତିକୁ ନେଇ ସତର୍କତା ଜାରି କରାଯାଇଛି। ମୁମ୍ବାଇ, ଥାନେ, ପାଲଘର, ରାଇଗଡ଼, ରତ୍ନଗିରି ଓ ସିନ୍ଧୁର୍ଦୁଗ ଜିଲ୍ଲାରେ



**୬୫ କିମି ବେଗରେ ପବନ ବହିବ**

ଶକ୍ତିର ପ୍ରଭାବ ଦେଖିବାକୁ ମିଳିବ ଓ ୪୫ରୁ ୫୫ କିମି ବେଗରେ ପବନ ବହିବ ବୋଲି ଭାରତୀୟ ପାଣିପାଗ ବିଭାଗ ପକ୍ଷରୁ ସତର୍କ କରାଯାଇଛି। ପବନର ବେଗ ୬୫ କିମିରେ ମଧ୍ୟ ପହଞ୍ଚିବ ବୋଲି ଆଶଙ୍କା କରାଯାଉଛି। ଅକ୍ଟୋବର ୫ରେ ମହାରାଷ୍ଟ୍ର ଉପକୂଳରେ ସମୁଦ୍ରରୁ ବଡ଼ ବଡ଼ ଜୁଆର ଆସିବ ବୋଲି ଅନୁମାନ କରାଯାଉଛି। ମୌସୁମୀର ଲେଉଟାଣି ପରେ ଶକ୍ତି ପ୍ରଥମ ବାତ୍ୟା ଭାବେ ଆରବ ସାଗରରେ ସୃଷ୍ଟି ହୋଇଛି। ଶକ୍ତି କିନ୍ତୁ ଭାରତରେ ଲ୍ୟାଣ୍ଡଫଲ କରିବ ନାହିଁ। ଅକ୍ଟୋବର ୭ ସୁଦ୍ଧା ସମୁଦ୍ରରୁ ବଡ଼ ବଡ଼ ଜୁଆର ଆସିବ, ଜୋରରେ ପବନ ବହିବା ସାଙ୍ଗକୁ ଗୁଜରାଟ ଓ ଉତ୍ତର ମହାରାଷ୍ଟ୍ରରେ ପ୍ରବଳ ବର୍ଷା ହେବ ବୋଲି ଆଶଙ୍କା କରାଯାଉଛି। ବଙ୍ଗୋପ ସାଗରରେ ଗଭୀର ଅବପାତ କାରଣରୁ ଆନ୍ଧ୍ରପ୍ରଦେଶ ଓ ଓଡ଼ିଶାର କୋଟୋଟି ଜିଲ୍ଲାରେ ପ୍ରବଳ ବର୍ଷା ହୋଇଛି। ବର୍ଷା କାରଣରୁ ଆନ୍ଧ୍ରରେ ୪ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ଓଡ଼ିଶାର ଗଜପତି ଜିଲ୍ଲାରେ ୨ ଜଣ ଲୋକ ପ୍ରାଣ ହରାଇଛନ୍ତି। ସମୁଦ୍ରରେ ଏବେ ୧୦୦ କିମିରୁ ଅଧିକ ବେଗରେ ପବନ ବହୁଛି। ଅକ୍ଟୋବର ୬ ବେଳକୁ ଶକ୍ତି ଦୁର୍ବଳ ହେବ। ସମୁଦ୍ର ଭିତରକୁ ନ ଯିବା ପାଇଁ ମାଛ ଧରାଳିଙ୍କୁ ସତର୍କ କରି ଦିଆଯାଇଛି। ମହାରାଷ୍ଟ୍ରର ବିଭିନ୍ନ ଜିଲ୍ଲାରେ ଧନଜୀବନ ହାନିକୁ ଦୃଷ୍ଟିରେ ରଖି ଅଧିକାରୀମାନଙ୍କୁ ବିଭିନ୍ନ ସତର୍କତାମୂଳକ ପଦକ୍ଷେପ ନେବାକୁ ନିର୍ଦ୍ଦେଶ ଦିଆଯାଇଛି।

# ସାର୍ କ୍ରିକ୍ ପାଇଁ ଭାରତ-ପାକିସ୍ତାନ ମୁହାଁମୁହିଁ

ନୂଆଦିଲ୍ଲୀ,୪ା୧୦(ଏଜେନ୍ସି): ସାର କ୍ରିକ୍‌କୁ ନେଇ ପୁଣିଥରେ ଭାରତ ଓ ପାକିସ୍ତାନ ମୁହାଁମୁହିଁ ହୋଇଛନ୍ତି। ଗୁଜରାଟର କଚ୍ଛ ଜିଲ୍ଲା ଓ ପାକିସ୍ତାନର ସିନ୍ଧ ରାଜ୍ୟର ସୀମାକୁ ଏକ ୯୬ କିମି ଦୀର୍ଘର ଜୁଆରିଆ ମୁହାଣ ନିର୍ଦ୍ଧାରିତ କରୁଛି। ଏହି ମୁହାଣ ସିଧା ଆରବ ସାଗରକୁ ସଂଯୋଗ କରୁଛି। ଜୁଆର ଓ ଭଟ୍ଟା ଅନୁସାରେ ଏହି ସାର କ୍ରିକ୍‌ର ଜଳ ପତନ ବୃଦ୍ଧି ଓ ହ୍ରାସ ହୋଇଥାଏ। ଦୁଇ ଦେଶ ଏହି ସାମୁଦ୍ରିକ ସୀମାକୁ ନେଇ ଭିନ୍ନ ଭିନ୍ନ ମତ ଓ ତର୍କ ଦେଇ ଆସୁଛନ୍ତି। ଏହି ଅଞ୍ଚଳ ଐତିହାସିକ, ଭୌଗଳିକ, ଆର୍ଥନୈତିକ, ପରିବେଷ ଦୃଷ୍ଟିକୋଣରୁ ଦୁଇ ଦେଶ ପାଇଁ ଗୁରୁତ୍ୱ ବହନ କରୁଛି। ଏହାକୁ ପୂର୍ବେ ‘ବନ ଗଙ୍ଗା’ କୁହାଯାଉଥିଲା। କିନ୍ତୁ ଇଂଗ୍ରେଜ ଶାସନ ବେଳେ ବ୍ରିଟିଶ ଅଧିକାରୀ ସାର କ୍ରିକ୍‌ଙ୍କ ଅନୁସାରେ ଏହାର ନୂଆ ନାମକରଣ ହୋଇଥିଲା। ଏବେ ଏହି ଅଞ୍ଚଳ ନେଇ ବିବାଦ ସୃଷ୍ଟି ହୋଇଛି। ଏହି ଅଞ୍ଚଳରେ ପାକିସ୍ତାନ ସେନା ତା’ର ଉପସ୍ଥିତି ଜାହିର କରୁଛି। ତେଣୁ ଭାରତର ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂ ପାକିସ୍ତାନକୁ ଏଥିପାଇଁ କଡ଼ା ଚେତାବନୀ ଦେଇଛନ୍ତି। ଯଦି ଏହି ଅଞ୍ଚଳରେ ପାକିସ୍ତାନ କିଛି ଦୁଃସାହାସ କରେ ତେବେ ତା’ କଡ଼ା ଜବାବ ଦିଆଯିବ ଓ ଇତିହାସ ସମେତ ଭୂଗୋଳ ମଧ୍ୟ ବଦଳାଇ ଦିଆଯିବ ବୋଲି ରାଜନାଥ ଚେତାବନୀ ଦେଇଛନ୍ତି। ଏହି ଅଞ୍ଚଳରେ ପାକିସ୍ତାନ ତା’ର ସୈନ୍ୟ ଭିତ୍ତିଭୂମି ନିର୍ମାଣ କରୁଥିବାର ଖବର ଆସିବା ପରେ ରାଜନାଥ ପାକିସ୍ତାନକୁ ଏହି ସତର୍କବାଣୀ ଶୁଣାଇଛନ୍ତି। ପୂର୍ବରୁ ଏହି ସୀମା ବିବାଦକୁ ସମାଧାନ କରିବାକୁ ଏକାଧିକବାର ପ୍ରୟାସ କରାଯାଇଥିବା ବେଳେ ଏପର୍ଯ୍ୟନ୍ତ ଏହାର ସମାଧାନ ହୋଇନାହିଁ। କାରଣ ପାକିସ୍ତାନ ସମଗ୍ର ଅଞ୍ଚଳକୁ ନିଜର ବୋଲି ଦାବି କରୁଛି।

# ଜାପାନରେ ପ୍ରଥମଥର ପାଇଁ ମହିଳା ହେବେ ପ୍ରଧାନମନ୍ତ୍ରୀ

ଟୋକିଓ,୪ା୧୦(ଏଜେନ୍ସି): ପୂର୍ବ ଏସୀୟ ଦେଶ ଜାପାନରେ ପ୍ରଥମଥର ପାଇଁ ଜଣେ ମହିଳା ପ୍ରଧାନମନ୍ତ୍ରୀ ପଦରେ ଅଳଙ୍କୃତ ହେବେ। ସେ ହେଉଛନ୍ତି ୬୪ ବର୍ଷୀୟା କନଜରଭେଟିଭ୍ ରାଜନେତ୍ରୀ ସାନାଏ ତାକାଇଚି। ତାକାଇଚି ବ୍ରିଟେନ ପୂର୍ବତନ ପ୍ରଧାନମନ୍ତ୍ରୀ ମାର୍ଗାରେଟ ଥାଚରଙ୍କ ଜଣେ ପ୍ରଶଂସକ ଭାବେ ବେଶ୍ ଜଣାଶୁଣା। ଖୁବ୍‌ଶୀଘ୍ର ତାଙ୍କର ପ୍ରଧାନମନ୍ତ୍ରୀ ହେବାର ସ୍ୱପ୍ନ ପୂରଣ ହେବାକୁ ଯାଉଛି। ଜାପାନରେ ବହୁମତ ହାସଲ କରିଥିବା ପାର୍ଟିର ଅଧ୍ୟକ୍ଷ ପ୍ରଧାନମନ୍ତ୍ରୀ ଭାବେ ଶପଥ ଗ୍ରହଣ କରିବାର ପରମ୍ପରା ରହିଆସିଛି। ତେଣୁ ତାକାଇଚି ପରବର୍ତ୍ତୀ ପ୍ରଧାନମନ୍ତ୍ରୀ ହେବା ଏକ ପ୍ରକାର ନିଶ୍ଚିତ ହୋଇଛି। ତାଙ୍କୁ ପୂର୍ବତନ ପ୍ରଧାନମନ୍ତ୍ରୀ ଶିଞ୍ଜୋ ଆବେଙ୍କ ନିକଟତର ଓ ଚୀନ୍-ବରୋଧୀ ନେତା ବୋଲି ବିବେଚିନା କରାଯାଏ।



ତାକାଚାଇ ଜାପାନରେ ପୁରୁଷ ରାଜା ଶାସନର ସମର୍ଥକ ଭାବେ ବେଶ୍ ଜଣାଶୁଣା। ଏଥିସହ ସେ ରାଣୀ ରାଷ୍ଟ୍ରମୁଖ୍ୟ ଭାବେ ଶାସନ ଭାର ସମ୍ଭାଳିବା ବିପକ୍ଷରେ ରହିଥାନ୍ତି। ତାକାଚାଇ ୨୦୦୪ରେ ସାଥି ସାଂସଦ ତାକୁ ୟମାମେଟୋଙ୍କୁ ବିବାହ କରିଥିଲେ। ତେବେ ୨୦୧୭ ଜୁଲାଇରେ ରାଜନୈତିକ ମତଭେଦ କାରଣରୁ ଦୁହେଁ ଅଲଗା ହୋଇଥିଲେ। କିନ୍ତୁ ୨୦୨୧ରେ ଦୁହେଁ ପୁଣି ଏକାଠି ହୋଇଥିଲେ ଓ ପୁଣିଥରେ ବିବାହ କରିଥିଲେ।

# ଭାରତ ରୁଷ୍‌ଠାରୁ ଆହୁରି ଅଧିକ ଏସ୍-୪୦୦ କିଣିବ



ନୂଆଦିଲ୍ଲୀ,୪ା୧୦(ଏଜେନ୍ସି): ଭାରତ ରୁଷିଆଠାରୁ ଆହୁରି ଅଧିକ ଏସ୍-୪୦୦ କ୍ରୟ କରିପାରେ। ପୂର୍ବରୁ ୫ଟି ଏସ୍-୪୦୦ କ୍ରୟ ନେଇ ଚୁକ୍ତି ହୋଇସାରିଛି। ଭାରତ ମଧ୍ୟ ୩ଟି ଏସ୍-୪୦୦ ପାଇ ସାରିଛି। ଏବେ ଆଉ କିଛି ସିଷ୍ଟମ ପାଇଁ ଚୁକ୍ତି ହେବ। ଆଗାମୀ ଡିସେମ୍ବରରେ ରୁଷିଆ ରାଷ୍ଟ୍ରପତି ଭ୍ଲାଡିମିର ପୁଟିନ ଭାରତ ଗସ୍ତରେ ଆସିବେ। ଏହି ଗସ୍ତ ଅବସରରେ ଚୁକ୍ତି ହେବାର ଯଥେଷ୍ଟ ସମ୍ଭାବନା ରହିଛି। ଅପରେସନ ସିନ୍ଦୂରରେ ଏସ୍-୪୦୦ ନିର୍ଣ୍ଣାୟକ ଭୂମିକା ଗ୍ରହଣ କରି ପାକିସ୍ତାନକୁ ଚକ୍ମା ଦେବାରେ ସଫଳ ହୋଇଥିଲା। ପାକିସ୍ତାନ ତରଫରୁ ଆସିଥିବା ସବୁ ଡ୍ରୋନ୍ ଓ ମିସାଇଲକୁ ଏସ୍-୪୦୦ ନିଷ୍କ୍ରିୟ କରିଥିଲା। ଭାରତ ୨୦୧୮ ଅକ୍ଟୋବର ୫୦୦ କୋଟି ଡଲାର ବିନିମୟରେ ଏସ୍-୪୦୦ କ୍ରୟ କରିବାକୁ ଚୁକ୍ତି କରିଥିଲା। ସେତେବେଳେ ଆମେରିକା ଏ ନେଇ ଚେତାବନୀ ମଧ୍ୟ ଦେଇଥିଲା। ଏବେ ଭାରତ ଏସ୍-୫୦୦ ମିସାଇଲ ସିଷ୍ଟମ କ୍ରୟ କରିବା ନେଇ ବିଚାର କରୁଛି। ଏସ୍-୪୦୦ ଓ ଏସ୍- ୫୦୦ ଦୁଇଟି ଯାକ ଅତ୍ୟାଧୁନିକ ସିଷ୍ଟମ ଭାବେ ପରିଗଣିତ ହେଉଛି। ଆକାଶମାର୍ଗରୁ ଶତ୍ରୁର ଆକ୍ରମଣକୁ ପଣ୍ଡ କରିବା ପାଇଁ ଏହି ସିଷ୍ଟମର ବ୍ୟବହୃତ ହୋଇଥାଏ। ଆବଶ୍ୟକତା ଅନୁଯାୟୀ ଭାରତ ଏସ୍-୪୦୦ ଓ ଅନ୍ୟ ଡିଫେନ୍ସ ସିଷ୍ଟମ କ୍ରୟ କରିବ ବୋଲି ଏୟାର ଚିଫ୍ ମାର୍ଶାଲ ଏପି ସିଂ ପୂର୍ବରୁ କହି ସାରିଛନ୍ତି।

**ଏସ୍-୫୦୦ କ୍ରୟ ନେଇ ବିଚାର କରାଯାଇ ପାରେ**

**ଡିସେମ୍ବରରେ ପୁଟିନଙ୍କ ଭାରତ ଗସ୍ତରେ ଚୁକ୍ତି ହୋଇପାରେ**

# ଆମେରିକାରେ ଭାରତୀୟ ଛାତ୍ରଙ୍କୁ ଗୁଳି କରି ହତ୍ୟା

ହାଇଦରାବାଦ,୪ା୧୦(ଏଜେନ୍ସି): ଆମେରିକାର ଡଲାସ୍ ସହରରେ ଜଣେ ଭାରତୀୟ ଦନ୍ତ ଚିକିତ୍ସା ଛାତ୍ରଙ୍କୁ ଗୁଳି କରି ହତ୍ୟା କରାଯାଇଛି। ହାଇଦରାବାଦ୍‌ରୁ ୨୭ ବର୍ଷୀୟ ଚନ୍ଦ୍ରଶେଖର ପୋଲ୍ ଡଲାସର ଏକ ଗ୍ୟାସ ଷ୍ଟେସନରେ ପାର୍ଟ ଟାଇମ୍ ଚାକିରି କରୁଥିଲେ। ସେ ହାଇଦରାବାଦ୍‌ରେ ଡେଣ୍ଟାଲ ସର୍ଜରୀରେ ସ୍ନାତକ ଡିଗ୍ରୀ ହାସଲ କରିବା ପରେ ୨୦୨୩ରେ ଉଚ୍ଚଶିକ୍ଷା ପାଇଁ ଆମେରିକା ଯାଇଥିଲେ। ତେବେ ଗତ ରାତିରେ କେତେଜଣ ଅଜଣା ବନ୍ଧୁକଧାରୀ ତାଙ୍କୁ ଗୁଳି କରି ହତ୍ୟା କରିଛନ୍ତି। ୬ ମାସ ତଳେ ସେ ଆମେରିକାରେ ମାଷ୍ଟର ଡିଗ୍ରୀ ହାସଲ କରିଥିଲେ। ସେ ଫୁଲ୍ ଟାଇମ୍ ଚାକିରି ପାଇଁ ଚେଷ୍ଟା କରୁଥିଲେ। ଆମେରିକାରୁ ପୁଅର ମୃତଦେହ ଆଣିବାକୁ ଚନ୍ଦ୍ରଶେଖରଙ୍କ ପରିବାର ଭାରତ ସରକାରଙ୍କୁ ନିବେଦନ କରିଛନ୍ତି। ତେବେ କେଉଁ କାରଣରୁ ଚନ୍ଦ୍ରଶେଖରଙ୍କୁ ହତ୍ୟା କରାଯାଇଛି ସେ ନେଇ କିଛି ସ୍ପଷ୍ଟ କରାଯାଇନାହିଁ। ବିଆରଏସ୍ ବିଧାୟକ ଟି ହରିସ ରାଓ ମୃତଦେହ ଫେରାଇ ଆଣିବାକୁ ଆବଶ୍ୟକ ପଦକ୍ଷେପ ଯଥାଶୀଘ୍ର ଗ୍ରହଣ କରିବାକୁ ସରକାରଙ୍କୁ ଅନୁରୋଧ କରିଛନ୍ତି।

# ବେଲୁଚିସ୍ତାନରେ ବନ୍ଦର ନିର୍ମାଣ କରିବ ଆମେରିକା

ଇସ୍‌ଲାମାବାଦ୍,୪ା୧୦(ଏଜେନ୍ସି): ପାକିସ୍ତାନର ବେଲୁଚିସ୍ତାନ ରାଜ୍ୟରେ ଏକ ବନ୍ଦର ନିର୍ମାଣ କରିବାକୁ ଆମେରିକାକୁ ପ୍ରସ୍ତାବ ଦିଆଯାଇଛି। ଏହି ପ୍ରସ୍ତାବ ଦେଇଛନ୍ତି ପାକିସ୍ତାନ ସେନା ମୁଖ୍ୟ ହାସିମ ମୁନୀରଙ୍କ ଉପଦେଷ୍ଟା। ଏ ନେଇ ପ୍ରମୁଖ ନ୍ୟୁଜ ଏଜେନ୍ସି ରଏଟର୍ସ। ବେଲୁଚିସ୍ତାନର ପସନୀ ସହରରେ ଆରବ ସାଗର ଉପକୂଳରେ ଏକ ନୂଆ ବନ୍ଦର ନିର୍ମାଣ କରିବା ସହ ଏହାକୁ ଚଳାଇବାକୁ ପାକିସ୍ତାନ ଆନୁଷ୍ଠାନିକ ଭାବେ ଆମେରିକାକୁ ପ୍ରସ୍ତାବ ଦେଇଛି। ତେବେ ଏହି ବନ୍ଦର କେବଳ ବ୍ୟବସାୟ ଓ ଖଣିଜ ସମ୍ପଦର ନେବା ଆଣିବା ପାଇଁ ନିର୍ମାଣ ହେବ ବୋଲି କୁହାଯାଇଛି। ଆମେରିକାକୁ ପ୍ରସ୍ତାବିତ ବନ୍ଦରରେ କୌଣସି ସୈନ୍ୟ ଠିକଣା ନିର୍ମାଣ କରିବାକୁ ଅନୁମତି ଦିଆଯିବ ନାହିଁ ବୋଲି ପାକିସ୍ତାନ ତରଫରୁ ସ୍ପଷ୍ଟ କରାଯାଇଛି। ପସନୀ ଚୀନ ନିର୍ମିତ ବନ୍ଦର ଗ୍ୱାଦର ବନ୍ଦରଠାରୁ ମାତ୍ର ୧୧୨ କିମି ଦୂରରେ ଅବସ୍ଥିତ। ଏହି ବନ୍ଦର ମାଧ୍ୟମରେ ପାକିସ୍ତାନରୁ ତମ୍ବା ଓ ଆଣ୍ଟିମନୀ ଭଳି ଖଣିଜ ପଦାର୍ଥ ଆମେରିକାକୁ ସହଜରେ ପଠାଯାଇପାରିବ। ଏହି ବନ୍ଦରକୁ ଦେଶର ପଶ୍ଚିମାଞ୍ଚଳ ସହ ଯୋଗାଯୋଗ ପାଇଁ ୧୧ ହଜାର କୋଟି ଟଙ୍କା ବିନିମୟରେ ନୂଆ ରେଳ ଲାଇନ୍ ବିଛା ଯିବ। ମୁନୀର କିଛିଦିନ ତଳେ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କୁ ରେଳ ଖଣିଜ ସମ୍ପଦର ବ୍ରିଫକେସ୍ ଦେଖାଇଥିଲେ ଓ ଏହାକୁ ନେଇ ଚର୍ଚ୍ଚା ସୃଷ୍ଟି ହୋଇଥିଲା। ଭାରତର ଅପରେସନ ସିନ୍ଦୂର ପରେ ଆମେରିକା ଓ ପାକିସ୍ତାନ ନିକଟତର ହୋଇଛନ୍ତି।

# ଡଲାର ମୁଦ୍ରାରେ ଟ୍ରମ୍ପଙ୍କ ଚିତ୍ର ଖୋଦିତ

ୱାଶିଂଟନ,୪ା୧୦(ଏଜେନ୍ସି): ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଚିତ୍ର ଖୋଦିତ ଏକ ଡଲାର ବିଶିଷ୍ଟ ମୁଦ୍ରା ବା କଏନ ଜାରି ହେବା ପାଇଁ ପ୍ରସ୍ତୁତି ଅନ୍ତିମ ପର୍ଯ୍ୟାୟରେ ପହଞ୍ଚିଛି। ଆମେରିକାର ଟ୍ରେଜେରୀ ବିଭାଗ ଶୁକ୍ରବାର ଏହି ମୁଦ୍ରାର ଡ୍ରାଫ୍ଟ ଡିଜାଇନ୍ ଜାରି କରିଛି। ଏହି ମୁଦ୍ରା ୨୦୨୬ରେ ଆମେରିକାର ୨୫୦ତମ ସ୍ୱାଧୀନତା ଦିବସ ଅବସରରେ ଜାରି କରାଯିବ ବୋଲି ଟ୍ରେଜେରୀ ବିଭାଗ ତରଫରୁ କୁହାଯାଇଛି। ଏହି ମୁଦ୍ରାର ଗୋଟିଏ ପଟେ ଟ୍ରମ୍ପ





ନିଜ ମୁଠା ଉଠାଇଥିବାର ଦେଖାଯାଇଛି ଓ ଏହି ପଟେ ଫାଇଟ୍, ଫାଇଟ୍, ଫାଇଟ୍ ବୋଲି ଲେଖାଯାଇଛି। ଏହି ଶବ୍ଦ ଟ୍ରମ୍ପ ଗତବର୍ଷ ଏକ ଆକ୍ରମଣରୁ ବର୍ତ୍ତିବା ପରେ କହିଥିଲେ। ସେହିପରି ମୁଦ୍ରାର ଅନ୍ୟପଟେ ଟ୍ରମ୍ପଙ୍କ ଚିତ୍ର, ଲିବର୍ଟି ଓ ତାରିଖ (୧୯୭୭-୨୦୨୬) ଲେଖା ଯାଇଛି। ମୁଦ୍ରାର ଏହି ଡିଜାଇନ୍ ଦେଶର ଦୃଢ଼ ମାନସିକତାକୁ ଦର୍ଶାଉଛି ବୋଲି ଟ୍ରେଜେରୀ ତରଫରୁ କୁହାଯାଇଛି। ମୁଦ୍ରାର ଅନ୍ତିମ ଡିଜାଇନ୍ ଏପର୍ଯ୍ୟନ୍ତ ଚୟନ ହୋଇନାହିଁ ବୋଲି କୁହାଯାଇଛି। ଉଲ୍ଲେଖଥାଉ କି, ୧୯୭୬ରେ ଆମେରିକାର ୨୦୦ତମ ସ୍ୱାଧୀନତା ଦିବସ ଅବସରରେ ଲିବର୍ଟି ବେଲ୍ ଓ ଚନ୍ଦ୍ରକୁ ନେଇ ମୁଦ୍ରା ପ୍ରସ୍ତୁତ କରାଯାଇଥିଲା। ଏଥିରେ ପୂର୍ବତନ ରାଷ୍ଟ୍ରପତି ଏଇସେନହାୱାରଙ୍କ ଚିତ୍ର ଥିଲା। ଟ୍ରମ୍ପଙ୍କୁ ଏହି ମୁଦ୍ରାର ଡିଜାଇନ ପସନ୍ଦ ଆସିବ ବୋଲି ହ୍ୱାଇଟ୍‌ହାଉସ୍ ମୁଖପାତ୍ର କାରାଲିନ ଲେବିଟ କହିଛନ୍ତି।

# ତଳ କୋର୍ଟର ଦୁଇ ବିଚାରପତିଙ୍କୁ ହଟାଇଲେ ବମ୍ବେ ହାଇକୋର୍ଟ

ମୁମ୍ବାଇ,୪ା୧୦(ଏଜେନ୍ସି): ବମ୍ବେ ହାଇକୋର୍ଟ ଶୁକ୍ରବାର ତଳ କୋର୍ଟର ଦୁଇଜଣ ବିଚାରପତିଙ୍କୁ ପଦରୁ ହଟାଇଛନ୍ତି।



ଅନୁଚିତ ତଥା ଅଶୋଭନୀୟ ଅଚାରଣ ଓ ଦୁର୍ନୀତି ପାଇଁ ହାଇକୋର୍ଟ ଦୁଇ ବିଚାରପତି ସତାରାର ଅତିରିକ୍ତ ସେସନ ଜଜ୍ ଧନଞ୍ଜୟ ନିକମ ଓ ପାଲଘର ସିଭିଲ ଜଜ୍ (ସିନିଅର ଡିଭିଜନ) ଇର୍ଫାନ ଶେଖଙ୍କୁ ପଦରୁ ବହିଷ୍କାର କରିଛନ୍ତି। ଶୃଙ୍ଖଳାଗତ କମିଟିର ତଦନ୍ତ ପରେ ହାଇକୋର୍ଟ ଏହି ଦୃଷ୍ଟାନ୍ତମୂଳକ ନିଷ୍ପତ୍ତି ନେଇଛନ୍ତି। ଧନଞ୍ଜୟଙ୍କ ନାମରେ ଉତ୍କୋଚ ତଥା ଲାଞ୍ଚ ନେବାର ଅଭିଯୋଗ ଆସିଥିଲା। ସେହିପରି ଏକ ଶୁଣାଣି ଅବସରରେ ଇର୍ଫାନ ଦୁର୍ନୀତି କରିବାର ଅଭିଯୋଗ ହୋଇଥିଲା। ଇର୍ଫାନ ଜବତ ହୋଇଥିବା ନିଶାଦ୍ରବ ସେବନ କରିବାର ଅଭିଯୋଗ ହୋଇଥିଲା ଓ ଏ ନେଇ ବମ୍ବେ ହାଇକୋର୍ଟରେ ପିଟିସନ ଦାଖଲ କରାଯାଇଥିଲା। ତେବେ ଆମେ ନିର୍ଦ୍ଦୋଶ ବୋଲି ବହିଷ୍କୃତ ହୋଇଥିବା ଏହି ଦୁଇ ବିଚାରପତି କହିଛନ୍ତି। ହାଇକୋର୍ଟଙ୍କ ଏହି ନିଷ୍ପତ୍ତି ପରେ ମୁମ୍ବାଇ ନ୍ୟାୟିକ ବ୍ୟବସ୍ଥାରେ ହଇଚଇ ସୃଷ୍ଟି ହୋଇଛି।

# ଚୌଦ୍ୱାର ଜେଲ୍‌ରୁ ୨ କୁଖ୍ୟାତ ବିହାରୀ କଏଦୀ ଚମ୍ପଟ

ଚୌଦ୍ୱାର, ୪।୧୦ (ସମିସ): ଚୌଦ୍ୱାର ସର୍କଲ ଜେଲ୍‌ରୁ ୨ କୁଖ୍ୟାତ ବିହାରୀ କଏଦୀ ଗୁରୁବାର ବିଳମ୍ବିତ ରାତିରେ ଫେରାର୍ ହୋଇଯିବା ଘଟଣାର ତଦନ୍ତ ଆରମ୍ଭ ହୋଇଛି। ରାଜ୍ୟର ସର୍ବବୃହତ୍ ଜେଲ ଭାବେ ପରିଗଣିତ ଏହି ଜେଲର କଡ଼ା ସୁରକ୍ଷା

- ଜୁଏଲାରୀ ଦୋକାନରୁ ଲୁଟ୍ ଓ ୨ଜଣଙ୍କୁ ଗୁଳି କରି ହତ୍ୟା କରିଥିଲେ
- ତଦନ୍ତ ଆରମ୍ଭ, ୨ ୱାର୍ଡର୍ ନିଲମ୍ବିତ
- ସୂଚନାଦାତାଙ୍କୁ ୫୦ ହଜାର ପୁରସ୍କାର ଘୋଷଣା
- ରଡ୍ କାଟିବାକୁ ଆରି ଆଣିଲେ କେଉଁଠୁ?

ବ୍ୟବସ୍ଥା ସତ୍ତ୍ୱେ ଏହାର ସୁଉଚ୍ଚ ପାଚେରୀ ଡେଇଁ ୨ଜଣ କଏଦୀ ଫେରାର୍ ହୋଇଯିବା ଘଟଣା ଜେଲ ସୁରକ୍ଷା ବ୍ୟବସ୍ଥା ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି।

ମିଳିଥିବା ସୂଚନା ଅନୁଯାୟୀ, ବିହାର ରାଜ୍ୟର ମୁଫସିଲ ଥାନା ଅଧୀନ ଲୋହିଆ ନଗରର ରାଜା ସାହାଣୀ ଓ ଗୌର ଥାନା ରାମପୁର ଗ୍ରାମର ମଧୁକାନ୍ତ କୁମାର ନାମକ ୨ଜଣ କଏଦୀ ଗତ ୮ ମାସ ହେବ ଚୌଦ୍ୱାର ଜେଲ୍‌ରେ ବିଚାରାଧୀନ କଏଦୀ ଭାବେ ଥିଲେ। ବହୁଚର୍ଚ୍ଚିତ ଯାଜପୁର ଜିଲ୍ଲା ପାଣିକୋଇଲି ଅଞ୍ଚଳର ପଣ୍ଡା ସୁନା ଅଳଙ୍କାର ଦୋକାନରୁ ଲୁଟ୍ ଓ ସର୍ବସାଧାରଣରେ ୨ ଜଣଙ୍କୁ ଗୁଳି କରି ହତ୍ୟା କରିବା ଭଳି ସଂଗିନ୍ ଅପରାଧରେ ସେମାନେ ସାମିଲ ଥିଲେ। ଅଧିକ ସୁରକ୍ଷା ଦୃଷ୍ଟିରୁ ୮ ମାସ ତଳେ ଦୁହିଁଙ୍କୁ ଯାଜପୁର ରଗଡ଼ି ଜେଲ୍‌ରୁ ଚୌଦ୍ୱାର ଜେଲ୍‌କୁ ସ୍ଥାନାନ୍ତର କରାଯାଇଥିଲା। କିନ୍ତୁ ଏଠାକୁ ଆସିବା ପରଠାରୁ ସେମାନେ ଜେଲ୍‌ରୁ ଫେରାର୍ ହେବା ପାଇଁ ଉଦ୍ୟମ ଆରମ୍ଭ କରିଥିଲେ। କିଛି ମାସ ତଳେ ଏହି ୨ ଅପରାଧୀ ଫେରାର୍ ହେବା ପାଇଁ ଜେଲ ପରିସରରେ ସିନ୍ଧି କରିବା ପାଇଁ ଯୋଜନା କରୁଥିବା ବେଳେ ପୂର୍ବତନ ଅଧୀକ୍ଷକଙ୍କ ହାତରେ ଧରାପଡ଼ିଥିଲେ। କିନ୍ତୁ ଏହି ଗୋଟିଏ ବିଫଳତାରେ ସେମାନେ ଅଟକି ଯାଇନଥିଲେ। ଜେଲ୍ ଭିତରେ ସେମାନଙ୍କୁ



ଦିଆଯାଇଥିବା କମ୍ବଳ ଓ ପିନ୍ଧାବସ୍ତ୍ରକୁ କାଟି ସେଥିରୁ ଦଉଡ଼ି ତିଆରି କରିଥିଲେ। ଦଶହରା ରାତିରେ ଜେଲ୍ ଭିତରେ ସମସ୍ତେ ଭୋଜିଭାତରେ ମସଗୁଲ୍ ରହିଥିବା ବେଳେ ଏହାର ସୁଯୋଗ ନେଇ ଅପରାଧୀଦ୍ୱୟ ସେମାନେ ରହୁଥିବା ସେଲର ସ୍ପେଶାଲ ଗ୍ରିଲକୁ କାଟି ଦେଇଥିଲେ। ପୂର୍ବରୁ ତିଆରି କରିଥିବା ଦଉଡ଼ି ଓ ବାଉଁଶ ସାହାଯ୍ୟରେ ଜେଲର ସୁଉଚ୍ଚ ପାଚେରି ଡେଇଁ ସେମାନେ ଫେରାର୍ ହୋଇଯାଇଥିଲେ।

ଏହି ଘଟଣା ଜଣାପଡ଼ିବା ପରେ ତୁରନ୍ତ ୨ଜଣ ୱାର୍ଡରଙ୍କୁ ନିଲମ୍ବନ କରାଯାଇଛି। ଜେଲର ସିସିଟିଭିକୁ ଯାଞ୍ଚ କରାଯିବା ସହ କାର୍ଯ୍ୟରେ ଅବହେଳା ପାଇଁ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ଜେଲ ଡିଜି ସୁଶାନ୍ତ କୁମାର ନାଥ ପ୍ରକାଶ କରିଛନ୍ତି। ଏହାବ୍ୟତୀତ ଫେରାର୍ ଦୁଇ ଅପରାଧୀଙ୍କ ସମ୍ପର୍କରେ ସଠିକ ସୂଚନା ଦେବା ବ୍ୟକ୍ତିବିଶେଷଙ୍କୁ ୫୦ହଜାର ଟଙ୍କା ପୁରସ୍କାର ରାଶି ପ୍ରଦାନ କରାଯିବ ବୋଲି କମିସନରେଟ୍ ପୁଲିସ ତରଫରୁ ଘେଷଣା କରାଯାଇଛି। ଜେଲ ଭିତରେ ରଡ୍ କାଟିବା ପାଇଁ ସେମାନେ ଆରି ବା ଅସ୍ତ୍ର ପାଇଲେ କିପରି, ତାହା ଏବେ ବି ପ୍ରଶ୍ନବାଚୀ ହୋଇ ରହିଛି।

## ଅକ୍ଟୋବର ୯ ରୁ ବିଜେଡିର ଜନସମ୍ପର୍କ ଅଭିଯାନ

# ଗାନ୍ଧୀ ମୂର୍ତ୍ତି ତଳେ ସଂକଳ୍ପନେଲେ ନେତା, କର୍ମୀ

ଭୁବନେଶ୍ୱର, ୪।୧୦(ସମିସ): ଜାତିର ଜନକ ମହାତ୍ମା ଗାନ୍ଧୀଙ୍କ ପବିତ୍ର ଜୟନ୍ତୀ ଅବସରରେ ବିଜେଡି ସଭାପତି ନବୀନ ପଟ୍ଟନାୟକଙ୍କ ନିର୍ଦ୍ଦେଶକ୍ରମେ ଗୁରବାର ଭୁବନେଶ୍ୱର ସାଙ୍ଗଠନିକ ଜିଲ୍ଲା ପକ୍ଷରୁ ଜନସମ୍ପର୍କ ଅଭିଯାନ ସଂକଳ୍ପ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ଉତ୍ତର

- ମହାତ୍ମା ଗାନ୍ଧୀଙ୍କ ଜୟନ୍ତୀରେ ଦଳ ଜଣାଇଲା ଶ୍ରଦ୍ଧାଞ୍ଜଳି
- ନଭେମ୍ବର ୯ ପର୍ଯ୍ୟନ୍ତ ଚାଲିବ ପଦଯାତ୍ରା
- ପୂର୍ବ ସରକାରଙ୍କ ସଫଳତା, ଏବେର ସରକାରଙ୍କ ବିଫଳତା ସମ୍ପର୍କରେ ସଚେତନ କରିବେ



ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ଜନତା ମଇଦାନ ଗାନ୍ଧୀ ପାର୍କରେ ମହାତ୍ମା ଗାନ୍ଧୀଙ୍କ ପ୍ରତିମୂର୍ତ୍ତିରେ ଶ୍ରଦ୍ଧାସୁମନ ଅର୍ପଣ କରିବା ସହ ଜିଲ୍ଲା ବିଜେଡି ସଭାପତି ଅଶୋକ ପଣ୍ଡାଙ୍କ ଆବାହକତ୍ୱରେ ଜନସମ୍ପର୍କ ଅଭିଯାନର ସଂକଳ୍ପ ନିଆଯାଇଛି। ଏହି ଅବସରରେ ଦଳର ବରିଷ୍ଠ ନେତା ଦେବୀପ୍ରସାଦ ମିଶ୍ର ଜନସମ୍ପର୍କ ଅଭିଯାନର ସଂକଳ୍ପ ପାଠ କରାଇଥିଲେ।

ମହାତ୍ମା ଗାନ୍ଧୀ ଅହିଂସାର ପ୍ରତୀକ। ସମ୍ବିଧାନର ମୁଖବନ୍ଧରେ ଅହିଂସା ଶବ୍ଦକୁ ସ୍ଥାନ ଦେବାକୁ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜେଡି ସଭାପତି ନବୀନ ପଟ୍ଟନାୟକ ସବୁବେଳେ ଦାବି କରି ଆସୁଛନ୍ତି। ଅହିଂସା ଶବ୍ଦକୁ ସମ୍ବିଧାନର ମୁଖବନ୍ଧରେ ସ୍ଥାନ ଦେବା ପାଇଁ ବିଜେଡି ସଂଗ୍ରାମ ଜାରି ରଖିବ ବୋଲି ସଂକଳ୍ପ ନିଆଯାଇଛି। ଆସନ୍ତା ୯ ତାରିଖ ଗୋପବନ୍ଧୁ ଜୟନ୍ତୀରୁ ଆରମ୍ଭ ହେବାକୁ ଥିବା ପଦଯାତ୍ରାରେ ଘରକୁ ଘର ବୁଲି ନବୀନ ପଟ୍ଟନାୟକ ସରକାରଙ୍କ ସଫଳତା ଓ ବର୍ତ୍ତମାନର ବିଜେପି ସରକାରଙ୍କ ବିଫଳତା ନେଇ ବିଜେଡି ସଚେତନତା ସୃଷ୍ଟି କରିବ। ଏହା ନଭେମ୍ବର ୯ ଯାଏଁ ମାସେ ବ୍ୟାପୀ ପ୍ରତି ୱାର୍ଡ, ବ୍ଲକ, ପଞ୍ଚାୟତ, ଜିଲ୍ଲା ପରିଷଦ, ପୌରାଞ୍ଚଳ ଓ ନିର୍ବାଚନମଣ୍ଡଳୀରେ ଅନୁଷ୍ଠିତ ହେବ। ବିଶେଷକରି ଏହି ପଦଯାତ୍ରା ସମୟରେ ନବୀନ ପଟ୍ଟନାୟକଙ୍କ ସରକାର ସମୟରେ ନିଆଯାଇଥିବା ଲୋକାଭିମୁଖୀ କାର୍ଯ୍ୟକ୍ରମଗୁଡ଼ିକର ଅବତାରଣା କରାଯିବା ସହ ବର୍ତ୍ତମାନର ସରକାର ଦେଇଥିବା ପ୍ରତିଶ୍ରୁତି ପାଳନରେ ବିଫଳତା, ମହିଳାମାନଙ୍କୁ ପ୍ରତାରଣା ଓ ନିର୍ଯାତନା, ଆଇନଶୃଙ୍ଖଳାର ଅଧୋଗତି, ପଞ୍ଚାୟତରେ ଗଣତାନ୍ତ୍ରିକ ଓ ସାମ୍ବିଧାନିକ ବ୍ୟବସ୍ଥାକୁ ଧ୍ୱଂସ କରିବାକୁ ଅଭିସନ୍ଧି, ଚାଷୀମାନଙ୍କ ସମସ୍ୟା ପ୍ରତି ବିମୁଖତା, ଯୁବସମାଜ ଓ ଛାତ୍ରଛାତ୍ରୀଙ୍କ ସମସ୍ୟା, ଦରଦାମ ବୃଦ୍ଧି, ଅନୁସୂଚିତ ଜାତି, ଜନଜାତି, ପଛୁଆବର୍ଗ ଓ ସଂଖ୍ୟାଲଘୁଙ୍କୁ ଉପେକ୍ଷା ଆଦି ବିଭିନ୍ନ ପ୍ରସଙ୍ଗ ସଂପର୍କରେ ଲୋକଙ୍କୁ ସଚେତନ କରାଯିବ ବୋଲି ଶ୍ରୀ ମିଶ୍ର ସୂଚନା ଦେଇଛନ୍ତି।

ଜନସମ୍ପର୍କ ଅଭିଯାନ ସଂକଳ୍ପ ଅବସରରେ ବିଜେଡିର ବରିଷ୍ଠ ନେତା ସଞ୍ଜୟ ଦାସ ବର୍ମା, ଉତ୍ତର ବିଧାୟକ ସୁଶାନ୍ତ କୁମାର ରାଉତ, ଭୁବନେଶ୍ୱର-ମଧ୍ୟ ବିଧାୟକ ଅନନ୍ତ ନାରାୟଣ ଜେନା, ଭୁବନେଶ୍ୱର ମହାନଗର ନିଗମର ମେୟର ସୁଲୋଚନା ଦାସ, ବିଜୁ ମହିଳା ଜନତା ଦଳର ସଭାନେତ୍ରୀ ସ୍ନେହାଙ୍ଗିନୀ ଛୁରିଆ, ଯୁବ ସଭାପତି ଚିନ୍ମୟ ସାହୁ, ଛାତ୍ର ସଭାନେତ୍ରୀ ଇପ୍ସିତା ସାହୁ, ସାଧାରଣ ସମ୍ପାଦକ ବିଜୟ ନାୟକ, ସୁମିତ୍ରା ଜେନା, ମିନତି ବେହେରା, ସ୍ଥାନୀୟ କର୍ପୋରେଟର୍ ଓ ଦଳର ଅନ୍ୟ ସଦସ୍ୟ ଉପସ୍ଥିତ ଥିଲେ।

### ■ ପାରିବାରିକ କଳହର କରୁଣ ପରିଣତି

# ସ୍ତ୍ରୀକୁ ପିଟିପିଟି ହତ୍ୟା

ଔପଦା, ୪।୧୦(ସମିସ): ପାରିବାରିକ କଳହର କରୁଣ ପରିଣତି। ନିଜ ପରିବାରଠାରୁ ବି ଅଧିକ ବିଶ୍ୱାସ କରି ଯେଉଁ ମଣିଷର ହାତ ଧରିଥିଲେ, ସେ ହିଁ ପିଟିପିଟି ଜୀବନ ନେଇଗଲା। ଏଭଳି ଏକ ଦୁଃଖଦ ତଥା ଲୋମହର୍ଷକ ଘଟଣା ଦେଖିବାକୁ ମିଳିଛି ବାଲେଶ୍ୱର ଜିଲ୍ଲା ଔପଦା ଥାନା ତଳକିଆ ପଞ୍ଚାୟତ ପ୍ରତାପପୁର ଗାଁରେ। ସ୍ତ୍ରୀକୁ ପିଟିପିଟି ହତ୍ୟା କରିଛି ସ୍ୱାମୀ। ମୃତ ମହିଳାଜଣଙ୍କ ହେଲେ, ମୟୂରଭଞ୍ଜ ଜିଲ୍ଲା ବାରିପଦା ପୂର୍ଣ୍ଣଚନ୍ଦ୍ରପୁର ଗାଁର କୁନୁ ବାଗଙ୍କ କନ୍ୟା ବିଷମା ବାଗ (୨୫)। ଏହି ଘଟଣାରେ ପୁଲିସ ବିଷମାଙ୍କ ସ୍ୱାମୀ ନିଶାକର ମାଣ (୩୩) ଓରଫ ଜଗାକୁ ଗିରଫ କରିଛି।



୪ବର୍ଷ ତଳେ ନିଶାକରଙ୍କୁ ବିଷମା ପ୍ରେମବିବାହ କରିଥିଲେ। ସେମାନଙ୍କର ଅଢ଼େଇ ବର୍ଷର ଏକ କନ୍ୟା ସନ୍ତାନ ଅଛି। ଗତକାଲି ରୋଷେଇକୁ ନେଇ ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଝଗଡ଼ା ହୋଇଥିଲା। ପରେ ଏହା ଉଗ୍ରରୂପ ନେଇଥିଲା। ବିଷମାକୁ ନିସ୍ତୁକ ମାଡ଼ ମାରିବା ସହ ଜଗା ତାଙ୍କୁ ତଳେ କଚାଡ଼ି ଦେଇଥିଲା। ତେବେ ସନ୍ଧ୍ୟାରେ ବିଷମାଙ୍କ ଅବସ୍ଥା ଗୁରୁତର ହେବାରୁ ଜଗା ସ୍କୁଟିରେ ତାଙ୍କୁ ଖଇରା ମେଡ଼ିକାଲକୁ ନେଇଥିଲା। ସେଠାରେ ଅବସ୍ଥା ସଙ୍କଟାପନ୍ନ ଦେଖି ଡାକ୍ତର ଭଦ୍ରକ ଡାକ୍ତରଖାନାକୁ ସ୍ଥାନାନ୍ତର କରିଥିଲେ। ୧୦୮ ଆମ୍ବୁଲାନ୍ସ ଯୋଗେ ଭଦ୍ରକ ନେବା ରାସ୍ତାରେ ବିଷମାର ମୃତ୍ୟୁ ହେବା ଜାଣି ଭୟରେ ଜଗା ନିଜ ଘର ପ୍ରତାପପୁରକୁ ଫେରାଇ ଆଣିଥିଲା। ଖବର ପାଇ ବିଷମାର ବପା କୁନୁ ବାଗ, ମା' ପାର୍ବତୀ ବାଗ ଓ ସମ୍ପର୍କୀୟ ମାନେ ଆଜି ଭୋର ଆସି ଥାନାରେ ଅଭିଯୋଗ କରିଥିଲେ। ଅଭିଯୁକ୍ତ ଜଗା ଖସିଯିବାକୁ ଚେଷ୍ଟା କରୁଥିବା ବେଳେ ପୁଲିସ ତାକୁ କାବୁ କରିଥିଲା।

ପରେ ମାଜିଷ୍ଟ୍ରେଟ୍ ଭାବେ ଔପଦା ତହସିଲଦାର ପ୍ରଜ୍ଞା ପରାମିତା, ଜିଲ୍ଲା ସାଇଟିଫିକ ଅଧିକାରିଣୀ ସାଲୁ ଟୁଡୁ, ଔପଦା ଥାନାଧିକାରୀ ପ୍ରମୋଦ କୁମାର ଦାସ, ଏସ୍ଆଇ ସୁଶୀଲ କୁମାର ମହନ୍ତ, ଏଏସ୍ଆଇ ଶରତ କୁମାର ବେହେରା ସଦଳବଳେ ପହଞ୍ଚି ଘଟଣାର ତଦନ୍ତ କରିବା ସହ ଶବ ବ୍ୟବଚ୍ଛେଦ ପାଇଁ ସୋର ମେଡ଼ିକାଲକୁ ପଠାଇଥିଲେ। ବିଷମାର ବାପାଙ୍କ ଅଭିଯୋଗ ଆଧାରରେ ପୁଲିସ ଜଗାକୁ କୋର୍ଟଚାଲାଣ କରିଛି। ଅଢ଼େଇବର୍ଷର ଶିଶୁକନ୍ୟାକୁ ମୃତ ବିଷମାର ବାପା, ମା'ଙ୍କ ଜିମା ଦିଆଯାଇଛି।

# ଗାଧୋଇବା ବେଳେ ବୁଡ଼ିଗଲେ ଦୁଇ ଭାଇ

ରାଉରକେଲା, ୪।୧୦(ସମିସ): ସୁନ୍ଦରଗଡ଼ ହେମଗିରି ଥାନା ଝୁମ୍ପୁରୁଙ୍ଗା ଗାଁରେ ପୋଖରୀରେ ଗାଧୋଇବା ବେଳେ ଦୁଇଭାଇ ବୁଡ଼ି ପ୍ରାଣ ହରାଇଛନ୍ତି। ସେମାନେ ହେଲେ, ଗ୍ରାମର ଚିତ୍ତ ମାକର ଓ ଦେବାଶିଷ ମାକର। ଅଗ୍ନିଶମ କର୍ମଚାରୀଙ୍କ ସହାୟତାରେ ପୁଲିସ ଦୁଇଭାଇଙ୍କ ମୃତଦେହକୁ ଉଦ୍ଧାର କରି ବ୍ୟବଚ୍ଛେଦ ପାଇଁ ପଠାଇଛି। ଶୁକ୍ରବାର ଅପରାହ୍ନ ପ୍ରାୟ ୨ଟାରେ ଏହି ଅଘଟଣ ଘଟିଥିଲା। ଚିତ୍ତ ଓ ଦେବାଶିଷ ଘରଠୁ ଅନତି ଦୂରରେ ଥିବା ଗାଁ ପୋଖରୀକୁ ଗୋଧୋଇବାକୁ ଯାଇଥିଲେ। ଗୋଧୋଇବା ବେଳେ ଦେବାଶିଷ ବୁଡ଼ି ଯାଉଥିବା ଦେଖି ବଡ଼ ଭାଇ ଚିତ୍ତ ତାଙ୍କୁ ଉଦ୍ଧାର କରିବାକୁ ଉଦ୍ୟମ କରିଥିଲେ। ହେଲେ ସେ ମଧ୍ୟ ବୁଡ଼ି ଯାଇଥିଲେ। ପରିବାରଲୋକେ ସେମାନଙ୍କୁ ଖୋଜାଖୋଜି କରି ନ ପାଇବାରୁ ପୁଲିସକୁ ଜଣାଇଥିଲେ। ହେମଗିରି ପୁଲିସ ଘଟଣାସ୍ଥଳରେ ପହଞ୍ଚି ଅଗ୍ନିଶମବାହିନୀ ସହାୟତାରେ ରାତି ପ୍ରାୟ ୧୦ଟାରେ ୨ ଭାଇଙ୍କ ମୃତଦେହ ଉଦ୍ଧାର କରିଥିଲା। ଏନେଇ ପୁଲିସ ଅପମୃତ୍ୟୁ ମାମଲା ରୁଜୁ କରି ହେମଗିରି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଶନିବାର ମୃତଦେହ ବ୍ୟବଚ୍ଛେଦ କରାଇଛି।

### ଆବାସ ଗୃହ ଅର୍ଥ ହେରଫେର୍

# ବିଜାତଳା ବ୍ଲକ୍‌ରେ ଭିଜିଲାନ୍ସର ତଦନ୍ତ

ବାରିପଦା, ୪।୧୦(ସମିସ): ମୟୂରଭଞ୍ଜ ଜିଲ୍ଲା ବିଜାତଳା ବ୍ଲକ୍‌ରେ ଗ୍ରାମୀଣ ଆବାସ ଗୃହ ନିର୍ମାଣ ଯୋଜନା ଅର୍ଥ ହେରଫେର୍ ଘଟଣାରେ ଭିଜିଲାନ୍ସ ତଦନ୍ତ ଆରମ୍ଭ କରିଛି। ଗୁରବାର ଓ ଶୁକ୍ରବାର ଭୁବନେଶ୍ୱରରୁ ଏକ ଭିଜିଲାନ୍ସ ଟିମ୍ ବ୍ଲକ୍‌ରେ ପହଞ୍ଚି ଛାନଭିନ୍ କରିବା ସହ ବିଡିଓ ବଂଶୀଧର ଖୋସଲା ଓ ଅନ୍ୟ ୨ ଅଧିକାରୀଙ୍କୁ ପଚରାଉଚରା କରିଛନ୍ତି। ଏଥିସହ ଆବଶ୍ୟକ ପ୍ରମାଣପତ୍ର ମଧ୍ୟ ସଂଗ୍ରହ କରିଛନ୍ତି। ଶନିବାର ତଦନ୍ତକାରୀ ଦଳ ବିଡିଓଙ୍କ ସହ ବାରିପଦାସ୍ଥିତ ଜିଲ୍ଲା ପରିଷଦ ଉନ୍ନୟନ କାର୍ଯ୍ୟାଳୟରେ ପହଞ୍ଚି ଗ୍ରାମୀଣ ଆବାସ ଗୃହ ଯୋଜନା ବିଭାଗରେ ଆବଶ୍ୟକ ତଥ୍ୟ ସଂଗ୍ରହ ସହ ସନ୍ଦେହଯୁକ୍ତ କାଗଜପତ୍ର ସାଙ୍ଗରେ ନେଇଛନ୍ତି।

ବିଜାତଳା ବ୍ଲକ୍‌ରେ ପ୍ରଧାନମନ୍ତ୍ରୀ ଆବାସ ଗୃହ ନିର୍ମାଣରେ ଲକ୍ଷାଧିକ ଟଙ୍କା ହେରଫେର ହୋଇଥିବା ନେଇ ଅଭିଯୋଗ ହୋଇଥିଲା। ବିଡିଓ ବଂଶୀଧର ଖୋସଲା ଏହି ଅନିୟମିତତା ପାଇଁ ତାଙ୍କ ନିଜ କର୍ମଚାରୀଙ୍କ ବିରୋଧରେ ଏତଲା ଦେଇଥିଲେ। ବରିଷ୍ଠ ଅଧିକାରୀଙ୍କୁ ନେଇ ଗଠିତ ଭିଜିଲାନ୍ସ ଦଳ ଅଭିଯୋଗର ସମ୍ପୂର୍ଣ୍ଣ ତଥ୍ୟ ଯାଞ୍ଚ କରିବା ପାଇଁ ବିଜାତଳା ବ୍ଲକରେ ପହଞ୍ଚିଥିଲେ। ଏହି ଦଳ ଆୱାସଫ୍ଟ ପୋର୍ଟାଲରେ ଡିଜିଟାଲ୍ କାରବାର ରେକର୍ଡଗୁଡ଼ିକୁ ବ୍ଲକ ପ୍ରଶାସନ ଦ୍ୱାରା ରଖାଯାଇଥିବା ଫାଇଲ୍ ଏବଂ ଡକ୍ୟୁମେଣ୍ଟ ଯାଞ୍ଚ କରିଥିଲେ। ଗ୍ରାମୀଣ ଗୃହ ନିର୍ମାଣ ପୋର୍ଟାଲର ଦେୟ ଅନୁମୋଦନ, ହିତାଧିକାରୀ ତାଲିକା ଏବଂ ଲଗ୍-ଇନ୍ ରେକର୍ଡ ଯାଞ୍ଚ କରିଥିଲେ। ଅଭିଯୁକ୍ତ ଅଧିକାରୀ, ବ୍ଲକ ପ୍ରକଳ୍ପ ସଂଯୋଜକ (ବିପିସି) କୃଷ୍ଣଗୋପାଳ ଦାସ ଏବଂ ବ୍ଲକ ପ୍ରକଳ୍ପ ସହାୟକ (ବିପିଏ) ମାନଗୋବିନ୍ଦ ନାୟକ ପ୍ରୋତ୍ସାହନ ପାଣ୍ଠିକୁ ଅଯୋଗ୍ୟ ହିତାଧିକାରୀଙ୍କ ନିକଟକୁ ପଠାଇବା ପାଇଁ ବ୍ଲକର ଲଗ୍-ଇନ୍ ପ୍ରମାଣପତ୍ରକୁ ବେଆଇନ ଭାବରେ ପ୍ରବେଶ କରିଥିବା ଅଭିଯୋଗ ହୋଇଥିଲା। ତେବେ ତଦନ୍ତରୁ ଜଣାପଡ଼ିଛି ଯେ ଯାଞ୍ଚ କରାଯାଇଥିବା ୧୩ଜଣ ହିତାଧିକାରୀଙ୍କ ମଧ୍ୟରୁ ୮ ଜଣ ପ୍ରୋତ୍ସାହନ ପାଇଁ ଅଯୋଗ୍ୟ ଥିଲେ। ଏହା ସତ୍ତ୍ୱେ ଅଭିଯୁକ୍ତମାନେ ୧୦ରୁ ୨୦ ହଜାର ଟଙ୍କା ଲେଖାଏଁ ସେମାନଙ୍କ ଆକାଉଣ୍ଟ ଜରିଆରେ ଟ୍ରାନ୍ସଫର କରିଥିବା ଅଭିଯୋଗ ହୋଇଛି। ସେମାନେ ସମ୍ପୂର୍ଣ୍ଣ ଟଙ୍କା ଟ୍ରେଲ୍ ଏବଂ ଓଟିପି ଆଧାରିତ ପେମେଣ୍ଟ ସିଷ୍ଟମକୁ ବାଇପାସ୍ କରିବା ପାଇଁ ବ୍ୟବହୃତ ପଦ୍ଧତିକୁ ଠାବ କରିଥିବା ସାଂଘାତିକ ତଥ୍ୟ ଜଣାପଡ଼ିଛି।

ବିଡିଓଙ୍କ ଅଭିଯୋଗ ଅନୁସାରେ, ରାଇରଙ୍ଗପୁର ଗ୍ରାମାଞ୍ଚଳ ଥାନା ପୁଲିସ ପୂର୍ବରୁ ଭାରତୀୟ ଦଣ୍ଡ ସଂହିତାର ପ୍ରାସଙ୍ଗିକ ଧାରା ଅନୁଯାୟୀ ଅନଧିକୃତ ପ୍ରବେଶ, ଅପରାଧିକ ବିଶ୍ୱାସ ଭଙ୍ଗ, ଠକେଇ ଏବଂ ଜାଲିଆତି ପାଇଁ ଏକ ମାମଲା ପଞ୍ଜୀକୃତ କରିଥିଲା; ଯାହାକୁ ଆଧାର କରି ଏହି ତଦନ୍ତ ଆରମ୍ଭ ହୋଇଥିବା ଜଣାପଡ଼ିଛି। ଅପରପକ୍ଷରେ ମାସକ ତଳେ ସେହି ବ୍ଲକର ଜଣେ ପଞ୍ଚାୟତ ନିର୍ବାହୀ ଅଧିକାରୀଙ୍କୁ ସରକାରୀ ଅର୍ଥ ଆତ୍ମସାତ ଅଭିଯୋଗରେ ଭିଜିଲାନ୍ସ ଗିରଫ କରିଥିଲା। ଲୁହାସିଲା ପଞ୍ଚାୟତର ପୂର୍ବତନ ପିଇଓ ପୁଷ୍ପିତା ମହାକୁଡ଼ ରାଇରଙ୍ଗପୁର ଉପ-ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ କାର୍ଯ୍ୟରତ ଥିବା ବେଳେ ଗିରଫ ହୋଇଥିଲେ। ବରିଷ୍ଠ ନାଗରିକଙ୍କୁ ସରକାରଙ୍କ ପକ୍ଷରୁ ପ୍ରଦାନ ହେଉଥିବା ୫ ଲକ୍ଷ ୬୮ ହଜାର ୯୫୦ଟଙ୍କା ଭତ୍ତା ଟଙ୍କା ଆତ୍ମସାତ କରିଥିବା ନେଇ ଜଣାପଡ଼ିଥିଲା। ପରେ ଭିଜିଲାନ୍ସ ବିଭାଗ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଥିଲା।

# ବନ୍ଧୁକ ଦେଖାଇ ମହିଳାଙ୍କୁ ଅପହରଣ

ବାରିପଦା, ୪।୧୦(ସମିସ): ଏକଘରୋଇଙ୍ଗରାଜୀମାଧ୍ୟମବିଦ୍ୟାଳୟର ଜଣେ ମହିଳା କର୍ମଚାରୀଙ୍କୁ ବନ୍ଧୁକ ଦେଖାଇ ଅପହରଣ କରାଯାଇଥିବା ନେଇ ଭଞ୍ଜପୁର ଥାନାରେ ଅଭିଯୋଗ ହୋଇଛି। ଅପହରଣର ଶିକାର ମହିଳାଜଣଙ୍କ ହେଲେ, ରଘୁନାଥପୁର ଅଞ୍ଚଳର ସବିତା ପାତ୍ର। ସବିତା ସ୍କୁଲରୁ ଡ୍ୟୁଟି ସାରି ଅପରାହ୍ଣରେ ଘରକୁ ଫେରୁଥିଲେ। ଏହି ସମୟରେ ଲିଟୁ ନାମକ ଜଣେ ବ୍ୟକ୍ତି ତାଙ୍କୁ ଅଟକାଇଥିଲା। ସେ କିଛି ବୁଝିବା ପୂର୍ବରୁ ଲିଟୁ ତାଙ୍କ ମୁଣ୍ଡରେ ବନ୍ଧୁକ ଲଗାଇ ଏକ ଅଟୋରେ ବସିବାକୁ ବାଧ୍ୟ କରିଥିଲା। ସବିତା ଅଟୋରେ ବସିବା ପରେ ସେ ତାଙ୍କ ଉକ୍ତ ଅଟୋରେ ଅପହରଣ କରିନେଇଥିଲା। ସହର ବାହାରକୁ ତାଙ୍କୁ ନେଇଆସିବା ପରେ ଅନ୍ୟ ସହଯୋଗୀଙ୍କ ସହ ମିଶି ତାଙ୍କୁ ଏକ

### ବାଦାମବାଡ଼ିରୁ ଉଦ୍ଧାର

କାର୍‌ରେ ନେଇଯାଇଥିଲା। ସେମାନେ କାର୍ ଭିତରେ ମହିଳାଙ୍କୁ ଏକ ନିଶ୍ଚେତକ ଇଂଜେକସନ୍ ଦେଇ ଅଚେତ କରି କଟକ ବାଦାମବାଡ଼ି ଅଞ୍ଚଳର ଏକ ଘରେ ବନ୍ଦୀ କରି ରଖିଥିଲେ। ତେବେ ଚେତା ଫେରିବା ପରେ ସବିତା ଜୋରରେ ଚିତ୍କାର କରିବାରୁ ସ୍ଥାନୀୟ ଲୋକଙ୍କ ନଜରକୁ ଆସିଥିଲା। ଖବର ପାଇ ବାଦାମବାଡ଼ି ପୁଲିସ ତାଙ୍କୁ ଉଦ୍ଧାର କରିଥିଲା। ପରିବାରଲୋକ ତାଙ୍କୁ ବାରିପଦା ଆଣିବା ପରେ ସବିତା ଏନେଇ ଭଞ୍ଜପୁର ଥାନାରେ ଅଭିଯୋଗ କରିଛନ୍ତି। ପୁଲିସ ଅପହରଣ ଓ ଆର୍ମସ୍ ଆକ୍ଟରେ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି।

# ୧୫ ମାସରେ ୧୫ ପରୀକ୍ଷା ମହାଦୁର୍ନୀତି: କଂଗ୍ରେସ

ଭୁବନେଶ୍ୱର, ୪।୧୦(ସମିସ): ପୁଲିସ ଏସଆଇ ନିଯୁକ୍ତି ପରୀକ୍ଷାରେ ଯେଉଁଭଳି ଦୁର୍ନୀତି ଓ ଅନିୟମିତତା ଦେଖା ଦେଇଛି, ତାହା ରାଜ୍ୟର ଯୁବଶକ୍ତିର ଆସ୍ଥାକୁ ଭଙ୍ଗି ଦେଇଛି। ବର୍ଷକୁ ବର୍ଷ ଧରି ପରିଶ୍ରମ କରୁଥିବା ଯୁବକମାନେ ଆଜି ହତାଶାରେ ଥିବାବେଳେ ଦୁର୍ନୀତିଖୋରମାନେ ଖୋଲା ଘୂରି ବୁଲୁଛନ୍ତି। ବିଜେପି ଅମଳରେ ଗତ ୧୫ ମାସରେ ୧୫ଟି ପରୀକ୍ଷା ଦୁର୍ନୀତି ହୋଇ ସାରିଲାଣି। ଏହା ଏକ ଅନ୍ତଃରାଜ୍ୟ ରାକେଟ୍ ହୋଇଥିବାରୁ ତଦନ୍ତ ଭାର ସିବିଆଇକୁ ଦିଆଯାଉ ବୋଲି ଦାବି କରିଛି କଂଗ୍ରେସ। ସେହିପରି ପରୀକ୍ଷାର୍ଥୀଙ୍କୁ ପର୍ଯ୍ୟାପ୍ତ କ୍ଷତିପୂରଣ ପ୍ରଦାନ ସହ ମାସିକ ୨୦ ହଜାର ଭତ୍ତା ଦିଆଯାଉ ବୋଲି କଂଗ୍ରେସ ଦାବି କରିଛି।

କଂଗ୍ରେସ ଭବନରେ ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ଦଳ ବରିଷ୍ଠ ମୁଖପାତ୍ର ଦେବାଶିଷ ନାୟକ କହିଛନ୍ତି ଯେ ଏହି ଦୁର୍ନୀତି ପଛରେ ୨୫ ଲକ୍ଷ ଟଙ୍କାର ଡିଲ ହୋଇଛି। ଖୋଦ୍ ପୁଲିସ ଏହା ସ୍ୱୀକାର କରିଛି। ଗରିବ ବାପା ମା ଓ ତାଙ୍କ ପିଲାର ଭବିଷ୍ୟତକୁ ଚାକିରି ଦଲାଲମାନେ ଅନ୍ଧକାର କରି ଦେଇଛନ୍ତି ବୋଲି ସେ ଅଭିଯୋଗ କରିଛନ୍ତି। ସେହିପରି ଅନ୍ୟତମବରିଷ୍ଠ ମୁଖପାତ୍ର ସୋନାଲି ସାହୁ କହିଛନ୍ତି ଯେ ଓଡ଼ିଶାର ଯୁବକ ମାନଙ୍କୁ ଦାଦନ ଖଟିବାକୁ ସରକାର ବାଧ୍ୟ କରୁଛନ୍ତି। ଗରିବ, ଶ୍ରମିକଙ୍କ ପିଲାଙ୍କୁ ଚାକିରି ଦେବା ନାଁରେ ସରକାର ହଜାର



ଅନ୍ତଃରାଜ୍ୟ ରାକେଟ୍‌ର ହେଉ ସିବିଆଇ ତଦନ୍ତ

ହଜାର କୋଟି ଟଙ୍କା ଲୁଟୁଛନ୍ତି। ରାଜ୍ୟରେ ୧୫ ମାସର ସରକାରରେ ୧୫ ଥର ପ୍ରଶ୍ନ ପତ୍ର ଲିକ୍ ହୋଇଛି। ସରକାରୀ ମେଧାବୀ ଗରିବ ଯୁବକଙ୍କଠାରୁ ପରୀକ୍ଷା ଫିସ ବାବଦ କୋଟି କୋଟି ଟଙ୍କା ଆତ୍ମସାତ୍ ହୋଇଛି। ସରକାରଙ୍କ ପକ୍ଷରୁ ଯଦିଓ ଚାକିରି ପିଛା ୨୫ ଲକ୍ଷ ଟଙ୍କାର ପିସି କାରବାର ହୋଇଥିବା କୁହାଯାଉଛି, ବାସ୍ତବିକ୍ ଏଥିରେ ପାଖାପାଖି ୫୦ ଲକ୍ଷ ଟଙ୍କା ଅର୍ଥାତ୍ ସିଧାସଳଖ ୩୦୦ କୋଟି ଟଙ୍କାର ଦୁର୍ନୀତି ହୋଇଛି। ରାଜ୍ୟରେ ଗରିବ ପିଲାଙ୍କୁ ଲୁଟିବା ପାଇଁ ଏକ ଦୁର୍ନୀତିର ଚକ୍ରବ୍ୟୁହ ରଚନା କରାଗଲା। ପଞ୍ଚସଫ୍ଟର ମୁଖ୍ୟ ଶଙ୍କର ପୃଷ୍ଟିଙ୍କ ସମ୍ପର୍କ ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀଙ୍କ ସହ ରହିଛି, ରାଜ୍ୟ ବିଜେପି ସଭାପତି ମନମୋହନ ସାମଲ ଏହି ବ୍ୟକ୍ତିଙ୍କୁ ଦଳରେ ବିଧିବଦ୍ଧ ଭାବରେ ସାମିଲ କରିଥିଲେ। ଗରିବ ପିଲାଙ୍କୁ ଲୁଟି ଶଙ୍କର ପୃଷ୍ଟି ଜରିଆରେ ବିଜେପି ନେତାଙ୍କୁ ମାଲାମାଲ କରିବାକୁ ସୁଚିନ୍ତିତ ଷଡ଼ଯନ୍ତ୍ର ରଚାଯାଇଥିଲା। ଏହି ସ୍କାମ୍ ପଛରେ ଥିବା ବିଜେପିର ବଡ଼ ବଡ଼ ନେତା, ମନ୍ତ୍ରୀ, ପୁଲିସ କମିଶନରଙ୍କୁ ଥରେ ହେଲେ ବି ପଚରା ଉଚରା କରାଗଲା ନାହିଁ। ସମଗ୍ର ଘଟଣାରେ ମୁଖ୍ୟମନ୍ତ୍ରୀ ନିରବ କାହିଁକି ବୋଲି ଶ୍ରୀମତି ସାହୁ ପ୍ରଶ୍ନ କରିଛନ୍ତି। ସେହିପରି ବର୍ତ୍ତମାନ ଶାସନ ଯେଉଁ ରାବଣ ହାତରେ ରହିଛି ସେଥିରେ ଓଡ଼ିଶାର ଯୁବପିଢିଙ୍କ ଭବିଷ୍ୟତ ଅନ୍ଧକାର ମଧ୍ୟକୁ ଠେଲିହୋଇ ଯାଇଛି ବୋଲି ଅନ୍ୟତମ ମୁଖପାତ୍ର ଡ଼ ମନିଷା ଦାସ ପଟ୍ଟନାୟକ ମତବ୍ୟକ୍ତ କରିଛନ୍ତି। ଛାତ୍ର ନେତା ତଥା ଅନ୍ୟତମ ମୁଖପାତ୍ର ବିଭୂତି ଭୂଷଣ ମହାପାତ୍ର ରାଜ୍ୟରେ ନିଯୁକ୍ତି ଦୁର୍ନୀତି ଏକ ବ୍ୟବସାୟ ହେଇଯାଇଛି ଓ ଏହି ବ୍ୟବସାୟୀ ମାନଙ୍କୁ ସରକାର ପ୍ରୋତ୍ସାହନ ଦେଉଛନ୍ତି ବୋଲି କ୍ଷୋଭ ପ୍ରକାଶ କରିଥିଲେ।

# ଅମରେନ୍ଦ୍ର ମାଧବ ଦାଶଙ୍କୁ 'ବସନ୍ତ ମୁଦୁଲି କବିତା ପୁରସ୍କାର'

ଭଦ୍ରକ, ୪।୧୦(ସମିସ): ଦିବଂଗତ କବି ବସନ୍ତ ମୁଦୁଲିଙ୍କ ସ୍ମୃତିରେ ଗଠିତ କବି ବସନ୍ତ ମୁଦୁଲି ସ୍ମୃତି ସଂସଦ ତରଫରୁ ପ୍ରଦତ୍ତ କବି ବସନ୍ତ ମୁଦୁଲି କବିତା ପୁରସ୍କାର-୨୦୨୫ ପାଇବା ପାଇଁ କବି ଅମରେନ୍ଦ୍ର ମାଧବ ଦାଶ ଯୋଗ୍ୟ ବିବେଚିତ ହୋଇଛନ୍ତି। ସଂସଦର ସଭାପତି ପବିତ୍ର ପାଣିଗ୍ରାହୀଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ପୁରସ୍କାର ଚୟନ କମିଟି ବୈଠକରେ ପ୍ରାକ୍ତନ ସଭାପତି ରଜନୀକାନ୍ତ ମହାନ୍ତି, ଆବାହକ ଅରୁଣ ଖିଲାର, କାର୍ଯ୍ୟକାରୀ ସଭାପତି ନିରାକାର ଦାସ, ଉପସଭାପତି କିଶୋର ପାଣିଗ୍ରାହୀ, ଯୁଗ୍ମ ସଂପାଦକ ଅମିତାଭ ଖିଲାର, କବିପୁତ୍ର ପାର୍ଥସାରଥି ମୁଦୁଲିଙ୍କ ସମେତ ଅନ୍ୟ ସଦସ୍ୟମାନେ ଉପସ୍ଥିତ ଥିଲେ। ରାଜ୍ୟର ୪୩ଜଣ ବରିଷ୍ଠ କବିଙ୍କଠାରୁ ଆସିଥିବା ସୁପାରିସକ୍ରମେ କବି ଅମରେନ୍ଦ୍ର ମାଧବ ଦାଶଙ୍କ ନାମ ଚୂଡ଼ାନ୍ତ ହୋଇଥିଲା।



୧୯୭୮ ମସିହାରେ ଜନ୍ମିତ ଅମରେନ୍ଦ୍ର ୭ଟି କବିତା ପୁସ୍ତକର ସ୍ରଷ୍ଟା। ତନ୍ମଧ୍ୟରୁ ଢେର ରାତି ହେଲାଣି, କାନ୍ଦକାନ୍ଦ ମଣିଷ, ଚିତ୍ର ଆଙ୍କୁଥିବା ପୁଅ, ଶବ୍ଦ, ଅଯୋଧ୍ୟା, କବିତା ଧାଡ଼ି ବାହାରେ ପୁସ୍ତକ ମାଧ୍ୟମରେ ସେ ବିପୁଳ ପାଠକୀୟତା ଲାଭ କରିଛନ୍ତି। ଉତ୍କଳ ବିଶ୍ୱବିଦ୍ୟାଳୟରୁ ସ୍ନାତକୋତ୍ତର ଶିକ୍ଷା ଲାଭ କରିଥିବା ଏହି କବି ନିଜ କବିତା ପାଇଁ ଯୁବକବି ସମ୍ମାନ ଲାଭ କରିବା ସହିତ ଗଙ୍ଗାଧର ରଥ ଫାଉଣ୍ଡେସନ୍ ତରଫରୁ ମଧ୍ୟ ସୁବ୍ରତ ରଥ ସମ୍ମାନ ପାଇଛନ୍ତି। ଚଳିତବର୍ଷ ଭୁବନେଶ୍ୱରରେ ଆସନ୍ତା ନଭେମ୍ବର ୨ ତାରିଖରେ ଅନୁଷ୍ଠିତ ହେବାକୁ ଥିବା କବିଙ୍କ ସ୍ମୃତି ସମାରୋହରେ ତାଙ୍କୁ ଏହି ରାଜ୍ୟସ୍ତରୀୟ ପୁରସ୍କାର ପ୍ରଦାନ କରାଯିବ ବୋଲି ସଂସଦର ସଂପାଦକ କୃଷ୍ଣକୁମାର ମହାନ୍ତି ଏକ ପ୍ରେସ୍ ବିଜ୍ଞପ୍ତିରେ ସୂଚନା ଦେଇଛନ୍ତି।

### ପୁଲିସ ଏସ୍ଆଇ ନିଯୁକ୍ତିରେ କେଲେଙ୍କାରୀ

# ସିବିଆଇ ତଦନ୍ତ ଦାବିକଲା ବିଜେଡି

ଭୁବନେଶ୍ୱର, ୪।୧୦(ସମିସ): ପୁଲିସ ଏସ୍ଆଇ ନିଯୁକ୍ତି ପରୀକ୍ଷା କେଲେଙ୍କାରୀ ଘଟଣାରେ ରାଜ୍ୟ ସରକାରଙ୍କର ପ୍ରଚ୍ଛନ୍ନ ହାତ ରହିଛି। ପୁଲିସ ବିଭାଗରେ ଏହି ଦୁର୍ନୀତି ହୋଇଥିବା ବେଳେ ବିଭାଗର ଏକ ଅଂଶ ଭାବେ ରହିଥିବା କ୍ରାଇମବ୍ରାଞ୍ଚ ଦ୍ୱାରା ତଦନ୍ତ କରିବା ଗ୍ରହଣୀୟ ନୁହେଁ। ତେଣୁ ଏପରି ସ୍ପର୍ଶକାତର ଘଟଣାର ସିବିଆଇ ତଦନ୍ତ ଦାବିରେ ବିଜେଡି ରାଜରାସ୍ତାକୁ ଓହ୍ଲାଇବ। ଆସନ୍ତା ସୋମବାର ଦିନ ବିଜୁ ଯୁବ ଛାତ୍ର ଜନତା ଦଳ ପକ୍ଷରୁ ରାଜଧାନୀ ଭୁବନେଶ୍ୱରରେ ଧାରଣା ଦିଆଯିବ ବୋଲି ଦଳ ପକ୍ଷରୁ ସୂଚନା ଦିଆଯାଇଛି।

ଶନିବାର ଶଙ୍ଖ ଭବନରେ ଶନିବାର ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଦଳର ବରିଷ୍ଠ ସାଧାରଣ ସମ୍ପାଦକ ପ୍ରୀତିରଞ୍ଜନ ଘଡେଇ ଓ ବିଜୁ ଯୁବ ଜନତା ଦଳର ସଭାପତି ଚିନ୍ମୟ ସାହୁ ପୁଲିସ ଏସ୍ଆଇ ନିଯୁକ୍ତି ପରୀକ୍ଷାରେ ହୋଇଥିବା କେଲେଙ୍କାରୀ ପ୍ରସଙ୍ଗରେ ରାଜ୍ୟ ସରକାରଙ୍କ ଭୂମିକା ଉପରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି ବୋଲି କହିଛନ୍ତି। ଶ୍ରୀ ଘଡେଇ କହିଛନ୍ତି ଯେ ଏହି ନିଯୁକ୍ତି ପରୀକ୍ଷାକୁ କରିବା ପାଇଁ ପ୍ରାଥମିକ ଭାବେ ଆଇଟିଆଇ ସଂସ୍ଥାକୁ ଦିଆଯାଇଥିଲା। ପରବର୍ତ୍ତୀ ସମୟରେ ଏହା ଦୁଇ ଦୁଇଟି ସଂସ୍ଥାକୁ ଆଉଟସୋର୍ସି କରାଯାଇଥିଲା। ରାଜ୍ୟ ସରକାରଙ୍କ ଆଉଟସୋର୍ସି ନୀତି ସ୍ପଷ୍ଟ ହେବା ଦରକାର। କାହା ନିର୍ଦ୍ଦେଶରେ ଏପରି ଏକ ଅନଭିଜ୍ଞ କମ୍ପାନୀକୁ ଆଉଟସୋର୍ସି କରାଯାଇଥିଲା। ଏହି ଆଉଟସୋର୍ସି ମାଧ୍ୟମରେ ଦୁର୍ନୀତି କରିବା ପାଇଁ ରାଜ୍ୟ ସରକାର ବାଟ ତିଆରି କରିଥିଲେ। ଏହି ଘଟଣାରେ ଓପିଆରବିର ଅଧ୍ୟକ୍ଷ ଓ ରାଜ୍ୟ ସରକାରଙ୍କ



ସୋମବାର ପ୍ରତିବାଦ ଶୋଭାଯାତ୍ରା

ଗୃହ ବିଭାଗର ସଚିବ ତଦନ୍ତ ପରିସରଭୁକ୍ତ ହେବା ଦରକାର। ରାଜ୍ୟର ହଜାର ହଜାର ଚାକିରୀ ଆଶାୟୀ ଯୁବକ ଆଜି ଏହି ଘଟଣାରେ ହତାଶ ହୋଇଛନ୍ତି। ବିଶେଷକରି ଏହି କେଲେଙ୍କାରୀରେ ପୁଲିସ ଅଧିକାରୀ ଅଭିଯୁକ୍ତ ରହିଥିବା ବେଳେ କ୍ରାଇମବ୍ରାଞ୍ଚ ଦ୍ୱାରା ତଦନ୍ତରେ ନ୍ୟାୟ ମିଳିବା ନେଇ ସନ୍ଦେହ ରହିଛି। ତେଣୁ ସିବିଆଇ ତଦନ୍ତ ଏକ ମାତ୍ର ବିକଳ୍ପ। ଯଦି ମୁଖ୍ୟମନ୍ତ୍ରୀ ମୋହନ ମାଝୀ ଏହି ଘଟଣାରେ ତାଙ୍କର ସ୍ୱଚ୍ଛତା ପ୍ରତିପାଦନ କରିବାକୁ ଚାହୁଁଛନ୍ତି, ତାହେଲେ ତୁରନ୍ତ ଏହି ଘଟଣାର ତଦନ୍ତ ସିବିଆଇକୁ ହସ୍ତାନ୍ତର କରନ୍ତୁ ବୋଲି ଶ୍ରୀ ଘଡେଇ କହିଛନ୍ତି।

ଯୁବ ବିଜେଡି ସଭାପତି ଚିନ୍ମୟ ସାହୁ କହିଛନ୍ତି ଯେ ଚାକିରୀ ବିକ୍ରି ଘଟଣା ହେଉଛି ରାଜ୍ୟ ସରକାରଙ୍କ ପ୍ରାୟୋଜିତ କାର୍ଯ୍ୟକ୍ରମ। ଚଳିତ ବର୍ଷ ମାର୍ଚ୍ଚ ୭ ଓ ୮ ରେ ହେବାକୁ ଥିବା ଲିଖିତ ପରୀକ୍ଷାକୁ ଶେଷ ମୁହୂର୍ତ୍ତରେ ବାତିଲ କରିଦିଆଯାଇଥିଲା। ଚାକିରୀ ବିକ୍ରି କରି ମୋଟା ଅଙ୍କର ଅର୍ଥ ଆଦାୟ କରିବା ଯୋଜନାର ମୂଳ ଉଦ୍ଦେଶ୍ୟ ଥିଲା। ନିଯୁକ୍ତି ପରୀକ୍ଷା ଆୟୋଜନ କରିବାରେ ତିଳେ ମାତ୍ର ଅଭିଜ୍ଞତା ନ ଥିବା ସଂସ୍ଥା ପଞ୍ଚସଫ୍ଟକୁ ଆଉଟସୋର୍ସି କରାଯାଇଥିଲା। ଏହି କମ୍ପାନୀ ମାଧ୍ୟମରେ ଆଶାୟୀମାନଙ୍କଠାରୁ ମୋଟା ଅଙ୍କର ଅର୍ଥ ଆଦାୟ କରାଯାଇଥିଲା। ପ୍ରତି ଆଶାୟୀଙ୍କ ଠାରୁ ଦଶ ଲକ୍ଷଟଙ୍କା ଅଗ୍ରୀମ ଆକାରରେ ଆଦାୟ ହୋଇସାରିଥିଲା ଓ ସର୍ତ୍ତ ଅନୁସାରେ ଚାକିରୀ ପାଇବା ପରେ ଆଉ ପନ୍ଦର ଲକ୍ଷ ଦେବାକୁ ବାକି ରହିଥିଲା। କିନ୍ତୁ ବ୍ରହ୍ମପୁରରେ ସେମାନଙ୍କୁ ଏକତ୍ରିତ କରି ଶ୍ରୀକାକୁଲମ ନେବା ପୂର୍ବରୁ ଆଶାୟୀମାନଙ୍କୁ ସେମାନଙ୍କ ଅରିଜିନାଲ ସାର୍ଟିଫିକେଟ ସଂସ୍ଥା ପାଖରେ ବନ୍ଧକ ରଖିବାକୁ କୁହାଯାଇଥିଲା। କିଛି ଆଶାୟୀ ଏହି ସର୍ତ୍ତରେ ରାଜି ହୋଇ ନଥିବାରୁ ଘଟଣା ବିଷୟରେ ପୁଲିସକୁ ଖବର ଯାଇଥିଲା ଓ ଶ୍ରୀକାକୁଲମ ଠାରେ ପୁଲିସ ଗିରଫ କରିଥିଲା। ତେଣୁ ଏହି ଘଟଣାରେ ସିବିଆଇ ତଦନ୍ତ ହେବାର ସର୍ବାଧିକ ଆବଶ୍ୟକତା ରହିଛି ବୋଲି ସେ କହିଥିଲେ।

# ଜିଲ୍ଲାସ୍ତରୀୟ ଗାନ୍ଧୀ ଜୟନ୍ତୀ ସମାରୋହ

ବାଲେଶ୍ୱର, ୪।୧୦(ସମିସ)



ବାଲେଶ୍ୱରରେ ୧୫୬ ତମ ଜିଲ୍ଲାସ୍ତରୀୟ ଗାନ୍ଧୀ ଜୟନ୍ତୀ ଏବଂ ଶାନ୍ତିର ଦୂତ ପୂର୍ବତନ ପ୍ରଧାନମନ୍ତ୍ରୀ ଲାଲ ବାହାଦୁର ଶାସ୍ତ୍ରୀଙ୍କ ୧୨୧ତମ ଜୟନ୍ତୀ ପାଳିତ ହୋଇଯାଇଛି। ବାଲେଶ୍ୱର ସହିଦ ପାର୍କ ସ୍ଥିତ ଜାତିର ପିତା ମହାତ୍ମା ଗାନ୍ଧୀଙ୍କ ପ୍ରତିମୂର୍ତ୍ତିରେ ଜିଲ୍ଲାପାଳ ସୂର୍ଯ୍ୟବଂଶୀ ମୟୂର ବିକାଶ ମାଲ୍ୟାର୍ପଣ କରିଥିଲେ ଏବଂ ପରେ ଜିଲ୍ଲାପାଳଙ୍କ ନୂତନ କାର୍ଯ୍ୟାଳୟ ପରିସରରେ ଥିବା ମହାତ୍ମା ଗାନ୍ଧୀଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯାଇଥିଲା। ଏହି ସମୟରେ ସମ୍ମାନିତ ଅତିଥି ଭାବେ ସଦର ବିଧାୟକ ମାନସ କୁମାର ଦତ୍ତ, ଜିଲ୍ଲା ପରିଷଦ ଅଧ୍ୟକ୍ଷ ନାରାୟଣ ଚନ୍ଦ୍ର ପ୍ରଧାନ, ଜିଲ୍ଲାପାଳ ଶ୍ରୀ ବିକାଶ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଜିଲ୍ଲାସ୍ତରୀୟ କାର୍ଯ୍ୟକ୍ରମରେ ଜିଲ୍ଲା ସୂଚନା ଓ ଲୋକସଂପର୍କ ଅଧିକାରୀ ପ୍ରିୟଦର୍ଶୀ ରାଜେଶ ସ୍ୱାଗତ ସମ୍ଭାଷଣ ପରେ ଜିଲ୍ଲାପାଳ ଗାନ୍ଧୀ ଜୟନ୍ତୀ ସମ୍ପର୍କରେ ବକ୍ତବ୍ୟ ରଖିଥିଲେ। ପରେ ପରେ ନୃତ୍ୟ ସଙ୍ଗୀତ କଳା ମନ୍ଦିର ତରଫରୁ ଗାନ୍ଧିଜୀଙ୍କ ପ୍ରିୟ ଆଶ୍ରମ ଭଜନ ପରିବେଷଣ ସର୍ବ ଧର୍ମ ପ୍ରାର୍ଥନା ପଣ୍ଡିତ, ମୌଲବୀ, ପାଦ୍ରୀ ଆଦିଙ୍କୁ ନେଇ କରାଯାଇଥିଲା। ଅନ୍ୟାନ୍ୟ ବରେଣ୍ୟ ଅତିଥି ମାନଙ୍କ ମଧ୍ୟରେ ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ, ନୀଳଗିରି ଉପଜିଲ୍ଲାପାଳ ଡ଼. ମଧୁସ୍ମିତା ସାମନ୍ତରାୟ, ସଦର ଉପଜିଲ୍ଲାପାଳ ଶିବ ମାଲବ୍ୟ, ଜିଲ୍ଲା ପରିଷଦ ଅଧ୍ୟକ୍ଷ ପ୍ରମୁଖ ଗାନ୍ଧିଜୀଙ୍କ ଅହିଂସା, ସତ୍ୟ ଓ ନିଷ୍ଠା ଭଳି ବଳିଷ୍ଠ ନେତୃତ୍ୱରେ ଭାରତକୁ ସ୍ୱାଧିନତାର ସ୍ୱାଦ ଦେଇଥିଲେ ସେ ସମ୍ପର୍କରେ ଆଲୋକପାତ କରିଥିଲେ। ବିଶିଷ୍ଟ କବି ପ୍ରଶାନ୍ତ କୁମାର ଦାସ ଗାନ୍ଧିଜୀଙ୍କ ଜୀବନୀଆଦର୍ଶ, ବାଲେଶ୍ୱର ଜିଲ୍ଲା ସହିତ ବିଭିନ୍ନ ଆନ୍ଦୋଳନ ସମ୍ପର୍କରେ ନିଜ ବକ୍ତବ୍ୟ ରଖିଥିଲେ। ଏହି କାର୍ଯ୍ୟକ୍ରମରେ ବିଭିନ୍ନ ସ୍ତରରେ ପ୍ରତିଯୋଗିତା କରାଯାଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ଜିଲ୍ଲା ପ୍ରଶାସନ ପକ୍ଷରୁ ଅତିରିକ୍ତ ଜିଲ୍ଲାପାଳ ସୁଧାକର ନାୟକ ସମସ୍ତଙ୍କୁ ଧନ୍ୟବାଦ ଦେଇଥିଲେ।

## ଦିଲ୍ଲୀ ଗଲେ ଦୃଷ୍ଟିହୀନ ଛାତ୍ରୀ

ବାଲେଶ୍ୱର, ୪।୧୦(ସମିସ): ଅକ୍ଟୋବର ୪ ଓ ୫ ଦୁଇଦିନ ଧରି ଭାରତ ଅନ୍ତର୍ଜାତୀୟ କେନ୍ଦ୍ର ଦିଲ୍ଲୀଠାରେ ଗୁରୁ ଅଙ୍ଗନା ନାୟକଙ୍କ 'ଅଙ୍ଗନା' ଦ୍ୱାରା ସମ୍ଭବ-୨୦୨୫ ଅନୁଷ୍ଠିତ ହେଉଛି। ଏଥିରେ ଅନେକ ଦେଶରୁ ଦିବ୍ୟାଙ୍ଗ ଜନ ସେମାନଙ୍କ ଦ୍ୱାରା ପ୍ରସ୍ତୁତ ହସ୍ତଶିଳ୍ପ ପ୍ରଦର୍ଶନୀ ଉଦଘାଟିତ ସହିତ ନୃତ୍ୟ ଓ ସଙ୍ଗୀତ ପ୍ରତିଯୋଗିତା ଅନୁଷ୍ଠିତ ହେବ। ଉକ୍ତ କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିବା ପାଇଁ ରାଣୀପାଟଣା ଦୃଷ୍ଟିହୀନ ନିମନ୍ତେ ବିଦ୍ୟାଳୟର ଛାତ୍ରୀ ପଦ୍ମିନୀ ଟୁଡୁ, ପାର୍ବତୀ ମର୍ଣ୍ଡି (ଉଭୟ ଅନ୍ତର୍ଜାତୀୟ ଦୃଷ୍ଟିହୀନ ମହିଳା କ୍ରିକେଟର), ମିନି ମହନ୍ତ, ମେଘନା ସିଂ, ସୁନୀତା ସିଂ ଓ ସୁଲୋଚନା ସିଂ ଓ ନୃତ୍ୟ ଗୁରୁ ଆରତୀ ଭୋଇ ସହିତ ବିଜୟା ଦଶମୀରେ ଦିଲ୍ଲୀ ଯାତ୍ରା କରିଛନ୍ତି। ଅନୁଷ୍ଠାନର ନିର୍ଦ୍ଦେଶକ ଦିବାକର ସ ଉକ୍ତ ଯାତ୍ରା ସଫଳ କାମନା କରିଛନ୍ତି।

## ଇଣ୍ଡିଆ ବୁକ ଅଫ୍ ରେକର୍ଡରେ ସ୍ଥାନ ପାଇଲେ ଅଢ଼େଇ ବର୍ଷର ଶିବାଂଶୀ

ଚନ୍ଦନେଶ୍ୱର, ୪।୧୦(ସମିସ): ବାଲେଶ୍ୱର ଜିଲ୍ଲାର ଭୋଗରାଇ ବ୍ଲକ ଅନ୍ତର୍ଗତ ନିମାତପୁର ଗ୍ରାମପଞ୍ଚାୟତର କୁଚିଳାଡାଙ୍ଗ ଗ୍ରାମର ଶିବାଶିଷ ମହାପାତ୍ର ଓ ମାତା ବନ୍ଦିତା ମହାପାତ୍ରଙ୍କ ଅଢ଼େଇ ବର୍ଷର ଶିଶୁ କନ୍ୟା ଶିବାଂଶୀ ମହାପାତ୍ର ଗତ ସେପ୍ଟେମ୍ବର ୩ ତାରିଖ ୨୦୨୫ ମସିହାରେ ଇଣ୍ଡିଆ ବୁକ ଅଫ ରେକର୍ଡ ତରଫରୁ ହୋଇଥିବା ୭ ମିନିଟ ୩୫ ସେକେଣ୍ଡ ପରୀକ୍ଷାରେ କୃତିତ୍ୱର ସହ ଉତ୍ତୀର୍ଣ୍ଣ ହୋଇ ସମଗ୍ର ଦେଶରେ ପ୍ରଥମ ହେବା ସହିତ ଇଣ୍ଡିଆ ବୁକ ଅଫ ରେକର୍ଡରେ ସ୍ଥାନିତ ହୋଇ ଏକ ପ୍ରମାଣପତ୍ର, ପୁସ୍ତକ, ସ୍ୱର୍ଣ୍ଣ ପଦକ ପାଇ ଭୋଗରାଇ ଗର୍ବ ଓ ଗୌରବ ବଢ଼ାଇଛନ୍ତି। ତାଙ୍କୁ ଗ୍ରାମବାସୀ ଓ ଜେଜେବାପା ଅଜିତ ମହାପାତ୍ର ଓ ଜେଜେମା ସୁମିତ୍ରା ମହାପାତ୍ର ଶୁଭେଚ୍ଛା ଜଣାଇଛନ୍ତି।




## ଜ୍ୱାଇଁକୁ ଶଶୁର ଘର ଲୋକଙ୍କ ଆକ୍ରମଣ ଅଭିଯୋଗ

ରାଜଘାଟ, ୪।୧୦ (ସମିସ): ବସ୍ତା ଥାନା ଅଧୀନ ଅମର୍ଦ୍ଦାରୋଡ ପୁଲିସ ଫାଣ୍ଡି ଅନ୍ତର୍ଗତ ଭେଲୋରା-ପାଉଁଶକୁଲି ମୁଖ୍ୟ ରାସ୍ତାର ସନ୍ତୋଷପୁର ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ଅନତି ଦୂରରେ ଜୈନିକ କାର ଚାଳକ ଓ ତାଙ୍କ ସାଙ୍ଗସାଥୀଙ୍କୁ କିଛି ବ୍ୟକ୍ତି ଆକ୍ରମଣ କରିଥିବା ନେଇ ଥାନାରେ ଅଭିଯୋଗ ହୋଇଛି। ଅଭିଯୋଗ ମୁତାବକ ଏହି ଥାନା ଅଧୀନ ଚଣ୍ଡିପୁର ଗ୍ରାମର ସୁରେନ୍ଦ୍ର ମହୁରୀଙ୍କ ଝିଅ ସହ ଜଳେଶ୍ୱର ଥାନା ବାଘାବାଳୀ ଗ୍ରାମର ଭବତୋଷ ଜେନା ପୁଅ ଶଶାଙ୍କ(୨୭) ସହ କିଛି ବର୍ଷ ପୂର୍ବେ ବିବାହ ହୋଇଥିଲା। ବିବାହ ପରେ ଶ୍ୱଶୁର ଘର ଲୋକ ଏବଂ ସ୍ତ୍ରୀ ସହ ସହ ବାରମ୍ବାର କଳିଝଗଡ଼ା ଲାଗିରହିବାରୁ ସ୍ତ୍ରୀ ବାପ ଘରେ ରହୁଥିଲେ। ପରବର୍ତ୍ତୀ ସମୟରେ ଉଭୟେ ଥାନାର ଦ୍ୱାରସ୍ଥ ହୋଇଥିଲେ। ତେବେ ଗତକାଲି ରାତି ପ୍ରାୟ ୭:୩୦ ସମୟରେ ଶଶାଙ୍କ ତାଙ୍କର କିଛି ସାଙ୍ଗସାଥୀଙ୍କୁ ଧରି କାର ଯୋଗେ କୌଣସି ଏକ ଭୋଜି କାର୍ଯ୍ୟକ୍ରମ ସାରି ଘରକୁ ଫେରୁଥିବା ସମୟରେ ସନ୍ତୋଷପୁର ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ଅନତି ଦୂର ଏକ ତେଜରାତି ଦୋକାନ ନିକଟରେ ଦୁଇ ଶଳା ଗୋପାଳ, ଭଗୀରଥ, ଶାଶୁ ସରସ୍ୱତୀ, ଶ୍ୱଶୁର ସୁରେନ୍ଦ୍ର, ସଢ଼ୁ ବେଣୁଧର ଜେନାଙ୍କ ସମେତ ସ୍ଥାନୀୟ ଅଞ୍ଚଳର କିଛି ଅସାମାଜିକ ବ୍ୟକ୍ତି ଶଶାଙ୍କଙ୍କ ଗାଡ଼ିକୁ ଅଟକାଇଥିଲେ। ପରେ ସେମାନେ ଗାଡ଼ି ଭିତରୁ ଶଶାଙ୍କଙ୍କୁ ଘୋଷାଡ଼ି ଆଣି ଗୋଟିଏ ଖୁଣ୍ଟରେ ବାନ୍ଧି ମରଣାନ୍ତକ ଆକ୍ରମଣ କରିଥିଲେ। କାର ଭିତରେ ଥିବା ସାଙ୍ଗସାଥୀଙ୍କୁ ଆକ୍ରମଣକାରୀମାନେ ଭୟଭୀତ କରାଇବାରୁ ସେମାନେ ଜୀବନ ବଞ୍ଚାଇ ସେଠାରୁ ପଳାଇଥିଲେ। ଶଶାଙ୍କର କାନ୍ଦ ଶୁଣି ସ୍ଥାନୀୟ ଲୋକେ ଦୌଡ଼ିଆସିବାରୁ ସମସ୍ତେ ସେଠାରୁ ଫେରାର୍ ମାରିଥିଲେ। ଘଟଣା ସମ୍ପର୍କରେ ଶଶାଙ୍କ ବସ୍ତା ଥାନାରେ ଲିଖିତ ଅଭିଯୋଗ କରିବା ପରେ ପୁଲିସ ଘଟଣାର ତଦନ୍ତ ଜାରି ରଖିଛି। ଅପର ପକ୍ଷରୁ ମଧ ଶଶାଙ୍କଙ୍କ ବିରୁଦ୍ଧରେ ଅନ୍ୟ ଏକ ଏତଲା ଦାଏର ହୋଇଥିବା ଜଣାପଡ଼ିଛି।

## ଜାତୀୟ ସ୍ୱେଚ୍ଛାକୃତ ରକ୍ତଦାନ ଦିବସ ଉପଲକ୍ଷେ ସଚେତନତା ସଭା

ବାଲେଶ୍ୱର,୪।୧୦(ସମିସ): ଜାତୀୟ ସ୍ୱେଚ୍ଛାକୃତ ରକ୍ତଦାନ ଦିବସ ଉପଲକ୍ଷେ ଜିଲ୍ଲା ସ୍ୱାସ୍ଥ୍ୟ ମିଶନ ଆନୁକୂଲ୍ୟରେ ବାଲେଶ୍ୱର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଏକ ସଚେତନତା ସଭା ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡାକ୍ତର ପ୍ରଭାତ କୁମାର ବେହେରା ଯୋଗଦେଇ ଜାତୀୟ ସ୍ୱେଚ୍ଛାକୃତ ରକ୍ତଦାନ ସଂପର୍କରେ ବକ୍ତବ୍ୟ ପ୍ରଦାନ କରିଥିଲେ। ସମ୍ମାନିତ ଅତିଥି ଭାବେ ଚିକିତ୍ସାଳୟ ସୁପରିଟେଣ୍ଡେଣ୍ଟ ଡାକ୍ତର ଗିରିଜା ଶଙ୍କର ଦାସ, ଡାକ୍ତର ସଞ୍ଜୀବ ପ୍ରଧାନ, ଡାକ୍ତର ମନୋଜ ସାହୁ, ରକ୍ତଦାତା ସଂଘ ସଭାପତି କମଳ ଚକ୍ରବର୍ତ୍ତୀ, ସାଧାରଣ ସମ୍ପାଦକ ଇଂ.ଡକ୍ଟର ହୃଷୀକେଶ ସାହୁ ପ୍ରମୁଖ ଯୋଗଦେଇ ବକ୍ତବ୍ୟ ପ୍ରଦାନ କରିଥିଲେ। ସଭା ପ୍ରାରମ୍ଭରେ ସଚେତନତା ରଥ, ପଦଯାତ୍ରା ଏବଂ ରକ୍ତଦାନ କେନ୍ଦ୍ର ଠାରେ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡାକ୍ତର ଶ୍ରୀ ବେହେରା ଉଦଘାଟନ କରିଥିଲେ।

## ଛବିରେ ଛବିରେ ଗାନ୍ଧୀ ଜୟନ୍ତୀ

ବାଲେଶ୍ୱର,୪।୧୦(ସମିସ):ଫକୀରମୋହନ ଚାରୁ ଓ କାରୁକଳା ବିଦ୍ୟାଳୟ ତରଫରୁ ୨୪ତମ "ଛବିରେ ଛବିରେ ଗାନ୍ଧୀ ଜୟନ୍ତୀ' କାର୍ଯ୍ୟକ୍ରମ ଶାନ୍ତିକାନନଠାରେ ପାଳିତ ହୋଇଯାଇଛି। ୧୫୦ ଶହରୁ ଅଧିକ ସ୍କୁଲ୍ ଓ କଲେଜ ଛାତ୍ରଛାତ୍ରୀଙ୍କୁ ନେଇ ଚିତ୍ରାଙ୍କନ ପ୍ରତିଯୋଗିତା ହୋଇଥିଲା। ଦେଶାତ୍ମବୋଧ ସଂଗୀତ ପ୍ରତିଯୋଗିତାରେ ୨୦ ରୁ ଅଧିକ ପ୍ରତିଯୋଗୀ ଭାଗ ନେଇଥିଲେ। ୫୦ ଜଣ କୃତି ପ୍ରତିଯୋଗିଙ୍କୁ ପୁରସ୍କୃତ କରାଯାଇଥିଲା। ଚିତ୍ରାଙ୍କନ ପ୍ରତିଯୋଗିତାରେ ବିଚାରକ ଚିତ୍ରଶିଳ୍ପୀ ଅରୁଣ ଜେନା, ତାପସ ପଣ୍ଡା ଓ ସଂଗୀତରେ ସସ୍ମିତା ନାୟକ ଥିଲେ। ବିଦ୍ୟାଳୟକମିଟିର ସଭାପତି କୃଷ୍ଣ ଗୋପାଳ ପଣ୍ଡା ସଭାରେ ସଭାପତିତ୍ୱ କରି ଗାନ୍ଧୀ ଏକ ନାମ ନୁହେଁ ଏକ ବଳିଷ୍ଠ ଚିନ୍ତାଧାରାର ଉଦାହରଣ। ଏଣୁ ଏତେ ବର୍ଷାରେ ମଧ ଅନେକ ଅଭିଭାବକ ଓ ଛାତ୍ରଛାତ୍ରୀ ମାନେ ଉପସ୍ଥିତ ହୋଇ ଜୟନ୍ତୀ ଉତ୍ସବରେ ଯୋଗ ଦେଇଛନ୍ତି। ଏହି ଉତ୍ସବରେ ମୁଖ୍ୟ ଅତିଥି ଫକୀରମୋହନ ସାହିତ୍ୟ ପରିଷଦ ସଭାପତି ସୁବାସ ଚନ୍ଦ୍ର ପାତ୍ର ଗାନ୍ଧୀଜୀଙ୍କ ଚିନ୍ତାଧାରା ପିଲାମାନଙ୍କ ଓ ଅଭିଭାବକ ଭିତରେ ପ୍ରବେଶ କଲେ ଦେଶରେ ସୁନାଗରିକ ସୃଷ୍ଟି ହେବେ। ଦୟାକରି ଗାନ୍ଧୀଙ୍କ ଚିନ୍ତା ଚେତନାକୁ ହତ୍ୟା କର ନାହିଁ ବୋଲି ଅନୁରୋଧ କରିଥିଲେ। ଏହି ପ୍ରୟାସକୁ ୧୯୮୩ ମସିହାରୁ ଆରମ୍ଭ ହୋଇଥିବା ଫକୀରମୋହନ ଆର୍ଟ ସ୍କୁଲ୍ କରୁଥିବାରୁ ସମସ୍ତଙ୍କୁ ସାଧୁବାଦ ଜଣାଇଥିଲେ। ବିଦ୍ୟାଳୟର ଅଧ୍ୟକ୍ଷ ଶିଳ୍ପୀ ମରୁତ ରାଉତ ବିବରଣୀ ପାଠ କରିଥିଲେ। କାର୍ଯ୍ୟକ୍ରମକୁ ପରିଚାଳନା ଓ ସହଯୋଗ ୟଙ୍ଗ ହାଟସର କ୍ରିଷ୍ଣା ଦେବ ଗୋସ୍ୱାମୀ, ସୌମ୍ୟାଶ୍ରୀ ଦାସ, ଦେବଶ୍ରୀ ସାହୁ, ଗିତୀରେଖା ବେହେରା ଇତ୍ୟାଦି କରିଥିଲେ। ବିଦ୍ୟାଳୟର ଶିକ୍ଷୟିତ୍ରୀ କବିତା ଦତ୍ତ ଧନ୍ୟବାଦ ଅର୍ପଣ କରିଥିଲେ।

### ବାଲିଆପାଳ ସରପଞ୍ଚ ପ୍ରତିନିଧିଙ୍କୁ ବାନ୍ଧିବା ଘଟଣା

## ଅଭିଯୁକ୍ତଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବି

କାଳିପଦା, ୪।୧୦ (ସମିସ): ବାଲିଆପାଳ ସରପଞ୍ଚ ପ୍ରତିନିଧି ହେମନ୍ତ କୁମାର ଦାସଙ୍କୁ କେତେକ ମୁଷ୍ଟିମେୟ ଲୋକ ବିନା କାରଣରେ ବାନ୍ଧି ରଖିବାକୁ କେନ୍ଦ୍ର କରି ଆଜି ସରପଞ୍ଚ ପ୍ରତିନିଧି ଓ ତାଙ୍କର କେତେକ ସମର୍ଥକ ଏକ ପ୍ରେସ ମିଟ ଡକାଇ ସ୍ପଷ୍ଟୀକରଣ ଦେଇଛନ୍ତି। ବାଲିଆପାଳ ସରପଞ୍ଚ ପ୍ରତିନିଧି ହେମନ୍ତ କୁମାର ଦାସ ଗତକାଲି ପଦ୍ମ ପୋଖରୀ ସମସ୍ୟା ନେଇ ଆଲୋଚନା କରିବା ପାଇଁ ଯାଇଥିଲେ। ସେ ପୋଖରୀ ହୁଡାରେ ଛିଡା ହୋଇ ଥିବା ବେଳେ ଅଚାନକ ଅନୁସୂଚିତ ଜାତି ବସ୍ତିର କେତେ ଜଣ ସ୍ତ୍ରୀ ଓ ପୁରୁଷ ଲୋକ ଘେରି ଯାଇ ତାଙ୍କୁ ଦଉଡ଼ିରେ ବାନ୍ଧି ଥିଲେ। ସେମାନେ କୌଣସି କାରଣ ନଥାଇ ହେମନ୍ତଙ୍କୁ ଦଉଡ଼ିରେ ବାନ୍ଧିବା ସହିତ ପିଟା ମରା କରିଥିଲେ। ଖବର ପାଇ ପୁଲିସ, ତହସିଲଦାର ଘଟଣା ସ୍ଥଳରେ ପହଁଞ୍ଚି ସେମାନଙ୍କ କବଳରୁ ହେମନ୍ତଙ୍କୁ ଉଦ୍ଧାର କରିଥିଲେ। ଉଦବୃତ୍ତ ପୋଖରୀ ପାଣି କୁଆଡେ ନିଷ୍କାସିତ ନ ହେବାରୁ ପୋଖରୀ ହୁଡ଼ାରେ ବେଆଇନ ଭାବେ ଘର କରିଥିବା ଲୋକ ମାନଙ୍କ ଘରକୁ ପାଣି ପଶି କ୍ଷତି କରୁଥିଲା। ଶାନ୍ତିପୂର୍ଣ୍ଣ ଆଲୋଚନାକୁ ଯାଇଥିବା ସରପଞ୍ଚ ପ୍ରତିନିଧିଙ୍କୁ ଦଉଡିରେ ବାନ୍ଧିବା ଠିକ ହୋଇ ନାହିଁ ବୋଲି ସ୍ଥାନୀୟ ଲୋକ କହିଛନ୍ତି। ଏହାକୁ ଅନ୍ୟାୟ ଅଭିହିତ କରି ସରପଞ୍ଚ ବନଲତା ଦାସ ଦୋଷୀ ମାନଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବି କରି ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ତେବେ ପୁଲିସ ତଦନ୍ତ କରି ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବ ବୋଲି କହିଥିଲେ। ଘଟଣାକୁ କେନ୍ଦ୍ର କରି ସ୍ଥାନୀୟ ଅଞ୍ଚଳରେ ଚାପା ଉତ୍ତେଜନା ଲାଗି ରହିଥିଲା। ପୁଲିସ ସମସ୍ତ ଅଭିଯୁକ୍ତ ମାନଙ୍କୁ ତୁରନ୍ତ ଗିରଫ କରୁ ବୋଲି ସେମାନେ ଦାବି କରିଛନ୍ତି। ଏହି ପ୍ରେସ ମିଟ୍‌ରେ ପ୍ରତାପ କୁମାର ପାତ୍ର, କ୍ଷୀତିଶ ଜେନା, ରଘୁନାଥ ପାତ୍ର, ଗୋପାଳ ଚନ୍ଦ୍ର ଜେନା, ଦେବେନ୍ଦ୍ର ସାହୁ, ନଗେନ୍ଦ୍ର ପାତ୍ର, ସନ୍ତୋଷ ପାତ୍ର, ଅଜୟ ଗିରି, ସୁଶାନ୍ତ ଦାସ, ରତ୍ନାକର ଦାସ, ସୁଧାଂଶୁ ଧଳ, ଦିଲ୍ଲୀପ ମଲ୍ଲିକ, ସଞ୍ଜୟ ଧଳ,ଅଶୋକ ଜେନା, ଶେଖ ଇମତାଜ ଅଲ୍ଲୀ, ରିୟାନୁ ଖାଁ ପ୍ରମୁଖ ଉପସ୍ଥିତ ଥିଲେ।

## ଜଳେଶ୍ୱରରେ ସମ୍ବର୍ଦ୍ଧନା କାର୍ଯ୍ୟକ୍ରମ

ଜଳେଶ୍ୱର, ୪।୧୦ (ସମିସ) : ବିଜେପି ରାଜ୍ୟ ସମ୍ପାଦକ ତଥା ଶିକ୍ଷାବିତ ସିପ୍ରା ବାଜପେୟୀଙ୍କୁ ଇତିମଧ୍ୟରେ ରାଷ୍ଟ୍ରୀୟ ରସାୟନ ଏବଂ ସାର ବିଭାଗର ସ୍ୱାଧୀନ ନିର୍ଦ୍ଦେଶକ ଭାବେ ଦାୟିତ୍ୱ ଅର୍ପଣ କରାଯାଇଛି। ଏହି ଖବର ପ୍ରଚାର ହେବା ପରେ ଆଜି ଜଳେଶ୍ୱର ଅଞ୍ଚଳର ବିଭିନ୍ନ ବୁଦ୍ଧିଜୀବୀ ଓ ମହିଳା ସ୍ୱୟଂ ସହାୟିକା ଗୋଷ୍ଠୀ, ମା'ମାନଙ୍କ ଦ୍ୱାରା ମାନଙ୍କ ଦ୍ୱାରା ଶୁଭେଚ୍ଛା ଓ ସମ୍ବର୍ଦ୍ଧନା କାର୍ଯ୍ୟକ୍ରମ କରାଯାଇଛି । ଉକ୍ତ କାର୍ଯ୍ୟକ୍ରମରେ ଅବସରପ୍ରାପ୍ତ ଶିକ୍ଷକ କୋମଲ ଲୋଚନ ଦାସ ମହାପାତ୍ର, ଆଇନଜୀବୀ ରାମଚନ୍ଦ୍ର ଜେନା, ଯୁବ ସମାଜ ସେବୀ ସଂଗ୍ରାମ କେଶରୀ ପରିଡା, ଯୁବ ସମାଜସେବୀ ସମର କୁମାର କରଣ, ଡା. ଅଜିତ ମହାନ୍ତି, ଶିକ୍ଷାବିତ କାର୍ତିକ ଚନ୍ଦ୍ର ଦାସ, ଶିକ୍ଷାବିତ ସୁଶାନ୍ତ ଦାସ, ପ୍ରଣବ ପଣ୍ଡା, ମନୋଜ ସାଶମଲ, ରବୀନ୍ଦ୍ର କୁମାର ପାତ୍ର, ମଞ୍ଜୁ ଲତା ପାତ୍ର, ରାଜୀବ ଘୋଷ, ମିତା ରାଣୀ ଘୋଷ, କୌଶଲ୍ୟା ଦାସ, ମଞ୍ଜୁବାଳା ନାୟକ ଉପସ୍ଥିତ ଥିଲେ।

## ସହିଦ ପାର୍କରେ ଗାନ୍ଧୀ ଜୟନ୍ତୀ

ବାଲେଶ୍ୱର, ୪।୧୦(ସମିସ): 'ମିଳିତ ନିଶା ନିବାରଣ ଅଭିଯାନ' (ମନା) ପକ୍ଷରୁ ସ୍ଥାନୀୟ ସହିଦପାର୍କ ସ୍ଥିତ ଗାନ୍ଧିଙ୍କ ପ୍ରତିମୂର୍ତ୍ତିଠାରେ ସଭାପତି ପ୍ରଭାକର ସାହୁଙ୍କ ସଭାପତିତ୍ୱରେ ଗାନ୍ଧି ଜୟନ୍ତୀ ପାଳିତ ହୋଇଯାଇଛି। ଗାନ୍ଧିଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ ପରେ ନିଶା ବିରୋଧରେ ଏକ ସଚେତନତା ସଭା କରାଯାଇଥିଲା। ସାଧାରଣ ସଂପାଦିକା ମମତା ମହାପାତ୍ର ଗାନ୍ଧିଜୀଙ୍କ ଅହିଂସା ମାର୍ଗ ଓ ନିଶାମୁକ୍ତ ଭାରତ ଗଠନ ସମ୍ବନ୍ଧରେ ଆଲୋକପାତ କରିବା ସହ ଗାନ୍ଧିଜୀଙ୍କ ସପ୍ନକୁ ସାକାର କରିବାକୁ ଶପଥ ନେବାକୁ ସମସ୍ତଙ୍କୁ ଅନୁରୋଧ କରିଥିଲେ। ଉପଦେଷ୍ଟା ସୁବ୍ରତ କର, ଉପସଭାପତି ମହମ୍ମଦ୍ ଇସ୍‌ଲାମ୍, କୋଷାଧ୍ୟକ୍ଷ ପ୍ରଫୁଲ୍ଲ କୁମାର ଦାସ, ଶୁଭଙ୍କର ମହାପାତ୍ର, ବେଣୁଧର ସାହୁ ଓ ଜୀତେନ୍ଦ୍ର ଉପାଧ୍ୟାୟ ପ୍ରମୁଖ ଜାତିର ପିତା ମହାତ୍ମାଗାନ୍ଧି ଓ ଶାସ୍ତ୍ରୀଜୀଙ୍କ ଜୟନ୍ତୀରେ ସେମାନଙ୍କ ଜୀବନଦର୍ଶନ ଉପରେ ଆଲୋଚନା କରି ରାଜ୍ୟକୁ ନିଶାମୁକ୍ତ କରିବାକୁ ଆହ୍ୱାନ ଦେଇଥିଲେ। ସମ୍ପାଦକ ଗୌରାଙ୍ଗ ପାଣିଗ୍ରାହୀ ଧନ୍ୟବାଦ ଅର୍ପଣ କରିଥିଲେ।




## ଦୁଇ କାର ଦୁର୍ଘଟଣା; ଜଣେ ଗୁରୁତର

ରୂପସା, ୪।୧୦ (ସମିସ): ବାଲେଶ୍ୱର ଜିଲା ୬୦ ନଂ ଜାତୀୟ ରାଜପଥର ହଳଦୀପଦା ରାଜଧାନୀ ଢାବା ନିକଟରେ ମର୍ମନ୍ତୁଦ ସଡ଼କ ଦୁର୍ଘଟଣା ଘଟି ଜଣେ ଗୁରୁତର ହୋଇଥିବା ବେଳେ ୨ଜଣ ଆହତ ହୋଇଛନ୍ତି। ଏକ ହ୍ୟୁଣ୍ଡାଇ କାରଟି ଉକ୍ତ ହୋଟେଲର ବିପରୀତ ରାସ୍ତା ପାଶ୍ୱର୍ରେ ଛିଡ଼ା ହୋଇଥିବା ସମୟରେ ଅନ୍ୟ ଏକ କାର ତାର ପଛକୁ ଧକ୍କା ଦେଇଥିଲା। ଫଳରେ ଘଟଣା ସ୍ଥଳରେ ରାସ୍ତା ପାରି ହେଉଥିବା ଜୈନିକ ପଥିକ ଗୁରୁତର ହୋଇଥିବା ବେଳେ କାରରେ ଥିବା ମହିଳା ଚାଳକ ସହ ଅନ୍ୟ ଜଣେ ଆହତ ହୋଇଥିଲେ। ଜାତୀୟ ରାଜପଥ ପହରା ପୁଲିସ ପହଞ୍ଚିବା ପୂର୍ବରୁ ସ୍ଥାନୀୟ ଲୋକେ ସମସ୍ତ ଆହତଙ୍କୁ ଉଦ୍ଧାର କରି ଆମ୍ବୁଲାନ୍ସ ସହାୟତାରେ ଜିଲା ମୁଖ୍ୟ ଚିକିତ୍ସାଳୟକୁ ପଠାଇଥିଲେ। ପରେ ଜାତୀୟ ରାଜପଥ ପହରା ପୁଲିସ ପହଞ୍ଚି ଗାଡ଼ି ଦୁଇଟିକୁ ଜବତ୍ କରି ମାମଲାଟିକୁ ବସ୍ତା ଥାନା ପୁଲିସକୁ ହସ୍ତାନ୍ତର କରିଛି।


















# ସିନ୍ଦୂର ଖେଳ ସହ ବିଦାୟ ନେଲେ ମା'; ଆଜି ରାବଣ ପୋଡ଼ି





**ବାରିପଦା, ୪।୧୦ (ସମିସ)**

ବାରିପଦା ସହରର ବିଭିନ୍ନ ମଣ୍ଡପରେ ପୂଜା ପାଇଥିବା ମା'ଦୁର୍ଗାଙ୍କ ମୃଣ୍ମୟୀ ମୂର୍ତ୍ତି ଭସାଣି ଯାତ୍ରା ସମ୍ପନ୍ନ ହୋଇଛି। ପୂର୍ବ ନିର୍ଦ୍ଧାରିତ ସମୟ ଅନୁସାରେ କମିଟି ପକ୍ଷରୁ ଶାନ୍ତି ଶୃଙ୍ଖଳାର ସହିତ ଭସାଣି ଶୋଭାଯାତ୍ରା ସହର ପରିକ୍ରମା କରି ଅସ୍ତିଆ ନିକଟ ବୁଢାବଲଙ୍ଗ ନଦୀପଠାରେ ନିର୍ମିତ ଅସ୍ଥାୟୀ ପୋଖରୀରେ ବିସର୍ଜନ କରିଛନ୍ତି। ମା'ଙ୍କ ସହିତ ପାର୍ଶ୍ୱ ଦେବାଦେବୀ, ଶିବପାର୍ବତୀ ଓ ମହାବୀରଙ୍କ ମୃଣ୍ମୟୀ ମୂର୍ତ୍ତି ଧାଡିବାନ୍ଧି ବାଣ ରୋଷଣୀ, କିର୍ତ୍ତନ ଓ ଲୋକବାଦ୍ୟ ଜରିଆରେ ଦଳଗତ ନୃତ୍ୟ ସହିତ ମା'ଙ୍କୁ ବିଦାୟ ଦେଇଛନ୍ତି। ତେବେ କେତୋଟି ହାତଗଣତି ମଣ୍ଡପକୁ ବାଦ ଦେଲେ ବାକି ମଣ୍ଡପର ମୂର୍ତ୍ତି ବିସର୍ଜନ ସମ୍ପନ୍ନ ହୋଇଛି। ଶୁକ୍ରବାର ସନ୍ଧ୍ୟାରେ କଲେଜ ଛକ ସାର୍ବଜନୀନ ହରପାର୍ବତୀ ପୂଜାର ମେଢ ଏବଂ ବାରୁଣେଶ୍ୱର ଦୁର୍ଗାପୂଜା କମିଟି ଓ ମଧୁବନ ଦୁର୍ଗାପୂଜା କମିଟି ପ୍ରମୁଖଙ୍କ ଭସାଣୀ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଶନିବାରରେ ପାଲବଣୀ ସାର୍ବଜନୀନ ଦୁର୍ଗାପୂଜା କମିଟି ପକ୍ଷରୁ ଏବଂ ଆଗାମୀ ୮ ତାରିଖରେ ବୁଧବାର ତୁଳସୀଚଉରା ସାର୍ବଜନୀନ ଦୁର୍ଗାପୂଜା କମିଟି ପକ୍ଷରୁ ମା' ଦୁର୍ଗାଙ୍କ ଭସାଣି ଉତ୍ସବ ଅନୁଷ୍ଠିତ ହେବ। ସେହିପରି ଆଗାମୀ ୧୦ ତାରିଖ ଶୁକ୍ରବାର ତକତପୁର ପଡ଼ିଆରେ ଅନୁଷ୍ଠିତ ହେବାକୁ ଥିବା ସାର୍ବଜନୀନ ଦୁର୍ଗାପୂଜା କମିଟି ପକ୍ଷରୁ ମା' ଦୁର୍ଗାଙ୍କ ଭସାଣୀ ଉତ୍ସବ ସମାରୋହରେ ଅନୁଷ୍ଠିତ ହେବ। ଏଥର ଭସାଣିରେ ଡିଜେ ନିଷିଦ୍ଧ ଥିବାରୁ ପାରମ୍ପରିକ ଲୋକବାଦ୍ୟ ପ୍ରତି ବିଶେଷ ପ୍ରାଧାନ୍ୟ ଦିଆଯାଇଛି। ସେହିପରି ପରମ୍ପରା ଅନୁଯାୟୀ ସହିଦ ପଡ଼ିଆ ଦୁର୍ଗା ପୂଜା କମିଟି ପକ୍ଷରୁ ମା'ଙ୍କୁ ବିଦାୟ ଦେବା ପୂର୍ବରୁ ମହିଳା ଭକ୍ତମାନେ ମା'ଙ୍କ ମୁଖମଣ୍ଡଳକୁ ଗୋଟା ପାନପତ୍ରରେ ସଫା କରି ମସ୍ତକରେ ସିନ୍ଦୁର ଅର୍ପଣ କରି ପରସ୍ପର ମଧ୍ୟରେ ସିନ୍ଦୁରଖେଳରେ ଭାଗ ନେଇଥିଲେ। ପରସ୍ପର ମଧ୍ୟରେ ସିନ୍ଦୂର ଅର୍ପଣ ସହିତ ମିଷ୍ଟାନ୍ନ ଖୁଆଇ ଥିଲେ। ବିଭିନ୍ନ ମହାବୀର ଯୁବକ ସଂଘ ପକ୍ଷରୁ ସହରର ବିଭିନ୍ନ ସ୍ଥାନରେ ଆଖଡା ଦଳ ଦୁଃସାହସିକ ବାଡି ଖେଳ ପ୍ରଦର୍ଶନ କରାଯାଇଥିଲା। ପରମ୍ପରା ଅନୁଯାୟୀ ଗ୍ରାମାଞ୍ଚଳରୁ ଆସିଥିବା ଆଦିବାସୀ ଦାଶାଇଁ ନୃତ୍ୟ ବାରିପଦାର ବିଭିନ୍ନ ସାହି ବସ୍ତିରେ ବୁଲି ବୁଲି ନୃତ୍ୟ ପରିବେଷଣ କରିବା ଦୃଶ୍ୟ ବେଶ୍ ଆକର୍ଷଣୀୟ ହୋଇଥିଲା। ସହରର ମଧୁବନ ମିନି ଷ୍ଟାଡିୟମରେ ପ୍ରତିବର୍ଷ ଦଶହରା ଦିନ ରାବଣ ପୋଡ଼ି ଉତ୍ସବ ସମାରୋହରେ ଅନୁଷ୍ଠିତ ହୋଇଥାଏ। ଏନେଇ ସମସ୍ତ ପ୍ରସ୍ତୁତି ଚୂଡାନ୍ତ ହୋଇଥିବା ସତ୍ତ୍ୱେ ବର୍ଷା ଯୋଗୁଁ ରାବଣ ପୋଡି ଉତ୍ସବକୁ ସ୍ଥଗିତ ରଖାଯାଇଛି। ଆଜି ରବିବାର ରାବଣପୋଡି ଉତ୍ସବ ଅନୁଷ୍ଠିତ ହେବ ବୋଲି ମୁଖ୍ୟ ଆୟୋଜକ କଳିଙ୍ଗ କେଶରୀ ଜେନା ସୂଚନା ଦେଇଛନ୍ତି। ସହରତମାମ ବ୍ୟାପକ ପୁଲିସ ମୁତୟନ କରାଯାଇଛି।

## ବିପର୍ଯ୍ୟୟ ସମୟରେ ଜୀବନ ରକ୍ଷାକାରୀ ବ୍ୟକ୍ତିବିଶେଷଙ୍କୁ ସମ୍ମାନିତ ପାଇଁ ନାମାଙ୍କନପତ୍ର ଆହ୍ୱାନ

**ବାରିପଦା, ୪।୧୦(ସମିସ):** ଆସନ୍ତା ୨୯ ତାରିଖରେ ବିପର୍ଯ୍ୟୟ ପରିଚାଳନା ପ୍ରସ୍ତୁତି ଦିବସ ପାଳନ ହେବ। ଏହି ଉପଲକ୍ଷେ ଗତ ନଭେମ୍ବର ୨୦୨୪ରୁ ଅକ୍ଟୋବର ୧୦ ତାରିଖ ପର୍ଯ୍ୟନ୍ତ ଘଟିଥିବା ବିପର୍ଯ୍ୟୟ ସମୟରେ ସାହସିକତା ସହ କାର୍ଯ୍ୟକରି ଅନ୍ୟର ଜୀବନ ବଞ୍ଚାଇଥିବା ଜୀବନ ରକ୍ଷାକାରୀଙ୍କୁ ଏହି ଦିବସରେ ସମ୍ମାନିତ କରାଯିବ। ଏଥି ନିମନ୍ତେ ଏଭଳି କାର୍ଯ୍ୟ କରିଥିବା ବ୍ୟକ୍ତିବିଶେଷ, ସ୍ୱେଚ୍ଛାସେବୀ, ଛାତ୍ରଛାତ୍ରୀଙ୍କୁ ଅନୁରୋଧ କରାଯାଉଛି କି ଏ ସମ୍ବନ୍ଧୀୟ ନିଜ ନିଜର ଉପଲବ୍ଧିର ବିସ୍ତୃତ ତଥ୍ୟ ଜିଲ୍ଲା ଜରୁରୀ କାର୍ଯ୍ୟାଳୟର ଡିପିଓଙ୍କ ସହିତ ୮ ୯୧୭୫୮ ୭୮୩୬ ମୋବାଇଲ ନମ୍ବରରେ ଯୋଗାଯୋଗ କରି ତଥ୍ୟ ପ୍ରଦାନ କରିବେ। ତଦନୁସାରେ ସେମାନଙ୍କ ନାମାଙ୍କନପତ୍ର ରାଜ୍ୟ କାର୍ଯ୍ୟାଳୟକୁ ପ୍ରେରଣ କରାଯିବ ଏବଂ ଉକ୍ତ ବ୍ୟକ୍ତି ବିଶେଷଙ୍କୁ ରାଜ୍ୟସ୍ତରୀୟ କାର୍ଯ୍ୟକ୍ରମରେ ସମ୍ମାନିତ କରାଯିବ। ସେମାନଙ୍କ ନାମାଙ୍କନ ପତ୍ର ରାଜ୍ୟ କାର୍ଯ୍ୟାଳୟକୁ ପ୍ରେରଣ କରାଯିବ ଏବଂ ଉକ୍ତ ବ୍ୟକ୍ତି ବିଶେଷଙ୍କୁ ରାଜ୍ୟସ୍ତରୀୟ କାର୍ଯ୍ୟକ୍ରମରେ ସମ୍ମାନିତ କରାଯିବ।

## ଖଇରବଣିରେ ନିଃଶୁଳ୍କ ସ୍ୱାସ୍ଥ୍ୟସେବା ଶିବିର

**ବାରିପଦା, ୪।୧୦(ସମିସ):** ବାରିପଦା ବ୍ଲକ ଭାଗବତଚନ୍ଦ୍ରପୁର ପଞ୍ଚାୟତର ଖଇରବଣି ଛକ ନିକଟରେ ସାଇ ଏକ୍ସ-ରେ ପାଥୋଲୋଜି ଓ ନର୍ସିଂହୋମ ପକ୍ଷରୁ ଏକ ନିଶୁଳ୍କ ସ୍ୱାସ୍ଥ୍ୟ ସେବା ଶିବିର ଅନୁଷ୍ଠିତ ହୋଇଯାଇଛି। ବାରିପଦା ବିଧାୟକ ପ୍ରକାଶ ସୋରେନ ମୁଖ୍ୟ ଅତିଥିଭାବେ ଯୋଗଦେଇ ଶିବିରକୁ ଉଦଘାଟନ କରିଥିଲେ। ନିମନ୍ତ୍ରିତ ଅତିଥି ଭାବେ ବରିଷ୍ଠ ସାମ୍ବାଦିକ କବି ବିଷ୍ଣୁ ଶତପଥୀ, ଯୁବ ସମାଜସେବୀ ପରେଶ ଚନ୍ଦ୍ର ମହାନ୍ତ, ପ୍ରାକ୍ତନ ଜିଲ୍ଲାପରିଷଦ ସଦସ୍ୟ କାଳୀଚରଣ ନାଏକ ଯୋଗଦେଇ ଆୟୋଜକଙ୍କୁ ପ୍ରଶଂସା କରିଥିଲେ। ସ୍ୱାସ୍ଥ୍ୟ କ୍ଷେତ୍ରରେ ଆଗାମୀ ଦିନରେ ମୟୂରଭଞ୍ଜ



ଏକ ନୂଆ ସୂର୍ଯ୍ୟୋଦୟର ସୁନେଲି କିରଣ ଦେଖିବ ବୋଲି ଅତିଥିମାନେ ବକ୍ତବ୍ୟ ରଖିଥିଲେ। ଡା ଐଶ୍ୱର୍ଯ୍ୟରାଜ ପତିଙ୍କ ତତ୍ତ୍ୱାବଧାନରେ ଏକ ୨୦ ଜଣିଆ ଡାକ୍ତରୀଟିମ ୫୭୦ ଜଣ ରୋଗୀଙ୍କୁ ସ୍ୱାସ୍ଥ୍ୟ ପରୀକ୍ଷା କରିଥିଲେ। ଡା ଲକ୍ଷ୍ମୀକାନ୍ତ ପତି କହିଥିଲେ ଯେ, ଆଗାମୀ ଦିନରେ ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ଅନେକ ଯୁଗାନ୍ତକାରୀ ପଦକ୍ଷେପ ନେବାକୁ ଲକ୍ଷ୍ୟ ରହିଛି। ଭବିଷ୍ୟତରେ ମୟୂରଭଞ୍ଜବାସୀଙ୍କୁ ଭେଟି ଦେବା ପାଇଁ ତାଙ୍କ ଅନୁଷ୍ଠାନ ନିଜକୁ ପ୍ରସ୍ତୁତ କରୁଛି ବୋଲି କହିଥିଲେ।

## ସହରରୁ ପୁଣି ବାଇକ ଚୋରି

**ବାରିପଦା, ୪।୧୦(ସମିସ):** ଧନପୁର ଛକ ନିକଟରେ ରାସ୍ତା କଡରୁ ବାଇକ ଚୋରି ହୋଇଛି। ଏନେଇ ଆମ୍ବଡୁଳି ଗ୍ରାମର ନିରଞ୍ଜନ ନାୟକ ବାରିପଦା ସଦର ଥାନାରେ ଅଭିଯୋଗ କରିଛନ୍ତି। ସେ ବାରିପଦା ମାର୍କେଟରୁ ଘରକୁ ଫେରୁଥିବା ବେଳେ ଧନପୁର ଛକ ନିକଟରେ ରାସ୍ତା କଡରେ ବାଇକ ପାର୍କିଂ କରିଥିଲେ। ତେବେ ଫେରିକି ଦେଖିବା ବେଳକୁ ଉକ୍ତ ସ୍ଥାନରେ ବାଇକ ନଥିଲା। ବହୁ ଖୋଜା ଖୋଜି କରିବା ପରେ ମଧ ନପାଇ ଥାନାରେ ଅଭିଯୋଗ କରିଛନ୍ତି। ସେହିପରି ରଘୁନାଥପୁରରେ ପୂଜା ମଣ୍ଡପ ସମ୍ମୁଖରୁ ବାଇକ ଚୋରି ହୋଇଛି। ଏନେଇ ପାଣ୍ଡବ ସୋରେନ ବାରିପଦା ଟାଉନ ଥାନାରେ ଅଭିଯୋଗ କରିଛନ୍ତି।

## ସୋସିଆଲ ମିଡିଆରେ ଅଶ୍ଳୀଳ ଭାଷା ବ୍ୟବହାର; ଯୁବକ ଗିରଫ

**ବାରିପଦା, ୪।୧୦(ସମିସ):** ଫେସବୁକରେ ଫେକ୍ ଆଇଡି ଖୋଲି ଅଶ୍ଳୀଳ ଭାଷା ପ୍ରୟୋଗକୁ ନେଇ ବିଶୋଇ ଥାନାରେ ଅଭିଯୋଗ ପରେ ପୁଲିସ ଜଣେ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛି। ଅଭିଯୁକ୍ତ ଜଣଙ୍କ ହେଲେ ବାଲେଶ୍?ର ଜିଲ୍ଲା ଜଳେଶ୍ୱର ଅଞ୍ଚଳର ଦେବାଶିଷ ଦାସ। ଅଭିଯୋଗକାରିଣୀଙ୍କ ଅଭିଯୋଗ ଅନୁସାରେ ଦେବାଶିଷ"ବିଭିନ୍ନ ବ୍ୟକ୍ତିଙ୍କ ଫୋଟକୁ ଏଡ଼ିଟ କରି 'ଦେଭ ଆରଜିଏନ ଦାସ' ନାମକ ଫେକ ଆଇଡିରେ ବିଭିନ୍ନ ଅଶ୍ଳୀଳ ଫୋଟ ପୋଷ୍ଟ କରୁଥିଲା ସହ ଅଶ୍ଳୀଳ ଭାଷାରେ ବିଭିନ୍ନ କମେଣ୍ଟ ଦେଉଥିଲେ। ଫଳରେ ଅଭିଯୋଗକାରିଣୀ ନିଜ ସମ୍ମାନହାନୀ ସହ ମାନସିକ ନିର୍ଯାତନାର ଶିକାର ହେବାରୁ ଗତ ଅଗଷ୍ଟ ମାସରେ ବିଶୋଇ ଥାନାରେ ଅଭିଯୋଗ କରିଥିଲେ। ଥାନା ଅଧିକାରୀ ଘଟଣା ସମ୍ପର୍କରେ ପୁଙ୍ଖାନୁପୁଙ୍ଖ ଭାବେ ତଦନ୍ତ କରିବା ପରେ ଯୁବକ ଜଣଙ୍କୁ ଜଳେଶ୍ୱର ଅଞ୍ଚଳରୁ ଗିରଫ କରି କୋର୍ଟ ଚାଲାଣ କରିଥିଲେ। ତେବେ ତାଙ୍କର ଜାମିନ ମଞ୍ଜୁର ହୋଇଥିବା ଜଣାପଡ଼ିଛି।

## କେନାଲ ପାଣିରୁ ମୃତଦେହ ଉଦ୍ଧାର

**ବାରିପଦା, ୪।୧୦(ସମିସ):** ଦୁଇ ଦିନ ହେବ ନିଖୋଜ ଥିବା ଜଣେ ବ୍ୟକ୍ତିଙ୍କ ମୃତଦେହ ବାରିପଦା ସଦର ଥାନା ଅନ୍ତର୍ଗତ ବଡ଼ଡାକୋଇ ଅଞ୍ଚଳରୁ ମୃତଦେହକୁ ପୁଲିସ ଉଦ୍ଧାର କରିଛି। ମୃତକ ଜଣକ ହେଲେ ବାରିପଦା ସଦର ଥାନା ଅନ୍ତର୍ଗତ ବେତନା ଗ୍ରାମର ରବୀନ୍ଦ୍ର ଟୁଡୁ(୫୫)। ସେ ଗତ ଗୁରୁବାର ଗ୍ରାମ ନିକଟକୁ ଫୁଟବଲ ଖେଳ ଦେଖିବାକୁ ଆସିଥିଲେ। କିନ୍ତୁ ସେ ଘରକୁ ଫେରି ନ ଥିଲେ। ପରିବାର ଲୋକେ ବହୁ ଖୋଜା ଖୋଜି କରିଥିଲେ ସୁଦ୍ଧା ପାଇ ନ ଥିଲେ। ଶନିବାର ପୂର୍ବାହ୍ନରେ ବଡ଼ଡାକୋଇ ଗ୍ରାମ ନିକଟସ୍ଥ କେନାଲ କଡ଼ ପାଣିରେ ଏକ ମୃତଦେହ ଭାସୁଥିବାର ସ୍ଥାନୀୟ ଲୋକେ ଦେଖିଥିଲେ। ପରେ ପୁଲିସ ପହଞ୍ଚି ମୃତଦେହକୁ ଉଦ୍ଧାର କରିଛି। ଏନେଇ ବାରିପଦା ସଦର ଥାନାରେ ଏକ ମାମଲା ରୁଜୁ କରି ଶବ ବ୍ୟବଚ୍ଛେଦ ନିମନ୍ତେ ପିଆରଏମ ହସ୍ପିଟାଲକୁ ପଠାଇଛି ପୁଲିସ। ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ମୃତ୍ୟୁର କାରଣ ଜଣାପଡ଼ିବ।

# ଜିଲ୍ଲାସ୍ତରୀୟ ଗାନ୍ଧୀ ଓ ଶାସ୍ତ୍ରୀଙ୍କ ଜୟନ୍ତୀ

**ବାରିପଦା, ୪।୧୦(ସମିସ):** ପାଳିତ ହୋଇଛି। ସକାଳେ ଗାନ୍ଧୀ ପାର୍କ ଠାରେ ଅତିରିକ୍ତ ଜିଲ୍ଲାପାଳ ନେତ୍ରାନନ୍ଦ ମଲ୍ଲିକଙ୍କ ପୌରୋହିତ୍ୟରେ ଏକ ସମୂହ ମାଲ୍ୟାର୍ପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। କାର୍ଯ୍ୟକ୍ରମରେ ଜିଲ୍ଲା ପରିଷଦ ଅଧକ୍ଷା ଭାରତୀ ହାଁସଦା, ବାରିପଦା ନଗରପାଳ କୃଷ୍ଣାନନ୍ଦ ମହାନ୍ତି, ଉପାଧକ୍ଷା ସୀମା ଦାସ, ଜିଲ୍ଲା ଆରକ୍ଷୀ ଅଧିକ୍ଷକ ବରୁଣ ଗୁଣ୍ଟୁପାଲ୍ଲୀ, ଅତିରିକ୍ତ ଜିଲ୍ଲାପାଳ ଇଶ୍ୱର ଚନ୍ଦ୍ର ନାଏକ, ଜିଲ୍ଲା ଶିକ୍ଷାଧିକାରୀ ପୂର୍ଣ୍ଣଚନ୍ଦ୍ର ସେଠୀ, ପୌରପାଳିକା ଅତିରିକ୍ତ ନିର୍ବାହୀ ଅଧିକାରୀ ଦେବୀ ପ୍ରସାଦ ରାଉତ ପ୍ରମୁଖଙ୍କ ସମେତ ବିଭିନ୍ନ ବିଭାଗୀୟ ଅଧିକାରୀ, ବିଭିନ୍ନ ୱାର୍ଡର କାଉନସିଲର, ବରିଷ୍ଠ ନାଗରିକ, ବୁଦ୍ଧିଜୀବୀ, ମାନ୍ୟଗଣ୍ୟ ବ୍ୟକ୍ତି ବିଶେଷ ଓ ଛାତ୍ରଛାତ୍ରୀ ଯୋଗେଦଇ ଗାନ୍ଧୀ ଓ ଶାସ୍ତ୍ରୀଙ୍କ ଅମର ଆତ୍ମା ପ୍ରତି ଭକ୍ତିପୂତ ଶ୍ରଦ୍ଧା ସୁମନ ଅର୍ପଣ ପୂର୍ବକ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିଥିଲେ। ଏହି ଅବସରରେ ପୂର୍ବରୁ ଅନୁଷ୍ଠିତ ହୋଇଥିବା ବକ୍ତୃତା ପ୍ରତିଯୋଗିତାରେ ଶ୍ରେଷ୍ଠ ବିବେଚିତ ହୋଇଥିବା ଛାତ୍ରଛାତ୍ରୀଙ୍କୁ ଅତିଥିମାନେ ପୁରସ୍କୃତ କରିଥିଲେ। ଜିଲ୍ଲା ସୂଚନା ଏବଂ ଲୋକସମ୍ପର୍କ ଅଧିକାରୀ ବିକାଶ ରଞ୍ଜନ ମହାନ୍ତି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।




### ଆଲୋଚନାଚକ୍ର

ଜିଲ୍ଲାସ୍ତରୀୟ ଗାନ୍ଧୀ ଜୟନ୍ତୀ ପାଳନ ଅବସରରେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ମହାତ୍ମା ଗାନ୍ଧୀଙ୍କ ଜୀବନ ଦର୍ଶନ ଉପରେ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ବିକାଶ ରଞ୍ଜନ ମହାନ୍ତିଙ୍କ ସଭାପତିତ୍ୱରେ ଏକ ଆଲୋଚନା ଚକ୍ର ଅନୁଷ୍ଠିତ ହୋଇଥିଲା। ମୁଖ୍ୟଅତିଥି ଭାବେ 'ପ୍ରତଶ୍ରୁତି' ପତ୍ରିକାର ସମ୍ପାଦକ ଡ଼. ଭାଗବତ ପ୍ରସାଦ ପଣ୍ଡା, ମୁଖ୍ୟବକ୍ତା ଭାବେ ଅବସରପ୍ରାପ୍ତ ପ୍ରଫେସର ସନ୍ଦୀପ କୁମାର ଚାନ୍ଦ ଏବଂ ସମ୍ମାନିତ ଅତିଥି ଭାବେ ବରିଷ୍ଠ ଶିକ୍ଷକ ସୋମନାଥ ସିଂ ଯୋଗ ଦେଇ ଗାନ୍ଧିଜୀଙ୍କ ଜୀବନ ଦର୍ଶନ ବିଶେଷ କରି ସତ୍ୟ ଅହିଂସା ଉପରେ ନିଜର ସୁଚିନ୍ତିତ ବକ୍ତବ୍ୟ ରଖିଥିଲେ। ଗାନ୍ଧିଜୀଙ୍କ ନୀତି ଓ ଆଦର୍ଶରେ ଅନୁପ୍ରାଣିତ ହୋଇ ଦୈନନ୍ଦିନ ଜୀବନ ଚର୍ଯ୍ୟାରେ ଏହାକୁ ଅନୁପାଳନ କରିବା ପାଇଁ ପରାମର୍ଶ ଦେଇଥିଲେ। ଜିଲ୍ଲା ସୂଚନା ଅଧିକାରୀ ଶ୍ରୀ ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ।

### 'ଗାନ୍ଧୀ ପଥେ ଓଡ଼ିଶା' କାର୍ଯ୍ୟକ୍ରମର ଶୁଭାରମ୍ଭ

ଜିଲ୍ଲା ସଭାପତିଙ୍କ ନେତୃତ୍ୱରେ ଜାତିର ଜନକ ମହାତ୍ମା ଗାନ୍ଧୀ ଓ ପୂର୍ବତନ ପ୍ରଧାନମନ୍ତ୍ରୀ ଲାଲ ବହାଦୁର ଶାସ୍ତ୍ରୀଙ୍କ ଜୟନ୍ତୀ ଉପଲକ୍ଷେ ମୟୂରଭଞ୍ଜ (ପୂର୍ବ) ଜିଲ୍ଲା କଂଗ୍ରେସ ସଭାପତି ପୂର୍ଣ୍ଣଚନ୍ଦ୍ର ବିଶ୍ୱାଳଙ୍କ ନେତୃତ୍ୱରେ ଶତାଧିକ କଂଗ୍ରେସ କର୍ମୀଙ୍କ ଉପସ୍ଥିତରେ ବାରିପଦା ଗାନ୍ଧୀପାର୍କ ପରିସରରେ ମହାତ୍ମା ଗାନ୍ଧୀ ଏବଂ ଲାଲବହାଦୂର ଶାସ୍ତ୍ରୀଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାପର୍ଣ୍ଣ କରି 'ଗାନ୍ଧୀ ପଥେ ଓଡ଼ିଶା' କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ଜିଲ୍ଲା ସଭାପତି ଶ୍ରୀ ବିଶ୍ୱାଳ ଉଦବୋଧନ ଦେଇ ମହାତ୍ମା ଗାନ୍ଧୀ ଓ ଲାଲ ବହାଦୁରୁର ଶାସ୍ତ୍ରୀ ଜୀଙ୍କ ଦେଶ ପ୍ରତି ତ୍ୟାଗ ଓ ବଳିଦାନ ବିଷୟରେ ଆଲୋକପାତ କରିଥିଲେ। କାର୍ଯ୍ୟକ୍ରମରେ ସଭାପତି ଶ୍ରୀ ବିଶ୍ୱାଳଙ୍କ ସହିତ ବରିଷ୍ଠ ନେତା ବିଜନ ଦାସ, ନିରୋଜ ଲୋଚନ ଦାସ, ଜ୍ୟୋତି ପ୍ରକାଶ ରଥ, ଚୈତନ୍ ହାଁସଦା, ଅଜିତ ଜେନା, ପ୍ରଦୀପ ମିଶ୍ର, ବିଜୟ ସିଂ, ଜୀବନ ବାରିକ, ସ୍ୱରୂପ ମିଶ୍ର, ଚନ୍ଦନ କିସ୍କୁ, ବନମାଳୀ ବାରିକ, ମହମ୍ମଦ ରକିମ ପ୍ରମୁଖ ଶତାଧିକ କଂଗ୍ରେସ କର୍ମୀ ଓ ନେତା ଉପସ୍ଥିତ ଥିଲେ।

## ତାଲାବନ୍ଦ ଘରୁ ଲକ୍ଷାଧିକ ଟଙ୍କାର ସୁନା ଚୋରି

**ବାରିପଦା, ୪।୧୦(ସମିସ):** ଦୁର୍ଗା ପୂଜା ସମୟରେ ଚୋର ଗ୍ୟାଙ୍ଗ ସକ୍ରିୟ ହୋଇଛନ୍ତି। କିଛି ଦିନର ବ୍ୟବଧାନ ପରେ ସହରରୁ ଏକା ସଙ୍ଗେ ୨ଟି ତାଲା ବନ୍ଦ ଘରୁ ଚୋରି ହୋଇଛି। ଦେଉଳ ସାହି ଅଞ୍ଚଳର ଆରତୀ ସାହୁ ଘରେ ଅନୁପସ୍ଥିତ ଥିବାର ସୁଯୋଗ ନେଇ ଦୁର୍ବୃତ୍ତମାନେ ଆଲମାରୀ ଭାଙ୍ଗି ବିଭିନ୍ନ ସୁନା ଅଳଙ୍କାର ଓ ୨୦ ହଜାର ଟଙ୍କା ଚୋରି କରିଛନ୍ତି। ସେହିପରି ବୁଢ଼ୀଖମାରି ଅଞ୍ଚଳର ପ୍ରବୋଧ କୁମାର ଘଣା ତାଲା ବନ୍ଦ ଘରୁ ଚୋରି ନେଇ ଭଞ୍ଜପୁର ଥାନାରେ ଅଭିଯୋଗ କରିଛନ୍ତି। ସେ ପରିବାର ଲୋକଙ୍କ ସହ ଭୁବନେଶ୍ୱର ଯାଇଥିଲେ। ଏହାର ସୁଯୋଗ ନେଇ ଦୁର୍ବୃତ୍ତମାନେ ଚୋରି କରିଛନ୍ତି। ତାଲାବନ୍ଦ ଘରୁ ଆଲମାରୀ ଭାଙ୍ଗି ବିଭିନ୍ନ ପ୍ରକାର ସୁନା ଓ ରୁପା ଅଳଙ୍କାର ଚୋରି କରିଛନ୍ତି ଦୁର୍ବୃତ୍ତ; ଯାହାକି ୩ଲକ୍ଷ ଟଙ୍କାରୁ ଊର୍ଦ୍ଧ୍ୱ ହେବ। ପୁଲିସ ଅଭିଯୋଗ ପାଇ ତଦନ୍ତ ଚଳାଇଛି।

## ବସ୍ ମାଲିକ ସାଇବର ଠକେଇର ଶିକାର

**ବାରିପଦା, ୪।୧୦(ସମିସ):** ବସ ମାଲିକ ସୁନୀଲ କୁମାର ଦାଶ ସାଇବର ଠକେଇର ଶିକାର ହୋଇଥିବା ନେଇ ଭଞ୍ଜପୁର ଥାନାରେ ଅଭିଯୋଗ କରିଛନ୍ତି। ଓଏସଆରଟିସି ବସ ବୁକିଂ ନିମନ୍ତେ ପିଣ୍ଟୁ ଦାସ ନାମକ ବ୍ୟକ୍ତି ଠକାମୀ କରିଥିବା ନେଇ ଶ୍ରୀ ଦାଶ ଅଭିଯୋଗ କରିଛନ୍ତି। ନିଜକୁ ସ୍ୱୀକୃତିପ୍ରାପ୍ତ ବୁକିଂ ଏଜେଣ୍ଟ ବୋଲି ପରିଚୟ ଦେଇ ସେନା କର୍ମଚାରୀଙ୍କ ନିମନ୍ତେ ଶ୍ରୀ ଦାଶଙ୍କ ବସକୁ ବାରିପଦାରୁ ଅନୁଗୁଳ ନେବା ସକାଶେ ୪୫ ହଜାର ଟଙ୍କା ଭଡା ଦେବାକୁ ରାଜି ହୋଇଥିଲେ। ଏହି ଭଡା ଦାୟିତ୍ୱରେ ଥିବା ଆର୍ମି ଅଧିକାରୀଙ୍କ ଦ୍ୱାରା ପୈଠ କରାଯିବ ବୋଲି ସୂଚନା ଦେଇଥିଲେ। ଏହାପରେ କ୍ୟାପ୍ଟେନ ଜାରା ସିଂ ନାମକ ଜଣେ ବ୍ୟକ୍ତି ଅଭିଯୋଗକାରୀଙ୍କ ସହ ଫୋନରେ କଥାବାର୍ତ୍ତା ହୋଇ ବସର ଫଟୋ ଓ ଚାଳକଙ୍କ ଫୋନ ନମ୍ବର ଦେବାକୁ କହିବା ସହିତ ଫୋନ ଯୋଗେ ଏକ ଟଙ୍କା ପଠାଇବାକୁ ମଧ କହିଥିଲେ। ଏହାପରେ ଅଭିଯୋଗକାରୀଙ୍କ ଅଜାଣତରେ ବ୍ୟାଙ୍କ ଆକାଉଣ୍ଟରୁ ୩ଟି ପର୍ଯ୍ୟାୟରେ ମୋଟ ଏକ ଲକ୍ଷ ଠକେଇ ହୋଇଥିବା ସେ ଅଭିଯୋଗ କରିଛନ୍ତି।

## ସୁନା ଦୋକାନରୁ ଲୁଟ୍ ଉଦ୍ୟମ; ୩ ଗିରଫ

**ବାରିପଦା, ୪।୧୦(ସମିସ):** ବାରିପଦା ସହର ଲାଲ ବଜାର ଛକରେ ଏକ ସୁନା ଦୋକାନରୁ ଲୁଟ୍ ଉଦ୍ୟମ କରିବା ବେଳେ ପୁଲିସ ୩ ଜଣଙ୍କୁ ଗିରଫ କରିଛି। ଦଶହରାରେ ଦୋକାନରେ ଭିଡ଼ ଥିବାବେଳେ ସନ୍ଧ୍ୟା ସମୟରେ ଲୁଟ ଉଦ୍ୟମ କରିଥିଲେ। ଲାଲ ବଜାର ଏମକେସି ହାଇସ୍କୁଲ ନିକଟରେ ଥିବା ଏକ ସୁନା ଦୋକାନକୁ ସନ୍ଧ୍ୟା ସାଢେ ୮ଟାରେ କର୍ମଚାରୀମାନେ ବନ୍ଦ କରୁଥିବାବେଳେ ଏକ ବାଇକରେ ଗ୍ୟାଙ୍ଗର ୩ ଜଣ ସଦସ୍ୟ ପହଞ୍ଚିଥିଲେ। ଜଣେ ଦୋକାନ ବାହାରେ ଥିବା ବେଳେ ୨ଜଣ ଲୁଚି ଛପି ଦୋକାନରେ ପ୍ରବେଶ କରିବାକୁ ଉଦ୍ୟମ କରିଥିଲେ। ପୂର୍ବରୁ ଉକ୍ତ ଗ୍ୟାଙ୍ଗର ଗତିବିଧି ଉପରେ ବାରିପଦା ଟାଉନ ଥାନା ପୁଲିସ ନଜର ରଖିଥିଲା। ପରେ ପୁଲିସ ପହଞ୍ଚି ୩ ଜଣଙ୍କୁ ଧରିଥିଲା। ପୁଲିସ ପଚାର ଉଚରା କରୁଥିବା ବେଳେ ଗ୍ୟାଙ୍ଗର ଅନ୍ୟ ସଦସ୍ୟଙ୍କୁ ଧରିବାକୁ ପ୍ରୟାସ ଜାରି ରହିଛି ବୋଲି ପୁଲିସ ପ୍ରକାଶ କରିଛି। ଗିରଫ ଅଭିଯୁକ୍ତମାନେ ହେଲେ ପଶ୍ଚିମବଙ୍ଗର ମୁର୍ଶିଦାବାଦ ଅଞ୍ଚଳର ବୋଲି ସୂଚନା ମିଳିଛି। ସେମାନେ ପୂର୍ବରୁ ବାରିପଦା ସହର ତଥା ଆଖପାଖ ଅଞ୍ଚଳରୁ ଚୋରି ଓ ଛିନତାଇରେ ସମ୍ପୃକ୍ତ ଥିବା ନେଇ ସନ୍ଦେହ କରାଯାଉଛି। ତଦନ୍ତ ପରେ ଘଟଣାର ସତ୍ୟତା ଜଣାପଡ଼ିବ।

## ବ୍ୟକ୍ତିତ୍ୱ ବିକାଶ ଶିବିର 'ଜାଗୃତି' ଉଦ୍‌ଘାଟିତ




**ବାରିପଦା, ୩।୧୦(ସମିସ):** ପ୍ରତ୍ୟେକ ଶିଶୁ ଭିତରେ ଯେଉଁ ଅମାପ ଶକ୍ତି ଓ ସାମର୍ଥ୍ୟ ଲୁକ୍କାୟିତ ହୋଇରହିଛି; ଯାହାକୁ ବିକଶିତ କରିବାର ସହିତ ସଂସ୍କୃତି ଓ ସଂସ୍କାର ବିଷୟରେ ଅବଗତ କରାଇବା ପାଇଁ ୧୬ ବର୍ଷ ଧରି ବାରିପଦା ଚିନ୍ମୟ ମିଶନ ପକ୍ଷରୁ ପ୍ରୟାସ ଜାରି ରହିଛି। ମଧୁବନ ସ୍ଥିତ ଚିନ୍ମୟ ଗୁରୁପାଦ ଆଶ୍ରମରେ ଚିନ୍ମୟ ମିଶନ ବାରିପଦା ଆନୁକୂଲ୍ୟରେ ଷଷ୍ଠରୁ ଦଶମ ଶ୍ରେଣୀ ପଢୁଥିବା ପିଲାଙ୍କ ପାଇଁ ବ୍ୟକ୍ତିତ୍ୱ ବିକାଶ ଶିବିର 'ଜାଗୃତି'କୁ ମୁଖ୍ୟଅତିଥି ଭାବେ ପୂର୍ବତନ ରାଜ୍ୟସଭା ସାଂସଦ ବୀରଭଦ୍ର ସିଂ, ସମ୍ମାନି ଅତିଥି ଭାବେ ରଙ୍ଗାମାଟିଆ ଉଚ୍ଚ ବିଦ୍ୟାଳୟର ଶିକ୍ଷକ ଶରତ ବେହେରା, ଅବସପ୍ରାପ୍ତ ନର୍ସିଂ ନିର୍ଦ୍ଦେଶକ ଡ଼ା ପ୍ରାଣକୃଷ୍ଣ ବେହେରାଙ୍କ ଦ୍ୱାରା ଉଦଘାଟିତ ହୋଇଯାଇଛି। ସଭାପତି ବିଜୟ ଲେଙ୍କାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉଦଘାଟନ ସଭାରେ ଚିନ୍ମୟ ମିଶନ ବାରିପଦାର ଆଚାର୍ଯ୍ୟ ଗୋବିନ୍ଦାନନ୍ଦ ସରସ୍ୱତୀ ସ୍ୱାଗତ ଭାଷଣ ଦେଇଥିଲେ। ରାଉରକେଲା ଚିନ୍ମୟ ମିଶନର ଆଚାର୍ଯ୍ୟ ବ୍ରହ୍ମଚାରିଣୀ ପ୍ରତିଭା ଚୈତନ୍ୟ, ଯୋଗଗୁରୁ ରାକେଶ ମହାନ୍ତ ନିଜ ନିଜ ଅଭିଭାଷଣ ଦେଇଥିଲେ। ଓଆରଡି ସ୍ୱେଚ୍ଛାସେବୀ ସଙ୍ଗଠନର ଚେୟାରମ୍ୟାନ ସାଇ ପ୍ରକାଶ ମହାନ୍ତି ଅତିଥି ପରିଚୟ ଦେଇଥିଲେ। ରିଷ୍ଠ ଆଇନଜୀବି ସତ୍ୟପ୍ରକାଶ ମହାନ୍ତି ସଭାକାର୍ଯ୍ୟ ପରିଚାଳନା କରୁଥିଲେ। ସମ୍ପାଦକ ଅଜିତ ବେହେରା ଧନ୍ୟବାଦ୍ ଅର୍ପଣ କରିଥିଲେ। ଅନ୍ୟ ମାନଙ୍କମଧ୍ୟରେ ବିବେକାନନ୍ଦ କେନ୍ଦ୍ରର ନଗର ପ୍ରମୁଖ ଶିବଶଙ୍କର ଗିରି, ଅଧ୍ୟାପକ ଫକିର ସାହୁ, ଶିକ୍ଷାବିତ୍ କବିତା ଦାସ, କମଳିନୀ ଷଡ଼ଙ୍ଗୀ, ଲକ୍ଷ୍ମୀ ପାଣି, ସୁରାତିବାଳା ଦାଶ, ଇନ୍ଦିରା ଜେନା ଓ ଗୀତା ଘୋଷ ପ୍ରମୁଖ ଉପସ୍ଥିତ ଥିଲେ।

**ସାନ୍ତାଳୀ ଭାଷାର ସୁରକ୍ଷା ଓ ବିକାଶ ପ୍ରସଙ୍ଗ**

# ରାଷ୍ଟ୍ରପତିଙ୍କୁ ସାକ୍ଷାତ କଲେ 'ଫାଗୁନ୍' ପରିବାର

**ବାରିପଦା, ୪।୧୦(ସମିସ)**



ମାସିକ ସନ୍ତାଳୀ ପତ୍ରିକା ଫାଗୁନର ସମ୍ପାଦିକା ମାଳତୀ ମୁର୍ମୁଙ୍କ ନେତୃତ୍ୱରେ ଏକ ପ୍ରତିନିଧି ଦଳ ରାଷ୍ଟ୍ରପତିଙ୍କୁ ସାକ୍ଷାତ କରି ସନ୍ତାଳୀ ଭାଷାର ସୁରକ୍ଷା ଓ ବିକାଶ ପାଇଁ ଏକ ଦାବିପତ୍ର ପ୍ରଦାନ କରିଛନ୍ତି। ଏହି ପ୍ରତିନିଧି ଦଳରେ ଫାଗୁନର ସହ-ସମ୍ପାଦିକା ସୁରୁକୁନୀ ମୁର୍ମୁ, ମିଶନ ଅଲଚିକିର ପରାମର୍ଶଦାତା ମାଙ୍ଗାତ ମୁର୍ମୁ, ସାଓଁହେଦ ଆଖଡ଼ାର ସମ୍ପାଦକ କୈଳାଶ ବାସ୍କେ, ଆଇଆଇଏସ୍‌ସି ବାଙ୍ଗାଲୋରରେ ଅବସରପ୍ରାପ୍ତ ପ୍ରଫେସର ରମେଶ ଚନ୍ଦ୍ର ହାଁସଦା, ସନ୍ତାଳୀ ୱିକିପିଡିଆନ୍ ଆର. ଅଶ୍ୱିନୀ ବଞ୍ଜନ ମୁର୍ମୁ ଓ ସୁନିଆ ମାର୍ଣ୍ଡି, ଜାସ୍କାନ୍ଦ ହେମ୍ବ୍ରମ, ବାସ୍‌ୱା ବେଙ୍ଗାଲୁରର ସମ୍ପାଦକ ଚନ୍ଦ୍ରମୋହନ୍ ହାଁସଦା, ସାଓଁହେଦ ଆଖଡ଼ାର ପରାମର୍ଶଦାତ୍ରୀ ଶକୁନ୍ତଳା ମୁର୍ମୁ, ଧନାଇ ବାସ୍କେ ଓ ଖଡଗପୁରର ନାଇକେ କଳୀରାମ ହେମ୍ବ୍ରମ୍ ପ୍ରମୁଖ ସାମିଲ ହୋଇଥିଲେ। ପ୍ରତିନିଧିଦଳ ରାଷ୍ଟ୍ରପତିଙ୍କୁ ତିନି ବର୍ଷର ସଫଳ କାର୍ଯ୍ୟକାଳ ସମ୍ପୂର୍ଣ୍ଣ କରିବା ପାଇଁ ଅଭିନନ୍ଦନ ଜଣାଇବା ସହିତ ରାଷ୍ଟ୍ରପତି ଭବନର ୱେବସାଇଟ୍‌କୁ ସମସ୍ତ ୨୨ଟି ଅଷ୍ଟମ ସୂଚୀଭୁକ୍ତ ଭାଷାରେ ଉପଲବ୍ଧ କରାଇବା ପାଇଁ ସ୍ୱାଗତ କରାଯାଇଛି। ସନ୍ତାଳୀ ଭାଷାକୁ ଅଲଚିକି ଲିପିରେ ସେଥିରେ ସ୍ଥାନ ଦେଇଥିବାରୁ ବିଶେଷକରି ୧୯୨୫ ମସିହାରେ ଗୁରୁ ଗୋମକେ ପଣ୍ଡିତ ରଘୁନାଥ ମୁର୍ମୁଙ୍କ ଦ୍ୱାରା ଆବିଷ୍କୃତ ଅଲଚିକି ଲିପିର ଶତବାର୍ଷିକୀ (୧୯୨୫-୨୦୨୫) ପାଳନ କାଳରେ ଏହି ପ୍ରୟାସକୁ ଐତିହାସିକ ବୋଲି କୁହାଯାଇଛି। ଦାବିପତ୍ରରେ ଉଲ୍ଲେଖ କରାଯାଇଛି ଯେ ସମ୍ବିଧାନରେ ସ୍ୱୀକୃତି ପାଇଥିବା ସତ୍ତ୍ୱେ, ସନ୍ତାଳୀ ଭାଷାରେ ଶିକ୍ଷା ଓ ସରକାରୀ ସ୍ତରରେ ଅନେକ ପଛରେ ରହିଯାଇଛି। ଏଥିପାଇଁ ସାନ୍ତାଳୀ ଭାଷାକୁ ସିବିଏସ୍‌ଇ ପାଠ୍ୟକ୍ରମରେ ସାମିଲ କରି ଅଲଚିକି ଲିପିରେ ଶିକ୍ଷା ଆରମ୍ଭ କରିବାର ଆବଶ୍ୟକତା, ୟୁପିଏସସି ପରୀକ୍ଷା ସହିତ ସିଆଇଆଇଏଲର ପ୍ରକଳ୍ପଗୁଡିକରେ ସନ୍ତାଳୀ ଭାଷା ପାଇଁ ଅଲଚିକିଲିପିର ବ୍ୟବହାର କରିବା, ଭାରତୀୟ ମୁଦ୍ରାରେ ସାନ୍ତାଳୀ ଭାଷାକୁ ସ୍ଥାନ ଦେବା, ଦୂରଦର୍ଶନ ଓ ଆକାଶବାଣୀରେ ସନ୍ତାଳୀ ଭାଷାର ସମ୍ବାଦ ଓ ବିଭିନ୍ନ କାର୍ଯ୍ୟକ୍ରମ ପ୍ରସାରଣ କରିବା, ଓଡ଼ିଶାରେ ପଣ୍ଡିତ ରଘୁନାଥ ମୁର୍ମୁଙ୍କ ନାମରେ ଏକ କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟ ସ୍ଥାପନ ଆଦି ରହିଛି। ଏଥିସହିତ ଅଲଚିକିର ଶତବାର୍ଷିକୀ ପାଳନକୁ କେନ୍ଦ୍ର ସରକାରୀ ମାନ୍ୟତା ଦେଇ ୧୦୦ଜଣ ପ୍ରତିଷ୍ଠିତ ଅବଦାନକାରୀଙ୍କୁ ସମ୍ମାନ କରିବା, ସନ୍ତାଳୀ ଭାଷାର ଅପ୍ରକାଶିତ ପାଣ୍ଡୁଲିପି ପ୍ରକାଶ କରିବା ଏବଂ ଭାରତୀୟ ଡାକ ବିଭାଗ ଦ୍ୱାରା ଅଲଚିକି ଲିପି ଶତବାର୍ଷିକୀ ସ୍ମାରକୀ ଭାବରେ ଡାକ ଟିକଟ ପ୍ରଚଳନ କରିବା ପାଇଁ ମଧ୍ୟ ପ୍ରତିନିଧି ଦଳ ନିବେଦନ କରିଛି।

ସୃଜନିକା

ସକାଳ
THE SAKALA
www.sakalaepaper.com

# ଫେରି ଆସେନା ଖୁସି



## ସ୍ୱାଗତିକା ସ୍ୱାଇଁ

ନିଷ୍ଠୁରତମ ମାସ ଆଶ୍ୱିନ। ଏମିତିରେ ତ କହିବାକୁ ଏହା ହସଖୁସିର ପାର୍ବଣ ସମୟ । ମାତ୍ର ଆଜିକାଲି ତାହା ଆସେ, ତା' ସାଙ୍ଗରେ ନେଇ ଆସେ ହୃଦୟହୀନ ଖରାତାପ। ଘୋର ଜଳାଞ୍ଜଳି ଏବଂ ନିଷ୍ଠୁର କାଳ ବୈଶାଖୀ। ଅକସ୍ମାତ୍ ଝଡ଼ ତୋଫାନ। ହାଣ୍ଡିଶାଳ ପିଣ୍ଡାତଳ ଲିପି ସାରିବା ପରେ କଷ୍ଟରେ ଅଣ୍ଟା ସଳଖ କରି ଛିଡ଼ା ହେଲା, ଜଗା ବୋଉ। କାଦୁଅ ହାତ ଆଢୁଆଳ କରି ଚାହିଁଲା ସକାଳର ସୂର୍ଯ୍ୟ ଆଡ଼କୁ। ମନକୁ ମନ କହିଲା, "ବେଳ କେତେ ହେବ ! ଆଶ୍ୱିନରେ କେଡ଼େ ହାଁ ଖରା।"

ଦିନଥିଲା, ସେ ଏକାଥରକେ ଚାରି ପାଞ୍ଚ ବଖରା ଘର ପିଣ୍ଡା ଲିପି ଆଣୁଥିଲା। ଆଜିକାଲି କିନ୍ତୁ ଆଉ ପାରୁନାହିଁ। ଆଣ୍ଠୁଗଣ୍ଠି ବାତ ସାଙ୍ଗକୁ ସେଦିନ, ସେ ବୟସ ବି ଆଉ କୋଉଠି ଅଛି।

: ଏଥର ପୂଜା ସିଜନ୍‌ଟା ଖାଲି ଯାଉ। ତତେ ଆଉ କଷ୍ଟ କରିବାକୁ ପଡ଼ିବନି। ମାଟି ଖଞ୍ଜା ପୂରା ଭାଙ୍ଗି ଦବା। ଦାଣ୍ଡ ପାଖକୁ ଲଗେଇ ଦି ବଖରା ପକ୍କା ଘର ତୋଳି ଦେବି, ରହିଥା। ତୋର ଯେତେ ଇଚ୍ଛା ସେତେ ପୁନେଇ, ସଂକ୍ରାନ୍ତି ଘର ଧୁଆଧୁଇ କରୁଥିବୁ ବସି।

ପ୍ରତ୍ୟେକ ଥର ମାଆକୁ କଷ୍ଟ କରି ଘର ଲିପା ପୋଛା କରୁଥିବାର ଦେଖିଲେ ଏଇ କଥା କହେ,ଜଗା। ପୁଣି କହେ, "ରାଜଧାନୀରେ ମୋର ଆଉ କୋଉଁଥି ପାଇଁ ଏତେ ପରିଶ୍ରମ କହିଲୁ! ଯଦି ତୋ ପାଇଁ ଦୁଇ ବଖରା ପକ୍କା ଘର ତୋଳି ଦେଇ ନ ପାରିଲି, ତା'ହେଲେ ମୁଁ ତୋର କି ପୁଅ ତୁ ମୋର କି ବୋଉ।"

ପୁଅ କଥା ମନେପଡ଼ିଗଲା ତ ଜଗା ବୋଉ ଆଖିରୁ ଦି' ବୁନ୍ଦା ଲୁହ ଗଡ଼ି ପଡ଼ିଲା। ରକ୍ତକୁ ପାଣି କରି କି ଗଧ ଖଟଣି ନ ଖଟୁଚି ସିଏ ସେଠି। ଏଇ ପୁନେଇଁକୁ ତାକୁ ଛବିଶ ପୂରି ସତେଇଶି ଚାଲିବ। ଆଉ ଅପେକ୍ଷା କରି ହେବନି। ଏଇ ବର୍ଷ ଯେମିତି ବି ହେଲେ ତାକୁ ହାତକୁ ଦି' ହାତ କରିବାକୁ ପଡ଼ିବ। ବୁଢ଼ା ବାପାଙ୍କର ଆଉ କେତେ ବା ଆୟୁଷ। ଯେ ହେଲେ ପିଲାଟା ବୁଝିଲେ ସିନା। ତା'ର ତ ସେଇ ଗୋଟାଏ ଜିଦି। ମାଟି ଖଞ୍ଜା ଭାଙ୍ଗି ପକ୍କା ଘର ଗଢ଼ିବ। ତାପରେ ଯାଇ ଯାହା ହବ।

ମାଆ ବୋଲି ଯଦି କେବେ ସିଏ ତାକୁ ବାହାଘର କଥା ଥରକୁ ଦି' ଥର କୁହେ, ତାହେଲେ ଜଗା ବିଗିଡ଼ିଯାଏ। ବଡ଼ ପାଟି କରି କହେ, "ତୋର ତ ମୋ' ଉପରେ ବିଶ୍ୱାସ ନାହିଁ ଦେଖୁଚି। ଭାବୁଚୁ କି ମୁଁ ଘର ଦି ବଖରା ତୋଳିପାରିବିନି !" ତାପରେ ମାଆ ପାଖକୁ ଚାଲିଆସି କଣ୍ଠରେ ହାଲୁକା ମିଠା ଭରି କହେ, "ଜାଣିଚୁ ନା ବୋଉ! ପେଟ୍ରୋଲ ପମ୍ପ ପାଖକୁ ବେପାର ଉଠେଇ ଆସିଲା ଦିନଠୁଁ ଆଜିକାଲି ପଇସା ଯାହାକୁ ଯେତେ। ତୁ ଜାଣିଚୁ, ଏହୁଁ ଏହୁଁ ଗାଡ଼ିବାଲାଏ ପରା ତେଲ ପକେଇ ସାରିଲେ ମୋଠୁଁ ଠୋଲାଏଁ ମସଲା ମୁଢ଼ି କିଣିବେ ମାନେ କିଣିବେ। କହିବେ, କ'ଣ ଜଗନ୍ନାଥ, ତମେ କ'ଣ ତମ ମୁଢ଼ିରେ ଅଫିମ ପକେଇଚ ନା କ'ଣ। ନ କିଣିଲେ ମନ ମାନୁନି କି ଗାଡ଼ି ଗଡୁନି!

ପୁଅକୁ ମନେ ପକେଇ ଜଗା ବୋଉର ମନଟା ଏବେ ପୁଣି ଥରକ ପାଇଁ ସ୍ନେହ ସରାବୋଉ ହେଇ ଉଠିଲା। ସେ ସାମ୍ନାର ଅଗଣାକୁ ଚାହିଁଲା। ସେଠାକାର ଲିପାପୋଛା ପରିଷ୍କାର ମାଟି ଚଟାଣରେ ତାକୁ ପିଲାଟାର ହସକୁରା ମୁହଁଟିର ଛବି ଦେଖାଦେଇ ଗଲା। ସେ ଠାକୁରଙ୍କୁ ହାତ ଯୋଡ଼ିଲା। ମମତାର ଆବେଗ ଭରା ନିରବତା ଭିତରେ ତା'ର କୋଟି ଶୁଭ ମନାସିଲା।

ଅଥଚ ଆକାଶର ଆଶ୍ୱିନର ସୂର୍ଯ୍ୟ କିନ୍ତୁ ମାଆ ମନର ସେଇ ନରମ ଆବେଗ ଭରା ଜାଗାଟି ଆଡ଼କୁ ଏତେ ଟିକେ ସଦୟ ଦୃଷ୍ଟିରେ ଆଦୌ ଚାହିଁ ନଥିଲା। ବରଂ ବନ୍ଧବାଡ଼ ନ ମାନି ତତଲା ନିଆଁ ଢାଳିବାରେ ଲାଗି ରହିଥିଲା।

ଆଜିର ଦିନଟି ପରିବାର ପାଇଁ ସଙ୍କଟର ଦିନ ନେଇ ଆସିଛି। କାରଣ ଅଳ୍ପ ସମୟ ତଳେ ଜଗା ବାପା ପାଖକୁ ଅଜଣା ନମ୍ବରରୁ ଫୋନ୍‌ଟିଏ ଆସିଥିଲା।

: କିଏ ଜଗନ୍ନାଥ ମଲ୍ଲିକ ବାପା କହୁଚ।

: ହଁ କହୁଚି।

: ତମ ପୁଅର ଗୋଟିଏ ଛୋଟ ଆକ୍ସିଡେଣ୍ଟ ହୋଇଯାଇଛି।

: ହେଁ... କୋଉଠି କେତେବେଳେ? ପୁଅ ମୋର କୋଉଠି ଅଛି ?

: ବ୍ୟସ୍ତ ହୁଅନି। ସେଥିପାଇଁ ଖୋଦ୍ ସରକାରୀ ବ୍ୟବସ୍ଥା ହେଇଛି। ତମେ ଯେତେ ଶୀଘ୍ର ପାରୁଚ ସେତେ ଶୀଘ୍ର ଆସି ସଦର ହାସ୍‌ପାତାଲ୍‌ରେ ପହଞ୍ଚି ଯାଅ। ଚଞ୍ଚଳ ଆସିବ।

ସେ ପାଖରୁ ଫୋନ୍ କଟିଗଲା ତ' ଏ ପାଖରେ ଜଗା ବାପା ମୁଣ୍ଡରେ ସତେକି ଘଡ଼ଘଡ଼ି ପଡ଼ିଗଲା। ସ୍ତ୍ରୀକୁ ଏକାଏକ୍ ଏଇ ଖବର ଜଣେଇଦବ କି ନାଇଁ ହଠାତ୍ ଠିକଣା କରି ହେଲା ନାହିଁ। ମନର ଭାବନା ମନରେ ଛପେଇ ରଖି ସେ ଏବେ ନିଭୃତ ସେଠି ଅଗଣା କୋଣ ନଳିଆ ପାଖରେ ହାତ ଧୋଉଥିବା ସ୍ତ୍ରୀ ଆଡ଼କୁ ଚାହିଁଲେ। କଥାଟାକୁ କ'ଣ କେମିତି ଖୋଲି କହିବେ ଦ୍ୱନ୍ଦ୍ୱରେ ପଡ଼ିଗଲେ।

:କିଏ ଫୋନ୍ କରିଥିଲା?

ମାଟି କାଦୁଅ ହାତ ଧୋଇ ଦେଇ ଆସି ଜଗା ବୋଉ ନିଜ ଆଡୁ ପଚାରିଲା।

: ନାଇଁ ଏଇ ଜଗାର କିଏ ସାଙ୍ଗ ଫୋନ୍ କରିଥିଲା।

: ଜଗାର ସାଙ୍ଗ, ସିଏ କ'ଣ କହୁଥିଲା?

: କହୁଥିଲା ତମେ ଟିକିଏ ରାଜଧାନୀ ଆସ।

: କାହିଁକି ?

: ଜଗାକୁ କ'ଣ ଟିକିଏ ବଡ଼ କରି ଜର ହେଇଯାଇଛି। ତୁ ଚଞ୍ଚଳ କାମ ସାରେ। ଆମେ ଦିହେଁ ଯାକ ଯିବା।

ଅଗଣାର ଖରା ଏବେ ଆହୁରି ଅଧିକ ତେଜମୟ ଏବଂ ତତଲା ହେବାକୁ ଲାଗିଥିଲା। ଜଗା ବୋଉ ତା'ର କାନ୍ଦ କାନ୍ଦ ମୁହଁ ବୁଲେଇ ବିକଳରେ ସେ ଆଡ଼କୁ ଚାହିଁଲା। ଭାବୁଥିଲା, ଦେଖନା! କାଲି ସକାଳେ ଫୋନ୍ କରିଥିଲା। ବାପାର ଔଷଧପତ୍ର କଥା ବୁଝିଲା। ଗାଁ ବସ୍‌ରେ ଲେମ୍ବୁ, ଆଚାର ଡବାଟେ ପଠେଇବାକୁ କହିଲା। ଫେରନ୍ତା ଗାଡ଼ିରେ କଣ୍ଡକ୍ଟର ହାତରେ ପଇସା ପଠେଇବ ବୋଲି କହିଲା। ଆଉ ଦେଖିଲା ବେଳକୁ ଜରରେ ପଡ଼ିଗଲା।

ଗାଧୋଇ ସାରି ଗଳବସ୍ତ୍ର ହୋଇ ଚଉରାରେ ପାଣି ଦେଲା ବେଳେ, କାମସାରି ଘରେ କୋଇପ ଦବା ବେଳେ ଏବଂ ବସ୍‌ରେ ବସି ଯିବା ସମୟ ଯାକ ଜଗା ବୋଉର ସେଇ ଗୋଟିଏ କଥା ବାରମ୍ବାର ମନେ ପଡ଼ି ଯାଉଥିଲା। ଅବଶ୍ୟ ବସ୍‌ରୁ ଠିକଣା ଜାଗାରେ ଓହ୍ଲେଇଲା ବେଳକୁ ତା' ମନ ଟିକିଏ ଅଲଗା ପ୍ରକାର ହେଇ ଯାଇଥିଲା।

ସେ କେତେଥର ଭାବିଛି ଥରେ ଯାଇ ଦେଖନ୍ତା, ଖରାବର୍ଷାକୁ ଛାତିପାତି ଦେଇ ପୁଅ ତା'ର କୋଉଠି ବେପାର ପସରା ଖୋଲିଛି। କେମିତି ପିଆଜ, ଲଙ୍କା, ଆଚାର, ବାରମଜା, ସିଝାସୋଲା, ମିଶେଇ ମସଲା ମୁଢ଼ି ତିଆରି କରୁଛି। ଗରାଖଙ୍କ ମନ ଜିଣି ନଉଛି। ଆଜି ଏତେ ଦିନକେ ଆସିଚି ଯେତେବେଳେ ଥରେ ତା' ନିଶ୍ଚୟ ଦେଖିବି। ଛୁଆଟା ଭଲ ହେଇଯାଉ ଆଗ।

ଦିନ ଦ୍ୱିପ୍ରହର ବେଳକୁ ସେମାନେ ଆସି ପହଞ୍ଚିଯାଇଥିଲେ। ସଦର ହାସ୍‌ପାତାଲ୍ ସାମ୍ନାରେ । ଶୁଖିଲା ମ୍ରିୟମାଣ ମୁହଁଟି ମାନ ଧରି ସେଠି ଆତଯାତ ହଉଥିବା ଲୋକଙ୍କର ଗହଳି ଭିତରେ ଜଣେ ହେଇ ଛିଡ଼ା ହେଇଥିଲେ। କେଜାଣି କେତେବେଳେ ଏ ଅବସ୍ଥାରେ ଛିଡ଼ା ହେବା ପରେ ସେଠି ସରକାରୀ ବାବୁ ଜଣେ ଆସି ତାଙ୍କ ସାମ୍ନାରେ ଛିଡ଼ା ହେଲେ । ସେ ତାଙ୍କ ବା ହାତରେ ପିନ୍ଧିଥିବା ହାତ ଘଣ୍ଟାଟିକୁ ଆର ହାତରେ ବାରମ୍ବାର ସଜାଡୁ ଥିଲେ। ସତେ ଯେମିତି ସେ ସମୟକୁ ସାମ୍ନା କରିବାର ସାହସ ଜୁଟାଉ ଥିଲେ। ବହୁ ସମୟ କାଟିବା ପରେ ସେ ହୁଏତ ନିଜକୁ ପ୍ରସ୍ତୁତ କଲେ। ଜଗା ବାପାଙ୍କର ଗୋଟିଏ ବାହୁକୁ ଜାବୁଡ଼ି ଧରି କହିଲେ, "ମଉସା ଧୈର୍ଯ୍ୟ ଧରିବ। ତମେ ବାପ । ମାଉସୀଙ୍କୁ ସମ୍ଭାଳିବ। ଛାତିକୁ ଭିଡ଼ି ଦିଅ। ଶୁଣ, ପୁଅ ତମର ଆଉ ନାହିଁ।"

ଶବ୍ଦମାନେ ବିସ୍ଫୋରଣ କରନ୍ତି କି?? ବୋଧହୁଏ କରନ୍ତି। କାରଣ ଠିକ୍ ଏବେ କୁହାଯାଇଥିବା କେତୋଟି ଶବ୍ଦ ଯୋଡ଼ିଏ ନିରାଶ୍ରୟ ବାପାମାଆଙ୍କୁ ଗୁଣ୍ଡ ଗୁଣ୍ଡ କରି ଚୂନା କରିବା କେଇଟା କାପାସିଟର୍ ବେଶୀ ସମୟ ନେଇ ନଥିଲା। ସରକାରୀ ବାବୁଜଣଙ୍କ ଆଉରି କ'ଣ କ'ଣ କହୁଥିଲେ- "ସେଇଟା ଗୋଟାଏ ସାଢ଼େ ଚାରି ଟନ୍ କାପାସିଟର୍ ଅଣ୍ଡରଗ୍ରାଉଣ୍ଡ ଏଲ୍‌ପିଜି ଟ୍ୟାଙ୍କ। ସେଠି କ'ଣ ଛିଡ଼ା ହେଇ ବେପାର କରିବା କଥା। ଏ ଦୁର୍ଘଟଣାରେ ପରା କେତେ ବଡ଼ ବାବୁଙ୍କର କୋଠାବାଡ଼ିର ଗୁଡ଼ାଏ କ୍ଷତି ହୋଇଯାଇଛି।"

ମାତ୍ର ସେସବୁ ଏଇ ଦୁଇ ସର୍ବହରାଙ୍କୁ ଆଦୌ ଶୁଭୁ ନ ଥିଲା। ସେମାନଙ୍କର ମନେ ହଉଥିଲା ସତେ ଯେମିତି ତାଙ୍କ ପାଦ ତଳେ ମାଟି ଧସି ହେଇଯାଉଛି।

ଏବଂ ବିଧାତାର ଅଦୃଶ୍ୟ ହାତ ସେମାନେ ଦୁହିଁକୁ ଧରଣୀ ଗର୍ଭକୁ ଟାଣି ନଉଛି। ଏହା ସେମାନଙ୍କ ଶେଷଦିନ। ଏବଂ ସେଦିନ ଯେତେବେଳେ ଗଭୀର ରାତିର କାଳିମା ଚିରି ଗାଁ ମଶାଣିପଦାରେ ଲେଲିହାନ ଶିଖା ତେଜି ଜୁଇଟିଏ ଜଳିଥିଲା। ସେତେବେଳେ ଚାରିପାଖର ନିର୍ଜନତାକୁ ବିଦୀର୍ଣ୍ଣ କରି ଶୁଭିଥିଲା ନିଃସ୍ୱ ମାଆଟିର କରୁଣ ବିଳାପ – "କୁଆଡ଼େ ଗଲୁରେ ମୋ ନାରାୟଣ, ମୋ ଗଣ୍ଠିଧନ। ମତେ କାଙ୍ଗାଳୁଣୀ କରି କୁଆଡ଼େ ଚାଲିଗଲୁରେ ମୋ ଅନ୍ଧ ଲଉଡ଼ି !!"

ଯଦି ତମ ପାଖରେ ଏକାନ୍ତ ମନଟି ଥିବ, ତାହାଲେ ସେ ସ୍ୱର ଶୁଣି ତମେ ବି କହିବ ଅକିଞ୍ଚନ, ନିର୍ଦ୍ଧନଙ୍କ ପାଇଁ ସୁଖ ସ୍ୱପ୍ନ ପର୍ଯ୍ୟନ୍ତ ପହଞ୍ଚିଥିବାର ରାସ୍ତା ଏତେ ସହଜ ନୁହଁ। କାରଣ ତାଙ୍କ ପାଇଁ ସେ ରାସ୍ତାରେ ଗୋଟାଏ ବିରାଟ କାନ୍ଥ ଯୁଗ ଯୁଗ ଧରି ରହି ଆସିଛି, ଆଜି ବି ଅଛି। ■


ଜଗନ୍ନାଥ ସାହି, ଇନ୍ଦିରା ଗାନ୍ଧୀ ମହିଳା କଲେଜ ପାଖ
ଚାନ୍ଦିନୀ ଚୌକ, କଟକ-୨
ମୋ: ୯୪୩୭ ୬୦୪୨୮୦



## ପତ୍ରିକା ପରିଚୟ

### ପଞ୍ଚବଟୀ

**ସଂପାଦକ : ସୁଶାନ୍ତ କୁମାର ନାୟକ**



ପଞ୍ଚବଟୀ ନଗର, ୨ୟ ଲେନ୍
ରାୟଗଡ଼ା- ୭୬୫୦୦୧
ମୂଲ୍ୟ: ୩୦୦ ଟଙ୍କା

ବୃହତ୍ କଳେବର ନେଇ ସୁଶାନ୍ତ କୁମାର ନାୟକଙ୍କ ସଂପାଦନାରେ ପ୍ରକାଶ ପାଇଛି 'ଆମ ପଞ୍ଚବଟୀ'ର ଶାରଦୀୟ ବିଶେଷାଙ୍କ-୨୦୨୫ । ଓଡ଼ିଶାର ବହୁ ପ୍ରତିଷ୍ଠିତ କବି, କଥାକାର, ପ୍ରାବନ୍ଧିକ, ଗୀତିକବିଙ୍କ ସୃଜନ ସମ୍ଭାରରେ ସମୃଦ୍ଧ ହୋଇଛି 'ପଞ୍ଚବଟୀ'ର ଏହି ସଂଖ୍ୟାଟି । 'କାହାଣୀ' ବିଭାଗରେ ବିଭୂତି ପଟ୍ଟନାୟକ, ଗୌରହରି ଦାସ, ଜୟନ୍ତୀ ରଥ, କୃପାସାଗର ସାହୁ, ରବି ପଣ୍ଡା, ତରୁଣ କୁମାର ସାହୁ, ରାଜ୍ୟବର୍ଦ୍ଧନ ଧଳ ମହାପାତ୍ର, କାଶୀନାଥ ନନ୍ଦୀ ପ୍ରମୁଖ କଥାକାରଙ୍କ ଗଳ୍ପରେ ସାମାଜିକ ବାସ୍ତବତା, ମାନବୀୟ ଭାବାବେଗ, ମଣିଷର ଦ୍ୱନ୍ଦ୍ୱ, ସଂଘର୍ଷ, ଜୀବନ ଯନ୍ତ୍ରଣାର କଥା ପ୍ରତିଫଳିତ ହୋଇଛି । ସେହିପରି କବିତା ବିଭାଗରେ ଫନୀ ମହାନ୍ତି,ବଂଶୀଧର ମହାନ୍ତି, ଅମରେଶ ପଟ୍ଟନାୟକ, ଭଗବାନ ଜୟସିଂହ, ଗାୟତ୍ରୀବାଳା ପଣ୍ଡା, ରକ୍ଷକ ନାୟକ, ପ୍ରୀତିଧାରା ସାମଲ ପ୍ରମୁଖଙ୍କ କବିତାରେ ମଣିଷ ମନର କଥା ଓ ବ୍ୟଥା ମାର୍ମିକ ଭାବେ ଚିତ୍ରିତ ହୋଇଛି । ପ୍ରବନ୍ଧ ବିଭାଗରେ ଡକ୍ଟର ସଂଘମିତ୍ରା ମିଶ୍ର, ଅଭୟ ଦ୍ୱିବେଦୀ, ଡକ୍ଟର ବିଜୟାନନ୍ଦ ସିଂହ, ଡକ୍ଟର ଫଣୀନ୍ଦ୍ର ଭୂଷଣ ନନ୍ଦ ପ୍ରମୁଖଙ୍କ ପ୍ରବନ୍ଧଗୁଡ଼ିକ ଉଚ୍ଚକୋଟୀର ଓ ତଥ୍ୟ ଭିତ୍ତିକ ହୋଇଛି । ସେହିପରି ସାକ୍ଷାତକାର, ସ୍ମୃତି ଅନୁଭୂତି, ଅନୁବାଦ ଗଳ୍ପ, ଫିଚର, ଗୀତି କବିତା ଆଦି ପ୍ରତିଟି ବିଭାଗ ମନଛୁଆଁ ହୋଇଛି । 'ପଞ୍ଚବଟୀ'ର ଶାରଦୀୟ ବିଶେଷାଙ୍କ ପାଠକୀୟ ଆଦୃତି ଲାଭ କରିବ ବୋଲି ଆଶା କରାଯାଏ । ■

### ଶୋଭନା

**ସଂପାଦକ : ବିଧୁଭୂଷଣ ପଟ୍ଟନାୟକ**



କ୍ୱାର୍ଟର ନଂ: ୨ ଆର୍‌ଏ-୬୦,
ୟୁନିଟ୍- ୯
ଭୁବନେଶ୍ୱର-୨୨
ମୂଲ୍ୟ: ୧୫୦ ଟଙ୍କା

ମହିଳା ପତ୍ରିକାର ନବଦିଗନ୍ତ 'ଶୋଭନା' ଉତ୍ସବ ବିଶେଷ ପ୍ରକାଶ ପାଇଛି । ବିଧୁଭୂଷଣ ପଟ୍ଟନାୟକଙ୍କ ସଂପାଦନାରେ ପ୍ରକାଶିତ 'ଶୋଭନା'ର ଏହି ସଂଖ୍ୟାଟି ଓଡ଼ିଆ ସାହିତ୍ୟର ବହୁ ବରିଷ୍ଠ ଓ ଯୁବ କଥାକାରଙ୍କ ଗଳ୍ପରେ ପରିପୁଷ୍ଟ ହୋଇଛି । ବିଭୂତି ପଟ୍ଟନାୟକଙ୍କ 'ତମେ କେବେ ଆସିବ ନୟନା!', ତରୁଣକାନ୍ତି ମିଶ୍ରଙ୍କ 'ଆଗନ୍ତୁକ', ବନଜ ଦେବୀଙ୍କ 'ଫୁଲ ମନ ବୁଝେ', ଦାଶ ବେନହୁରଙ୍କ 'ବ୍ରହ୍ମରାକ୍ଷସ', ପରେଶ କୁମାର ପଟ୍ଟନାୟକଙ୍କ 'ସେମାନେ ହସୁଥିଲେ', ଶ୍ୟାମା ପ୍ରସାଦ ଚୌଧୁରୀଙ୍କ 'ପେଣ୍ଟିଂ', ସରୋଜିନୀ ସାହୁଙ୍କ 'କାଳପୁରୁଷ', କ୍ଷୀରୋଦ ଦାସଙ୍କ 'ମୋକ୍ଷ', ମଳୟ ମିଶ୍ରଙ୍କ 'ଧୂମକେତୁ', ସୁପ୍ରିୟା ପଣ୍ଡାଙ୍କ 'କ୍ରୁଶବିଦ୍ଧ ଅଠାବନ', ରବି ପଣ୍ଡାଙ୍କ 'ଭଗ୍ନାବଶେଷ', ରାଜ୍ୟବର୍ଦ୍ଧନ ଧଳ ମହାପାତ୍ରଙ୍କ 'ମନ ଦହନ', ଗିରୀଶ ସାହୁଙ୍କ 'କବିର ବ୍ୟଥା' ଗଳ୍ପଗୁଡ଼ିକରେ ସାଂପ୍ରତିକ ମଣିଷର ଜୀବନ ଯନ୍ତ୍ରଣା, ଭାବାବେଗ, ସଂଘାତ ଓ ସଂଘର୍ଷ, ଆଶା ଓ ଆକାଂକ୍ଷା ବଳିଷ୍ଠ ଭାବେ ଚିତ୍ରିତ ହୋଇଛି । କାହାଣୀ ମାଧ୍ୟମରେ ମଣିଷର ମନର ବେଦନାବୋଧକୁ କଥାକାରମାନେ ଅତି ସମ୍ବେଦନଶୀଳ ଭାବେ ପ୍ରକାଶ କରିଛନ୍ତି । ସେହିପରି ଯୁବ କଥା ପ୍ରଦୀପ ନାୟକ, ବିରଜା ରାଉତରାୟ, ଜାକିର ଖାନ୍, ଲିପ୍‌ସା ପଟେଲ, ଭାଗିରଥୀ ବେହେରା, ମାତୃଦତ୍ତ ମହାନ୍ତି, ସମରେନ୍ଦ୍ର ବଳିୟାରସିଂହ ପ୍ରମୁଖଙ୍କ ଗପଗୁଡ଼ିକ ମଧ୍ୟ ମନଛୁଆଁ ହୋଇଛି । 'ଶୋଭନା' ବିଶେଷ ଉତ୍ସବର କାହାଣୀଗୁଡ଼ିକ ପାଠକମାନଙ୍କ ମନକୁ ଛୁଇଁ ପାରିବ ବୋଲି ଆଶା କରାଯାଏ । ■

# ମୋ ମା'ର ଉପାସ

## କେଦାର ମିଶ୍ର



ଆଠକାଳି ବାରମାସୀ ମୋ ମା'ର ଉପାସ ।

ଅସୁମାରି ତା'ର ଓଷାବ୍ରତ
କେବେ ଏକାଦଶୀ, କେବେ ସଂକ୍ରାନ୍ତି
କେବେ କେଉଁ ଈଶ୍ୱର ଜନ୍ମ ନେଇଥିଲେ କେଉଁଠି
ହଜାର ବର୍ଷ ପରେ ମୋ ମା'
ଈଶ୍ୱରଙ୍କର ଜନ୍ମଦିନ ପାଳୁଛି
ଭୋକ ଉପାସରେ ଏଇଠି ।

ଅନ୍ନରେ ନୁହେଁ ଅନାହାରରେ ଗଢ଼ା
ମୋ ମା'ର ପିଣ୍ଡ
ତା' ପେଟରେ ଭୋକ ବଦଳରେ ପୁଣ୍ୟ
ତା' ଆଖିରେ ଜଗତର
ସବୁ ସବୁ ମଙ୍ଗଳ ବିଧାନ ।

ବେଳେ ବେଳେ ମୋତେ ଲାଗେ
ମୁଁ ଇ ମୋ' ମା'ର ଅପରାଧୀ
ମୋ ଲାଗି ତା'ର କେତେ କେତେ
କାଷ୍ଠା ଓ ନିର୍ଜଳା ଉପବାସ
ମୋ'ଠୁ ବେଶି ଅପରାଧୀ ମୋର ବାପା

ଯିଏ ଚାଳିଶ ବର୍ଷ ତଳୁ ପାଉଁଶ ହୋଇଗଲେଣି ମଶାଣିରେ
ତଥାପି ସେ ମୋ ମା'ର ପେଟରେ ଭୋକ ହୋଇ ଜଳୁଥାନ୍ତି
ପ୍ରତି ମାସ ବିଧବା ଉପାସରେ, ଏକାଦଶୀରେ ।


ମୋତେ ଦେବୀ ଦେବତାମାନେ ଘଣ୍ଟ ଘୋଡ଼େଇ ରଖନ୍ତୁ ବୋଲି
ନିରବଚ୍ଛିନ୍ନ ତା'ର ଉପାସ ଓ ଉପାସନା
ମୁଁ କିନ୍ତୁ ସନ୍ଦେହ କରି ଆସିଛି
ସବୁ ଦେବତାମାନଙ୍କୁ
ମୁଁ ଚିରକାଳ ଈଶ୍ୱରଙ୍କ ବିପକ୍ଷରେ ଠିଆ ହୋଇଥିବା କବି
ମୋ ମା' କିନ୍ତୁ ଈଶ୍ୱରଙ୍କ ଆଗରେ
ମୋତେ ଜୀବନ ଦେଉଥିବା
ଉପାସୀ ଦେହର ଦେବୀ । ■

ବିନୋଦିନୀ ନିବାସ, ୨୬୫/୧୭୩୬ ଏ
ଶାସ୍ତ୍ରୀ ନଗର, ୟୁନିଟ -୪, ଭୁବନେଶ୍ୱର-୧



# ଘର

## ସୂର୍ଯ୍ୟସ୍ନାତ ତ୍ରିପାଠୀ



"ଘରଟିଏ ଗଢିବାର ଅଛି..."

ଏଇ ଗୋଟିଏ ସ୍ୱପ୍ନକୁ
ମାଂସଳ କୁଜଟିଏ ଭଳି
ପିଠିରେ ବୋହି, ସମୟର
ତତଲା ବାଲିରେ ଚାଲି ଆସିଲିଣି
କାହିଁ କେତେ ବାଟ!

ଏବେ, ଉତ୍ତରାକାଶରେ ଚମକୁଛି
ଯେଉଁ ଧ୍ରୁବତରା, ବୋଉର ଆଖିଦାଢ଼ରେ
ସେ ଢଳ ଢଳ ମୋତିଟିଏ ମାତ୍ର...

(ମାତ୍ର? ହାୟ,
ଏ ବହପ ଜିଭର...)

ବୋଉ ହୁଏତ ଜାଣେ ନାହିଁ,

ତା' ଓଠର ଧାରେ ଓଦା ହସ ପାଇଁ
ଖରାଠୁ ଲୁଚେଇ ମୁଁ ସାଇତି ରଖିଛି
ସବୁତକ ଶୋଷ ମୋର

ସେ ଜାଣେ ନାହିଁ,
ତା' କୋଳରେ ଏ ସଂସାରର
ଶେଷ ମରୁଝର!

ଓ ମରୀଚିକା?
ମରୀଚିକା ତ ବାହାନା କେବଳ,
ମୃତ୍ୟୁମୁହାଣକୁ ଏ ଯାତ୍ରା ମୋର!

ସେଇଠି ସ୍ୱପ୍ନଭଙ୍ଗ,
ସେଇଠି ହ୍ରଦଟିଏ ବହଳ
ରକ୍ତର... ■

ସିଦ୍ଧେଶ୍ୱରପୁର, କଟକ



## ମୁଁ କାହିଁକି ଲେଖେ

# "ମୋର ପ୍ରିୟ ପୃଥିବୀର ଋଣ ଶୁଝିବାକୁ ଲେଖୁଛି"



## ଚିରଶ୍ରୀ ଇନ୍ଦ୍ରସିଂ

ମୋର ପ୍ରତି ମୁହୂର୍ତ୍ତର ବଞ୍ଚି ରହିବା, ଚାରିପଟର ମଣିଷମାନଙ୍କୁ କୌତୂହଳର ସହ ଦେଖିବା କେବଳ ମଣିଷ ନୁହେଁ, ମାନବେତର ଜୀବ ଜଗତକୁ ବୁଝିବାକୁ ଆଗ୍ରହ ରଖିବା, କଳ୍ପନାର ଉଡ଼ାଣ ଲଗାଇ ଦେଖି ପାରୁ ନଥିବା ବିଶ୍ୱବ୍ରହ୍ମାଣ୍ଡ ସହିତ ଯୋଡ଼ି ହୋଇ ରହିବାକୁ ଇଚ୍ଛା କରିବା, ନିଜର ସତ୍ତା ଓ ଅନ୍ୟ ଅନେକଙ୍କର ସମ୍ଭାବନାର, ସମୃଦ୍ଧିର, ସୁଖର ବାଟ ଓଗାଳି ଠିଆ ହୋଇଥିବା ଅନ୍ୟାୟ, ଅନୀତି, ଅନ୍ଧବିଚାର ଓ ବିଶ୍ୱାସମାନଙ୍କୁ ପ୍ରଶ୍ନ କରିବା, ଭିତରର ନାନା ଭୀରୁତା, ଭୟ, କ୍ରୋଧ ଓ କାରୁଣ୍ୟ ସତ୍ତ୍ୱେ ଆପାତତଃ ସ୍ୱାଭାବିକ ଜୀବନ ଯାତ୍ରା ଜାରି ରଖିବାର ଅଭିନୟ କରିବା - ଏମିତି ନାନା କଥା ସହ ଛନ୍ଦାଛନ୍ଦି ହୋଇ ରହିଛି ମୋର ଲେଖାଲେଖିର ଗୁମର ।

ସମାଜ ଓ ସାମାଜିକ ଘଟଣା ସବୁକୁ ମୁଁ ଦେଖିଛି ଖୋଲା ଆଖିରେ । ଆପ୍ରାଣ ଚେଷ୍ଟା କରିଛି କ୍ଷମତା ଓ ଖ୍ୟାତିର ଖାତା ଖତିୟାନା ଭରି ରହିଥିବା ଖମାର ଘର ପାଖରେ ନିଉଛାଳି ହୋଇ ଠିଆ ନହେବା ପାଇଁ । ମୋ ଗାଁ, କୈଶୋରରେ ବାପାଙ୍କ ସହ ତାଙ୍କର ଚାକିରି ଜାଗାମାନଙ୍କରେ ପାଠ ପଢ଼ିଥିବା ବିଦ୍ୟାଳୟ ଓ ସରକାରୀ କ୍ୱାର୍ଟର୍ସ ସବୁର ପରିବେଶ, ମୋର ଚାକିରି ଜାଗା, ବିଭିନ୍ନ ଅବସରରେ ଭେଟିଥିବା କିଛି ଅସାଧାରଣ ଚରିତ୍ର, ମୋର ପରିଚିତ ଓ ପ୍ରିୟ ମଣିଷମାନେ, ମୋର ଜୀବନ ବଞ୍ଚିବାର ଅନୁଭୂତି ଓ ମୋର ସ୍ୱପ୍ନ ପ୍ରବଣତା- ଏସବୁ ମୋର ଲେଖାଲେଖିରେ ରହନ୍ତୁ ବୋଲି ମୁଁ ଇଚ୍ଛା କରିଛି । ରାତି ଅଧରେ, ସେତେବେଳେ ବିଜୁଳି ସଂଯୋଗ ହୋଇ ନଥିବା ମୋର ପଲ୍ଲୀ ଗାଁରେ,ଯେଉଁଠି ଥିଲା ଗଡ଼ଜାତି ମେଘ-ରାତିର ଅନ୍ଧାର ସେମିତି ସମୟରେ କେବେ କେବେ ମୋ ବୋଉ ଏକୁଟିଆ ମନକୁ ମନ ଗାଉଥିଲା 'ପ୍ରଣୟବଲ୍ଲରୀ', 'କୀଚକବଧ', 'ଚିଲିକା' ବା 'ଧୂପ'ର ପଦ ପରେ ପଦ । ସେଇ ଶିହରଣ ମିଶି ଯାଇଚି ମୋର ପ୍ରାଣ-ପବନରେ ଓ ମୁଁ ବି କବିତା ଗୁଣୁଗୁଣୁ ହୋଇଛି । ପଦ ଯୋଡ଼ିଛି, ସ୍ୱର ଖଞ୍ଜିଛି । ଲୋଡ଼ିଛି ବ୍ୟାକୁଳ ଭାବରେ, କବିତାରେ ରହୁ ବୋଲି ମୋର ଭଲ ପାଇବା, ମୋର ଭାବଅଭାବ, ମୋର ବିଦ୍ରୋହ ଓ ମୋର ବିଭୋରପଣର ବିନ୍ୟାସ ଓ ବିଳାସ ।

ବହୁତ ସାନ ବୟସରେ, ପଞ୍ଚମ ଷଷ୍ଠ ଶ୍ରେଣୀ ବେଳକୁ କବିତା ଲେଖିବା ଆରମ୍ଭ କରିଥିଲି । ଦୁଇ ତିନି ଧାଡ଼ି ଲେଖିସାରିଲା ବେଳକୁ ଅନାବନା କରି, ପାଦ ତଳେ ଫୁଟି ଯାଉଥିଲା ସତେ କି ଶହେ ଭାର ପଦ୍ମ । ଖୁସି, କେବଳ ଖୁସି । ସେ ଖୁସିର ତୁଳନା ନାହିଁ, ବିକଳ୍ପ ନାହିଁ । ଜାଣେ, ସେ ଖୁସି ଆଉ ଥରେ ଜୀବନକୁ ଫେରି ଆସିବାର ନାହିଁ । ସେଇ ଖୁସିକୁ କିନ୍ତୁ ମୁଁ ଏବେ ବି ଖୋଜେ, ଖୋଜୁ ଥାଏ ।

ଘରେ ବାପାବୋଉ ଅନେକ ପତ୍ରପତ୍ରିକା କିଣନ୍ତି । ଗାଁକୁ ଗଲେ ଛୁଟିରେ, ସନ୍ଧ୍ୟାରେ ପଢ଼ିବାକୁ ପଡ଼େ ଭାଗବତ । ଛପା ଅକ୍ଷରରେ ପୁରାଣ ହେଉ କି ପ୍ରେମକଥା, ମନରେ ଲୋଭ ଜଗାଏ । ମୋର ଗୀତ ବି ଛପା ହେଉ । ପଠେଇ ଦିଏ କେବେ କେବେ ଡାକରେ । କଟକ,ଭୁବନେଶ୍ୱର ଅନେକ ଦୂର । ଛପା ହେଲା କି ନାହିଁ ଜଣାପଡ଼େନି । ପୋଷ୍ଟକାର୍ଡରେ ଚିଠି ପହଞ୍ଚିଛି କେତେ ଥର ଭଲ ଲାଗିଲା ଗୀତ । କୋଉ ପତ୍ରିକା, କ'ଣ, କିଛି ଜଣାପଡ଼େ ନାହିଁ । ଦିନେ ଦେଇଗଲା ଡାକବାଲା - 'କୁନିକଥା' । ଭିତରେ ମୋର ଛପା ଅକ୍ଷରରେ ଲେଖା କବିତା - 'ଟିକି ଦିଅଁ ମୋର ଟିକି ଦିଅଁ' । ସେଦିନ ମୁଁ ଦ୍ୱିଜ ହେଲି, ଜନ୍ମ ନେଲି ଆଉ ଥରେ ।

ମୋ ବୋଉ ମୋର ଶବ୍ଦର ଠାକୁରାଣୀ । ଅତି ସାଧାରଣ ଘରକରଣା ଭିତରେ କେମିତି ଜଣେ ଶବ୍ଦ ଓ ସ୍ୱରର ବିଭବ ଓ ବିଚିତ୍ରତାକୁ ନିଜ ବ୍ୟକ୍ତିତ୍ୱରେ ଧାରଣ କରି ରାଜରାଣୀ ପରି ବଞ୍ଚେ, ବଞ୍ଚିପାରେ- ସେ ତା'ର ଉଜ୍ଜ୍ୱଳ ଉଦାହରଣ । ତା' ପରି ସହଜ ଖୁସି ଓ ସହଜ କଥା ନୁହେଁ ମୋ ପାଇଁ ଲେଖାଲେଖି । ମୋ କାମଟି ନିଜକୁ ଦର୍ପଣରେ ଦେଖିବାର ସହଜ ସ୍ମିତ ନୁହେଁ, ଏ କାମରେ ଅନ୍ୟର ମୁହଁ ପାଖରେ ବି କେବେକେବେ ମୁଁ ଥୋଇ ଦିଏ ଦର୍ପଣ, ଏ କାମରେ ଭଲ କଥାକୁ ଭୁଲ ବୁଝିବାର ଭୟ ଥାଏ, ଥାଏ ବି ଦର୍ପଣ ପଛପଟରୁ ପାରଦ ଖସି ଯାଇଥିବାର ବିକଳ ବିଡ଼ମ୍ବନା ।

ପେଟ ପୋଷିବା ପାଇଁ ମୁଁ ରାଜନୀତି ବିଜ୍ଞାନ ପ୍ରତିଦିନ ପଢ଼ାଏ । ରାଜନୀତି ବିଜ୍ଞାନ ଶାସ୍ତ୍ରଟିକୁ ଧର୍ମାଚାର ପରି ପ୍ରତିଦିନ ପଢ଼ିଛି ବୋଲି କହି ପାରିବି ନାହିଁ । କିନ୍ତୁ ଏଇ ସମାଜଶାସ୍ତ୍ର ସମାଜକୁ ବୁଝିବାରେ ମତେ ସାହାଯ୍ୟ କରିଛି । ମୋର ରହିବା ଜାଗା ସବୁ ଏମିତି ଯେ, ସେଠୁ ଗାଁ ବି ଦିଶେ, ସହର ବି ଦିଶେ । ଗାଁ ସବୁ ଦ୍ରୁତ ଗତିରେ ଧାଇଁ ଆଥାନ୍ତି ସହର ମୁହାଁ । ଆଧୁନିକ ଜୀବନର ବାସ୍ତବତା, ଦୁନିଆଁର ଦୂଷଣ, ସୌଜନ୍ୟ ଓ ସୀମାବଦ୍ଧତାର ସଚେତନତା, ଭଲପଣର ଅସହାୟତା ଇତ୍ୟାଦିକୁ ଦେଖୁଥାଏ ମୁଁ । ଯାହା ଭାବିଛି, ଯାହା କହିବାକୁ ଚାହିଁଛି, କିଛି ଦଶନ୍ଧି ତଳେ ସବୁ କଥା କହିପାରିନି, ତେବେ ନିଜର କୁଣ୍ଠା ସବୁକୁ ଅତିକ୍ରମ କରିବାକୁ ଚେଷ୍ଟା କରିଛି ଅକ୍ଲାନ୍ତ । ଅନ୍ୟ କାହର ଚଷମା ପିନ୍ଧି ଦେଖି ନାହିଁ ଘଟଣାମାନଙ୍କୁ କି ନିଜକୁ । ଯୋଉଠି ଯାହା ଯେମିତି ଲୋଡ଼ା ପଡ଼ିଛି, ସେଇଭଳି ଭାଷା, ଶୈଳୀ, ବର୍ଣ୍ଣନା ଓ ଶବ୍ଦ ଖୋଜି ଆଣିବାକୁ ଅଣ୍ଟା ଭିଡ଼ି ବାହାରି ପଡ଼ିଛି । କଞ୍ଚା, ନିରୁତା, ଆଟୋପହୀନ, ଆଡ଼ମ୍ବରହୀନ ଅଥଚ ଜୀବନର ପାଖାପାଖି ରଖିବାକୁ ଚାହିଁଛି ମୋର ଅନୁଭବ- ମୋର ପାଠକମାନଙ୍କ ପାଖରେ ।

ପୃଥିବୀ ବଦଳି ଚାଲିଛି । ରାଜନୀତିର ବାମ, ଡାହାଣ ଓ ମଧ୍ୟମ ପନ୍ଥାର ପାଗଳାମୀ, ମହାବାତ୍ୟା, ମହାମାରୀ, ତୃତୀୟ ଲିଙ୍ଗ ବିଚାର, ଜଗତୀକରଣ- କେତେ ବିରୋଧାଭାଷ, ବିକଳ୍ପ ଓ ବିଭିନ୍ନତା । ନିଜେ ନାରୀ ହୋଇଥିବାରୁ ଏସବୁ ଭିତରେ ନାରୀର କଥା, ସୀମାନ୍ତରିତ ମଣିଷମାନଙ୍କର କଥା ଆସିଛି ମୋ ଲେଖାଲେଖି ଭିତରକୁ । ଯଥାସମ୍ଭବ ଏଡ଼େଇ ଯାଇଛି ଉତ୍ତାପ ଓ ଉତ୍ତେଜନା ଭରା କେଉଁ ଗୋଠଛଡ଼ା କଥାକୁ ଗୁରୁତ୍ୱ ଦେବା ।

ନାନାଦି ଦୁଃଖରେ ଭରା ମଣିଷର ଜୀବନ । ଅଳ୍ପ ମଣିଷ ବହୁ ମଣିଷଙ୍କୁ ଦୁଃଖ ପାଇବାର କାରଣ ହୁଅନ୍ତି । ମଣିଷଙ୍କୁ ଭଲ ପାଇ ସାହିତ୍ୟ ଲେଖିବାକୁ ଗଲେ ସେଇ ଦୁଃଖର ତୋଡ଼ ବି ଛାତିରେ ବାଜେ । ଦୋଷୀ ଦୋଷୀ ଲାଗେ ବୁଝି ପାରିଲାରୁ ଯେ, ଦ୍ରୋହ ଓ ଦରଦକୁ ଧରି ରଖିବାକୁ ଅକୁଳାଣ ହେଉଛି ମୋର ସାମର୍ଥ୍ୟ!

ଜୀବନରେ ଓ ଜଗତରେ ଅନେକ କ୍ଷତ ଚିହ୍ନ ।

କ୍ଷତିରେ ଚାଲିଛି ସମୟ ।

ନିଜକୁ ଯଦି ପଚାରୁଛି ଯେ, କାହିଁକି ମୁଁ ଲେଖୁଛି (ଏ ପ୍ରଶ୍ନର ଉତ୍ତର ଦେବାକୁ ମୁଁ ଏଡ଼େଇ ଯାଇଛି ବହୁ ଥର । ଭୟ ଲାଗିଛି ଯେ, ନିଜ ବିଷୟରେ କହିବା ହେଇପାରେ ଅତିଶୟୋକ୍ତି, ହେଇ ବି ପାରେ କୁଣ୍ଠିତ ଅର୍ଦ୍ଧସତ୍ୟ) ମତେ ଲାଗୁଛି ଯେ ସମୟର ପଲାରେ କିଛି ଭଲ ଅନୁଭବ ରଖିଦେବା ପାଇଁ ମୁଁ ଲେଖୁଛି । କ୍ଷତମାନଙ୍କରେ ଛୁଆଁଇ ଦେବା ପାଇଁ ଭଲ ପାଇବାର ମଲମ ଓ ସାହାଯ୍ୟ କରିବାକୁ ମଣିଷକୁ ଓହ୍ଲେଇ ଦେବାକୁ ତା' ଆଖିରୁ ଅନ୍ଧାର, ଲେଖୁଛି ମୁଁ । ମୋର ପ୍ରିୟ ପୃଥିବୀର ଋଣ ଶୁଝିବାକୁ ଲେଖୁଛି ମୁଁ, ଲେଖୁଛି ନିଜେ ବଞ୍ଚି ରହିଛି ବୋଲି ବୁଝି ପାରିବା ପାଇଁ । ■

ଅଡ଼ଶପୁର, କଟକ
ପିନ୍:୭୫୪୦୧୧
ମୋ:୮୦୧୮ ୪୨୦୫୧୭

## ୧୦୮୫ଟି ଦୁର୍ଗାମେଢ଼କୁ ମିଳିବ ୭ କୋଟି ୧ ଲକ୍ଷ ୪୦ ହଜାର ଟଙ୍କାର ଅନୁଦାନ

ଭୁବନେଶ୍ୱର, ୪।୧୦(ସମିସ): ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ନିର୍ଦ୍ଦେଶକ୍ରମେ ଚଳିତ ବର୍ଷ ପ୍ରଥମ ଥର ପାଇଁ ରାଜ୍ୟର ୧୦୮୫ଟି ଦଶହରା ଦୁର୍ଗାମେଢ଼କୁ ୭କୋଟି ୧ଲକ୍ଷ ୪୦ହଜାର ଟଙ୍କା ଆର୍ଥିକ ଅନୁଦାନ ରାଶି ପ୍ରଦାନ କରିବା ନିମନ୍ତେ ନିଷ୍ପତ୍ତି ନିଆଯାଇଛି। ଦୁର୍ଗାମେଢ଼କୁ ୩ଗୋଟି ବର୍ଗରେ ବିଭକ୍ତ କରାଯାଇ ଆର୍ଥିକ ଅନୁଦାନ ରାଶି ପ୍ରଦାନ କରାଯିବ। ୨୨୫ ଐତିହ୍ୟସମ୍ପନ୍ନ ଦୁର୍ଗାମେଢ଼ ପାଇଁ ୨ କୋଟି ୧୦ଲକ୍ଷ ୨୫ ହଜାର ଟଙ୍କା ପ୍ରଦାନ କରାଯିବ। ପ୍ରତ୍ୟେକ ଐତିହ୍ୟସମ୍ପନ୍ନ ମେଢ଼କୁ ୧ ଲକ୍ଷ ୧ ହଜାର ଟଙ୍କା ଆର୍ଥିକ ଅନୁଦାନ ରାଶି ପ୍ରଦାନ କରାଯିବ। ସେହିପରି ୭୫ ବର୍ଷ ପୁରୁଣା ୧୯୭ଟି ମେଢ଼କୁ ୧ କୋଟି ୪୭ ଲକ୍ଷ ୭୫ ହଜାର ଟଙ୍କା ପ୍ରଦାନ କରାଯିବ। ଏହି ବର୍ଗରେ ପ୍ରତ୍ୟେକ ମେଢ଼କୁ ୭୫ ହଜାର ଟଙ୍କା ଆର୍ଥିକ ଅନୁଦାନ ରାଶି ପ୍ରଦାନ କରାଯିବ। ଅନ୍ୟପକ୍ଷରେ ୫୦ ବର୍ଷ ପୁରୁଣା ୬୬୩ମେଢ଼କୁ ୩ କୋଟି ୩୧ ଲକ୍ଷ ୫୦ହଜାର ଟଙ୍କା ପ୍ରଦାନ କରାଯିବ। ଏହି ବର୍ଗର ପ୍ରତ୍ୟେକ ମେଢ଼କୁ ୫୦ ହଜାର ଟଙ୍କା ଆର୍ଥିକ ଅନୁଦାନ ରାଶି ପ୍ରଦାନ କରାଯିବ। ରାଜ୍ୟର ସମୁଦାୟ ୧୦୮୫ ଦଶହରା ଦୁର୍ଗାମେଢ଼କୁ ୭କୋଟି ୧ଲକ୍ଷ ୪୦ହଜାର ଟଙ୍କା ଆର୍ଥିକ ଅନୁଦାନ ରାଶି ପ୍ରଦାନ ନିମନ୍ତେ ନିଷ୍ପତ୍ତି ନେଇ ସଂସ୍କୃତି ବିଭାଗ ପକ୍ଷରୁ ସୂଚନା ପ୍ରଦାନ କରାଯାଇଛି।

## ମାନସିକ ଭିନ୍ନକ୍ଷମ ମହିଳାଙ୍କୁ ଟ୍ରକ୍ ଚାଳକର ଅପହରଣ

# ରାଢ଼ିଆରୁ ପୀଡ଼ିତା ମହିଳା ଉଦ୍ଧାର

ଭଦ୍ରକ, ୪।୧୦ (ସମିସ): ବିଳମ୍ବିତ ରାତ୍ରିରେ ଭଦ୍ରକ ଚରମ୍ପାରୁ ଜଣେ ମାନସିକ ଭିନ୍ନକ୍ଷମ ମହିଳାଙ୍କୁ ଅପହରଣ କରିନେବା ଅଭିଯୋଗରେ ଭଦ୍ରକ ପୁଲିସ ଅଭିଯୁକ୍ତ ଟ୍ରକ୍ ଚାଳକ ଏମ୍‌ଡି ସଦ୍ଦାମ ହୁସେନକୁ ଗିରଫ କରିଛି। ତା' ଘର ବିହାର ଅଞ୍ଚଳରେ। ଏହାସହ ପୁଲିସ ଭଦ୍ରକ-ଚନ୍ଦବାଲି ରାସ୍ତା ରାଢ଼ିଆ ଛକ ରାସ୍ତା କଡ଼ରୁ ପୀଡ଼ିତା ମହିଳାଙ୍କୁ ଉଦ୍ଧାର କରିଛି। ମାନସିକ ଭିନ୍ନକ୍ଷମ ମହିଳାଙ୍କୁ ସେ ଦୁଷ୍କର୍ମ କରିବା ପରେ ରାସ୍ତାକଡ଼ରେ ଫିଙ୍ଗି ଦେଇଥିବା ପୁଲିସ ସନ୍ଦେହ କରୁଛି। ଉଭୟଙ୍କ ଡାକ୍ତରୀ ମାଇନା କରାଯିବା ପରେ ଏହା ସ୍ପଷ୍ଟ ହେବ। ଭଦ୍ରକ ଅତିରିକ୍ତ ଏସ୍‌ପି ଅରୁପ ଅଭିଷେକ ବେହେରା ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ଏହି ସୂଚନା ଦେଇଛନ୍ତି।

ଗତ ୨ ତାରିଖ ରାତି ପ୍ରାୟ ୧୨ଟା ୫୦ରେ ବର୍ଷା ବାଉରୁ ରକ୍ଷା ପାଇବାକୁ ରାସ୍ତାକଡ଼ରେ ଜଣେ ମାନସିକ ଭିନ୍ନକ୍ଷମ ମହିଳା ଏକୁଟିଆ ଛିଡ଼ା ହୋଇଥିଲେ। ଏହି



ଝୁମ୍ପୁରାରୁ ଟ୍ରକ୍ ସହ ଅଭିଯୁକ୍ତ ଗିରଫ

ସମୟରେ ଟ୍ରକ୍ ନେଇ ସେହି ବାଟ ଦେଇ ଯାଉଥିବା ସଦ୍ଦାମ ତାଙ୍କୁ ଟେକିନେଇ ଟ୍ରକରେ ଅପହରଣ କରିଥିଲା। ହେଲେ, ଏହାର ଦୃଶ୍ୟ ସ୍ଥାନୀୟ ଏକ ସିସିଟିଭିରେ କଏଦ୍ ହୋଇଯାଇଥିଲା। ସକାଳୁ ସୋସିଆଲ ମିଡିଆରେ ଏହି ଦୃଶ୍ୟ ଘୁରି ବୁଲିବା ପରେ ପୁଲିସ ବିଭିନ୍ନ ସ୍ଥାନରେ ଚଢ଼ଉ ଆରମ୍ଭ କରିଥିଲା। ଗତକାଲି ବିଳମ୍ବିତ ରାତିରେ ଅଭିଯୁକ୍ତକୁ କେନ୍ଦୁଝର ଝୁମ୍ପୁରାରୁ ଗିରଫ କରିବାକୁ ସକ୍ଷମ ହୋଇଥିଲା। ପୁଲିସ ବ୍ୟବହୃତ ଟ୍ରକ୍‌କୁ ଜବତ କରିବା ସହ ଅଭିଯୁକ୍ତକୁ କୋର୍ଟଚାଲାଣ କରିଛି। ଅନ୍ୟପଟେ ମାନସିକ ଭିନ୍ନକ୍ଷମ ମହିଳାଙ୍କ ପରିଚୟ ପାଇଁ ପୁଲିସ ଜଣାପଡ଼ିଛି। ସେ ଘଟଣାକୁ ନେଇ କୌଣସି ସ୍ପଷ୍ଟ କଥା କହୁ ନଥିଲେ ମଧ୍ୟ ତାଙ୍କ ସହ ଦୁଷ୍କର୍ମ ହୋଇଥିବା ସନ୍ଦେହ କରାଯାଉଛି। ସେହିଭଳି ପାରିପାର୍ଶ୍ୱିକ ସ୍ଥିତି ଓ ଡାକ୍ତରୀ ରିପୋର୍ଟ ଅନୁଯାୟୀ ପୁଲିସ ତଦନ୍ତ ଆରମ୍ଭ କରିଥିବା ଅତିରିକ୍ତ ଏସ୍‌ପି ଶ୍ରୀ ବେହେରା କହିଛନ୍ତି। ଏନେଇ ଟ୍ରକ୍ ମାଲିକ ଚିତ୍ତରଞ୍ଜନ ପ୍ରଧାନ କହିଛନ୍ତି, ଗତ ୩ମାସ ହେବ ଅଭିଯୁକ୍ତ ତାଙ୍କ ଟ୍ରକ୍ ଚଳାଉଥିଲା।

■ ବିଜେଡି ଆଇଟି ଓ ସୋସିଆଲ ମିଡିଆ ସେଲ

## ଅମରେଶ ପତ୍ରୀଙ୍କୁ ସହ ଆବାହକ ଦାୟିତ୍ୱ

ଭୁବନେଶ୍ୱର, ୪।୧୦(ସମିସ): ବିଜେଡି ଆଇଟି ଓ ସୋସିଆଲ ମିଡିଆ ସେଲ କମିଟିରେ ନୂଆ ନିଯୁକ୍ତ ପ୍ରଦାନ କରାଯାଇଛି। ବିଜେଡି ସଭାପତି ନବୀନ ପଟ୍ଟନାୟକ ଏହି ନୂଆ ନିଯୁକ୍ତିକୁ ଅନୁମୋଦନ ଦେଇଛନ୍ତି। ଏନେଇ ବିଜେଡି ରାଜ୍ୟ କାର୍ଯ୍ୟାଳୟରୁ ନିର୍ଦ୍ଦେଶନାମା ପ୍ରକାଶ ପାଇଛି। ବିଜେଡି ରାଜ୍ୟ ସାଧାରଣ ସମ୍ପାଦକ(ଯୁବ ବ୍ୟାପାର) ଅମରେଶ ପତ୍ରୀଙ୍କୁ ଆଇଟି ଓ ସୋସିଆଲ ମିଡିଆ ସେଲର ସହ-ଆବାହକ ଦାୟିତ୍ୱ ପ୍ରଦାନ କରାଯାଇଛି। ସେହିପରି କ୍ୟାମ୍ପେନ୍ ଟିମ୍ ସଂଯୋଜକ ଭାବେ ଜ୍ୟୋତିରଞ୍ଜନ ଜେନା, ରିସର୍ଚ୍ଚ ଟିମ୍ ସଂଯୋଜକ ଭାବେ ବିଶ୍ୱପ୍ରତାପ ସାହୁ, କଣ୍ଟେଣ୍ଟ ରାଇଟର୍ ସଂଯୋଜକ ଭାବେ କୃଷ୍ଣପ୍ରିୟା ମିଶ୍ର ଓ ଲଗ୍ଇନ୍ ମହାନ୍ତିଙ୍କୁ ନିଯୁକ୍ତି ମିଳିଛି। ରାଜ୍ୟସ୍ତରୀୟ ଏବଂ ଡ୍ରାମ୍‌ଟ୍ରଲ୍‌ସ୍ତରୀୟ ଇନଫ୍ଲୁଏନ୍ସର୍ ସଂଯୋଜକ ଭାବେ ରଶ୍ମିରଞ୍ଜନ ମହାନ୍ତି, ଉମେଶ ଜେନା କାର୍ଯ୍ୟ କରିବେ।

## ବିଜେଡି ଆଇଟି ସେଲର ଷ୍ଟିୟରିଂ ଓ କାର୍ଯ୍ୟାନ୍ୱୟନ କମିଟି ଗଠିତ

ଭୁବନେଶ୍ୱର, ୪।୧୦(ସମିସ): ବିଜେଡି ଆଇଟି ଓ ସୋସିଆଲ ମିଡିଆ ସେଲର ଷ୍ଟିୟରିଂ କମିଟି ଏବଂ କାର୍ଯ୍ୟାନ୍ୱୟନ କମିଟି ଗଠନ କରାଯାଇଛି। ବିଜେଡି ସଭାପତି ନବୀନ ପଟ୍ଟନାୟକ ଏହି ନୂଆ ନିଯୁକ୍ତିକୁ ଅନୁମୋଦନ ଦେଇଛନ୍ତି। ଷ୍ଟିୟରିଂ କମିଟିରେ ମୋଟ ୧୩ଜଣ ନେତା ସ୍ଥାନ ପାଇଛନ୍ତି। ସେମାନେ ହେଲେ ପ୍ରସନ୍ନ ଆଚାର୍ଯ୍ୟ, ପ୍ରମିଳା ମଲ୍ଲିକ, ପ୍ରତାପ ଜେନା, ସ୍ନେହାଙ୍ଗିନୀ ଛୁରିଆ, ସୁଲତା ଦେଓ, କଳିକେଶ ନାରାୟଣ ସିଂହଦେଓ, ମହେଶ ସାହୁ, ପ୍ରତିରଞ୍ଜନ ଘଡ଼ାଇ, ତୁଷାରକାନ୍ତି ବେହେରା, ପ୍ରଣବ କୁମାର ବଳବନ୍ତରାୟ, ଦେବେନ୍ଦ୍ର ଆଚାର୍ଯ୍ୟ ଓ ଲୁଲୁ ବକ୍ସିପାତ୍ର। ସେହିପରି କାର୍ଯ୍ୟାନ୍ୱୟନ କମିଟିରେ ୧୫ଜଣ ନେତାଙ୍କୁ ସ୍ଥାନ ମିଳିଛି। ସେମାନେ ହେଲେ, ସୁଲୋଚନା ଦାସ, ସୁନୀଲ କୁମାର ମହାନ୍ତି, ଶର୍ମିଷ୍ଠା ସେଠୀ, ଲେଖାଶ୍ରୀ ସାମନ୍ତସିଂହାର, ବର୍ଷା ସିଂ ବରିହା, ରୁଦ୍ରପ୍ରତାପ ମହାରଥୀ, ମନ୍ମଥ କୁମାର ରାଉତରାୟ, ଅବିନାଶ ସାମଲ, ବିଷ୍ଣୁବ୍ରତ ରାଉତରାୟ, ଡ. ଲେନିନ୍ ମହାନ୍ତି, ଚିନ୍ମୟାନନ୍ଦ ଶ୍ରୀରୂପ ଦେବ, ସୁଶ୍ରୀ ରଞ୍ଜିତା ସାହୁ, ଚିନ୍ମୟ କୁମାର ସାହୁ, ଇପ୍ସିତା ସାହୁ ଓ ସୟମପ୍ରକାଶ ମହାପାତ୍ର।

■ ଆଦି କର୍ମଯୋଗୀ ଅଭିଯାନ

## ଓଡ଼ିଶାରେ ୫,୫୦୦ରୁ ଅଧିକ ଗ୍ରାମ କାର୍ଯ୍ୟଯୋଜନା ଅନୁମୋଦିତ

ଭୁବନେଶ୍ୱର, ୪।୧୦ (ସମିସ): ଗାନ୍ଧୀ ଜୟନ୍ତୀର ଶୁଭ ଅବସରରେ ଓଡ଼ିଶାରେ ଆଦି କର୍ମଯୋଗୀ ଅଭିଯାନ ଅଧୀନରେ ବିଶେଷ ଗ୍ରାମସଭା ଆୟୋଜିତ ହୋଇଛି। ଏହି ଅଭିଯାନରେ ସମଗ୍ର ରାଜ୍ୟରେ ୫,୫୦୦ରୁ ଅଧିକ ଗ୍ରାମ କାର୍ଯ୍ୟ ଯୋଜନା ଅନୁମୋଦନ ପାଇଛି। ପ୍ରଧାନମନ୍ତ୍ରୀଙ୍କ ଦୂରଦୃଷ୍ଟିସମ୍ପନ୍ନ ନେତୃତ୍ୱରେ ଜନଜାତି ବ୍ୟାପାର ମନ୍ତ୍ରାଳୟ ଦ୍ୱାରା ଆଦି କର୍ମଯୋଗୀ ଅଭିଯାନ ଆରମ୍ଭ କରାଯାଇଥିବା ବେଳେ ଏହା ଧରତୀ ଆବା ଜନଜାତୀୟ ଗ୍ରାମ ଉତ୍କର୍ଷ ଅଭିଯାନର ଏକ ଅଂଶ। ଓଡ଼ିଶାରେ ଏହି ଅଭିଯାନରେ ୨୨ଟି ଜିଲ୍ଲାର ୨୧୩ଟି ବ୍ଲକ୍‌ର ୭,୬୭୩ଟି ଗ୍ରାମ ସାମିଲ ହୋଇଛି। ଗ୍ରାମ କାର୍ଯ୍ୟ ଯୋଜନାର କାର୍ଯ୍ୟାନ୍ୱୟନ ପାଇଁ ୧ ଲକ୍ଷ ଆଦିସାଥୀ ଓ ୩୦,୦୦୦ ଆଦି ସହଯୋଗୀଙ୍କୁ ସଂଗଠିତ କରାଯାଇଛି। ସେଥିପାଇଁ ରାଜ୍ୟର ସମସ୍ତ ଜିଲ୍ଲାର ୫୦ରୁ ଅଧିକ ସିଭିଲ୍ ସୋସାଇଟି ଅର୍ଗାନାଇଜେସନ୍ (ଏନଜିଓ)କୁ ସହଭାଗୀ ଭାବେ ସାମିଲ କରାଯାଇଛି।

ଚିହ୍ନଟ କରାଯାଇଥିବା ସମସ୍ତ ଗ୍ରାମରେ ୭,୬୭୩ଟି ଆଦି ସେବା କେନ୍ଦ୍ର ସ୍ଥାପନ କରିବା ପାଇଁ ଲକ୍ଷ୍ୟ ରଖାଯାଇଛି। ସେଥିମଧ୍ୟରୁ ୬,୨୫୫ଟି ଆଦି ସେବା କେନ୍ଦ୍ର ଅକ୍ଟୋବର ୨ ରେ ଉଦ୍‌ଘାଟିତ ହୋଇଛି। ଏହି କେନ୍ଦ୍ରଗୁଡ଼ିକ ସେବା ପ୍ରଦାନ ଏବଂ ସାମୁଦାୟିକ ସମ୍ପୃକ୍ତି ପାଇଁ ଗୁରୁତ୍ୱପୂର୍ଣ୍ଣ କେନ୍ଦ୍ର ଭାବେ କାର୍ଯ୍ୟ କରିବ। ପ୍ରତ୍ୟେକ ଗ୍ରାମରେ ସାମୁଦାୟିକ ପଦଯାତ୍ରା, ଗ୍ରୁପ୍ ଆଲୋଚନା, ସମ୍ବଳ ଏବଂ ଭିଜନ୍ ମ୍ୟାପିଂ ଭଳି ପଦକ୍ଷେପ ଗ୍ରହଣ କରି ଗ୍ରାମ କାର୍ଯ୍ୟ ଯୋଜନାଗୁଡ଼ିକ ପ୍ରସ୍ତୁତ କରାଯାଇଛି।


**ପୂର୍ବ ତଟ ରେଳପଥ**

ଟେଣ୍ଡର ସଂ. ETECONIIBBS2025040, ତା. 12.09.2025 ରିଖ ର

**ଶୁଦ୍ଧିପତ୍ର–1**

| ପ୍ରକାଶିତ ଅନୁଯାୟୀ | ବର୍ତ୍ତମାନ ପଢ଼ାଯିବା ଆବଶ୍ୟକ |
|---|---|
| 14.10.2025, 1200 ଘଟିକା | 24.10.2025, 1200 ଘଟିକା |

www.ireps.gov.in

PR-122/CI/25-26



**ପୂର୍ବ ତଟ ରେଳପଥ**

Tender Notice/Coupler/339, ତା.23.09.2025

ଟେଣ୍ଡର ସଂ.92255842, RDSO/2011/CG-03 (Head and Balanced Draft Gear) (High Tensile Tight Lock Centre Buffer Coupler)

(ହଜାର): 2,44,26,000/-, EMD (ଟଙ୍କାରେ): 4,88,520/-

ତା.22.10.2025

http://www.ireps.gov.in

PR-653/Q/25-26



**ହଜିଛି**

ଯୋଗାଯୋଗ: ୭୬୭୦୦୪୩୩୨୧୩


## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ବଡ଼ବଡ଼ିଆଙ୍କୁ ହାତ...

ସିଲିକନ୍ ଟେକ୍ନୋଲୋଜି ପ୍ରାଇଭେଟ୍ ଲିମିଟେଡ୍‌କୁ ସବ୍ କଣ୍ଟ୍ରାକ୍ଟ ଦେଲା ତାହାକୁ ନେଇ ପ୍ରଶ୍ନ ଉଠିଛି। ଅନ୍ୟପକ୍ଷରେ ସିଲିକନ୍ ଟେକ୍ନୋଲୋଜି କିପରି ପଞ୍ଚସଫ୍ଟକୁ ସବ୍ କଣ୍ଟ୍ରାକ୍ଟ ଦେଇଛି ତାହା ମଧ୍ୟ ସନ୍ଦେହ ଘେରରେ। ଏହି ସମ୍ବନ୍ଧରେ ଘଟଣା ସମ୍ପର୍କରେ ଓଡ଼ିଆରବିକୁ ସୂଚନା ମିଳିଥିଲା କି ନାହିଁ ଓ ଯଦି ମିଳିଥିଲା, ତେବେ ସରକାରଙ୍କ ଜଣେ ନିର୍ଦ୍ଦେଶ ଜାରି କରି ଓଡ଼ିଆରବିଙ୍କ ଏହି ଅନୁମତି ଦେଇଥିଲା ତାହା ମଧ୍ୟ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଚାକିରି ବିକ୍ରି ଘଟଣାରେ ସିଲିକନ୍ ଓ ପଞ୍ଚସଫ୍ଟର ପ୍ରତ୍ୟକ୍ଷ ସମ୍ପୃକ୍ତି ରହିଥିବା ପ୍ରାଥମିକ ତଦନ୍ତରୁ ସୂଚନା ମିଳିଛି। ମାତ୍ର ସିଲିକନ୍‌ର ନିର୍ଦ୍ଦେଶକ ସୁରେଶ ଚନ୍ଦ୍ର ନାୟକ, ସଂଗ୍ରାମ କେଶରୀ ମହାନ୍ତି, ଶାଶ୍ୱତୀ ମିଶ୍ର, ଶ୍ରୀନିବାସବେଙ୍କଟରମଣା ଇରାଙ୍କି ଓ ସମୀର କୁମାର ରଥ, ପଞ୍ଚସଫ୍ଟର ନିର୍ଦ୍ଦେଶକ ଥିବା ଶଙ୍କର ପୃଷ୍ଟି ଓ ଦିପ୍ତିମୟୀ ସାହୁଙ୍କ ବିରୋଧରେ କୌଣସି ପଦକ୍ଷେପ ନିଆ ଯାଇ ପାରିନାହିଁ। ଘଟଣାକୁ ୫ଦିନ ଅତିକ୍ରମ କରିଥିଲେ ମଧ୍ୟ ପୁଲିସ୍ ପକ୍ଷରୁ କୌଣସି ଦୃଢ଼ ପଦକ୍ଷେପ ନିଆଯାଇ ପାରିନି। ଚାକିରି ବିକ୍ରି ଘଟଣାରେ ବହୁ ବଡ଼ବଡ଼ିଆଙ୍କ ହାତ ଥିବାରୁ ତଦନ୍ତ ବାଟବଣା ହେଉଥିବା ଅଭିଯୋଗ ହୋଇଛି।

ଅନୁସନ୍ଧାନରୁ ଜଣାପଡ଼ିଛି ଯେ ୯୩୩ଟି ଏସ୍‌ଆଇ ପଦ ମଧ୍ୟରୁ ପ୍ରାୟ ୫୦୦ ପଦ ବିକ୍ରି କରିବା ପାଇଁ ଷଡ଼ଯନ୍ତ୍ର ହୋଇଥିଲା ଏବଂ ଏଥିପାଇଁ ସାରା ରାଜ୍ୟରେ ଚାକିରି ଦଲାଲମାନଙ୍କୁ ସକ୍ରିୟ କରାଯାଇଥିଲା। ଗଞ୍ଜାମଠାରୁ ଆରମ୍ଭ କରି ବାଲେଶ୍ୱର, ବଲାଙ୍ଗିର ଓ ମାଲକାନଗିରି ପର୍ଯ୍ୟନ୍ତ ଜାଲ ବିଛାଇ ପରୀକ୍ଷାର୍ଥୀ ଯୋଗାଡ଼ କରିଥିଲେ। ବୌଦ୍ଧ ଜିଲ୍ଲା ବୁଟୁପାଲିର ପ୍ରଭୁଦତ୍ତ ମହାରଣା ଓ ତାଙ୍କ ସାନ ଭାଇ ସମୀକ ମହାରଣା ଟଙ୍କା ଦେଇ ଚାକିରି କରିବାକୁ ଉଦ୍ୟମ କରିଥିବାବେଳେ ବଲାଙ୍ଗିର ଜିଲ୍ଲା ମୁରିବାହାର ନାଗ ପ୍ରତାପାଲିର ମୁନ୍ନି ରାଜପାଲିଆ ଓ ତାଙ୍କ ସ୍ୱାମୀ ପ୍ରହଲ୍ଲାଦ ନାଗ ମଧ୍ୟ ଧରାପଡ଼ିଛନ୍ତି। ସେହିପରି ଏକାଧିକ ରାଜନୈତିକ ବ୍ୟକ୍ତି ମଧ୍ୟ ଚାକିରି କରିବା ପାଇଁ ଯାଉଥିବାବେଳେ ଧରାପଡ଼ିଥିବାବେଳେ। କଟକ ଜିଲ୍ଲାରୁ ସର୍ବାଧିକ ୩୩ଜଣ ଆଶାୟୀ ପ୍ରାର୍ଥୀ ଧରାପଡ଼ିଥିବାବେଳେ ଗଞ୍ଜାମରୁ ୨୫, ଢେଙ୍କାନାଳରୁ ୧୨, ଖୋର୍ଦ୍ଧାରୁ ୯, ବରଗଡ଼ରୁ ୭, ନୟାଗଡ଼ରୁ ୫, ପୁରୀରୁ ୪, ବୌଦ୍ଧ ଓ କେନ୍ଦ୍ରାପଡ଼ାରୁ ୩ ଜଣାଲେଖାଏଁ ଏବଂ ସୋନପୁର, ଭଦ୍ରକ, ଯାଜପୁର, ବାଲେଶ୍ୱର, କଳାହାଣ୍ଡି ଓ ବଲାଙ୍ଗିରରୁ ୨ ଜଣ ଲେଖାଏଁ ଆଶାୟୀ ଧରାପଡ଼ିଛନ୍ତି। ସେହିପରି ଅନୁଗୋଳ, କେନ୍ଦୁଝର, ରାୟଗଡ଼ା ଓ ନୂଆପଡ଼ାରୁ ଜଣେ ଲେଖାଏଁ ପ୍ରାର୍ଥୀ ବନ୍ଧା ହୋଇଛନ୍ତି।

### ଭସାଣିରେ ଗୋଷ୍ଠୀ...

ଯାଇଛି। ସେହିପରି ୩ କନେଷ୍ଟବଳଙ୍କ ମୁଣ୍ଡ ଫାଟିଥିବା ଜଣାପଡ଼ିଛି। ଘଟଣାସ୍ଥଳରେ କମିଶନର ଏସ୍. ଦେବଦତ୍ତ ସିଂ ଏବଂ ଅତିରିକ୍ତ କମିଶନର ନରସିଂହ ଭୋଳ ପହଞ୍ଚି ଆଇନଶୃଙ୍ଖଳା ପରିସ୍ଥିତି ଉପରେ ନଜର ରଖୁଛନ୍ତି। ସେଠାରେ ୭ପ୍ଲାଟୁନ ଫୋର୍ସ ମୁତୟନ କରାଯାଇଛି। ଅନ୍ୟପକ୍ଷରେ କଟକ ସହର ଏବଂ ପାର୍ଶ୍ୱବ ପରିଚାଳନାରେ ଅଭିଜ୍ଞତା ଥିବା ଦାୟିତ୍ୱସମ୍ପନ୍ନ ପୁଲିସ ଅଧିକାରୀଙ୍କୁ ଭସାଣି ଶୋଭାଯାତ୍ରାରେ ନିୟୋଜିତ କରା ନଯିବାରୁ ଏଭଳି ଭୟାନକ ଗଣ୍ଡଗୋଳ ଘଟିଥିବା କୁହାଯାଉଛି। ବିଶେଷକରି ପୁଲିସ ଉଚ୍ଚ କର୍ତ୍ତୃପକ୍ଷଙ୍କ ତ୍ରୁଟିପୂର୍ଣ୍ଣ ଭସାଣି ପରିଚାଳନା ଗଣ୍ଡଗୋଳର ପ୍ରମୁଖ କାରଣ ବୋଲି ଚର୍ଚ୍ଚା ଜୋର୍ ଧରିଛି। ଅନ୍ୟପଟେ ସୋସିଆଲ୍ ମିଡିଆରେ ଏହି ଗଣ୍ଡଗୋଳ ଘଟଣାକୁ ନେଇ ପରସ୍ପର ମଧ୍ୟରେ ଆକ୍ଷେପ ଓ ପ୍ରତିଆକ୍ଷେପ କରାଯାଉଥିବା ବେଳେ ପୁଲିସ ପାଇଁ ଏହା ଚିନ୍ତା ବଢ଼ାଇ ଦେଇଛି।

ପୁଲିସ ସୂଚନା ଅନୁସାରେ, ଗତକାଲି ରାତି ପ୍ରାୟ ୧ଟାରେ ଝାଞ୍ଜିରମଙ୍ଗଳା ଭାଗବତ ପୂଜା କମିଟିର ପ୍ରତିମା ଶୋଭାଯାତ୍ରାରେ ବାହାରି ବିସର୍ଜନ ପାଇଁ ଦେବୀଗଡ଼ା ଅଭିମୁଖେ ଯାଉଥିଲା। ଶୋଭାଯାତ୍ରାରେ ବାଜୁଥିବା ନିର୍ଦ୍ଦିଷ୍ଟ ଗୀତକୁ ଦରଘାବଜାର ଅଞ୍ଚଳରେ ସ୍ଥାନୀୟ କିଛି ଲୋକ ବିରୋଧ କରିଥିଲେ। ଏହାପରେ ଦରଘାବଜାର ଜେଲ୍ ରୋଡ୍‌ର ଏକ ନିର୍ଦ୍ଦିଷ୍ଟ ଘରରୁ ହଠାତ୍ କାଚ ବୋତଲ ଓ ଢେଲା ପଥର ମାଡ଼ ହୋଇଥିଲା। ଶୋଭାଯାତ୍ରାକାରୀ ମଧ୍ୟ ଢେଲା ପଥର ମାଡ଼ କରିଥିଲେ। ଫଳରେ ଗୋଷ୍ଠୀ ସଂଘର୍ଷର ସୂତ୍ରପାତ ହୋଇ ଏହା ଉଗ୍ରରୂପ ଧାରଣ କରିଥିଲା। ଘଟଣାସ୍ଥଳ ରଣକ୍ଷେତ୍ରରେ ପରିଣତ ହୋଇଥିଲା। ସେଠାରେ ଥିବା ଗାଡ଼ି ମୋଟର ଭାଙ୍ଗିରୁଜି ଯାଇଥିଲା। କିଛି ସମୟ ପରେ ପରିସ୍ଥିତି ଶାନ୍ତ ପଡ଼ିବା ପରେ ମଧ୍ୟ ଉତ୍ତେଜନା ଲାଗି ରହିଥିଲା। ରାଉସାପାଟଣା ମେଢ଼ ଆସିବା ବେଳେ ଦରଘାବଜାର ଅଞ୍ଚଳରେ ପୁଣି ଢେଲା ପଥର ମାଡ଼ ହୋଇଥିଲା। ପରିସ୍ଥିତି ଅଣାୟତ ହୋଇପଡ଼ିବାରୁ ପୁଲିସ ଲାଠିଚାର୍ଜ କରିବାକୁ ବାଧ୍ୟ ହୋଇଥିଲା। ପୁଲିସର ମାଡ଼ରେ ଗଣ୍ଡଗୋଳକାରୀ ଛତ୍ରଭଙ୍ଗ ଦେଇଥିଲେ। ଉଭୟ ଗୋଷ୍ଠୀଙ୍କ ପକ୍ଷରୁ ଛକାପଞ୍ଝା ଲାଗି ରହିଥିଲା। ପୁଲିସ ଉପରେ ଉଭୟ ଗୋଷ୍ଠୀ ଗଣ୍ଡଗୋଳକୁ ନିବୃତ୍ତ କରିଥିଲେ। ଓଡ଼ିଆପି ଉତ୍ତେଜନା କମି ନଥିଲା। ଏହି ଗଣ୍ଡଗୋଳରେ ଭସାଣିର ଅନେକ ୩୦ରୁ ଅଧିକ ଶୋଭାଯାତ୍ରାକାରୀ ଓ ଜନସାଧାରଣ ଆହତ ହୋଇଥିବା ସୂଚନା ମିଳିଛି।

କଟକ ଇତିହାସରେ ଭସାଣି ଶୋଭାଯାତ୍ରାରେ ଏଭଳି ବଡ଼ଧରଣର ଉଗ୍ରତର ଗୋଷ୍ଠୀ ସଂଘର୍ଷ ଘଟିନଥିଲା। ଏହି ଗଣ୍ଡଗୋଳ ପ୍ରତିବାଦରେ ଶୋଭାଯାତ୍ରାରେ ଆସିଥିବା ଲୋକ ରାସ୍ତା ଉପରେ ଧାରଣାରେ ବସିବା ସହ ଭସାଣ ଶୋଭାଯାତ୍ରା ବନ୍ଦ କରି ଦେଇଥିଲେ। ବିସର୍ଜନ ନ ହୋଇ ଅନେକ ମେଢ଼ ରାସ୍ତା ଉପରେ ଅଟକି ରହିଥିଲା। ଆଜି ପୁଲିସର ସତର୍କ ସୁରକ୍ଷା ବ୍ୟବସ୍ଥା ମଧ୍ୟରେ ସମସ୍ତ ମେଢ଼କୁ ଦେବୀଗଡ଼ାରେ ବିସର୍ଜନ କରାଯାଇଛି। ସେହିପରି ନିମ ସାହିରେ ରାଉସାପାଟଣା ଦୁର୍ଗା ମେଢ଼ ଅଟକି ରହିଥିଲା। ଗତ ରାତିରେ ଆକ୍ରମଣକୁ ନେଇ ଆଜି ଶତାଧିକ ପୂଜା କମିଟି ସଦସ୍ୟ ଧାରଣାରେ ବସି ରହିଥିଲେ। ଆଜି ପୁଲିସ ବୁଝାସୁଝା କରିବା ପରେ ସେମାନେ ଧାରଣାରୁ ଉଠିଥିଲେ। ଏହି ଘଟଣାର ଉଚ୍ଚସ୍ତରୀୟ ତଦନ୍ତ କରାଯିବା ଏବଂ ଗଣ୍ଡଗୋଳକାରୀଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବା ପାଇଁ ସାଧାରଣରେ ଦାବି ହେଉଛି। ଅନ୍ୟପଟେ ଏଭଳି ନିନ୍ଦନୀୟ ଘଟଣାର ଦୃଢ଼ ନିନ୍ଦା କରି ଆସନ୍ତା ସୋମବାର କଟକ ବନ୍ଦ ଡାକରା ଦେଇଛି ବିଶ୍ୱ ହିନ୍ଦୁ ପରିଷଦ। ଗଣ୍ଡଗୋଳକାରୀଙ୍କ ବିରୋଧରେ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ପରିଷଦ ଦୃଢ଼ ଦାବି କରିଛି। ଏହି ବନ୍ଦକୁ ବିଜେପି ସମର୍ଥନ କରିଛି।

### ଇଏମ୍‌ଆଇ ନ ଦେଲେ...

ସ୍ମାର୍ଟ ଟିଭି, ୱାସିଂ ମେସିନ, ଇଲେକ୍ଟ୍ରୋନିକ୍ସ) ଆଦି ଉପରେ ଲାଗୁ ହେବ। ଇଏମ୍‌ଆଇରେ କେଣି ଉପକରଣ କିଣାଯାଇଥିବା ଉପାୟରେ ପୂର୍ବରୁ ଆପ୍‌ କିମ୍ବା ସଫ୍ଟୱେର ଇନ୍‌ଷ୍ଟଲ କରିଦିଆଯିବ। ଗ୍ରାହକ ଋଣ ପରିଶୋଧ ନ କଲେ ଏହି ସଫ୍ଟୱେର ଉପାଦକୁ ଲକ୍ କରିଦେବ। ତେବେ ଏହି ବ୍ୟବସ୍ଥାରେ ଗ୍ରାହକଙ୍କ ଗୋପନୀୟ ତଥ୍ୟ ପ୍ରଘଟ ନ ହେବା ପାଇଁ ବିଶେଷ ଦୃଷ୍ଟି ଦିଆଯିବ।

### ଚାରି ଦିନ ହେଲା...

ହୋଇଯିବ। ବିକାଶମୂଳକ କାମରେ ଲାଗିଥିବା ଠିକା ସଂସ୍ଥା ସେମାନଙ୍କର କାମ ବନ୍ଦ କରିଦେଉଛନ୍ତି। ପାସପୋର୍ଟ ଏବଂ ଭିସା ସେବା ଜାରି ରହିଥିଲେ ମଧ୍ୟ ଏହି ପ୍ରକ୍ରିୟା ବିଳମ୍ବିତ ହେଉଛି। ଏବେ ସମସ୍ତ ସରକାରୀ ପ୍ରକଳ୍ପକୁ ମଧ୍ୟ ବନ୍ଦ କରି ଦିଆଯାଇଛି। କେବଳ ଏତିକି ନୁହେଁ, ଦେଶର ମହାକାଶ ଗବେଷଣା ସଂସ୍ଥା 'ନାସା'କୁ ମଧ୍ୟ ବର୍ତ୍ତମାନ ପାଇଁ ବନ୍ଦ କରିଦିଆଯାଇଛି। କେବଳ ଉପଗ୍ରହ ଓ ମହାକାଶରେ ଥିବା ଷ୍ଟେସନକୁ ଚାଲୁ ରଖିବା ପାଇଁ କ୍ରିଟିକାଲ୍ ଅପରେସନ୍ ଜାରି ରହିବ। ହସ୍ପିଟାଲ ଭଳି ଅନେକ ଅତ୍ୟାବଶ୍ୟକ ସେବା ଜାରି ରହିଥିଲେ ମଧ୍ୟ କର୍ମଚାରୀଙ୍କୁ ଏବେ ଦରମା ମିଳିବାର ସମ୍ଭାବନା କମ୍ ବୋଲି କୁହାଯାଉଛି। କୁହାଯାଉଥିବାରୁ ଏହି ସେବା ମଧ୍ୟ ବାଧାପ୍ରାପ୍ତ ହୋଇଛି। ସରକାରୀ ସେବାରେ ନିୟୋଜିତ ଅଧିକାଂଶ କର୍ମଚାରୀଙ୍କୁ ଛୁଟିରେ ଯିବାକୁ


**OFFICE OF THE NOTIFIED AREA COUNCIL, JUNAGARH**

email-nacjunagrh@g111ail.com

LETTER NO. 1644, DATE - 03.10.2025

**NOTICE INVITING TENDER FOR LEASE OF GYMNASIUM OF NAC JUNAGARH**

Details terms and Conditions are available at Office of the Notified area council Junagarh. www.junagarhnac.in or visit website - www.Kalahandi.odisha.gov.in

Sd/- Executive Officer
N.A.C., Junagarh

OIPR-13133/11/0021/2526 C-1204



**OFFICE OF THE PRINCIPAL**
**DADHIBAMAN HIGHER SECONDARY SCHOOL, TURUMUNGA,**
AT/PO-TURUMUNGA, DIST-KEONJHAR, PIN-758046
Ph: 06766-238025, 238035 e-mail: dadhibamantmg@gmail.com

Advt.No-03/25 Date-03.10.2025

**A Walk-in-interview for engagement of Guest Faculties**

A Walk-in-interview will be held for the post of Guest Faculties in subjects Physics, Mathematics and Botany on engagement basis. Candidates who have secured minimum 55% marks in PG for PGT must come with all original certificates (both original and Xerox) on **12.10.2025(Sunday) at 10.00 AM.**

**Contact No: - 9438162760, 6371399442**

Sd/- Principal



OFFICE OF THE DEPUTY DIRECTOR,
NANDANKANAN ZOOLOGICAL PARK
P.O-BARANG, DIST-KHURDA, PIN-754005
PHONE NO- 9437022023
Email: deputydirector.kanan@gmail.com
Web: www.nandankanan.org

NANDANKANAN CONSERVE | EDUCATE | INSPIRE

TENDER NOTICE

Notice No. 22 /NKZP/2025-26 Date: 03.10.2025

The Nandankanan Zoological Park Authority, Bhubaneswar invites Tender in sealed cover from reputed distributor/ stockists/ firms for the Supply of laboratory chemicals, glass and plastic wares for the financial year, 2025-26 use in Centre for Conservation Research and Training, Nandankanan Zoological Park (CCRT). The detailed terms and conditions alongwith tender documents shall be available at the website: www.nandankanan.org from 04.10.2025 onwards. The last date of submission of bid is 13.10.2025 at 05.00 PM and date of opening of Bid will be on 14.10.2025 at 11.30 AM.

Deputy Director
Nandankanan Zoological Park

OIPR-08070/11/0118/2526 MM-215



**AFFIDAVIT**

I, Dilip Kumar Sahu, S/o- Alia Sahoo, Resident of Upimara, PO: Tangi, PS: Tangi, Dist.: Khordha, Odisha PIN-752023 declared by this Affidavit No.: 1102/2025, Dated.: 03.10.2025. That now onwards I shall be known as **DILLIP KUMAR SAHOO** for all future Purposes.

**AFFIDAVIT**

I Prashanna Kumar Barik, S/o.: Bisunu Barik, At-Kespania, PO.: Bhaliadihi, Ps- Sarankul, Dist.: Nayagarh, Pin-752092, Odisha. Declare by this Affidavit No-7515, Dated-04/10/2025 that now onwards I shall be known as **Prasanna Kumar Barik** for all future Purpose.

**Affidavit-cum-Undertaking**

I Dasharathi Sahoo, S/o- Sankar Sahoo, aged about 75 Years residing At/Po- Derang,Angul, Odisha, Pin-759117, I have purchased and lawful owner of Khata No - 746/50and sale deed has been lost during photocopy of the original. I had put FIR for lost my original property document. I undertake that if my original document received then I will submit the mutation ROR to ICICI Bank Ltd.

Dasharathi Sahoo

**PUJA OFFER SALE**

Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.

**9437015112**

**AFFIDAVIT**

I, Chandrakanta Mohanty, S/o- Alekha Chandra Mohanty, Resident of Mahulaburi Sahi, Kandasar (Part), PO: Kandasar, PS: Nalco Angul, Dist.: Angul, Odisha, Pin-759145 declared by this Affidavit No.1103/2025 Dated.03.10.20205 that now onwards I shall be known as **CHANDRA KANT MOHANTY** for all future Purposes.

**AFFIDAVIT**

I Rupasree Sahoo D/o Sanjukta Jena, Resident of At-Badagada Jena Sahi, PO- Badagada Brit, PS-Badagada, Bhubaneswar, Dist- Khorda, Odisha, declare by this affidavit No.44611 dtd 23.09.2025 that now onwards I shall be known as **RUPASREE JENA** for all future purposes.

**AFFIDAVIT**

I, Sanu Khatun, D/o Sk Usman, Resident of Village-Panisanda, PO-Sukhasandapatna, PS-Bhograi, Dist-Balasore, Odisha-756036, declare by this affidavit No.2966 dtd 04.10.2025 that now onwards I shall be known as **SANU BIBI** for all future purposes.

**AFFIDAVIT**

By virtue of an affidavit sworn before Notary Public, Sinapali on date 11/10/2025, I Hemanta Harijan have changed my Surname from Harijan to Harpal. Henceforth I shall be known as **Hemanta Harpal** for all purposes.

**AFFIDAVIT**

I, Ghanshyam Patra, S/o- Debendra Patra, resident of At/Po-Jangalpadu, Paralakhemundi, Dist-Gajapati, PIN- 761210, Odisha declared by this affidavit No. 799, dtd-30/09/2025 that now onwards I shall be known as **GHANASHYAM PATRA** for all future purposes.

**VEHICLE FOR SALE**

EICHER PRO 2059, Model - 2022, Registration No-OD-02-CB-0749, in as is where is condition, Contact: M/S Sundaram Finance Limited, BHUBANESWAR BRANCH Ph:0674-2544772 within 7 days

**AFFIDAVIT**

By Virtue of an affidavit before Executive Magistrate, Angul, I, **Prangyashree Pradhan**, D/o.: Prakash Pradhan, Permanent & Current Address At: Rajanipal, PO.: Kukudang, P.S.: Sadar, Dist: Angul (Odisha), PIN-759123 have changed my name from Pragyan Parimita Pradhan to **Prangyashree Pradhan.** Henceforth I shall be known as **Prangyashree Pradhan** for all purposes.

**AFFIDAVIT**

I Suchismita Deo, W/o-Pramod Kumar Deo, At-Bhansar, Po-Kadamchhanda, Ps-Tirtol, Dist- Jagatsinghpur, Pin-754135, Odisha. Declare by this Affidavit No-7517, Dated- 04/10/2025 that now onwards I shall be known as **SUCHISMITA JENA** for all future Purpose.

**AFFIDAVIT**

By virtue of an Affidavit before Notary Public, Malkangiri, I, **Burunda Darli**, aged about 43 years, W/o.: Laba Darli resident of Village: Godiput, PO.: Biralaxmanpur, P.S./Dist.: Malkangiri, Odisha, declare by this Affidavit No.: 1641/2025, Dated: 25.09.2025 that I have changed my & my husband name from Burunda Barali, W/o.: Lab Barali to **Burunda Darli, W/o.: Laba Darli.** Henceforth I shall be known as **Burunda Darli, W/o.: Laba Darli** for all future purposes.

**AFFIDAVIT**

By virtue of an Affidavit sworn before the Executive Magistrate, Bhadrak, affidavit no. 16AA139458, dated-3/10/25.I Ajay Kumar Siyal, F/o-Rajalaxmi Siyal of At/Po-Kushaleswar, Dist-Keonjhar, Odisha do hereby declare that I have add the surname to my daughter's name as Rajalaxmi Siyal. Henceforth, my daughter shall be known as **RAJALAXMI SIYAL** for all purposes.

SD/- AJAY KUMAR SIYAL

**AFFIDAVIT**

By virtue of an affidavit sworn before Notary Public, Sinapali on date 11/10/2025, I Bidyadhar Harijan have changed my Surname from Harijan to Bidyadhar Nial. Henceforth I shall be known as **Bidyadhar Nial** for all purposes.

**AFFIDAVIT**

By virtue of an affidavit sworn before Notary, Cuttack, Dtd 22.08.2025 I, Bishnu Ganju, resident of At/PO- Aulajodi, P.S.-Bahalda, Mayurbhanj, Odisha (presently residing at At-Naranpur, G.P.-Belagachia, P.S.-Barang, Cuttack, Odisha), have changed my name from Bishnu Ganju to Bishnu Mohanta. Henceforth, I shall be known as **Bishnu Mohanta** for all purposes.

Sd/- Bishnu Mohanta

**AFFIDAVIT**

I, Ashok Rath, S/o-Late Saroj Chandra Rath, resident of Plot No- 1364, Daya Bhawan, Shastry nagar, Bhubaneswar, Dist- Khordha, Odisha, PIN- 751001 declare by this affidavit Sl No. 1996, dtd- 03/10/2025 that now onwards I shall be known as **ASHOK KUMAR RATH** for all future purposes.

**AFFIDAVIT**

I, Suprava Patra, W/o-Debendra Patra, resident of At/Po-Jangalpadu, Paralakhemundi, Dist-Gajapati, PIN- 761210, Odisha declared by this affidavit No. 800, dtd-30/09/2025 that now onwards I shall be known as **SUPRABHA PATRA** for all future purposes.

### କଣ ଗାଁରେ ମା' ଦୁର୍ଗାଙ୍କ ଖନ୍ଦାମଡ଼ା ଉତ୍ସବ ଉଦ୍‌ଯାପିତ

# ପାରମ୍ପରିକ ବାଦ୍ୟର ତାଳେ ତାଳେ ନାଚିଲେ ଭକ୍ତା

ବହଳଦା,୪।୧୦(ସମିସ)



ବହଳଦା ବ୍ଲକ ଅନ୍ତର୍ଗତ ଝରାଡିହି ନିକଟ କଣ ଗ୍ରାମରେ ଚାଲିଥିବା ଖନ୍ଦାମଡା ବା ନିଆଁ ମଡା ଉତ୍ସବ ଉଦଯାପିତ ହୋଇଯାଇଛି। ଗ୍ରାମରେ ଥିବା ମାଆ ଦୁର୍ଗାଙ୍କ ମନ୍ଦିରରେ ଦଶହରା ପର୍ବ ଅବସରରେ ୧୬ ଦିନ ଧରି ପୂଜା ବିଧି ପାଳନ କରାଯାଇଥିଲା। ବିଜୟା ଦଶମୀର ପରଦିନ ୧୭ତମ ଦିବସରେ ଖନ୍ଦାମଡା ବା ନିଆଁରେ ଚାଲିବା ଉତ୍ସବ ପାଳନ କରାଯାଇଥାଏ। ନିଃସନ୍ତାନ ଦମ୍ପତି, ପୁତ୍ର ସନ୍ତାନ ଇଚ୍ଛୁକ ବ୍ୟକ୍ତି, ରୋଗ ବ୍ୟାଧି ତଥା ବିଭିନ୍ନ ସମସ୍ୟାରୁ ମୁକୁଳିବା ପାଇଁ ମାଆଙ୍କ ନିକଟରେ ଲୋକେ ମାନସିକ ରଖିଥାନ୍ତି। ମନସ୍କାମନା ପୂର୍ଣ୍ଣ ହେଉଥିବା ବ୍ୟକ୍ତି ବିଶେଷ ଅଥବା ଦମ୍ପତି ଏଠାରେ ଖନ୍ଦାମଡା ଉତ୍ସବ ପାଇଁ ଖନ୍ଦା କିମ୍ବା ପଶୁବଳି ଦେଇଥାନ୍ତି। ଏହି ମନ୍ଦିରରେ ମାଆ ଦୁର୍ଗାଙ୍କ କୌଣସି ପ୍ରତିମୂର୍ତ୍ତି ପୂଜା ପାଇ ନ ଥାଏ। ଏଠାରେ ମନ୍ଦିରର କାନ୍ଥରେ ନାଲି ମାଟିର ରଙ୍ଗ ଉପରେ ଅରୁଆ ଚାଉଳ ଗୁଣ୍ଡରେ ଝୋଟି ଦ୍ୱାରା ଅଙ୍କିତ ବୁଇଥ ଚିତ୍ରରେ ମାଆ ଦୁର୍ଗା ପୂଜା ପାଇଥାନ୍ତି। ତେବେ ପ୍ରତ୍ୟକ ବର୍ଷ ବିଧି ବିଧାନର ସହିତ ପୂଜାପାଠ ଏବଂ ନିତିକାନ୍ତି ସମ୍ପନ୍ନ ହେଉଥିବା ବେଳେ ମନ୍ଦିର ପୂଜକ (ଦେହୁରୀ)ଙ୍କ ସହିତ ଭକ୍ତାମାନେ ଖଣ୍ଡା ଧରି ନିକଟସ୍ଥ ନଦୀରୁ ଗାଧୁଆ ପାଧୁଆ କରି ପୂଜାବିଧି ଅନୁସାରେ ମନ୍ଦିରକୁ ଆସୁଥିବା ନିଆରା ଦୃଶ୍ୟ ଦେଖିବାକୁ ମିଳେ। ପାରମ୍ପରିକ ବାଦ୍ୟର ତାଳରେ ଭକ୍ତାମାନେ ମାଆ'ଙ୍କ କାଳିସୀ ପ୍ରଭାବରେ ନୃତ୍ୟ କରୁଥିବା ସମୟରେ ଚାବୁକ ମାଡରେ ଶାନ୍ତ ହେବା, କୋଳି ଗଛର କଣ୍ଟା ଉପରେ ଗଡିବା ଭଳି ଦୃଶ୍ୟ ଦେଖିବାକୁ ମିଳିଥାଏ। ଶେଷରେ ଅପରାହ୍ନ ସମୟରେ ଭକ୍ତାମାନେ ଅଙ୍ଗାର ଉପରେ ଚାଲି ପୂଜାବିଧି ସମ୍ପନ୍ନ କରିଥାନ୍ତି। ଦେହୁରୀ ଘସିରାମ ଦଳେଇ ଏବଂ ଗାୟକ କୁଳଦୀପ ମହାକୁଡଙ୍କ ପୌରୋହିତ୍ୟରେ ସମସ୍ତ ପୂଜା କାର୍ଯ୍ୟ ରୀତିନୀତି ଅନୁସାରେ ସମ୍ପନ୍ନ ହୋଇଛି। ଦାସୀ ବ୍ରହ୍ମାନନ୍ଦ ମହାକୁଡ, ମଧୁସୂଦନ ଦାସ, ପ୍ରହରାଜ ପଲେଇ, ସର୍ବେଶ୍ୱର ଦାସ, ମଣ୍ଟୁ ଦାସ ଏବଂ ଉପେନ୍ଦ୍ର ବେହେରା ପ୍ରମୁଖ ପୂଜାବିଧିରେ ସହଯୋଗ କରିଥିଲେ। କମିଟି ସଭାପତି କିଶୋରି ମହାକୁଡ ଓ ସଂପାଦକ ରାଜାରାମ ବାରିକ ପ୍ରମୁଖଙ୍କ ତତ୍ତ୍ୱାବଧାନରେ ଉତ୍ସବ ପରିଚାଳିତ ହୋଇଥିବା ବେଳେ ସମିତି ସଭ୍ୟ ବିଶ୍ୱନାଥ ଦାସ, ଝୁଣ୍ଟୁ ଦାସ, ପିଣ୍ଟୁ ଦାସ, ଆଲୋକ ଦାସ, ତାପସ ବାରିକ, ସୁମିତ ବାରିକ, ପରୀକ୍ଷିତ ବାରିକ ଓ ଆସ୍ତିକ ବାରିକ ପ୍ରମୁଖ ପରିଚାଳନାରେ ସହଯୋଗ କରିଥିଲେ।

## ଶୁଣିଲାନି ପ୍ରଶାସନ; ରାସ୍ତା ନିର୍ମାଣ କଲେ ଗ୍ରାମବାସୀ



ଶରତ/କପ୍ତିପଦା,୪।୧୦(ସମିସ): ଗ୍ରାମାଞ୍ଚଳରେ ବିକାଶ କାର୍ଯ୍ୟ କରିବା ତଥା ଗ୍ରାମ ପଞ୍ଚାୟତ ମାନଙ୍କର ରାସ୍ତାଘାଟ ନିର୍ମାଣ କରିବା ନିମନ୍ତେ ମହାତ୍ମା ଗାନ୍ଧୀ ଗ୍ରାମୀଣ ଜାତୀୟ ନିଶ୍ଚିନ୍ତ କର୍ମ ନିଯୁକ୍ତି ଯୋଜନାରେ ସରକାର ବ୍ୟାପକ ଅର୍ଥ ବ୍ୟୟ କରୁଥିଲେ ମଧ ଲୋକଙ୍କ ସାମାଜିକ ଜୀବନ ଏବଂ ରାସ୍ତା ଘାଟରେ କୌଣସି ଉନ୍ନତି ହୋଇପାରୁନାହିଁ। ମୟୂରଭଞ୍ଜ ଜିଲ୍ଲା କପ୍ତିପଦା ବ୍ଲକ ଅନ୍ତର୍ଗତ ପଦ୍ମପୋଖରୀ ଏବଂ ମଝିଗୋଡ଼ିଆ ଗ୍ରାମ ପଞ୍ଚାୟତ ଆଜି ବି ବିକାଶର ବହୁ ପଛରେ ରହିଛି। ଏଠାକାର ଜନ ସାଧାରଣ ଆଜି ବି ସରକାରୀ ଯୋଜନାରୁ ବଞ୍ଚିତ। ଲୋକେ ଆଜି ପର୍ଯ୍ୟନ୍ତ ଅନ୍ଧାରୀ ମୂଳକରେ ରହିଛନ୍ତି, ଏଠି ରାସ୍ତା ଘାଟର ସୁବିଧା ନାହିଁ। ଏହି ପଞ୍ଚାୟତଦ୍ୱୟ ଅନ୍ତର୍ଗତ ତୁରାମ ସାହି (ମଝିଗୋଡ଼ିଆ ଗ୍ରାମ ପଞ୍ଚାୟତ) ଠାରୁ ରାଣୀପୋଖରୀ (ପଦ୍ମପୋଖରୀ ଗ୍ରାମ ପଞ୍ଚାୟତ) ପର୍ଯ୍ୟନ୍ତ ରାସ୍ତା ନିର୍ମାଣ କରାଯିବା ସକାଶେ ଲୋକେ ବାରମ୍ବାର ପଞ୍ଚାୟତ ଏବଂ ବ୍ଲକ ପ୍ରଶାସନ ନିକଟରେ ବାରମ୍ବାର ଲିଖିତ ଜଣାଇଥିବା ସତ୍ତ୍ୱେ କୌଣସି ଫଳ ମିଳିଲାନାହିଁ। ତେଣୁ ଗ୍ରାମବାସୀ ବାଧହୋଇ ମଙ୍ଗଳବାର ଶ୍ରମ ଦାନ କରି ରାସ୍ତା ନିର୍ମାଣ କରିଛନ୍ତି। ଏହି ୫ କି.ମି ବିଶିଷ୍ଟ ରାସ୍ତା ନିର୍ମାଣ କାର୍ଯ୍ୟରେ ଯୁବ ସମାଜସେବୀ ନବୀନ ମୁଣ୍ଡରୀଙ୍କ ନେତୃତ୍ୱରେ ଶବନ ତିୟୁ, ବାନ୍ଦୁ ସାମାଡ, ରାଜୁ କାଇଦ୍ୱାର, ମାଟା କାଇଦ୍ୱାର, ମୁଗା ସାମାଡ, ମାଟା ସାମାଡ, ଦୁଗେ ଶୁଣ୍ଡି, ମାଧିଆ ମହାକୁଡ ପ୍ରମୁଖ ରାସ୍ତା ନିର୍ମାଣରେ ସହଯୋଗ କରିଥିଲେ।

## ମୟୂରଭଞ୍ଜର ପ୍ରଥମ ରାଜ୍ୟସଭା ସାଂସଦ ସୁନ୍ଦର ହେମ୍ବ୍ରମଙ୍କ ଜୟନ୍ତୀ

ବହଳଦା, ୪।୧୦ (ସମିସ)




ମୟୂରଭଞ୍ଜ ଜିଲ୍ଲାର ପ୍ରଥମ ରାଜ୍ୟସଭା ସାଂସଦ ତଥା ସମାଜ ସଂସ୍କାରକ ସୁନ୍ଦର ମୋହନ ହେମ୍ବ୍ରମଙ୍କ ୧୦୭ତମ ଜୟନ୍ତୀ ତାରଣା ସ୍ଥିତ ଏଫଏମ ଏକାଡେମୀ ବିଦ୍ୟାଳୟ ପରିସରରେ ପାଳିତ ହୋଇଯାଇଛି। ପୂର୍ବତନ ବିଧାୟକ ଲକ୍ଷ୍ମଣ ହେମ୍ବ୍ରମଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବରିଷ୍ଠ ସାମ୍ବାଦିକ ତଥା ବାବାତିଲକା ଲାଇବ୍ରେରୀ ପ୍ରତିଷ୍ଠାତା ରାମଦାସ ମୁର୍ମୁ, ସୁନ୍ଦର ମୋହନ ହେମରମଙ୍କ କନିଷ୍ଠ ପୁତ୍ର ତଥା ବାବାତିଲକା ଲାଇବ୍ରେରୀ ସଭାପତି ରମଚନ୍ଦ୍ର ହେମ୍ବ୍ରମ, ପୂର୍ବତନ ପ୍ରଧାନ ଶିକ୍ଷକ ନିମାଇ ହେମ୍ବ୍ରମ ଏବଂ ସାମ୍ବାଦିକ ବସନ୍ତ ସାଣ୍ଡିଲ ପ୍ରମୁଖ ମଞ୍ଚାସୀନ ଥିଲେ।

ବହଳଦା ବ୍ଲକ ଅନ୍ତର୍ଗତ ଗିଦିଘାଟୀ ଗ୍ରାମପଞ୍ଚାୟତ ତାରଣା ଗ୍ରାମରୁ ସେତେବେଳର ମୟୂରଭଞ୍ଜ ମହାରାଜାଙ୍କ ନିକଟରେ ପଳସା ପିଢ ସର୍ଦ୍ଦାର ଭାବେ ନିୟୋଜିତ ଥିବା ଫାତୁ ହେମ୍ବ୍ରମଙ୍କ ପୁତ୍ର ସୁନ୍ଦର ମୋହନ ହେମ୍ବ୍ରମ ମୟୂରଭଞ୍ଜ ଜିଲ୍ଲାର ପ୍ରଥମ ଆଦିବାସୀ ବିଜ୍ଞାନ ଗ୍ରାଜୁଏଟ ଭାବେ ରେଭେନ୍ସା ମହାବିଦ୍ୟାଳୟରୁ ୧୯୪୧ ମସିହାରେ ଉତ୍ତୀର୍ଣ୍ଣ ହୋଇଥିଲେ। ତେବେ ସାନ୍ତାଳୀ ଭାଷା ଅଲଚିକି ଲିପିର ସ୍ରଷ୍ଟା ଗୁରୁ ଗୋମକେ ପଣ୍ଡିତ ରଘୁନାଥ ମୁର୍ମୁଙ୍କ ଆଦର୍ଶରେ ଅନୁପ୍ରାଣିତ ହୋଇ ଟାଟାନଗର ସ୍ଥିତ ଖାସମହଲର ଧପାଳିଆ କୋଠାରେ ଚାନ୍ଦାନ ପ୍ରେସ୍ ପ୍ରତିଷ୍ଠା କରି ଅଲଚିକି ଲିପିରେ ପାକ୍ଷିକ ପତ୍ରିକା ସାଗେନ ସାକାମର ପ୍ରତିଷ୍ଠାତା ସଂପାଦକ ଥାଇ ଅଗଷ୍ଟ ୧୯୪୭ ମସିହାରୁ ପ୍ରତ୍ରିକା ପ୍ରକାଶନ ଆରମ୍ଭ କରିଥିଲେ। ସେ ମୟୂରଭଞ୍ଜ ଜିଲ୍ଲାର ପ୍ରଥମ ରାଜ୍ୟସଭା ସାଂସଦ ଭାବେ ୧୯୫୨ରୁ ୧୯୫୬ ମସିହା ପର୍ଯ୍ୟନ୍ତ ରହିଥିଲେ।

ଏହାପରେ ୧୯୫୭ରୁ ୧୯୬୦ ମସିହା ପର୍ଯ୍ୟନ୍ତ ବହଳଦା ବିଧାୟକ ରହିଥିଲେ। ରାଜନୈତିକ କାଳରେ ତାଙ୍କ ଲିଖିତ ପୁସ୍ତକ 'ଟ୍ରେଣ୍ଡସ୍ ଇନ୍ ଡେମୋକ୍ରାସି' ପ୍ରକାଶ କରିଥିଲେ। ସେ ବହୁ ଶିକ୍ଷାନୁଷ୍ଠାନ ପ୍ରତିଷ୍ଠା କରିବା ସହିତ ବାବାତିଲକା ମାଝୀ ପାଠାଗାର ମଧ ସ୍ଥାପନ କରିଥିଲେ।

## ପାର୍ବଣ କବିତା ଆସର ଓ ପୁସ୍ତକ ଲୋକାର୍ପଣ



ସାରସକଣା,୪।୧୦(ସମିସ): ଶାରଦୀୟ ପୂଜା ଅବସରରେ ନନ୍ଦିଘୋଷ ସାହିତ୍ୟ ସମାଜ ପକ୍ଷରୁ ଗତ ୧ ତାରିଖରେ "ପାର୍ବଣ କବିତା ପାଠ'ର ଏକ ମନୋଜ୍ଞ ଆସର ଓ କବି ଜଗନ୍ନାଥ ସାହୁଙ୍କ କବିତା ସଂକଳନ "ଭୂମିରୁ ଭୂମା'ର ଲୋକାର୍ପଣ ହୋଇଛି। ଅଧ୍ୟାପକ ସମରେନ୍ଦ୍ର କୁମାର ବଶା ଓ କବି ଅଜିତ କୁମାର ପାଣିଗ୍ରାହୀଙ୍କ ସଂଯୋଜନାରେ ମା'ସୁଭଦ୍ରା ବାଳିକା ଉଚ୍ଚବିଦ୍ୟାଳୟ, ସ୍ୱରସ୍ୱତୀ ଶିଶୁ ବିଦ୍ୟାମନ୍ଦିର, ଈଶ୍ୱର ଚନ୍ଦ୍ର ସରକାରୀ ଉଚ୍ଚବିଦ୍ୟାଳୟର ଛାତ୍ରଛାତ୍ରୀ ଯୋଗଦେଇ ସ୍ୱରଚିତ ରଚନା ପାଠ କରିଥିଲେ। ସେହିପରି ପୁସ୍ତକ ଲୋକାର୍ପଣ ଉତ୍ସବରେ 'ମକର ମଣ୍ଡା' ସାହିତ୍ୟ ପତ୍ରିକାର ମୁଖ୍ୟ ସମ୍ପାଦକ ପଦ୍ମନାଭ ସାହୁଙ୍କ ମଞ୍ଚ ଆମନ୍ତ୍ରଣ ଏବଂ ସାହିତ୍ୟ ସମାଜର ସଭାପତି ଡଃ ଉପେନ୍ଦ୍ର ନାଥ ସାହୁଙ୍କ ପୌରୋହିତ୍ୟରେ ପ୍ରଫେସର ଡ଼ଃ ଅବନୀ କୁମାର କୁଣ୍ଡୁ, ପ୍ରାଧ୍ୟାପକ ରାଜେନ୍ଦ୍ର କୁମାର ସାମଲ, ପ୍ରାକ୍ତନ ଅଧକ୍ଷ କାବେରୀ ମିଶ୍ର, ଉପସଭାପତି ମୟୂରଭଞ୍ଜ ସାହିତ୍ୟ ପରିଷଦ, ବରିଷ୍ଠ କବୟିତ୍ରୀ ପାର୍ବତୀ ବାରିକ ତଥା ଭଞ୍ଜମାଟିର ବିଜ୍ଞ ସାହିତ୍ୟିକ ଶଙ୍କର ଜେନା, ଯଥାକ୍ରମେ ମୁଖ୍ୟ ଅତିଥି, ମୁଖ୍ୟବକ୍ତା, ସମ୍ମାନିତ ଅତିଥି, ବକ୍ତା ଭାବେ ଯୋଗଦେଇଥିଲେ। ଏହି ଅବସରରେ ଚିତ୍ରଶିଳ୍ପୀ ଦମ୍ପତି ସ୍ୱରୂପ କୁମାର ନାୟକ ଓ ମୋନାଲିସାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ସାହିତ୍ୟ ସମାଜର ବରିଷ୍ଠ କବି ରବୀନ୍ଦ୍ର ନାଥ ଭୋଳ ଧନ୍ୟବାଦ ଅର୍ପଣ କରିଥିଲେ।

## ୧୮ ହଜାର ଟଙ୍କାରେ ନିଲାମ ହେଲା ମା'ଙ୍କ ଦିବ୍ୟ ଲଡ଼ୁ



କୁଳିଅଣା, ୪।୧୦(ସମିସ): କୁଳିଅଣାରେ ୫୯ତମ ସାର୍ବଜନୀନ ଦୁର୍ଗାପୂଜା ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ମା'ଙ୍କ ଦିବ୍ୟଲଡ୍ଡୁ ନବମୀ ଦିନ ନିଲାମ ହୋଇଛି। ଶାମାଖୁଣ୍ଟା ବ୍ଲକ ଭାଲୁବସା ଗ୍ରାମର ସେନା ବାହିନୀରେ କାର୍ଯ୍ୟରତ ରବୀନ୍ଦ୍ର ନାଥ ସିଂ ୧୮ ୦୦୧ ଟଙ୍କା ପ୍ରାଣମି ଦେଇ ଦିବ୍ୟଲଡ୍ଡୁ ଗ୍ରହଣ କରିଛନ୍ତି। ପୂଜା କମିଟି ସଭାପତି ବୀରବର ମିଶ୍ରଙ୍କ ପୌରୋହିତ୍ୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ କୁଳିଅଣା ସରପଞ୍ଚ ଅହଲ୍ୟା ନାଏକ, ସମ୍ମାନିତ ଅତିଥିଭାବେ ଟୋଲ ପ୍ଲାଜା ମ୍ୟାନେଜର ଦୀପକ କୁମାର ଶର୍ମା, ସମ୍ପାଦକ ରାଧାକାନ୍ତ ବେହେରା, କୋଷାଧକ୍ଷ କମଲ କୁମାର ସିହ୍ନା, ବରିଷ୍ଠ ସାମ୍ବାଦିକ ନିହାର ରଞ୍ଜନ ବେହେରା ଓ ସାମ୍ବାଦିକ ମୃତ୍ୟୁଞ୍ଜୟ ପାଣିଗ୍ରାହୀ ଯୋଗଦେଇଥିଲେ। ଆଇନଜୀବୀ ମୃତ୍ୟୁଞ୍ଜୟ ସିଂହ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ବହୁ ସଂଖ୍ୟାରେ ମହିଳା ନାଚ ଗୀତ ସହିତ ସିନ୍ଦୂର ଖେଳିଥିଲେ।

## ଆରଏସ୍‌ଏସ୍‌ର ଶତବାର୍ଷିକୀ ପାଳନ ସମାରୋହ

ବିଶୋଇ,୪।୧୦(ସମିସ): ବିଶୋଇ ଖଣ୍ଡ ରାଷ୍ଟ୍ରୀୟ ସ୍ୱୟଂ ସେବକ ସଂଘ ପକ୍ଷରୁ ଶତାବ୍ଦୀ ବର୍ଷ ସମାରୋହର କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବରିଷ୍ଠ ସ୍ୱୟଂ ସେବକ ରାଜେନ୍ଦ୍ର ମହାନ୍ତ ମୁଖ୍ୟଅତିଥି ଭାବରେ ଯୋଗଦେଇ ଭାରତକୁ ପୁଣି ଥରେ ପରମ ଵୈଭବଶାଳୀ କରିବାରେ ସ୍ୱୟଂ ସେବକଙ୍କ ଭୂମିକା ବାବଦରେ ଆଲୋଚନା କରିଥିଲେ। ମୁଖ୍ୟବକ୍ତା ଭାବରେ ସ୍ୱୟଂ ସେବକ ପ୍ରଭାତ ରଞ୍ଜନ ମହାନ୍ତ ଯୋଗଦେଇ ଚଳିତବର୍ଷ ରାଷ୍ଟ୍ରୀୟ ସ୍ୱୟଂ ସେବକ ସଂଘ ୧୦୦ ବର୍ଷ ପୂରଣ କରୁଛି। ୧୯୨୫ରେ ହିନ୍ଦୁ ସାଂସ୍କୃତିକ ଓ ସାମାଜିକ ସଂଗଠନଗୁଡିକୁ ନୂଆ ରୂପ ଦେବାପାଇଁ ଆର.ଏସ୍.ଏସ୍ ଗଠନ କରାଯାଇଥିଲା ବୋଲି କହିଥିଲେ। ପ୍ରାକ୍ତନ ବିଧାୟକ ଡାକ୍ତର ବୁଢାନ ମୁର୍ମୁ କାର୍ଯ୍ୟକ୍ରମରେ ଯୋଗଦେଇଥିଲେ। ଅତିଥି ମାନଙ୍କ ଦ୍ୱାରା ପ୍ରଥମେ ଶସ୍ତ୍ର ପୂଜନ କରାଯିବା ପରେ ସ୍ଥାନୀୟ ସ୍ୱୟଂ ସେବକ ମାନଙ୍କ ଦ୍ୱାରା ବିଭିନ୍ନ ଶାରୀରିକ ଅଭ୍ୟାସ ପରେ ବୌଦ୍ଧିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ସ୍ୱୟଂସେବକମାନେ ପାରମ୍ପରିକ ବେଶଭୂଷାରେ ସୁସଜ୍ଜିତ ହୋଇ ହାତରେ ବିଜୟ ଧ୍ୱଜା ଓ ଖଡ୍ଗ, ଲାଠି ଧରି ବାଜା ବଜାଇ ନଗର ପରିକ୍ରମା କରିଥିଲେ।

## ପୋଖରୀବାଡ଼ି ଫୁଟ୍‌ବଲ୍; ବାଦାମପାହାଡ଼ ଚାମ୍ପିଅନ୍

ଠାକୁରମୁଣ୍ଡା,୪।୧୦(ସମିସ): ଠାକୁରମୁଣ୍ଡା ବ୍ଲକ କେଶଡିହା ଗ୍ରାମ ପଞ୍ଚାୟତ ପୋଖରୀବାଡିରେ ୪୧ତମ ଫୁଟବଲ ଟୁର୍ଣ୍ଣାମେଣ୍ଟ ଅନୁଷ୍ଠିତ ହୋଇଯାଇଛି। ଏଥିରେ ୩୨ ଟି ଟିମ୍ ଅଂଶଗ୍ରହଣ କରିଥିବା ବେଳେ ଫାଇନାଲ ମ୍ୟାଚରେ ବାଦାମପାହାଡ ଓ ଶୁଭଶ୍ରୀ ଟିମ୍ ମଧରେ ଅନୁଷ୍ଠିତ ହୋଇଥିଲା। ୧-୦ ଗୋଲରେ ବାଦାମପାହଡ ଫୁଟବଲ ଟିମ୍ ବିଜୟ ହୋଇ ଚାମ୍ପିଅନ ହୋଇଛି। ଏହି ପ୍ରତିଯୋଗିତା ଗତ ୨୯ ରୁ ଆରମ୍ଭ ହୋଇ ଅକ୍ଟୋବର ୧ ତାରିଖରେ ଶେଷ ହୋଇଛି। ଉଦଯାପନୀ ଉତ୍ସବରେ କ୍ଲବ ସଭାପତି ବାବୁଲି ପୂର୍ତ୍ତିଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଖେଳରେ ମୁଖ୍ୟ ଅତିଥି ଭାବେ କରଞ୍ଜିଆ ବିଧାୟକ ପଦ୍ମଚରଣ ହାଇବ୍ରୁ ଯୋଗଦେଇ ବିଜୟ ଟିମ୍‌କୁ କପ ସହିତ ପୁରସ୍କାର ରାଶି ପ୍ରଦାନ କରିଥିଲେ। ସମ୍ମାନିତ ଅତିଥି ଭାବେ ଠାକୁରମୁଣ୍ଡା ବ୍ଲକ ଅଧକ୍ଷା ସରୋଜିନୀ ମୁଣ୍ଡା, ବ୍ଲକ ଉପାଧ୍ୟକ୍ଷ ସନ୍ତୋଷ କୁମାର ମହାନ୍ତ, ପୂର୍ବତନ ସରପଞ୍ଚ ରଘୁନାଥ ନାୟକ, ସାମାଜିକ କର୍ମୀ ଭରତ ଭୂଷଣ ମହାନ୍ତ, ଶିକ୍ଷକ ଆନନ୍ଦ ଦାସ ପ୍ରମୁଖ ଖେଳାଳିଙ୍କୁ ପୁରସ୍କୃତ ରାଶି ଓ ଟ୍ରଫି ପ୍ରଦାନ କରିଥିଲେ।



## ସାଂସ୍କୃତିକ କାର୍ଯ୍ୟକ୍ରମ ଓ ଫୁଟ୍‌ବଲ୍ ପ୍ରତିଯୋଗିତା

ବିଶୋଇ,୪।୧୦(ସମିସ): ଅସନା ସାର୍ବଜନୀନ ଦୁର୍ଗା ପୂଜା ଉପଲେ ଏକ ସାଂସ୍କୃତିକ କାର୍ଯ୍ୟକ୍ରମ ଏବଂ ଫୁଟବଲ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଏହି ପୂଜା ଉପଲକ୍ଷେ ଦୀର୍ଘ ୧୫ ବର୍ଷ ଧରି ଫୁଟବଲ ପ୍ରତିଯୋଗିତା ଅନୁଷ୍ଠିତ ହୋଇଆସୁଛି। ଏଥିରେ ୩୨ଟି ଟିମ ଅଂଶଗ୍ରହଣ କରିଥିଲେ। ଉଦଯାପନୀ ଦିବସରେ ମୁଖ୍ୟଅତିଥି ଭାବେ ପ୍ରାକ୍ତନ ଏସ୍.ଡି.ସି ଅଧକ୍ଷ ଡାକ୍ତର ଦେବାଶିଷ ମାର୍ଣ୍ଡି ଯୋଗଦେଇ ଦୁର୍ଗାପୂଜା ଉପଲକ୍ଷେ ଗ୍ରାମାଞ୍ଚଳରେ କ୍ରୀଡାବିତଙ୍କୁ ଫୁଟବଲ ଭଳି ଲୋକପ୍ରିୟ କ୍ରୀଡ଼ା ପ୍ରତି ଆକର୍ଷିତ କରିବାର ଏପରି ସ୍ୱତନ୍ତ୍ର କାର୍ଯ୍ୟକ୍ରମକୁ ପ୍ରଶଂସା କରିଥିଲେ। ସମ୍ମାନିତ ଅତିଥି ଭାବରେ ପ୍ରାକ୍ତନ ବ୍ଲକ ଅଧକ୍ଷ ମନୋଜ ଗିରି, ସମାଜସେବୀ



ମଙ୍ଗଳ ନାଏକ, ସାମାଜିକ କର୍ମୀ ଗୋପବନ୍ଧୁ ଗିରି, ସମାଜସେବୀ ରଞ୍ଜନ ନନ୍ଦ, ଯୁବନେତା ସୁନୀଲ ମହାପାତ୍ର, ଅନିରୁଦ୍ଧ ଗିରି, ସାମ୍ବାଦିକ ଅମିତ ଦାସ, ଆଇନଜୀବି ବିରଞ୍ଚି ନାରାୟଣ ନନ୍ଦ, ଯୁବନେତା ଖେଳାରାମ ଟୁଡୁ, ସାମାଜିକ କର୍ମୀ ଅଶୋକ ଗିରି ପ୍ରମୁଖ କ୍ରୀଡ଼ାବିତଙ୍କୁ ଉତ୍ସାହିତ କରିଥିଲେ। ଚାମ୍ପିଅନ ଟିମ୍ ତଳାପାତିର ବେଇମାନ ଟିମକୁ ୧୨ ହଜାର ୫୨୫ ଟଙ୍କା, ରନର୍ସଅପ୍ 'ହଷ୍ଟେଲ-ଏଫ.ସି ବିଶୋଇ' ଟିମକୁ ୯ ହଜାର ୫୨୫ ଟଙ୍କା, ତୃତୀୟ ସ୍ଥାନ ଅଧିକାର କରିଥିବା 'ଦାଗାବାଜ' ଟିମକୁ ୬ ହଜାର ୨୫ ଟଙ୍କା ଏବଂ ଚତୁର୍ଥ ସ୍ଥାନରେ ଥିବା ଲୁହାବାଳିଆ ଟିମକୁ ୫ ହଜାର ୨୫ ଟଙ୍କା ଅତିଥିମାନେ ପୁରସ୍କୃତ କରିଥିଲେ।

# ବର୍ଷା ଧୋଇଦେଲା ଦଶହରା; ଫିଙ୍କା ପଡ଼ିଲା ରାବଣ ପୋଡ଼ି ଉତ୍ସବ

କୁଆମରା,୪।୧୦(ସମିସ)

ଚଳିତବର୍ଷ ଲଗାଣବର୍ଷା ଯୋଗୁ ଦୁର୍ଗାପୂଜା ଧୋଇହୋଇଯାଇଛି। ଏହି ପୂଜାରେ ମୁଖ୍ୟତଃ ଅନୁଷ୍ଠାନ ତରଫରୁ ରାବଣ ପୋଡ଼ି ଉତ୍ସବ ଆକର୍ଷଣ ପାଲଟିଥାଏ। ଦଶହରା ଦିନ ରାତିରେ କମିଟି ପକ୍ଷରୁ ଆୟୋଜିତ ରାବଣ ପୋଡ଼ି ଉତ୍ସବକୁ ହଜାର ହଜାର ଲୋକ ଉପଭୋଗ କରିଥାନ୍ତି। ମାତ୍ର ଚଳିତ ବର୍ଷ ଲଘୁଚାପ ଜନିତ ବର୍ଷା ଯୋଗୁଁ ରାବଣ ପୋଡ଼ି ଉତ୍ସବ କାର୍ଯ୍ୟକ୍ରମ ସ୍ଥଗିତ ରହିଛି। ଯାହା ଲୋକଙ୍କୁ ନିରାଶ କରିଛି। ତେବେ କମିଟି ପକ୍ଷରୁ ନବମୀ ଦିନ ପାରମ୍ପରିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଗୋପବନ୍ଧୁ ନଗର ବ୍ଲକ ଚତୁର୍ଶିଳା ପୂଜା କମିଟି ପକ୍ଷରୁ ନବମୀ ଦିନ ନବ କୁଆଁରୀଙ୍କୁ ନବବସ୍ତ୍ର ପରିଧାନ କରାଇବା ସହ ପୂଜାର୍ଚ୍ଚନା କରାଯାଇଥିଲା। ଏଥିସହିତ ଲାଖ ବିନ୍ଧା କାର୍ଯ୍ୟକ୍ରମ ଏବଂ ୫ ଜଣ ବରିଷ୍ଠ ନାଗରିକଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। କମିଟିର ସଭାପତି ଦେବେନ୍ଦ୍ର ନାଥ ମଡୁଆଲ, ସଂପାଦକ ଉମେଶ କୁମାର ପ୍ରଧାନ, କୋଷାଧକ୍ଷ ରଣଜିତ ମହାପାତ୍ର ପ୍ରମୁଖଙ୍କ ତତ୍ତ୍ୱାବଧାନରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ସେହିପରି ସାଇଁକୁଳା ପୂଜା କମିଟି ପକ୍ଷରୁ ଅନୁରୂପ ଭାବେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଦଶହରା ଦିନ ଅପରାହ୍ନରେ ପାରମ୍ପରିକ ଭାବେ ଖଣ୍ଡାୟତ ଓ ଦଳେଇ ସଂପ୍ରଦାୟର ଦ୍ୱାରା ଲାଖବିନ୍ଧା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏଥିରେ ଗଡ଼ସାହି, କୁଣ୍ଡାପଡା, ଚକ ବ୍ରାହ୍ମଣ ସାହିର ଲୋକେ ପ୍ରତିଯୋଗିତାରେ ଭାଗ ନେଇଥିଲେ। କରକଟିଆ ପଞ୍ଚାୟତ ଟିକରପଡା ଠାରେ ୩୧ ବର୍ଷର ପୂଜା ପଦାର୍ପଣ କରିଛି। କମିଟିର ସଭାପତି ରଞ୍ଜନ କୁମାର ମଡୁଆଳ, ସଂପାଦକ ସଞ୍ଜିତ କୁମାର ମହାପାତ୍ରଙ୍କ ତତ୍ତ୍ୱାବଧାନରେ ପୂଜା ଓ ପାରମ୍ପରିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିବା ବେଳେ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା।

## ବନବିଭାଗକୁ ନାକେଦମ କଲାଣି ଦନ୍ତା

କୁଆମରା,୪।୧୦(ସମିସ): ଦୁଇ ଦିନ ତଳେ ଏକ ଦନ୍ତା ଗୋଠଛଡା ହୋଇ ବଡ଼ସାହି ଜଙ୍ଗଲରୁ ଖସିଆସିଥିଲା। ସେଠାରୁ ଗୋଟିଏ ଦିନ ପରେ ଗୋପବନ୍ଧୁ ନଗର ବ୍ଲକ ପଶୁଦା ଓ ରାଣୀବନ୍ଧ ଅଞ୍ଚଳର ଗ୍ରାମ ଭିତରକୁ ପଶି ଆତଙ୍କ ଖେଳାଇଛି। ଦନ୍ତାକୁ ଘଉଡାଇବା ନିମନ୍ତେ ବନ ବିଭାଗ ନାକେଦମ ହେଲାଣି। ବୁଧବାର ଅପରାହ୍ନରେ ଦନ୍ତା ପ୍ରଥମେ ପଶୁଦା ପଞ୍ଚାୟତର ମୁଟୁରୁଦା, ଅଛଡା, ସାନବେଲାକୁଟୀ, ପଶୁଦା ଗ୍ରାମରେ ପଶି ବ୍ୟାପକ କ୍ଷତି ଘଟାଇଥିବା ବେଳେ ସାନବେଲାକୁଟୀ ଛକରେ ଏକ ଦୋକାନ ଘରକୁ ଭାଙ୍ଗି ଦେଇଛି। ସେହିପରି ଗୁରୁବାର ରାଣୀବନ୍ଧ ଅଞ୍ଚଳରେ ପଶିବାରୁ ଲୋକେ ଭୟଭୀତ ହୋଇପଡିଥିଲେ। ପରେ ଟିକରପଡା ଗ୍ରାମର ବୁଧୁ ମାଝୀଙ୍କ ଘର ଭାଙ୍ଗି ଦେଇଛି। ଏବେ ଦନ୍ତା ଭୟରେ ସନ୍ଧ୍ୟା ୭ଟା ହେବାମାତ୍ରେ ତାଟି କବାଟ ପଡି ଯାଉଛି। ଗୁରୁବାର ରାତିରେ ନାଉପଦା ସ୍ଥିତ ଟୁଙ୍ଗାଧୁଆ ଜଙ୍ଗଲ ମଧକୁ ପଶିଥିବାବେଳେ ଆଜି ସକାଳେ ଶୀଳଘାଟି ସ୍ଥିତ ଡୁଙ୍ଗୁରିଡିହି ହୁଡି ନିକଟରେ ପହଞ୍ଚିଥିବା ଫରେଷ୍ଟର ଅର୍ପିତା ଦେବାଙ୍ଗନୀ ସୂଚନା ଦେଇଛନ୍ତି।

## ବାଇକ ଚୋରି ଅଭିଯୋଗରେ ୨ ଗିରଫ

କୁଆମରା, ୪।୧୦(ସମିସ): ଖୁଣ୍ଟା ଥାନା ଅଞ୍ଚଳ ରେ କ୍ରମାଗତ ବାଇକ ଚୋରି ବୃଦ୍ଧି ପାଇଛି। କେତେବେଳେ ସାପ୍ତାହିକ ହାଟରୁ ତ ଆଉ କେତେବେଳେ ଘର ସମ୍ମୁଖରୁ। ତେବେ ଗତ କିଛିଦିନ ହେବ କ୍ରମାଗତ ଭାବେ ଖୁଣ୍ଟା ଥାନା ଅଞ୍ଚଳର ୩ଟି ବାଇକ ଚୋରି ହୋଇଛି। ସେହିପରି ଗତ ୨୮ ତାରିଖ ରାତିରେ ସପନଚୁଆ ଗ୍ରାମର ଜଣେ ବ୍ୟକ୍ତି ଙ୍କ ବାରଣ୍ଡା ରେ ଏକ ବାଇକ ଥିବା ବେଳେ ଚୋରି କରି ନେଇ ଜଣେ ଦୁର୍ବୃତ୍ତ ଖସି ପଳାଉଥିବା ବେଳେ ଗ୍ରାମବାସୀ କାବୁ କରିଥିଲେ। ପୁଲିସ ଖୋଳତାଡ଼ କରିବା ପରେ ୩ ଅଭିଯୁକ୍ତଙ୍କ ନାମ ସାମ୍ନାକୁ ଆସିଥିଲା। ତେବେ ଦୁଇ ଅଭିଯୁକ୍ତ ବଡ଼ସାହି ଥାନା ଅନ୍ତର୍ଗତ ଶାଳପଥରା ଗ୍ରାମର ସନ୍ତୋଷ କୁମାର ସିଂ ଓ ସୁଜିତ୍ କୁମାର ସିଂ ଙ୍କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଛି। ସେମାନଙ୍କ ନିକଟରୁ ୪ଟି ବାଇକ ଜବତ ହୋଇଛି।

## ପରିତ୍ୟକ୍ତ କୂଅରୁ ମୃତଦେହ ଉଦ୍ଧାର

ମହୁଲଡିହା/ଠାକୁରମୁଣ୍ଡା, ୪।୧୦(ସମିସ): ମହୁଲଡିହା ଥାନା ଭାଲିଆଡାଳ ଗ୍ରାମ ପଞ୍ଚାୟତ ବାଗଦଫା ଗ୍ରାମର ଏକ ପରିତ୍ୟକ୍ତ କୂଅରୁ ଜଣେ ଅଜଣା ବ୍ୟକ୍ତିଙ୍କ ମୃତଦେହ ବୁଧବାର ରାତିରେ ଉଦ୍ଧାର କରିଛି ପୁଲିସ। ସୂଚନା ଅନୁସାରେ, ଗ୍ରାମରେ ପ୍ରତ୍ୟେକ ବର୍ଷ ପରି ଗତ ୨୭ ଓ ୨୮ ତାରିଖରେ ଭାଲୁକାଣି ଓଷା ଅନୁଷ୍ଠିତ ହୋଇଥିଲା। ଭାଲୁକାଣି ମଣ୍ଡପର ଅନତି ଦୂରରେ ପ୍ରାୟ ୨୦/୨୫ ବର୍ଷ ପୂର୍ବେ ମୃତ୍ତିକା ସଂରକ୍ଷଣ ବିଭାଗ ତରଫରୁ ଖୋଳାଯାଇଥିବା ଏକ ପରିତ୍ୟକ୍ତ କୂଅରୁ ଦୁର୍ଗନ୍ଧ ଆସୁଥିବାରୁ ସ୍ଥାନୀୟ ଲୋକେ ଏକ ଶବ ଭାସୁଥିବା ଦେଖି ପୁଲିସକୁ ଖବର ଦେଇଥିଲେ। ପରେ ଆଇଆଇସି ଅରୁଣ କୁମାର ଟୁଡୁ ଓ ଏଏସଆଇ ବିଜୟକୃଷ୍ଣ ସାନ୍ତରା ଘଟଣା ସ୍ଥଳରେ ପହଞ୍ଚି ଠାକୁରମୁଣ୍ଡା ଅଗ୍ନିଶମ ବିଭାଗ ଦ୍ୱାରା ମୃତଦେହକୁ ଉଦ୍ଧାର କରିଥିଲେ। ତେବେ ମୃତ ବ୍ୟକ୍ତିର ପରିଚୟ ମିଳିପାରିନାହିଁ। ଶବ ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ଜଣାପଡ଼ିବ ମୃତ୍ୟୁର କାରଣ ଜଣାପଡିବ।

## ବିଶ୍ୱ ବରିଷ୍ଠ ନାଗରିକ ଦିବସ



ରାଇରଙ୍ଗପୁର, ୪।୧୦(ସମିସ): ରାଇରଙ୍ଗପୁର ବରିଷ୍ଠ ନାଗରିକ ସଂଘ ପକ୍ଷରୁ ଏକ ସାଧାରଣ ପରିଷଦ ବୈଠକ ଅନୁଷ୍ଠିତ ହୋଇଯାଇଛି। ସଂଘର ଉପଦେଷ୍ଟା ରସାନନ୍ଦ ଲେଙ୍କାଙ୍କ ଅଧକ୍ଷତା ଏବଂ ସଭାପତି ଦୁଷ୍ମନ୍ତ କୁମାର ବଶାଙ୍କ ସଂଯୋଜନାରେ ଆୟୋଜିତ ସଭାରେ ରାଇରଙ୍ଗପୁର ଉପଖଣ୍ଡ ଆରକ୍ଷୀ ଅଧିକାରୀ ଗୋକୁଳାନନ୍ଦ ସାହୁ ଯୋଗଦେଇ ଏହି ଦିବସ ପାଳନର ମହତ୍ୱ, ଗୁରୁତ୍ୱ ଉପରେ ଆଲୋକପାତ କରିଥିଲେ। ଏସଡପିଓ ଶ୍ରୀ ସାହୁ ବରିଷ୍ଠଙ୍କ ଅପାର ଅଭିଜ୍ଞତାକୁ କନିଷ୍ଠମାନେ ସଦ ଉପଯୋଗ କରିବା ସହିତ ସମାଜରେ ସେମାନଙ୍କୁ ଉପଯୁକ୍ତ ସମ୍ମାନ ଦେବାପାଇଁ ମତବ୍ୟକ୍ତ କରିଥିଲେ। ବରିଷ୍ଠ ସାମ୍ବାଦିକ ରବୀନ୍ଦ୍ର ପଟ୍ଟନାୟକ, ସୁସ୍ଥ ସମାଜ ଓ ଦେଶ ଗଠନରେ ବରିଷ୍ଠଙ୍କ ଅବଦାନ ଅତୁଳନୀୟ ବୋଲି ପ୍ରକାଶ କରିଥିଲେ। ଏହି ଅବସରରେ ମୁଖ୍ୟ ଅତିଥି ୪୪ଜଣ ବରିଷ୍ଠ ନାଗରିକଙ୍କୁ ପରିଚୟପତ୍ର ପ୍ରଦାନ କରାଯିବା ସହିତ ସମ୍ମାନିତ କରିଥିଲେ। ଶେଷରେ ସହସଂପାଦକ ଦିଲ୍ଲୀପ କୁମାର ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ।

## କଂଗ୍ରେସ ପକ୍ଷରୁ ଗାନ୍ଧୀ ଓ ଶାସ୍ତ୍ରୀ ଜୟନ୍ତୀ




ରାଇରଙ୍ଗପୁର,୪।୧୦(ସମିସ): ରାଇରଙ୍ଗପୁର ଗାନ୍ଧୀ ପାର୍କରେ ଗାନ୍ଧୀଜୀ ଓ ପୂର୍ବତନ ପ୍ରଧାନମନ୍ତ୍ରୀ ଲାଲ ବାହାଦୂର ଶାସ୍ତ୍ରୀଙ୍କ ଜୟନ୍ତୀ ପାଳିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ପୂର୍ବତନ ବିଧାୟକ ଲକ୍ଷ୍ମଣ ମାଝୀ, ପ୍ରହ୍ଲାଦ ପୂର୍ତ୍ତି, ଶ୍ୟାମ ଚରଣ ହାଁସଦା, ନଗର ସଭାପତି ଅଶୋକ ଅଗ୍ରୱାଲ, ରୂପକ କୁମାର ମହାନ୍ତି, ମାନସିଂହ ମାଝୀ, ବୀରସିଂହ ବାସ୍କେ, ବିଡାର ମାଝୀ ଧୀରାଇ ସୋରେନ ସବ୍ୟସାଚୀ ଖୁଣ୍ଟିଆ, ପିଥ ମୁର୍ମୁ, ରୋହିଦାସ ସୋରେନ ଦିନୁ ମାଝୀ, ଭାଗିରଥି ପାତ୍ର ପ୍ରମୁଖ ଯୋଗଦେଇ ଗାନ୍ଧୀ ଓ ଶାସ୍ତ୍ରୀଜୀଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ।

## ଘରୁ ସୁନା ଲୁଟିନେଲେ ଚୋର

ହାଟଡ଼ିହୀ,୪।୧୦(ସମିସ): ହାଟଡ଼ିହୀ ବ୍ଲକ୍ ତଥା ସୋସୋ ଥାନା ଅଧୀନସ୍ଥ ସୁନ୍ଦରାପାଳ ଗ୍ରାମର ବାବୁଲି ମୁଣ୍ଡାଙ୍କ ଘରୁ ଚୋରି ହୋଇଥିବା ଅଭିଯୋଗ ହୋଇଛି। ମଙ୍ଗଳବାର ସକାଳେ ବାବୁଲି କାମକୁ ପଳେଇବା ପରେ ତାଙ୍କ ସ୍ତ୍ରୀ ଗାଧୋଇବାକୁ ଯାଇଥିଲେ। ସେହି ସୁଯୋଗରେ ୨ ଦୁର୍ବୃତ୍ତ ବାବୁଲି ମୁଣ୍ଡାଙ୍କ ଘରେ ପଶି ନଗଦ ୩୦ହଜାର ଟଙ୍କା, ଏକହଳ ସୁନା କାନଫୁଲ, ଗୋଟିଏ ସୁନା ନାକଚଣା, ଗୋଟିଏ ସୁନା ମୁଦି ସହ ଏକହଳ ରୂପା ପାଉଁଜି ଓ ଗୋଡ଼ ମୁଦି ସହ ଲୁଗାପଟା ଓ ଜରୁରୀ କାଗଜପତ୍ର ଥିବା ଏକ ଆଲୁମିନିୟମ୍ ବାକ୍ସକୁ ନେଇ ପଳେଇଥିଲେ। ମଙ୍ଗଳବାର ସକାଳ ଏନେଇ ବାବୁଲି ସୋସୋ ଥାନାରେ ଅଭିଯୋଗ କରିଥିଲେ। ଆଜି ସକାଳୁ ନନ୍ଦିପଦା ଥାନା ଅଧୀନ ମଠଡାହି ନିକଟସ୍ଥ ଜଳସମ୍ପଦ କାର୍ଯ୍ୟାଳୟର ନୂତନ ବିଲଡିଂ କ୍ୟାମ୍ପସ୍ ଭିତରେ ଏକ ବାକ୍ସ ଓ କିଛି ଜିନିଷପତ୍ର ପଡ଼ିଥିବା ନେଇ ସ୍ଥାନୀୟ ଅଞ୍ଚଳର ଜଣେ ଯୁବକ ଦେଖିଥିଲେ। ସେଥିମଧ୍ୟରୁ ଆଧାର କାର୍ଡରେ ସଂଲଗ୍ନ ଥିବା ଫୋନ୍ ନମ୍ବରରେ ଯୁବକ ଜଣକ ଫୋନ୍ କରିବାକୁ ଉକ୍ତ ବାକ୍ସ ଓ ପଡ଼ିଥିବା ସମସ୍ତ ଦ୍ରବ୍ୟ ବାବୁଲି ମୁଣ୍ଡାଙ୍କର ବୋଲି ଜଣାପଡିଥିଲା। ପରେ ବାବୁଲିଙ୍କଠାରୁ ଖବର ପାଇ ସୋସୋ ପୁଲିସ ଘଟଣାସ୍ଥଳରେ ପହଞ୍ଚି ବାକ୍ସ ସହ ପଡ଼ିଥିବା ଦ୍ରବ୍ୟ ଉଦ୍ଧାର କରିଥିଲେ। ସୁଦ୍ଧା ଟଙ୍କା ଓ ସୁନା ଚୋରି କରି ଦୁର୍ବୃତ୍ତ ଅନ୍ୟାନ୍ୟ ଜିନିଷ ଛାଡ଼ି ପଳେଇଥିଲେ। ବଉଳା ଫାଣ୍ଡି ଅଧିକାରୀ ଏଏସ୍‌ଆଇ ଯତୀନ ପାତ୍ର, ନନ୍ଦିପଦା ଥାନାର ଏସଆଇ ବଳିଆ ବାରିକ୍ ସଦଳବଳ ସହ ବିଭିନ୍ନ ସ୍ଥାନର ସିସିଟିଭି ଫୁଟେଜ୍ ଯାଞ୍ଚ କରିଥିଲେ।

# ସ୍ୱାମୀର କୁରାଢ଼ୀ ଚୋଟରେ ଗଲା ସ୍ତ୍ରୀର ଜୀବନ

ହାଟଡିହୀ,୪।୧୦(ସମିସ):




ହାଟଡ଼ିହୀ ବ୍ଲକ୍ ତଥା ନନ୍ଦିପଦା ଥାନା ଅଧୀନ ୯ନଂ ୱାର୍ଡର ଦେବୀପ୍ରସାଦ ଜେନା ନିଜ ପତ୍ନୀଙ୍କ ବେକକୁ ଏକ ଧାରୁଆ ଅସ୍ତ୍ରରେ ହାଣି ହତ୍ୟା କରିଥିବା ଅଭିଯୋଗ ହୋଇଛି। ସୂଚନା ଅନୁସାରେ, ଦେବୀ ପ୍ରସାଦ ଭଦ୍ରକ ଜିଲ୍ଲା ବନ୍ତ ବ୍ଲକ୍‌ରେ ଏବିଡିଓ ଭାବେ କାର୍ଯ୍ୟରତ ଥିବାବେଳେ ଗୁରୁବାର ପାରିବାରିକ କଳହରୁ ରାଗିଯାଇ ନିଜ ସ୍ତ୍ରୀ ସ୍ୱଦେଷ୍ଣା ଜେନାଙ୍କ ବେକକୁ ଏକ କୁରାଢ଼ୀରେ ହାଣି ଦେଇଥିଲେ। ଗ୍ରାମବାସୀଙ୍କ ସହାୟତାରେ ତାଙ୍କୁ ପ୍ରଥମେ ଶାଳଣିଆଁ ଗୋଷ୍ଠୀ ଚିକିତ୍ସାକେନ୍ଦ୍ର ଓ ପରେ ଭଦ୍ରକ ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ପଡ଼ୋଶୀଙ୍କ କହିବାନୁସାରେ, ପାରିବାରିକ କଳିରୁ ଏବିଡିଓ ତାଙ୍କ ସ୍ତ୍ରୀକୁ ବାରମ୍ବାର ନିର୍ଯାତନା ଦେଇଆସୁଥିଲେ। ଗୁରୁବାର ମଧ୍ୟାହ୍ନରେ ସାମାନ୍ୟ କଥାରୁ ଦେବୀପ୍ରସାଦ ଉତ୍ୟକ୍ତ ହୋଇ ଏକ କୁରାଢ଼ୀରେ ସ୍ତ୍ରୀଙ୍କ ବେକକୁ ହାଣି ଦେଇଥିଲେ। ପୁଅ ସତ୍ୟପ୍ରକାଶ କହିଛନ୍ତି 'ମୋ ବାପା ସହ ମୋ ମଝିଆ ବୋଉର ଅନୈତିକ ସମ୍ପର୍କ ଯୋଗୁଁ ଦୀର୍ଘବର୍ଷ ଧରି ବାପା ଓ ବୋଉ ମଧ୍ୟରେ ଅଶାନ୍ତି ଲାଗି ରହୁଥିଲା। ଏହାକୁ ନେଇ ମୋ ବୋଉ ପ୍ରତିବାଦ କରିବାରୁ ବାପା ଉତ୍ୟକ୍ତ ହୋଇ ବୋଉକୁ ହାଣିଦେଲା'। ଝିଅ ଅର୍ପିତା ଜେନା କହିଛନ୍ତି, ମୋ ଆଖି ଆଗରେ ମୋ ବୋଉ ମୁଣ୍ଡକୁ କୁରାଢ଼ୀ ଦ୍ୱାରା ବାପା ନିର୍ମମ ଭାବେ ହାଣିଦେଲେ। ଏଭଳି ଜଘନ୍ୟ କାଣ୍ଡ ଘଟାଇ ଏବିଡିଓ ଶ୍ରୀ ଜେନା ଗୁରୁବାର ଠାରୁ ଫେରାର ଅଛନ୍ତି। ଘଟଣାକୁ ନେଇ ପୁଅ ସତ୍ୟପ୍ରକାଶ ମାମୁଁଙ୍କୁ ସାଙ୍ଗରେ ନେଇ ନନ୍ଦିପଦା ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ଅଭିଯୋଗକୁ ଭିତ୍ତି କରି ପୁଲିସ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଶୁକ୍ରବାର ନନ୍ଦିପଦା ଥାନା ଅଧିକାରୀ ରବୀନ୍ଦ୍ର ପାତ୍ର, ଏସଆଇ ବଳିଆ ବାରିକ୍, ଅନୁପ କର ଏବଂ କେନ୍ଦୁଝର ମୁଖ୍ୟାଳୟରୁ ସାଇଣ୍ଟିଫିକ ଟିମ୍ ଆସି ତଦନ୍ତ କରିଛନ୍ତି। ଶୁକ୍ରବାର ଅପରାହ୍ନରେ ସ୍ୱଦେଷ୍ଣାଙ୍କ ଶବ ବ୍ୟବଚ୍ଛେଦ ପରେ ଡ଼ଅଁରକୁ ଆସିଥିଲା। ପୁଅ, ଭାଇ ଓ ଗ୍ରାମବାସୀଙ୍କ ସହାୟତାରେ ଗାଁ ମଶାଣିରେ ଶେଷକୃତ୍ୟ ସମ୍ପନ୍ନ ହୋଇଛି। ପରକିୟା ପ୍ରୀତି ପାଇଁ ଏଭଳି କାଣ୍ଡ ଘଟିଥିବା କୁହାଯାଇଛି।

## ସୁରକ୍ଷାକର୍ମୀଙ୍କୁ ବାନ୍ଧି ଲୁଟ୍ ଉଦ୍ୟମ; ଭ୍ୟାନ୍ ଜବତ୍, ଅଭିଯୁକ୍ତ କୋର୍ଟ ଚାଲାଣ

ହାଟଡ଼ିହୀ,୪।୧୦(ସମିସ): କେନ୍ଦୁଝର ଜିଲ୍ଲା ହାଟଡ଼ିହୀ ବ୍ଲକ୍ ପୁରୁଣାପାଣି ଠାରେ ଥିବା ମେଗା ପାନୀୟ ଜଳ ପ୍ରକଳ୍ପରେ ସୁରକ୍ଷାକର୍ମୀଙ୍କୁ ବାନ୍ଧି ଲୁଟ୍ ଉଦ୍ୟମ ହୋଇଛି। ଗାଁ ଲୋକେ ଆସିଯିବାରୁ ଲୁଟେରା ମାନେ ଆଣିଥିବା ପିକଅପ୍ ଭ୍ୟାନ୍ ଛାଡି ଚାଲିଯାଇଥିବାବେଳେ ପୁଲିସ୍ ଭ୍ୟାନ୍‌କୁ ଜବତ କରିଛି। ସୂଚନା ଅନୁସାରେ, ଗତ ରବିବାର ବିଳମ୍ବିତ ରାତିରେ ପାଖାପାଖି ୧୫ଜଣ ଲୋକ ଗୋଟିଏ ବୋଲେରୋ ଓ ଗୋଟିଏ ପିକଅପ୍ ଭ୍ୟାନ୍‌ରେ ଆସି ପୁରୁଣାପାଣି ଠାରେ ଥିବା ମେଗା ପାନୀୟ ଜଳ ପ୍ରକଳ୍ପ ଠାରେ ଓହ୍ଲାଇଥିଲେ। ସେମାନେ ଭିତରକୁ ପଶି ସେଠାରେ କାର୍ଯ୍ୟରତ ଥିବା ୨ଜଣ ସୁରକ୍ଷାକର୍ମୀଙ୍କୁ ଗଛରେ ବାନ୍ଧି ପକାଇଥିଲେ। ପ୍ରକଳ୍ପ କାର୍ଯ୍ୟ ନିମନ୍ତେ ଥିବା ଅନେକ ତମ୍ବା କେଏଲକୁ ସେମାନେ କାଟିଥିଲେ। ଏହି ସମୟରେ ସେଠାରେ କାର୍ଯ୍ୟରତ ଅନ୍ୟ ଜଣେ କର୍ମଚାରୀ ଗାଁ ଲୋକଙ୍କୁ ସୂଚନା ଦେବା ପରେ ଗାଁ ଲୋକେ ଏକଜୁଟ୍ ହୋଇ ପ୍ରକଳ୍ପ ନିକଟକୁ ଦୌଡ଼ି ଆସିଥିଲେ। ଗାଁ ଲୋକଙ୍କୁ ଦେଖି ଦୁର୍ବୃତ୍ତମାନେ ବୋଲେରୋ ନେଇ ଛୁ' ମାରିଥିଲେ। କିନ୍ତୁ ପିକଅପ୍ ଭ୍ୟାନ୍‌କୁ ଛାଡ଼ି ଦେଇଥିଲେ। ଷ୍ଟୋର କିପର ଥିବା କାର୍ତ୍ତିକ ଶଙ୍ଖୁଆ ଏନେଇ ସୋସୋ ଥାନାରେ ଅଭିଯୋଗ କରିବା ପରେ ପୁଲିସ ଗାଡିଟିକୁ ଜବତ୍ କରିବା ସହ ଏକ ମାମଲା ରୁଜୁ କରି ଘଟଣାକୁ ଗୁରୁତର ଭାବେ ନେଇ ବିଭିନ୍ନ ସ୍ଥାନରେ ଚଢ଼ଉ କରି ଅଭିଯୁକ୍ତ ନାସିରୁଦ୍ଦିନ ଖାନ୍(୨୭)କୁ ଗିରଫ୍ କରି କୋର୍ଟ ଚାଲାଣ କରିଥିବା ସୂଚନା ମିଳିଛି

## କାର୍ ଧକ୍କାରେ ନାବାଳକ ମୃତ

କେନ୍ଦୁଝର,୪।୧୦(ସମିସ): କେନ୍ଦୁଝର ସଦର ଥାନା ଅଧୀନ ୪୯ ନମ୍ବର ଜାତୀୟ ରାଜପଥ ବେଲଦା ନିକଟରେ କାର୍ ଧକ୍କାରେ ନାବାଳକଙ୍କ ମୃତ୍ୟୁ ଘଟିଥିବାବେଳେ ଅନ୍ୟଜଣେ ଗୁରୁତର ହୋଇଥିବା ଜଣାପଡିଛି। ମୃତକ ନାବାଳକ ଜଣଙ୍କ ହେଲେ ଝାଡବେଲଦା ଗାଁର ବାଦଲ ମୁଣ୍ଡା(୧୨)। ଗୁରୁତରଙ୍କ ପରିଚୟ ମିଳିପାରିନାହିଁ। ଆଜି ଉଭୟ ଚଲାପାଦରେ ରାସ୍ତା ପାର ହେଉଥିବାବେଳେ ବିପରୀତ ଦିଗରୁ ଦ୍ୱୟଙ୍କୁ ଧକ୍କା ଦେଇଥିଲା। ଫଳରେ ବାଦଲଙ୍କ ଘଟଣାସ୍ଥଳରେ ମୃତ୍ୟୁ ଘଟିଛି। ସଦର ପୁଲିସ ଏସଆଇ ସ୍ୱରୂପ ରଞ୍ଜନ ନାୟକ ଘଟଣାସ୍ଥଳରେ ପହଞ୍ଚି ଦୁର୍ଘଟଣାଗ୍ରସ୍ତ ଗାଡି ଜବତ କରିବା ସହିତ ଥାନାକୁ ଆଣି ତଦନ୍ତ ଚଳାଇଛନ୍ତି। ଶବ ବ୍ୟବଚ୍ଛେଦ ପାଇଁ କେନ୍ଦୁଝର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପଠାଯାଇଛି। ଗାଡ଼ି ଚାଳକଙ୍କୁ ଥାନାକୁ ଅଣାଯାଇ ଅଟକ ରଖା ଯାଇଛି।

## ପାଟଣାରେ ରାବଣ ପୋଡ଼ି: ସମ୍ବର୍ଦ୍ଧିତ ହେଲେ ଡିଏଫଓ ଏବଂ ଓ ସାମ୍ବାଦିକ

ତୁରୁମୁଙ୍ଗା,୪।୧୦(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ବ୍ଲକ ମୁଖ୍ୟାଳୟ ମିନି ଷ୍ଟାଡିୟମରେ ଗୁରୁବାର



ସନ୍ଧ୍ୟାରେ ରାବଣ ପୋଡ଼ି ମହୋତ୍ସବ ପାଳିତ ହୋଇଛି। ରାବଣ ପୋଡ଼ି କମିଟିର ଅଧ୍ୟକ୍ଷ ବିଜୟ ରତ୍ନ ପତିଙ୍କ ଅଧ୍ୟକ୍ଷତାରେ ଆୟୋଜିତ ସଭାରେ ମୁଖ୍ୟଅତିଥି ପାଟଣା ବିଧାୟକ ଅଖିଳ ଚନ୍ଦ୍ର ନାୟକ, ମୁଖ୍ୟବକ୍ତା ଭାବେ ପୂର୍ବତନ ପାଟଣା କଲେଜ ଅଧ୍ୟକ୍ଷ ତଥା ଇଂରାଜୀ ଅଧ୍ୟାପକ ଡ. କୁଶଚନ୍ଦ୍ର ପ୍ରଧାନ ଯୋଗ ଦେଇଥିଲେ। ସମ୍ମାନିତ ଅତିଥିଭାବେ ପାଟଣା ବ୍ଲକ୍ ଅଧ୍ୟକ୍ଷା ବୀଣାପାଣି ନାୟକ, ଡିଏଫ୍‌ଓ ଏଚଡି ଧନରାଜ, ତହସିଲଦାର ଅଶ୍ୱିନୀ କୁମାର ନାଏକ, ତୁରୁମୁଙ୍ଗା ଥାନା ଅଧିକାରୀ ଦୀପ୍ତି ରଞ୍ଜନ ସାହୁ, ସରପଞ୍ଚ ବିନତି ବାନାରା, ସାଂସଦ ଅନନ୍ତ ନାୟକଙ୍କ ଜିଲ୍ଲା ସଂଯୋଜକ ଦିଲୀପ କୁମାର ପଣ୍ଡା, ସାମାଜିକ କର୍ମୀ ବିଦ୍ୟାଧର ଦାଶ, ଅଜୟ କୁମାର ଦାଶ ଓ କମିଟି ସଂପାଦକ ପ୍ରକାଶ କୁମାର ସେଠୀ ପ୍ରମୁଖ ଯୋଗ ଦେଇଥିଲେ। ରାବଣ କମିଟି ପକ୍ଷରୁ କେନ୍ଦୁଝର ଡିଏଫ୍‌ଓ ଏଚ୍‌ଡି ଧନରାଜଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ସେହିପରି ବିଭିନ୍ନ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ସାମ୍ବାଦିକ ବୀର କିଶୋର ଦାଶ, କିଶୋର ଚନ୍ଦ୍ର ମହାନ୍ତ, କାମିନୀ କାନ୍ତ ଦ୍ୱିବେଦୀ ଓ ସମାଜସେବା ପାଇଁ ବିଦ୍ୟାଧର ଦାଶ, ଅଜୟ କୁମାର ଦାଶଙ୍କୁ ବିଧାୟକ ଶ୍ରୀ ନାୟକ ସମ୍ବର୍ଦ୍ଧିତ କରିଥିଲେ। ତୁରୁମୁଙ୍ଗା ଥାନାଧିକାରୀ ଦୀପ୍ତିରଞ୍ଜନ ସାହୁ ରାବଣ ପ୍ରତିକୃତିରେ ଅଗ୍ନି ସଂଯୋଗ କରିଥିଲେ।

## ଚୋରି ବାଇକ୍ ଉଦ୍ଧାର; ମାଲିକଙ୍କୁ ହସ୍ତାନ୍ତର କଲା ପୁଲିସ



ତୁରୁମୁଙ୍ଗା,୪।୧୦(ସମିସ): କେନ୍ଦୁଝର ଜିଲ୍ଲା ତୁରୁମୁଙ୍ଗା ଥାନା ଝାରବେଡା ଗ୍ରାମର ଅପୁନ ବେହେରାଙ୍କ ବାଜାଜ୍ ପଲ୍‌ସର ଗାଡ଼ିଟି ଗତ ଅଗଷ୍ଟ୨୨ ତାରିଖରେ ଚୋରି ହୋଇଥିବା ନେଇ ତୁରୁମୁଙ୍ଗା ଥାନାରେ ଅପୁନ ଅଭିଯୋଗ କରିଥିଲେ। ଉକ୍ତ ଗାଡ଼ିକୁ ତୁରୁମୁଙ୍ଗା ପୁଲିସ ଶୁକ୍ରବାର ରାତିରେ ପାଟ୍ରୋଲିଂ କରୁଥିବା ସମୟରେ ବାଉଁଶୁଳି ଜଙ୍ଗଲ ରାସ୍ତା କଡ଼ରୁ ଉଦ୍ଧାର କରି ଶନିବାର ମାଲିକକୁ ହସ୍ତାନ୍ତର କରିଛି। ଶୁକ୍ରବାର ରାତିରେ ତୁରୁମୁଙ୍ଗା ଥାନା ଭାରପ୍ରାପ୍ତ ଅଧିକାରୀ ସୌରଭ ପ୍ରଧାନ ପାଟ୍ରୋଲିଂ କରୁଥିବା ସମୟରେ ଏହି ଗାଡ଼ିଟି ବିନା ନମ୍ବର ପ୍ଲେଟରେ ଜଣେ ଯୁବକ ମୁଁହରେ ମାକ୍ସ୍ ଲଗାଇ କେନ୍ଦେଇପଶି ପଟରୁ ଆସୁଥିବା ସମୟରେ ପୁଲିସର ସନ୍ଦେହ ହେବାରୁ ଗାଡ଼ିର ପିଛା କରିଥିଲା। ପୁଲିସକୁ ଦେଖି ଗାଡିକୁ ଜଙ୍ଗଲ ରାସ୍ତାରେ ପକାଇ ଦୁର୍ବୃତ୍ତ ଫେରାର ହୋଇଯାଇଥିଲା। ପୁଲିସ ଗାଡ଼ିକୁ ଉଦ୍ଧାର କରି ଆଣି ଇଞ୍ଜିନ ଏବଂ ଚେସିସ ନମ୍ବରରୁ ଗାଡ଼ି ମାଲିକ ଅପୁନ ବେହେରା ବୋଲି ଜାଣିବାକୁ ପାଇବା ପରେ ହସ୍ତାନ୍ତର କରିଛି।

## ଆଶା କର୍ମୀଙ୍କ ଦବଙ୍ଗଗିରି; ରୋଗୀଙ୍କ ଠାରୁ ଟଙ୍କା ଦାବି

ଆନନ୍ଦପୁର,୪।୧୦(ସମିସ): ସରକାରଙ୍କ ମାଳମାଳ ଯୋଜନା ରହିଛି। ସେଥିମଧ୍ୟରୁ ମହିଳାମାନଙ୍କ ପାଇଁ ସ୍ୱାସ୍ଥ୍ୟ ସେବା ମାଗଣାରେ ଯୋଗାଇ ଦେବା ପାଇଁ ସରକାର ଡେଙ୍ଗୁରା ପିଟୁଥିବାବେଳେ ପ୍ରକୃତରେ ସଠିକ ଭାବରେ ଏହି ଯୋଜନା ଅନେକ ସମୟରେ ଫଳପ୍ରଦ ହେଉନାହିଁ। କେନ୍ଦୁଝର ଜିଲ୍ଲା ସୋସଥାନା ପଡିଆରୀପଲ୍ଲୀ ପଞ୍ଚାୟତ ବଣିଆପଙ୍କ ଗ୍ରାମର ଆଲୋକ ବାରିକଙ୍କ ପତ୍ନୀ ଅନ୍ନପୂର୍ଣ୍ଣା ବାରିକ ଡାକ୍ତର ଦେଖାଇବା ପାଇଁ ଆସିଥିଲେ। ଡାକ୍ତରଙ୍କ ପରାମର୍ଶ ପରେ ଆଶା ଜଣକ ଟଙ୍କା ମାଗିଥିବା ଅଭିଯୋଗ ହୋଇଛି। ଆଶା ମଞ୍ଜୁଲତା ରାଉତ ଅମ୍ବୁଲାନ୍ସରେ ଆସିଲା ବେଳେ ୨୦୦ ଟଙ୍କା ନେଇ କପଟି ଲଗାଇଥିଲେ। ପରବର୍ତ୍ତି ସମୟରେ ଆଶା ଦିଦି ୧୪୦୦ ଶହ ଟଙ୍କା ଦାବି କରିଥିଲେ। ଏହାପରେ ରୋଗୀ ଜଣକ ୧୩୦୦ ଶହ ଟଙ୍କା ଦେବାପାଇଁ ବାଧ ହୋଇଥିଲେ।

## ଜିଲ୍ଲା ସୋସିଆଲ ମିଡିଆ ସଂଯୋଜକ ହେଲେ ଅମରେନ୍ଦ୍ର

ହାଟଡ଼ିହୀ,୪।୧୦(ସମିସ): ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକଙ୍କ ଚୟନ କ୍ରମେ କେନ୍ଦୁଝର ଜିଲ୍ଲାର ସୋସିଆଲ ମିଡିଆ ସଂଯୋଜକ ଭାବେ ହାଟଡ଼ିହୀ ବ୍ଲକ କଳିଗାଁ ପଞ୍ଚାୟତର ପୂର୍ବତନ ସରପଞ୍ଚ ତଥା ପୂର୍ବତନ ଯୁବଛାତ୍ର ରାଜ୍ୟ ସମ୍ପାଦକ ଅମରେନ୍ଦ୍ର ଧଳ ବର୍ତ୍ତମାନ କେନ୍ଦୁଝର ଜିଲ୍ଲା ସୋସିଆଲ ମିଡ଼ିଆ ସଂଯୋଜକ ଭାବେ ମନୋନୀତ ହୋଇଛନ୍ତି। ଏନେଇ ଆନନ୍ଦପୁର ବିଧାୟକ ଅଭିମନ୍ୟୁ ଧଳ, ଘସିପୁରା ବିଧାୟକ ବଦ୍ରିନାରାୟଣ ପାତ୍ର, ଯୁବ ବିଜେଡ଼ି ନେତା ଚିନ୍ମୟ ନାୟକ, ବରିଷ୍ଠ ବିଜେଡ଼ି ନେତା ଗୋପାଳ ନାୟକ, ବିଶ୍ୱନାଥ ନାୟକ, ବୀରେନ୍ଦ୍ର ବିଶ୍ୱାଳ ପ୍ରମୁଖ ଶୁଭେଚ୍ଛା ଜଣାଇଛନ୍ତି।



## ୧୫ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କାର ସୁନା ଗହଣା ଲୁଟ୍

ହାଟଡିହୀ,୪।୧୦(ସମିସ): ନନ୍ଦିପଦା ଥାନା ଅଧୀନ ଓରାଳି ଗ୍ରାମର ଅନିତା ଜେନାଙ୍କ ଘରୁ ଶୁକ୍ରବାର ୧୫ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କାର ସୁନାଗହଣା ଲୁଟ୍ ହୋଇଛି। ଗ୍ରାମର ରାସ୍ତାକଡ଼ରେ ଗୋଟିକିଆ ଘରଟି ଥିବାବେଳେ ପୂର୍ବାହ୍ନ୧୦ଟା ବେଳେ ସେ ତାଲା ପକାଇ ବସନ୍ତିଆ ହାଟକୁ ସଉଦାପତ୍ର କିଣିବାକୁ ଯାଇଥିଲେ। ଘରକୁ ଫେରିବା ବେଳକୁ ଗେଟ୍ ତାଲା ସହିତ ଘର ତାଲା ଭଙ୍ଗା ଯାଇଥିଲା। ଆଲମିରା ଭାଙ୍ଗି ଭିତରୁ ୮ ଭରିରୁ ଅଧିକ ଓଜନର ହୀରା ଖଚିତ ହାର ଚୋରି ହୋଇଥିବା ଦେଖିବାକୁ ପାଇଥିଲେ। ଅନିତା ଏନେଇ ନନ୍ଦିପଦା ଥାନାରେ ଅଭିଯୋଗ କରିବା ପରେ ପୁଲିସ ତଦନ୍ତ ଆରମ୍ଭ କରିଛି।

## କାନ୍ଥ ଭୁଶୁଡ଼ି ମହିଳା ଗୁରୁତର

ବେଲବାହାଳି,୪।୧୦(ସମିସ): ଆନନ୍ଦପୁର ବ୍ଲକ୍ ପଞ୍ଚୁପଲ୍ଲୀ ପଞ୍ଚାୟତ ଅଧୀନ ବେଉସାହି ଗ୍ରାମର ଲକ୍ଷ୍ମୀଧର ଦେହୁରୀଙ୍କ ପତ୍ନୀ ସୁକାନ୍ତି ଦେହୁରୀ ରୋଷେଇ କରୁଥିବା ସମୟରେ ଉପରେ ପଡ଼ିଗଲା ମାଟିକାନ୍ଥ। ଗୁରୁତର ସୁକାନ୍ତିଙ୍କୁ ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା। ଶୁକ୍ରବାର ସନ୍ଧ୍ୟାରେ ସୁକାନ୍ତି ରୋଷେଇ ଘରେ ଖାଦ୍ୟ ପ୍ରସ୍ତୁତ କରୁଥିବା ସମୟରେ ଲଗାଣ ବର୍ଷାରେ ବତୁରି ରହିଥିବା ମାଟି କାନ୍ଥ ତାଙ୍କ ଉପରେ ହଠାତ୍ ଖସିପଡ଼ିଥିଲା। ଗୁରୁତର ଅବସ୍ଥାରେ ପରିବାର ଲୋକେ ତାଙ୍କୁ ସେଠାରୁ ଉଦ୍ଧାରକରି ପ୍ରଥମେ ଆନନ୍ଦପୁର ଡାକ୍ତରଖାନାଠାରେ ଭର୍ତ୍ତି କରିଥିଲେ। ସେଠାରେ ପ୍ରାଥମିକ ଚିକିତ୍ସାପରେ ତାଙ୍କୁ କଟକ ସ୍ଥାନାନ୍ତର କରାଯାଇଛି। ତେବେ ସୁକାନ୍ତି ଙ୍କ ସ୍ୱାସ୍ଥବସ୍ଥା ଅତ୍ୟନ୍ତ ଗୁରତର ରହିଥିବା ଡାକ୍ତରଖାନା ସୂତ୍ରରୁ ସୂଚନା ମିଳିଛି।

## ଶ୍ରମଦାନ କରି ଗାଁ ରାସ୍ତା ମରାମତି କଲେ ଗ୍ରାମବାସୀ



ତୁରୁମୁଙ୍ଗା,୪।୧୦(ସମିସ):କେନ୍ଦୁଝର ଜିଲ୍ଲା ପାଟଣା ବ୍ଲକ୍ ଅଧୀନ ଡୁମୁରିଆ ପଞ୍ଚାୟତ ପିଛୁଲାବେଡ଼ା ଗ୍ରାମରାସ୍ତା ଶୋଚନୀୟ ହୋଇ ପଡ଼ିଛି। ଶୁକ୍ରବାର ଗାଁ ଲୋକେ ନିଜ ଉଦ୍ୟମରେ ରାସ୍ତା ମରାମତି କରିଥିବା ବେଳେ ଛୋଟ ଛୋଟ ପିଲା ଏଥିରେ ସହଯୋଗ କରିଥିଲେ। ପିଛୁଲା ବେଡ଼ା ମହାକୁଡ଼ ସାହି ୧କିଲୋମିଟର ରାସ୍ତାକୁ ଶୁକ୍ରବାର ଗ୍ରାମବାସୀ ମରାମତି କରିଥିଲେ। ସେହିଭଳି ଏହି ପଞ୍ଚାୟତ ତଣ୍ଡ ଗ୍ରାମର ମାଝୀ ସାହି ଓ କାଶୀ ବେଡ଼ା ସାହିରେ ୨କିଲୋ ମିଟର ରାସ୍ତା ଖାଲ ଖମା ପାଣି କାଦୁଅ ପଚ ପଚ ହୋଇଥିବାରୁ ଗୁରୁବାର ଗ୍ରାମର ଯୁବକମାନେ ମିଳିମିଶି ଚାନ୍ଦା ଆଦାୟ କରି ମରାମତି କରିଥିଲେ।

## ବେସରକାରୀ ହଷ୍ଟେଲ ସିଲ୍ କଲା ପ୍ରଶାସନ



ହାଟଡ଼ିହୀ,୪।୧୦(ସମିସ): ପୋଖରୀରେ ବୁଡ଼ି ଛାତ୍ର ମୃତ୍ୟୁ ଘଟଣାକୁ ନେଇ ମଙ୍ଗଳବାର ମାଜିଷ୍ଟ୍ରେଟ ତଥା ହାଟଡ଼ିହୀ ତହସିଲଦାର ଶିବବ୍ରତ ତ୍ରିପାଠୀ ଉକ୍ତ ହଷ୍ଟେଲ ସହ ସମ୍ପୂର୍ଣ୍ଣ କ୍ୟାମ୍ପସକୁ ସିଲ୍ କରିଛନ୍ତି। ହଷ୍ଟେଲ ଗୃହଟି ନିହାତି ପରିତ୍ୟକ୍ତ ପରିବେଶ ମଧ୍ୟରେ ଥିବାରୁ ହାଟଡ଼ିହୀ ତହସିଲଦାର ଶ୍ରୀ ତ୍ରିପାଠୀ ଅସନ୍ତୋଷ ପ୍ରକାଶ କରିଥିଲେ। ପିଲାଙ୍କ ସୁରକ୍ଷା ଦିଗରେ ଉକ୍ତ ବିଲଡିଂଟି ଆଦୌ ସୁରକ୍ଷିତ ନଥିଲା ବୋଲି ଏବିଇଓ ପ୍ରମୋଦ କୁମାର ନାୟକ କହିଛନ୍ତି। ସିଲ୍ କରିବା ସମୟରେ ନନ୍ଦିପଦା ଥାନା ଆଇଆଇଆସି ରବୀନ୍ଦ୍ର କୁମାର ପାତ୍ର, ଏସ୍‌ଆଇ ବିନୀତା ଲାକ୍ରା, ଏବିଇଓ ପ୍ରମୋଦ କୁମାର ନାୟକ, ତହସିଲ କାର୍ଯ୍ୟାଳୟର ବରିଷ୍ଠ ସହାୟକ ଦିଲୀପ କୁମାର ଜେନା, ରେଭନ୍ୟୁ ସୁପରଭାଇଜର ହୃଦାନନ୍ଦ ସାହୁ, ହାଟଡ଼ିହୀ ପଞ୍ଚାୟତ ସମିତିସଭ୍ୟ କୈଳାସ ରାଉତ ପ୍ରମୁଖଙ୍କ ସହ କୋଚିଂ ପରିଚାଳକ ପ୍ରକାଶ ଘଡ଼େଇ ଏବଂ ଅଭିଭାବକ ଏବଂ ଗ୍ରାମବାସୀଙ୍କ ମଧ୍ୟରେ ଗୋପାଳ ନାୟକ, କାଠି ମଲ୍ଲିକ, ସନ୍ତୋଷ ନାୟକ, ପ୍ରଦୀପ ମଲ୍ଲିକ, ଗୃହ ମାଲିକ ବସନ୍ତ କୁମାର ମଲ୍ଲିକଙ୍କ ଅନେକ ଲୋକ ଉପସ୍ଥିତ ଥିଲେ।

# ସାଂସଦ ଖେଳ ମହୋତ୍ସବ ଉଦ୍‌ଘାଟିତ



ତୁରୁମୁଙ୍ଗା,୪।୧୦(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ବ୍ଲକ କେନ୍ଦେଇପଶି ଷ୍ଟାଡିୟମ ପଡ଼ିଆରେ ଶନିବାର ସାଂସଦ ଖେଳ ମହୋତ୍ସବ ଉଦ୍‌ଘାଟିତ ହୋଇଯାଇଛି। ପାଟଣା ବିଧାୟକ ଅଖିଳ ଚନ୍ଦ୍ର ନାଏକ ମୁଖ୍ୟଅତିଥି ଭାବେ ଯୋଗଦେଇ ଏହାକୁ ଉଦ୍‌ଘାଟନ କରିଥିଲେ। ସମ୍ମାନିତ ଅତିଥି ଭାବରେ ବ୍ଲକ ଅଧ୍ୟକ୍ଷ ବୀଣାପାଣି ନାୟକ, ପୂର୍ବତନ ବ୍ଲକ ଅଧ୍ୟକ୍ଷ ବିଶ୍ୱନାଥ ନାୟକ, ସାଂସଦଙ୍କ ଜିଲ୍ଲା ପ୍ରତିନିଧି ହରିହର ମହାନ୍ତ, ବ୍ଲକ ପ୍ରତିନିଧି ପ୍ରହଲ୍ଲାଦ ପଲେଇ, ବିଧାୟକଙ୍କ ପ୍ରତିନିଧି କମଳାକାନ୍ତ ଦାଶ, ସାଂସଦଙ୍କ ସଂଯୋଜକ ଦିଲୀପ ପଣ୍ଡା, ପାଟଣା ବିଡିଓ ମାନସ କୁମାର ଦଣ୍ଡପାଟ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଖେଳ ୩ଦିନ ଧରି ଚାଲିବାକୁ ଥିବା ବେଳେ ଏଠାରେ ପାଟଣା ବ୍ଲକର ୨୦ଟି ପଞ୍ଚାୟତ ଅଧୀନ ଛାତ୍ର ଛାତ୍ରୀ ଓ ଖେଳାଳି ଭାଗ ନେଇ ଫୁଟବଲ, ଖୋଖୋ, ଭଲିବଲ ଆଦି ଖେଳ ପ୍ରତିଯୋଗିତାରେ ଭାଗ ନେଇଛନ୍ତି। କାର୍ଯ୍ୟକ୍ରମରେ ସାଂସଦ ଖେଳ ମୋହତ୍ସବ ଆଇଟି କୋଡିନେଟର ଭାବେରେ ଜେମ୍ସ ମେହେନ୍, କେନ୍ଦେଇପଶି ସରପଞ୍ଚ ମୀନାକ୍ଷୀ ନାଏକ, ସମିତି ସଭ୍ୟ ପ୍ରଦୀପ କୁମାର ନାଏକ, ପୋଲାଣଘାଟି ସରପଞ୍ଚ ରାଉତ ମୁଣ୍ଡା ପ୍ରମୁଖ ଉପସ୍ଥିତଥିଲେ। ରାଜ୍ୟସ୍ତରୀୟ ରେଫ୍‌ରି ବୀରେନ୍ଦ୍ର ମହାନ୍ତ ଖେଳ ପରିଚାଳନା କରିଥିବାବେଳେ ଶିକ୍ଷୟିତ୍ରୀ ତୃପ୍ତିମୟୀ ବାରିକ ଖେଳର ଧାରାବିବରଣୀ ପ୍ରଦାନ କରିଥିଲେ।

## ଚମ୍ପୁଆ ଉପ ଡାକଘରୁ ଚୋରି

ଚମ୍ପୁଆ,୪।୧୦(ସମିସ): ଚମ୍ପୁଆ ଉପଡାକଘର ପଛପଟୁ ତାଲା ଭାଙ୍ଗିବା ସହିତ କବାଟ ତାଡି ଚୋରି ହୋଇଥିବା ପୋଷ୍ଟମାଷ୍ଟର ତପସ୍ୱିନୀ ପାତ୍ର ଚମ୍ପୁଆ ଥାନାରେ ଅଭିଯୋଗ କରିଛନ୍ତି। ମାମଲା ରୁଜୁ ପରେ ଚମ୍ପୁଆ ଏସ୍‌ଡିପିଓ ରଶ୍ମୀରଞ୍ଜନ ସାହୁ ଓ ଆଇଆଇସି ରମାକାନ୍ତ ମୁଦୁଲି ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିବା ସହିତ ଡାକବିଭାଗର କର୍ମଚାରୀ ଠାରୁ ଆରମ୍ଭ କରି ଅଧିକାରୀ ପର୍ଯ୍ୟନ୍ତ ପଚରାଉଚରା କରିଥିଲେ। ଖବର ଅନୁସାରେ ଗତ ୩ ତାରିଖ ଦିନ ନିର୍ଦ୍ଦିଷ୍ଟ ସମୟ ମଧ୍ୟରେ ପୋଷ୍ଟଅଫିସ କାର୍ଯ୍ୟ ଶେଷ କରି ଘରକୁ ଫେରିଥିଲେ। ମାତ୍ର ଆଜି ସକାଳେ କର୍ମଚାରୀ ମାନେ ଡାକଘରେ ପହଁଚିବା ପରେ ଘର ପଛପଟ କବାଟ ଓ ଗ୍ରିଲ ତାଲା ଭଙ୍ଗା ଯାଇଥିବା ଅବସ୍ଥାରେ ଦେଖିବାକୁ ପାଇ ପୋଷ୍ଟମାଷ୍ଟର ଓ ଚମ୍ପୁଆ ଥାନାଙ୍କୁ ଖବର ଦେଇଥିଲେ। ଲାଗିଥିବା ସିସିକ୍ୟାମେରାର ହାର୍ଡଡିସ୍କ ଖୋଲି ନେଇଛନ୍ତି।

## କେଶଦୁରାପାଳରେ ବଳଦ ଶୋଭାଯାତ୍ରା

ରାମଚନ୍ଦ୍ରପୁର,୪।୧୦(ସମିସ): କେନ୍ଦୁଝର ଜିଲ୍ଲା ଘସିପୁରା ବ୍ଲକ କେଶଦୁରାପାଳ ଗ୍ରାମରେ ବିଜୟା ଦଶମୀ ଦିନ ପାଳିତ ହୋଇଥାଏ ନିଆରା ବଳଦ ଶୋଭାଯାତ୍ରା।



ବଳଦ ମାନଙ୍କୁ ସାଜସଜ୍ଜା କରି ଗ୍ରାମ ପରିକ୍ରମା କରି ଦଶରା ପଡ଼ିଆକୁ ଆସିଥାନ୍ତି। ସେଠାରେ ବିଭିନ୍ନ ଗ୍ରାମରୁ ଆସିଥିବା ବଳଦ ମାନଙ୍କ ମଧ୍ୟରେ ସୁନ୍ଦର ପ୍ରତିଯୋଗିତା ହୋଇଥାଏ। ବିଚାରକଙ୍କ ଦ୍ୱାରା ଶ୍ରେଷ୍ଠ ବଳଦ ମାଲିକଙ୍କୁ ପୁରସ୍କୃତ କରାଯାଇଥାଏ।ଏହି ବଳଦ ଶୋଭାଯାତ୍ରା କେଉଁ ଆଦିମ କାଳରୁ ହୋଇଆସୁଛି। ସାଧାରଣତଃ ବଳଦ ମାନେ ଚାଷ କାର୍ଯ୍ୟରେ ସାହାଯ୍ୟ କରିଥାନ୍ତି, ଏହି ଗ୍ରାମର ଲୋକମାନେ ଚାଷ ସହ ବଣିଜବ୍ୟବସାୟ ସଂପ୍ରଦାୟ ଥିବାରୁ ସ୍ମୃତି ପାଇଁ ଏଇ ବିଜୟା ଦଶମି ଦିନରୁ ସେମାନଙ୍କ ବେପାରର ଶୁଭ ଆରମ୍ଭ କରିଥାନ୍ତି, ଯେହେତୁ ଚାଷ ଏବଂ ବେପାର ବଣିଜରେ ବଳଦ ସାହାଯ୍ୟ କରିଥାଏ, ବହୁ ପୂର୍ବ ପୁରୁଷରୁ ଏହି ବଳଦ ଶୋଭାଯାତ୍ରା ଚଳିଆସୁଛି। ଏହି ବଳଦ ଶୋଭାଯାତ୍ରାରେ କେଶଦୁରାପାଳ ଏବଂ ମଙ୍ଗଳପୁର ଗ୍ରାମର ବଳଦ ଯୋଗଦେଇଥିଲେ।

# ଶବସତ୍କାର କରି ଚର୍ଚ୍ଚାରେ ଭରସା ପରିବାର ଟ୍ରଷ୍ଟ

କେନ୍ଦୁଝର,୪।୧୦(ସମିସ):

୧୪୮ ଟି ଶବସତ୍କାର କରି ଚର୍ଚ୍ଚାକୁ ଆସିଛି ସ୍ୱେଚ୍ଛାସେବୀ ସଂଗଠନ ଭରସା ପରିବାର ଟ୍ରଷ୍ଟ। କେନ୍ଦୁଝର ଧରଣୀଧର ମେଡିକାଲ କଲେଜକୁ ଚିକିତ୍ସା ପାଇଁ ଭର୍ତ୍ତି ହୋଇଥିବା ୭୫ ବର୍ଷୀୟ ଚେମ୍ପଟୁ ମହାକୁଡ଼ ଚିକିତ୍ସାଧୀନ ସମୟରେ ମୃତ୍ୟୁ ଘଟିଥିଲା। ମେଡିକାଲ କର୍ତ୍ତୃପକ୍ଷ ଶବ ବ୍ୟବଚ୍ଛେଦ ପାଇଁ ଶବ ଜିଲ୍ଲାମୁଖ୍ୟ ଚିକିତ୍ସାଳୟର ଶବ ବ୍ୟବଚ୍ଛେଦ ଗୃହକୁ ପଠାଇଥିଲେ। କୌଣସି ଠିକଣା ଲେଖା ନ ଥିବାରୁ ପୁଲିସ ପକ୍ଷରୁ ଶବକୁ ଗ୍ରହଣ ନ କରିବାରୁ ଶବ ଦୀର୍ଘ ୪-୫ ଘଣ୍ଟା ମହାପ୍ରୟାଣ ଗାଡିରେ ରହିଥିଲା। ପରେ ପୁଲିସର ତଦନ୍ତ ପରେ ତାଙ୍କ ଠିକଣା ତେଲକୋଇ ବ୍ଲକ ପଡ଼ିଆପଶି ବୋଲି ଜଣାପଡିଥିଲା। ସେ ନିଜ ବିଧବା ଝିଅ ଘର ଦୈତାରୀ ଥାନା ଅନ୍ତର୍ଗତ ବୁଧିପଦା ଗ୍ରାମରେ ରହିଆସୁଥିଲେ। ଦାରିଦ୍ରତା କାରଣରୁ ଝିଅ ଗାଁ ଛାଡି ଅନ୍ୟତ୍ର ମୁଲମଜୁରୀ କାମ ପାଇଁ ଚାଲିଯିବା ପରେ ମୃତ ଚେମ୍ପଟୁ ମହାକୁଡ ମାଗି ମାଗି ନିଜର ଗୁଜୁରାଣ ମେଣ୍ଟାଉଥିଲେ। ମୃତକଙ୍କ ପରିଚୟ ମିଳିବା ପରେ ଶବ ବ୍ୟବଚ୍ଛେଦ କରାଯାଇଛି। ମୃତକଙ୍କ ନିଜର ବୋଲି କେହି ନଥିବାରୁ ଆଞ୍ଚଳିକ ବିକାଶ ମଞ୍ଚର ଆବାହକ ରଣଜିତ ସାହୁ ବୁଢିପଦା ଗ୍ରାମର ଲୋକଙ୍କ ସହାୟତାରେ ଶବସତ୍କାର କରିବା ପାଇଁ ଗ୍ରାମବାସୀଙ୍କୁ ଅନୁରୋଧ କରିଥିଲେ। କିନ୍ତୁ ଅନ୍ଧବିଶ୍ୱାସର ବଶବର୍ତ୍ତୀ ଗ୍ରାମବାସୀ ବ୍ୟବଚ୍ଛେଦ ଶବକୁ ଗ୍ରାମକୁ ନେବାକୁ ବାରଣ କରିଥିଲେ। ଅନ୍ୟ କୌଣସି ଉପାୟ ନପାଇ ଶ୍ରୀ ସାହୁ ସ୍ୱେଚ୍ଛାସେବୀ ସଂଗଠନ ଭରସା ପରିବାର ଟ୍ରଷ୍ଟକୁ ଶବସତ୍କାର ପାଇଁ ଅନୁରୋଧ କରିଥିଲେ। ସଭାପତି ଲମ୍ବୋଦର ମହାନ୍ତଙ୍କ ତତ୍ତ୍ୱାବଧାନରେ ପୁଲିସ କର୍ମଚାରୀ ରାଜେନ୍ଦ୍ର ସାହୁ, ସେକ ତହିଦ ଓ ଅବଦୁଲ ୱାସୀମ ଶବ ବ୍ୟବଚ୍ଛେଦ ଗୃହରୁ ଶବକୁ ଧାଙ୍ଗରପଡାସ୍ଥିତ ଆଦର୍ଶ ଶ୍ମଶାନରେ ଶବସତ୍କାର କରିଥିଲେ। ଶବସତ୍କାର କାର୍ଯ୍ୟରେ ଶ୍ମଶାନରକ୍ଷକ ସିଦ୍ଧେଶ୍ୱର ନାୟକ ଓ ତାଙ୍କ ସହଯୋଗୀ ମଧ୍ୟ ସମ୍ପୂର୍ଣ୍ଣ ସହଯୋଗ କରିଥିଲେ। ସଂଗଠନ ମାଧ୍ୟମରେ ଏପର୍ଯ୍ୟନ୍ତ ୧୪୮ ଅନାଥ ଶବସତ୍କାର କରାଯାଇଥିବା କଥା ସଭାପତି ଲମ୍ବୋଦର ମହାନ୍ତ ଗଣମାଧ୍ୟମକୁ ପ୍ରକାଶ କରିଛନ୍ତି।

ସକାଳ
THE SAKALA



### ୯ ରୁ ଜନସମ୍ପର୍କ ପଦଯାତ୍ରା; ବିଜେଡିର ପ୍ରସ୍ତୁତି ବୈଠକ

# ଲୋକଙ୍କୁ ଜଣାଇବେ ବିଜେପି ସରକାରଙ୍କ ମିଥ୍ୟା ପ୍ରତିଶ୍ରୁତି



ବାରିପଦା, ୪।୧୦(ସମିସ):

ବିଜେଡି ସୁପ୍ରିମୋ, ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିରୋଧୀ ଦଳର ନେତା ନବୀନ ପଟ୍ଟନାୟକଙ୍କ ନିର୍ଦ୍ଦେଶ କ୍ରମେ ଅକ୍ଟୋବର ୯ ତାରିଖରୁ ବିଜୁ ଜନତା ଦଳ ପକ୍ଷରୁ ଜନସମ୍ପର୍କ ପଦଯାତ୍ରା ଶୁଭାରମ୍ଭ ହେବ। ଜନ ସମ୍ପର୍କ ପଦଯାତ୍ରା ଜରିଆରେ

## ପ୍ରତି ଘରେ ପହଞ୍ଚିବେ କର୍ମୀ

ବିଜେପି ମିଥ୍ୟା ପ୍ରତିଶ୍ରୁତି ବାବଦରେ ଜନସାଧାରଣଙ୍କୁ ଅବଗତ କରିବା ସହ ସଭ୍ୟ ସଂଗ୍ରହ ହେବ। ଏନେଇ ଏକ ପ୍ରସ୍ତୁତି ବୈଠକ ଗାନ୍ଧୀ ପାର୍କ ଠାରେ ଅନୁଷ୍ଠିତ ହୋଇଯାଇଛି। ପବିତ୍ର ଗାନ୍ଧି ଓ ଶାସ୍ତ୍ରୀ ଜୟନ୍ତୀ ଅବସରରେ ପ୍ରଥମେ ମହାତ୍ମା ଗାନ୍ଧୀ, କସ୍ତୁରବା ଗାନ୍ଧୀ ଓ ଲାଲ ବାହାଦୂର ଶାସ୍ତ୍ରୀଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରାଯାଇଥିଲା। ଜିଲ୍ଲାବ୍ୟାପି କାର୍ଯ୍ୟକ୍ରମକୁ ସଫଳ କରିବା ପାଇଁ ନେତୃମଣ୍ଡଳୀ ଓ କର୍ମକର୍ତ୍ତାଙ୍କ ଉପସ୍ଥିତିରେ ଅଭିଯାନ ନେଇ ଆଲୋଚନା କରାଯାଇଥିଲା। ଅକ୍ଟୋବର ୯ ତାରିଖରୁ ପଦଯାତ୍ରା ଶୁଭାରମ୍ଭ ହେବା ସହ ପ୍ରତି ଗାଁ, ପ୍ରତି ଘରେ ବିଜେଡି କର୍ମୀ ପହଞ୍ଚିବେ। ରାଜ୍ୟରେ ବିଜେପିର ଏକଛତ୍ରବାଦ ଶାସନ ବିରୋଧରେ ଜନସାଧାରଣଙ୍କୁ ଅବଗତ କରାଇବେ। ଏବେ ବି ବିଜୁ ଜନତା ଦଳ ରାଜ୍ୟର ଏକ ନମ୍ବର ଦଳ ହୋଇ ରହିଛି। ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଏବେବି ଓଡିଶାବାସୀଙ୍କ ସବୁ ଠାରୁ ଅଧିକ ପସନ୍ଦ ନେତାର ମାନ୍ୟତା ବଜାୟ ରଖିଛନ୍ତି। ଅପାରଗ ବିଜେପି ସରକାର ନିର୍ବାଚନ ପୂର୍ବରୁ ଲୋକଙ୍କୁ ଦେଇଥିବା ମିଥ୍ୟା ପ୍ରତିଶ୍ରୁତି ପୂରଣ କରିବାରେ ବିଫଳ ହୋଇଛି। ବିଜେପି ସରକାରଙ୍କ ବିଭିନ୍ନ କାର୍ଯ୍ୟରେ ବିଫଳତା ଜନ ସାଧାରଣ ଜାଣି ସାରିଲେଣି। ବିଜେପିର ମିଛ ପ୍ରତିଶ୍ରୁତି ବାବଦରେ ଲୋକଙ୍କୁ ସଚେତନ କରିବା ସଙ୍ଗେ ସଙ୍ଗେ ନବୀନଙ୍କ ଲୋକପ୍ରିୟତାକୁ ପାଥେୟ କରି ବିଜେଡ଼ି ସଭ୍ୟ ସଂଗ୍ରହ ଓ ଜନ ସମ୍ପର୍କ ପଦଯାତ୍ରାକୁ କିଭଳି ସୁଚାରୁ ରୁପେ ହେବ ସେ ବିଷୟରେ ଆଲୋଚନା ହୋଇଛି। ବୈଠକରେ ମୟୂରଭଞ୍ଜ-୧ ଜିଲ୍ଲା ସଭାପତି ସୁଦାମ ମାର୍ଣ୍ଡି, ମୟୁରଭଞ୍ଜ-୨ ଜିଲ୍ଲା ସଭାପତି ଡା ଦେବାଶିଷ ମାର୍ଣ୍ଡି, ଜିଲ୍ଲା ପରିଷଦ ଅଧକ୍ଷା ଭାରତୀ ହାଁସଦା, ନଗରପାଳ କୃଷ୍ଣାନନ୍ଦ ମହାନ୍ତି, ପୂର୍ବତନ ମନ୍ତ୍ରୀ ସରୋଜିନୀ ହେମ୍ବ୍ରମ, ପୂର୍ବତନ ଉପ ବାଚସ୍ପତି ସାନନ୍ଦ ମାର୍ଣ୍ଡି, ପୂର୍ବତନ ବିଧାୟକ ରାଜକିଶୋର ଦାସ, ପୂର୍ବତନ ବିଧାୟକ ଗଣେଶ୍ୱର ପାତ୍ର, ସମାଜସେବୀ ଅମର ସେଠୀ, ଦେବାଶିଷ ମହାନ୍ତି, ଜିତେନ୍ଦ୍ର ମହାନ୍ତି, ଲଲାଟେନ୍ଦୁ ବେହେରା, ଉପ ନଗରପାଳ ସୀମା ଦାସ, ଜିଲ୍ଲା ମହିଳା ସଭାପତି ଦୀପ୍ତିଲତା ମିଶ୍ର, ଜିଲ୍ଲା ଛାତ୍ର ସଭାପତି ସୁନିଲ କୁମାର ନାୟକ, ଆଶୀର୍ବାଦ ଦାସ, ସମସ୍ତ ୱାର୍ଡ କାଉନସିଲର ଏବଂ କର୍ମକର୍ତ୍ତା ଉପସ୍ଥିତ ଥିଲେ।

## ମେଲାଣି ନେଲେ ମା’



ବହଳଦା, ୪।୧୦ (ସମିସ): ବହଳଦାର ଅଧିଷ୍ଠାତ୍ରୀ ଦେବୀ ମା’ କୀଚକେଶ୍ୱରୀଙ୍କ ପୀଠ ସହିତ ଝରାଡିହି ଉପରବଜାର ଓ ତଳ ମାର୍କେଟ ତଥା ଗମ୍ଭାରିଆରେ ମା’ଙ୍କ ଶାରଦୀୟ ଦୁର୍ଗା ପୂଜା ଏବଂ ରାବଣ ପୋଡି ଉତ୍ସବ ଓ ଭଷାଣୀ ଯାତ୍ରା ସମ୍ପନ୍ନ ହୋଇଛି। ବାମନଘାଟୀ ଉପଜିଲ୍ଲାପାଳ ତଥା ମନ୍ଦିର ମୁଖ୍ୟ ପ୍ରଶାସକ ସୌମ୍ୟରଞ୍ଜନ ବେହେରାଙ୍କ ଅଧ୍ୟକ୍ଷତାରେ ନବରାତ୍ରୀ ଓ ବିଜୟାଦଶମୀ ଉତ୍ସବ ପାଳିତ ହୋଇଛି। ବିଜୟା ଦଶମୀରେ ବିବାହିତ ମହିଳାଙ୍କ ସିନ୍ଦୂର ଖେଳ ଧୁମଧାମର ସହ ପାଳନ କରାଯାଇଛି। ସେହିପରି ଅନ୍ୟ ସ୍ଥାନରେ ରାବଣ ପୋଡି ଉତ୍ସବ ପାଇଁ ପ୍ରଶାସନ ପକ୍ଷରୁ ଅନୁମତି ପ୍ରଦାନ କରାଯାଇ ନଥିବାରୁ ଗମ୍ଭାରିଆରେ ପ୍ରବଳ ଭିଡ ପରିଲକ୍ଷିତ ହୋଇଥିଲା। ଶୁକ୍ରବାର ମା’ ଦୁର୍ଗାଙ୍କ ମେଢ ବିସର୍ଜନ କରାଯାଇଥିଲା।

## ହାତୀପଲ ଉତ୍ପାତରେ ଅଞ୍ଚଳବାସୀ ଅତିଷ୍ଠ

ମୋରଡ଼ା,୪।୧୦(ସମିସ): ରାସଗୋବିନ୍ଦପୁର ରେଞ୍ଜ ଅଧିନ ଭଦୁଆଶୋଳ ପଞ୍ଚାୟତ କୃଷ୍ଣଚନ୍ଦ୍ରପୁର ଅଙ୍ଗନବାଡି କେନ୍ଦ୍ରରେ ଶୁକ୍ରବାର ବିଳମ୍ବିତ ରାତିରେ ହାତୀପଲ ପଶି ବ୍ୟାପକ କ୍ଷତି କରିବା ସହିତ ଜିନିଷ ଭାଙ୍ଗି ନଷ୍ଟ କରିଦେଇଛନ୍ତି। ଶୁକ୍ରବାର ବିଳମ୍ବିତ ରାତିରେ ୨୦ଟିକିଆ ଶିମିଳିପାଳ ହାତୀପଲ ଅଙ୍ଗନବାଡିର ଗ୍ରିଲ ଭାଙ୍ଗି ଭିତରକୁ ପ୍ରବେଶ କରି କବାଟ ଓ ଝରକା ଭାଙ୍ଗି ଭିତରକୁ ପଶି ଚାଉଳ ଖାଇବା ସହ ସମସ୍ତ ଜିନିଷ ପତ୍ର ସବୁ ନଷ୍ଟ କରିଦେଇଛି। ବାରମ୍ବାର ଉକ୍ତ ଅଙ୍ଗନୱାଡିକୁ ଭାଙ୍ଗିବା ଫଳରେ ସ୍ଥାନୀୟ ଅଞ୍ଚଳରେ ଅସନ୍ତୋଷ ପ୍ରକାଶ ପାଇଛି। ଅପରପକ୍ଷରେ ଉକ୍ତ ଅଙ୍ଗନବାଡ଼ି କେନ୍ଦ୍ର ପାଖରେ ହାତୀର ଗତିବିଧି ଉପରେ ନଜର ରଖିବା ପାଇଁ ଏକ ୱାଚଟାୱାର ଥାଇ ମଧ୍ୟ ସେଠାରେ କେହି ବନରକ୍ଷୀ ରହୁ ନ ଥିବାରୁ ଲୋକଙ୍କୁ ପୂର୍ବ ସୂଚନା ମିଳିପାରୁନାହିଁ। ଫଳରେ ବାରମ୍ବାର ଏହିପରି ଘଟଣା ଘଟୁଛି ବୋଲି ସରପଞ୍ଚ ସେବତୀ ମୁର୍ମୁ କହିଛନ୍ତି।

## ବ୍ରାଉନ ସୁଗର ଜବତ; ଯୁବକ ଗିରଫ

ରାମଚନ୍ଦ୍ରପୁର,୪।୧୦(ସମିସ): ରାମଚନ୍ଦ୍ରପୁର ଥାନା ହସନପୁର ଟୋଲ ଗେଟ୍ ନିକଟରୁ ଜଣେ ବ୍ରାଉନ ସୁଗର ବେପାରୀଙ୍କୁ ଉଠାଇ ନେଇ ତା’ନିକଟରୁ ୭ ଗ୍ରାମ ଓଜନର ବ୍ରାଉନ ସୁଗାର ଜବତ କରିଛି ରାମଚନ୍ଦ୍ରପୁର ପୁଲିସ। ଗିରଫ ଯୁବକ ଜଣକ ସ୍ଥାନୀୟ ବେଲବାହାଲୀ ଗ୍ରାମର ରବୀନ୍ଦ୍ର ଜେନାଙ୍କ ପୁଅ ସଞ୍ଜୟ ଜେନା ବୋଲି ଜଣାପଡ଼ିଛି। ଯୁବକ ବାଇକ୍ ଯୋଗେ ଯାଜପୁର ଆଡକୁ ଆସୁଥିବା ବେଳେ ବିଶେଷ ସୂତ୍ରରୁ ଖବର ପାଇ ରାମଚନ୍ଦ୍ରପୂର ପୁଲିସ ହସନପୁର ଟୋଲ ଗେଟ ନିକଟରେ ଅଚାନକ ଚଢ଼ଉ କରି ଉକ୍ତ ଯୁବକକୁ ତଲାସି କରିଥିଲେ, ତଲାସି ସମୟରେ ଯୁବକଙ୍କ ନିକଟରୁ ୭ ଗ୍ରାମ ବ୍ରାଉନ ସୁଗାର ଜବତ ହେବା ପରେ ବାଇକ ସହ ଯୁବକକୁ ଥାନାରେ ଅଟକ ରଖି ଅଧିକ ପଚାରା ଉଚାରା କରିବା ପରେ ୩୦୦/୨୫ରେ ଏକ ମାମଲା ରୁଜୁ କରି ଆନନ୍ଦପୁର ବିଚାର ବିଭାଗୀୟ ହାଜତକୁ ପଠାଇ ଦେଇଥିବା ଥାନା ଅଧିକାରୀ ପ୍ରକାଶ କରିଛନ୍ତି।

## ଅନ୍ତର୍ଜାତୀୟ ବରିଷ୍ଠ ନାଗରିକ ଦିବସ ପାଳିତ

ମୋରଡା,୪।୧୦(ସମିସ): ମୋରଡା ବ୍ଲକ ଅଧୀନ ଚିତ୍ରଡା ପଞ୍ଚାୟତ କାର୍ଯ୍ୟାଳୟରେ ଅନ୍ତର୍ଜାତୀୟ ବରିଷ୍ଠ ନାଗରିକ ଦିବସ ପାଳିତ ହୋଇଯାଇଛି। ସରପଞ୍ଚ ବାଳକ ମାର୍ଣ୍ଡିଙ୍କ ଅଧକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଅବସରପ୍ରାପ୍ତ ଶିକ୍ଷକ ନରେନ୍ଦ୍ର ମହାନ୍ତ, ଜାନକୀ ମହାନ୍ତ, ରାଧାନାଥ ମହାନ୍ତଙ୍କୁ ଫୁଲତୋଡ଼ା, ଉତ୍ତରୀୟ ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା। ଏହି ଅବସରରେ ବରିଷ୍ଠ ନାଗରିକଙ୍କ ପକ୍ଷରୁ ଏକ ରାଲି ବାହାରିଥିଲା। ବିଷ୍ଣୁପ୍ରିୟା ଦାସଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା।

## ରାଇରଙ୍ଗପୁରରେ ଖୋଲିବ ଇଗ୍ନୋ ଆଞ୍ଚଳିକ କେନ୍ଦ୍ର

ବାରିପଦା/ରାଇରଙ୍ଗପୁର, ୪।୧୦(ସମିସ): ଇନ୍ଦିରା ଗାନ୍ଧୀ ଜାତୀୟ ମୁକ୍ତ ବିଶ୍ୱବିଦ୍ୟାଳୟ (ଇଗ୍ନୋ) ଆଞ୍ଚଳିକ କେନ୍ଦ୍ର ମୟୂରଭଞ୍ଜ ଜିଲ୍ଲାରେ ଖୋଲିବାକୁ ଯାଉଛି। ଏ ନେଇ ବିଶ୍ୱବିଦ୍ୟାଳୟ ପକ୍ଷରୁ କୁଳାଧିପତି ଆନନ୍ଦ କୁମାର ସୋନି ବିଜ୍ଞପ୍ତି ପ୍ରକାଶ କରିଛନ୍ତି। ପୂର୍ବରୁ ଭୁବନେଶ୍ୱରଠାରେ ଆଞ୍ଚଳିକ କେନ୍ଦ୍ର ଥିବା ବେଳେ ବାରିପଦା ସ୍ଥିତ ଏମପିସି ସ୍ୱୟଂଶାସିତ ମହାବିଦ୍ୟାଳୟରେ ପରୀକ୍ଷା କେନ୍ଦ୍ର ହେଉଥିଲା। କିନ୍ତୁ ତାହାକୁ ଅଧିକ ପରିବ୍ୟାପ୍ତ କରିବା ପାଇଁ ଇଗ୍ନୋ ପକ୍ଷରୁ ଓଡିଶାର ୪ଟି ଜୋନରେ ଆଞ୍ଚଳିକ କେନ୍ଦ୍ର କରିବା ନେଇ ସ୍ଥିରୀକୃତ ହୋଇଛି। ଯେଉଁଥିରେ କି ଉତ୍ତର ଓଡ଼ିଶା ନିମନ୍ତେ ମୟୂରଭଞ୍ଜ ଜିଲ୍ଲାର ରାଇରଙ୍ଗପୁରଠାରେ କେନ୍ଦ୍ର ସ୍ଥାପନ କରାଯିବ। ଉକ୍ତ ଆଞ୍ଚଳିକ କେନ୍ଦ୍ର ଅଧୀନରେ ମୟୂରଭଞ୍ଜ, କେନ୍ଦୁଝର, ବାଲେଶ୍ୱର, ଭଦ୍ରକ ଏବଂ ଯାଜପୁର ଜିଲ୍ଲା ରହିବ। ଉକ୍ତ ଜିଲ୍ଲାର ସମସ୍ତ ଇଗ୍ନୋ ପରୀକ୍ଷା କେନ୍ଦ୍ର ମୟୂରଭଞ୍ଜ ଜିଲ୍ଲାର ଆଞ୍ଚଳିକ କେନ୍ଦ୍ର ଅଧୀନରେ ରହିବ ବୋଲି ସୂଚନା ମିଳିଛି।

■ ବାସିଙ୍ଗି ଦୁର୍ଘଟଣା ନେଲା ନୂଆମୋଡ

## ହତ୍ୟା ଅଭିଯୋଗ ଆଣିଲେ ମୃତକଙ୍କ ଭାଇ

ରାଇରଙ୍ଗପୁର,୪।୧୦(ସମିସ): ରାଇରଙ୍ଗପୁର ଟେକ୍ନୋୱାର୍ଲ୍ଡ ଉଚ୍ଚମାଧମିକ ବିଦ୍ୟାଳୟ ନାମରେ ସାଂଘାତିକ ଅଭିଯୋଗ ଆସିଛି। ଦୁର୍ଘଟଣା ଘଟାଇ ଅଂଶୀଦାର ଥିବା ଗୌତମଙ୍କୁ ହତ୍ୟା କରିଥିବା ଅଭିଯୋଗ ଆଣିଲେ ମୃତକଙ୍କ କାକା ପୁଅ ଭାଇ। ଗତକାଲି ମୟୂରଭଞ୍ଜ ଜିଲ୍ଲା ବହଳଦା ଥାନା ଅନ୍ତର୍ଗତ ବାସିଙ୍ଗୀ ସ୍କୁଲ ସମ୍ମୁଖରେ ଘଟିଥିବା ଦୁର୍ଘଟଣାର ନେଲା ନୂଆ ମୋଡ। ଟେକ୍ନୋୱାର୍ଲ୍ଡ ଉଚ୍ଚମାଧମିକ ବିଦ୍ୟାଳୟର କାର ଦୁର୍ଘଟଣାରେ ଅନୁଷ୍ଠାନର ଗୌତମ ମହାନ୍ତଙ୍କ ମୃତ୍ୟୁକୁ ନେଇ ହତ୍ୟା କରାଯାଇଥିବା ଅଭିଯୋଗ ହୋଇଛି। ଏନେଇ ବହଳଦା ପୁଲିସ ଏକ ମାମଲା ରୁଜୁ କରି ଅଧିକ ତଦନ୍ତ ଚଳାଇଛି। ସୂଚନା ଅନୁସାରେ ଦୀର୍ଘ ଦିନ ପୂର୍ବରୁ ରାଇରଙ୍ଗପୁର ଠାରେ ଟେକ୍ନୋୱାର୍ଲ୍ଡ ଉଚ୍ଚମାଧମିକ ବିଦ୍ୟାଳୟ ଗଢି ଉଠିଥିବା ବେଳେ ଆରମ୍ଭ ସମୟରେ ଉକ୍ତ ଅନୁଷ୍ଠାନରେ ମୃତକ ଗୌତମ ମଧ କିଛି ଟଙ୍କା ବିନିଯୋଗ କରିଥିଲେ। ସେ ନିଜେ ଉକ୍ତ ଅନୁଷ୍ଠାନରେ କିରାଣୀ ଭାବରେ କାର୍ଯ୍ୟରତ ଥିଲେ। କିନ୍ତୁ ଗତକାଲି ଉକ୍ତ ଅନୁଷ୍ଠାନର କାର ଦୁର୍ଘଟଣାରେ ତାଙ୍କର ମୃତ୍ୟୁ ଘଟିବା ନେଇ ପରିବାର ଲୋକେ ଏହା ଏକ ସୁକଳ୍ପିତ ହତ୍ୟା ବୋଲି ବହଳଦା ଥାନାରେ ଅଭିଯୋଗ କରିଛନ୍ତ ମୃତକଙ୍କ କାକା ପୁଅ ଭାଇ ଅଶୋକ ମହାନ୍ତ। ତେବେ ଉକ୍ତ ଘଟଣାକୁ ନେଇ ବହଳଦା ପୁଲିସ ତଦନ୍ତ କରୁଥିବା ବେଳେ ଏହା ଦୁର୍ଘଟଣା କି ସୁକଳ୍ପିତ ହତ୍ୟା ତାହା ତଦନ୍ତ ପରେ ଜଣାପଡିବ। ପୁଲିସ କାର୍ ଚାଳକ ଗଣେଶ ପାତ୍ରକୁ ଅଟକ ରଖି ତଦନ୍ତ ଚଳାଇଛି।

# ଜିଲ୍ଲା ବିଭାଜନକୁ ବରିଷ୍ଠ ନାଗରିକ ମଞ୍ଚର ବିରୋଧ



ବାରିପଦା, ୪।୧୦(ସମିସ): ମୟୂରଭଞ୍ଜ ଜିଲ୍ଲା ବିଭାଜନକୁ ବରିଷ୍ଠ ନାଗରିକ ମଞ୍ଚ ବିରୋଧ କରିଛି। ମଞ୍ଚର ସଭାପତି ପ୍ରଦୀପ୍ତ କିଶୋର ପଣ୍ଡାଙ୍କ ସଭାପତିତ୍ୱରେ କଲ୍ୟାଣୀ ମହିଳା ସମିତି ସଭା ଗୃହରେ ଆନ୍ତର୍ଜାତିକ ବରିଷ୍ଠ ଦିବସ ପାଳିତ ହୋଇ ‘ବିକଶିତ ମୟୁରଭଞ୍ଜ ୨୦୩୬’ ପ୍ରସଙ୍ଗ ଉପରେ ବିସ୍ତୃତ ଆଲୋଚନା ହୋଇଥିଲା। ସମାଜସେବୀ ବର୍ଷିଆନ ନନ୍ଦକିଶୋର ମହାପାତ୍ର ମୁଖ୍ୟଅତିଥି ଭାବରେ ଯୋଗଦେଇ ବରିଷ୍ଠ ସମାଜର ସମସ୍ତ ବର୍ଗ ଓ ବୟସର ଭାବ ଓ ଅଭାବରେ ଛିଡା ହୋଇ ପୂଜ୍ୟ ହେବାକୁ ଦିଗଦର୍ଶନ ଦେଇଥିଲେ। ସାଧାରଣ ସମ୍ପାଦକ ଡ଼ ଶ୍ୟାମସୁନ୍ଦର ଦାସଙ୍କ ସଂଯୋଜନାରେ ଉଦଳା ବରିଷ୍ଠ ନାଗରିକ ସଙ୍ଘର ସମ୍ପାଦକ ପୂର୍ଣ୍ଣଚନ୍ଦ୍ର ସାହୁ, ବଡ଼ସାହି ବରିଷ୍ଠ ନାଗରିକର ସଙ୍ଘର ସଭାପତି ସୁନୀଲ କୁମାର ଦାଶ, ବେତନଟୀ ସମ୍ପାଦକ ଜୟନ୍ତ କୁମାର ପଟନାୟକ ରାଇରଙ୍ଗପୁର ସମ୍ପାଦକ ନିରୋଜ କୁମାର ପଣ୍ଡା, ଶୁକୁଳିର ପ୍ରସନ୍ନ କୁମାର ପଣ୍ଡା, ବାଙ୍ଗିରିପୋଷି ସଭାପତି ମନୋରଞ୍ଜନ ବେହେରା, ବୈଶିଙ୍ଗା ସମ୍ପାଦକ ଅଶ୍ୱନୀ ମହାରଣା, ମୟୁରଭଞ୍ଜ ସାମ୍ବାଦିକ ସଂଘର ସଭାପତି ଅରୁଣ କୁମାର ଓତା, ବାଙ୍ଗିରିପୋଷି ମହାବିଦ୍ୟାଳୟର ପ୍ରତିଷ୍ଠାତା ଲକ୍ଷ୍ମୀଧର ଦାସ, ବେତନଟୀ ମହାବିଦ୍ୟାଳୟର ପୂର୍ବତନ ଅଧକ୍ଷ ଶ୍ରୀନିବାସ ଭଞ୍ଜ, ଝାରପୋଖରିଆର ସଭାପତି ଘାସିରାମ ମହାନ୍ତ, ପ୍ରମୁଖ ବିକଶିତ ମୟୂରଭଞ୍ଜ ଉପରେ ମତାମତ ରଖି ଜିଲ୍ଲା ବିଭାଜନରେ ଶିମିଳିପାଳ ସହିତ ୧୫୦୦ବର୍ଷର ଉତ୍ତୁଙ୍ଗ ସଂସ୍କୃତିକୁ ବିଭାଜନ କରିବା ଅସମ୍ଭବ ମତାମତ ସହିତ ଅସ୍ମିତା ମୟୁରଭଞ୍ଜକୁ ବଳି ନ ଦେବାକୁ ସରକାରଙ୍କୁ ପରାମର୍ଶ ଦେଇଥିଲେ। ଏହାବ୍ୟତୀତ ଜିଲ୍ଲାର ସମସ୍ତ ୪ଟି ଉପଖଣ୍ଡରେ ଶିଳ୍ପ ଓ କୃଷି ବିକାଶ, ରେଳ ବିକାଶ, ଟୁରିଜିମ ବିକାଶ, କେନ୍ଦ୍ରୀୟ ବିଶ୍ୱ ବିଦ୍ୟାଳୟ ୪ଟି କେନ୍ଦ୍ରୀୟ ବିଦ୍ୟାଳୟ ନିଶାନିବାରଣ, ଉଦଳା ମ୍ୟୁନିସିପାଲିଟି ଘୋଷଣା, ବଡ଼ସାହି ଏନଏସସି ଘୋଷଣା, ବେତନଟୀ ଉପଖଣ୍ଡ ଘୋଷଣା, ଅସହାୟ ବୃଦ୍ଧଙ୍କ ପାଇଁ ପ୍ରତ୍ୟେକ ବ୍ଲକରେ ପିତୃମାତୃ ଗୃହ ନିର୍ମାଣ ନିମିତ୍ତ ପରାମର୍ଶ ଦିଆଯାଇଥିଲା। ଆସନ୍ତା ବାର୍ଷିକ ସମାରୋହରେ ‘ଭଞ୍ଜ ବରିଷ୍ଠ’ ନାମିତ ମୁଖପତ୍ର ପ୍ରକାଶିତ ହେବାର ନିଷ୍ପତ୍ତି ନିଆଯାଇଥିଲା। ଶେଷରେ ଦେବାଶିଷ ଦାସ ଧନ୍ୟବାଦ ଅର୍ପଣ କରିଥିଲେ।

## ଧୀର ବଶାଙ୍କୁ ‘ଲାଇଫ ଟାଇମ ଆଚିଭମେଣ୍ଟ’ ସମ୍ମାନ

ବାରିପଦା, ୪।୯ (ସମିସ): ଅମ୍ବିକା ସାହି ସ୍ଥିତ ହର ପାର୍ବତୀ ପୂଜା କମିଟିର ୩୦ବର୍ଷ ପୂର୍ତ୍ତି ଉପଲକ୍ଷେ ଆୟୋଜିତ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ପ୍ରଖ୍ୟାତ ନିର୍ଦ୍ଦେଶକ, ଅଭିନେତା ଧୀର ବଶାଙ୍କୁ କଳା କ୍ଷେତ୍ରରେ ଜୀବନ ବ୍ୟାପୀ ସାଧାନା ପାଇଁ ‘ଲାଇଫ ଟାଇମ ଆଚିଭମେଣ୍ଟ ଆୱାର୍ଡ’ରେ ସମ୍ମାନିତ କରାଯାଇଛି। ଶ୍ରୀ ବଶା ୨୦୧୫ ମସିହାରେ ଓଡିଶା ସଂଗୀତ ନାଟକ ଏକାଡେମୀ ଆୱାର୍ଡ ପାଇବା ସହ ୨୦୧୮ରେ ଉତ୍ତର ଓଡିଶା ବିଶ୍ୱବିଦ୍ୟାଳୟ ଦ୍ୱାରା ଭୂମିପୁତ ସମ୍ମାନରେ ସମ୍ମାନିତ ହୋଇଥିଲେ। ସେ ଓଡିଶାର ସରକାରୀ ଓ ବେସରକାରୀ ଅନୁଷ୍ଠାନ ଦ୍ୱାରା ବହୁବାର ବିଭିନ୍ନ ସମ୍ମାନରେ ସମ୍ମାନିତ ହୋଇ ସାରିଛନ୍ତି। ସେ ମୟୂରଭଞ୍ଜର ସରସକଣା ବ୍ଲକର ଏକ ମଫସଲ ଗାଁ ବଡ ଛାଟରାରେ ଜନ୍ମ ଗ୍ରହଣ କରିଥିଲେ। ପିଲାଟି ଦିନରୁ ନାଟକ ପ୍ରତି ତାଙ୍କର ନିଷ୍ଠାକୁ ଆଜି ପର୍ଯ୍ୟନ୍ତ ବଜାୟ ରଖିଛନ୍ତି। ସେ ଦୂରଦର୍ଶନ ଓ ଆକାଶବାଣୀ କଟକର ଜଣେ ସ୍ୱୀକୃତିପ୍ରାପ୍ତ କଳାକାର। ସେ ୨ଶହରୁ ଊର୍ଦ୍ଧ୍ୱ ନାଟକରେ ଅଭିନୟ କରିବା ସହ ୧୦୦ରୁ ଊର୍ଦ୍ଧ୍ୱ ନିର୍ଦ୍ଦେଶନା ଦେଇସାରିଛନ୍ତି। ଦିଲ୍ଲୀ ଦୂରଦର୍ଶନ ପାଇଁ ଏକ ଟେଲି ଫିଲ୍ମ ‘ରିସ୍ତା’ ପ୍ରସ୍ତୁତ କରି ବହୁ ପ୍ରଶଂସା ସାଉଁଟିଥିଲେ। ଓଡ଼ିଆ ଚଳଚିତ୍ର ଅଭିମାନ, ଗୋପରେ ବଢୁଛି କଳା କହ୍ନେଇ, ମାଗୁଣିର ଶଗଡ଼, ହିରୋ ନମ୍ବର ୱାନରେ ଅଭିନୟ କରି ଦର୍ଶକଙ୍କ ଦ୍ୱାରା ବେଶ ଆଦୃତ ହୋଇପାରିଛନ୍ତି।



## ଜଳାଶୟରୁ ବୃଦ୍ଧାଙ୍କ ମୃତଦେହ ଉଦ୍ଧାର

ବୈଶିଙ୍ଗା,୪।୧୦(ସମିସ): ବୈଶିଙ୍ଗା ଥାନା ଅଧୀନ ଗଡ଼ଗଡ଼ିଆ ଗ୍ରାମର ଡମାନ ମାଝୀ ଏକ ପାଣି ଫ୍ୟାକ୍ଟ୍ରିକୁ କାମ କରିବାକୁ ଯାଉଥିବାବେଳେ ରାସ୍ତାପାଶ୍ୱର୍ରେ ଥିବା ଏକ ଜଳାଶୟରେ ଜଣେ ବୃଦ୍ଧାଙ୍କ ମୃତଦେହ ଭାସୁଥିବାର ଦେଖିଥିଲେ। ପରେ ସ୍ଥାନୀୟ ଲୋକେ ପହଞ୍ଚିଥିଲେ ମଧ ଚିହ୍ନିପାରି ନ ଥିଲେ। ପରେ ଅଗ୍ନିଶମ ବିଭାଗର କର୍ମଚାରୀ ଓ ବୈଶିଙ୍ଗା ପୁଲିସ ପହଞ୍ଚି ଜଳାଶୟରୁ ଶବକୁ ଉଦ୍ଧାର କରିଥିଲେ। ସେ ଡମାନର ବୁଢୀମାଆ ବୋଲି ଜଣାପଡିଛି। ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁକରି ତଦନ୍ତ ଚଳାଇଛି।

## ବିପଦପୂର୍ଣ୍ଣ ବାଇକ ଷ୍ଟଣ୍ଟ ଭିଡିଓ ଭାଇରାଲ; ଯୁବକଙ୍କୁ ୧୨ ହଜାର ଜରିମାନା



ବାରିପଦା/ରାଇରଙ୍ଗପୁର, ୪।୧୦ (ସମିସ): ରାସ୍ତାରେ ବିପଦପୂର୍ଣ୍ଣଭାବେ ବାଇକରେ ଷ୍ଟଣ୍ଟ କରିବା ଘଟଣାରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି। ଷ୍ଟଣ୍ଡ କରୁଥିବା ଜଣେ ଯୁବକଙ୍କୁ ଆଞ୍ଚଳିକ ପରିବହନ ବିଭାଗ ଧରି ୧୨ ହଜାର ଟଙ୍କା ଜରିମାନା କରିଛି। ଯୁବକ ଜଣକ ହେଲେ ଶୁଳିଆପଦା ଥାନା ଅନ୍ତର୍ଗତ କେଉଟଣମାରି ଗ୍ରାମର ବିଶ୍ୱଜିତ ମହାନ୍ତ(୨୪)। ଗତ ୨୪ ତାରିଖରେ ରାଇରଙ୍ଗପୁର ସହରରେ ଅତି ବିପଦପୂର୍ଣ୍ଣ ଭାବେ ଦୁଇଟି ବାଇକରେ ରେସିଂ କରି ଷଣ୍ଟ କରୁଥିଲେ। ଯାହାକୁ ସ୍ଥାନୀୟ ଲୋକେ ଭିଡିଓ କରି ଏକ୍ସ ଯୋଗେ ପରିବହନ ବିଭାଗକୁ ଜଣାଇଥିଲେ। ପରେ ରାଇରଙ୍ଗପୁର ଆଞ୍ଚଳିକ ପରିବହନ ବିଭାଗ ପକ୍ଷରୁ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି। ଗୋଟିଏ ବାଇକକୁ ଧରି ଫାଇନ କରାଯାଇଛି। ଅନ୍ୟ ବାଇକଟି ଫେରାର ହୋଇଯାଇଛି। ଯୁବକ ଜଣକ ଗତ ଅଗଷ୍ଟ ମାସରେ ଜାତୀୟ ରାଜପଥର ଫ୍ଲାଇ ଓଭର ଉପରେ ରେସିଂ କରି ଚକ ଟେକି ଗାଡି ଚଳାଇ ଷ୍ଟଣ୍ଟ କରୁଥିଲେ। ପରେ ସେ ୟୁଟ୍ୟୁବ ସୋସିଆଲ ମିଡିଆ ଆଇଡିରେ ଛାଡିଥିଲେ। ସର୍ବସାଧାରଣ ସ୍ଥାନରେ ବିପଦପୂର୍ଣ୍ଣ ଭାବେ ଗାଡି ଚାଳନା କରି ଜନସାଧାରଣ ସମେତ ନିଜ ଜୀବନକୁ ବିପଦରେ ପକାଉଛନ୍ତି। ପୁଲିସ ପକ୍ଷରୁ ଭାଇରାଲ ଭିଡ଼ିଓକୁ ନେଇ ଯାଞ୍ଚ କରାଯାଇ ୨୫ ହଜାର ଫାଇନ କରାଯାଇଥିଲା। ବେତନଟୀ ଥାନା ଅନ୍ତର୍ଗତ ରାଗଧା ବସଷ୍ଟପ ନିକଟରେ ଷ୍ଟଣ୍ଟ କରି ବାରିପଦା ସହରକୁ ଆସିଥିଲା। ଏହାକୁ ନେଇ ବେତନଟୀ ଥାନାରେ ଏକ ମାମଲା ରୁଜୁ କରି ଯୁବକକୁ ଗିରଫ କରିବା ସହ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଥିଲା। ତେବେ ସେ କାର୍ଯ୍ୟରୁ ନିବୃତ୍ତ ନ ରହି ପୁଣିସର୍ବସାଧାରଣ ସ୍ଥାନରେ ଏପରି ଷଣ୍ଟ କରିଛନ୍ତି।

## ନାଟକ ‘ନିସ୍ତବ୍ଧ ସାହାନାଇ’ର ଶୁଭ ମହୁରତ



ବାରିପଦା, ୪।୧୦(ସମିସ): ବିଜୟା ଦଶମୀ ଏବଂ ଗାନ୍ଧୀ ଜୟନ୍ତୀର ଶୁଭ ଅବସରରେ ବାରିପଦାର ସୁନାମଧନ୍ୟ ନାଟ୍ୟାନୁଷ୍ଠାନ ‘ରୂପାନ୍ତର’ର ପରବର୍ତ୍ତୀ ନାଟକ ‘ନିସ୍ତବ୍ଧ ସାହାନାଇ’ର ଶୁଭ ମହୁରତ ସ୍ଥାନୀୟ ହରିହର କଳା ମନ୍ଦିରଠାରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଅନୁଷ୍ଠାନର ଅଭିଜ୍ଞ ଅଭିନେତା, ଅଭିନେତ୍ରୀ ଅଭିନୟ କରିବେ। ନାଟକଟିକୁ ରଚନା କରିଛନ୍ତି ଓଡ଼ିଶାର ପ୍ରତିଷ୍ଠିତ ତଥା ଓଡ଼ିଶା ସାହିତ୍ୟ ଏକାଡେମୀ ପୁରସ୍କାର ପ୍ରାପ୍ତ ନାଟ୍ୟକାର ଭାସ୍କର ଚନ୍ଦ୍ର ମହାପାତ୍ର ଓ ନିର୍ଦ୍ଦେଶନା ଦାୟିତ୍ୱରେ ରହିଛନ୍ତି ପରେଶ ଚନ୍ଦ୍ର ସାହୁ। ଆସନ୍ତା ନଭେମ୍ବର ୨୨ରୁ ୨୭ ତାରିଖ ପର୍ଯ୍ୟନ୍ତ ସହିଦ ଭବନରେ ଅନୁଷ୍ଠିତ ହେବ ବୋଲି ରୂପାନ୍ତରର ଅଧକ୍ଷ ବୀରେନ୍ଦ୍ରନାଥ ସାହୁ ତଥା ଉପାଧକ୍ଷା ଡକ୍ଟର ଦମୟନ୍ତୀ ବେଶ୍ରା କହିଛନ୍ତି।

## କାର-ବାଇକ୍ ଧକ୍କା; ଜଣେ ମୃତ

ରାଇରଙ୍ଗପୁର/ବହଳଦା,୪।୧୦(ସମିସ): ବହଳଦା ଥାନା ଅନ୍ତର୍ଗତ ବାସିଙ୍ଗି ନିକଟ ଜାତୀୟ ରାଜପଥରେ କାର୍-ବାଇକ୍ ଧକ୍କାରେ ଜଣକର ମୃତ୍ୟୁ ଘଟିଛି। ରାଇରଙ୍ଗପୁର ସ୍ଥିତ ଟେକ୍ନୋଓ୍ୱାର୍ଲ୍ଡ ଯୁକ୍ତ ଦୁଇ ବିଜ୍ଞାନ ମହାବିଦ୍ୟାଳୟର ପରିଚାଳନା ଦାୟିତ୍ୱରେ ଥିବା ଗୌତମ ମହାନ୍ତ (୪୩) ବହଳଦା ସ୍ଥିତ ନିଜ ବାସଗୃହକୁ ବାଇକରେ ଫେରୁଥିଲେ। ହେଲେ ବାସିଙ୍ଗି ନିକଟରେ ଏକ କାର୍ ତାଙ୍କୁ ଧକ୍କା ଦେଇଥିଲା। ଫଳରେ ସେ ଗୁରୁତର ହୋଇପଡିଥିଲେ। ତାଙ୍କୁ ରାଇରଙ୍ଗପୁର ଉପଖଣ୍ଡ ଡାକ୍ତରଖାନାକୁ ନିଆଯାଇଥିଲା। ହେଲେ ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ। ତେବେ କାର ଚାଳକ କୃଷ୍ଣ ପାତ୍ର ନିଶାଶକ୍ତ ଅବସ୍ଥାରେ ଗାଡି ଚଳାଉଥିଲେ ବୋଲି ଜଣାପଡିଛି। ପରେ ପୁଲିସ ପହଞ୍ଚି ଦୁଇଟିଯାକ ଗାଡିକୁ ଜବତ କରିବା ସହ ଘଟଣାର ତଦନ୍ତ ଜାରି ରଖିଛି।

## ଗମ୍ଭାରିଆର ଦୁଇଟି ଦୋକାନରୁ ଚୋରି

ବହଳଦା, ୪।୧୦ (ସମିସ): ବହଳଦା ଥାନା ଅନ୍ତର୍ଗତ ଗମ୍ଭାରିଆରେ ଶୁକ୍ରବାର ବିଳମ୍ବିତ ରାତିରେ ଦୁଇଟି ଦୋକାନରୁ ଚୋରି ହୋଇଥିବା ନେଇ ଅଭିଯୋଗ ହୋଇଛି। ଗମ୍ଭାରିଆର ସୁବ୍ରତ କୁମାର ମହାନ୍ତଙ୍କ ତେଜରାତି ଏବଂ ମାନସ ରଞ୍ଜନ ମହାନ୍ତଙ୍କ ହାର୍ଡୱେୟାର ଦୋକାନରୁ ଚୋରି ହୋଇଛି। ତେଜରାତି ଦୋକାନରୁ ୩ ହଜାର ଟଙ୍କା ସହ ହଜାରେ ଟଙ୍କାର ବିଭିନ୍ନ ସାମଗ୍ରୀ ଚୋରି ହୋଇଥିବାବେଳେ ହାର୍ଡୱେୟାର ଦୋକାନରୁ ଅଢେଇ ଲକ୍ଷ ଟଙ୍କା ଲୁଟି ନେଇଛନ୍ତି ଦୁର୍ବୃତ୍ତ।

# ଟାଟାପାୱାର ପକ୍ଷରୁ ମା’ପାଇଁ ଗଛଟିଏ କାର୍ଯ୍ୟକ୍ରମ

ରାମଚନ୍ଦ୍ରପୁର,୪।୧୦(ସମିସ):

ଘଷିପୁରା ବ୍ଲକ୍ ମଦନପୁର ପଞ୍ଚାୟତ ଗୋଡ଼ିସାହିସ୍ଥିତ ଓଁକାର ସେବାଶ୍ରମ ପରିସରରେ ଟାଟା ପାୱାର ନର୍ଦନ ଓଡ଼ିଶା ପକ୍ଷରୁ ମା’ପାଇଁ ଗଛଟିଏ କାର୍ଯ୍ୟକ୍ରମ ସହ ପିଲାମାନେ କିପରି ପାଠ ପଢିବା ସହିତ ପରିବେଶ ସୁରକ୍ଷାରେ ବ୍ରତି ହେବେ ସେଥିନେଇ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଉକ୍ତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଆନନ୍ଦପୁର ଉପଜିଲ୍ଲାପାଳ ନୀଳମାଧବ ସୁନା ଏବଂ ସମ୍ମାନିତ ଅତିଥି ଭାବେ ଆନନ୍ଦପୁର ଉପଖଣ୍ଡ ବନଖଣ୍ଡ ଅଧିକାରୀ ପ୍ରଶାନ୍ତ କୁମାର ପଣ୍ଡା, ଅଶ୍ୱନି କୁମାର ମହାନ୍ତ, ଶଶିକାନ୍ତ ସାହୁ, ଶଶିକାନ୍ତ ମହାନ୍ତି, ଏସଡ଼ିଓ ଆନନ୍ଦପୁର ମାନସ କୁମାର ମହାନ୍ତି, ଆନନ୍ଦପୁର କନିଷ୍ଠ ଯନ୍ତ୍ରୀ ସୁଶାନ୍ତ କୁମାର ସେଠୀ, ରାମଚନ୍ଦ୍ରପୁର ରାଜେଶ କୁମାର ପଇ, ଦୀପକ କୁମାର ବାରିକ, ସୁରକ୍ଷା ଅଧିକାରୀ ସୌମ୍ୟରଞ୍ଜନ ସାହୁ, ଆଡିମିନ୍ ସୁମନ ସ୍ୱାଗତିକା ଦାସ, ସିଓଏସ୍ ଅମିତ କୁମାର ଖୁଣ୍ଟିଆ, ଧୀରନ୍ଦ୍ର କୁମାର ଜେନାଙ୍କ ସମେତ ଅନେକ କର୍ମଚାରୀ ଯୋଗଦେଇ ଥିଲେ। ସେବାଶ୍ରମ ପରିସରରେ ୫୦ରୁ ଊର୍ଦ୍ଧ୍ୱ ଓଷଧିୟ ଚାରାରୋପଣ କରାଯାଇ ଏହାର ଯତ୍ନ ନେବାପାଇଁ ଓଁକାର ସେବଶ୍ରମର ଟ୍ରଷ୍ଟି ଗୋବର୍ଦ୍ଧନ ବେହେରାଙ୍କୁ ଟାଟା ପାୱାର ପକ୍ଷରୁ ଦାୟିତ୍ୱ ହସ୍ତାନ୍ତର କରାଯାଇଥିଲା ପରେ ଛାତ୍ରଛାତ୍ରୀମାନଙ୍କୁ ଟାଟା ପାୱାର ପକ୍ଷରୁ ପାଠ୍ୟ ଉପକରଣ ବଣ୍ଟନ କରାଯାଇଥିଲା। ସରୋଜ କୁମାର ଜେନା ଏବଂ ଆଇଟିଆଇ ଅଧକ୍ଷ ପ୍ରମୋଦ କୁମାର ସାହୁ ଓ ସମସ୍ତ କର୍ମଚାରୀ ସହଯୋଗ କରିଥିଲେ। ଟାଟା ପାୱାର ପକ୍ଷରୁ ସମସ୍ତ ଅନ୍ତେବାସୀଙ୍କୁ ରନ୍ଧା ଖାଦ୍ୟ ବଣ୍ଟନ କରାଯାଇଥିଲା।




## ୮ ଫୁଟ ଲମ୍ବର ଅଜଗର ଉଦ୍ଧାର

ରାମଚନ୍ଦ୍ରପୁର,୪।୧୦(ସମିସ): ରାମଚନ୍ଦ୍ରପୁର ଥାନା ଗଡ଼ବାନ୍ଧଗୋଡ଼ା ଦୁଆରସାହୀ ଶିବମନ୍ଦିର ଡ୍ରେନ୍‌ରୁ ଏକ ଆଠ ଫୁଟିଆ ଅଜଗର ଉଦ୍ଧାର କରାଯାଇଛି। ମନ୍ଦିରରେ ସନ୍ଧ୍ୟା ଆଳତି ଚାଲିଥିବା ସମୟରେ ସାହିର କିଛି ଯୁବକ ହଠାତ ସାପଟିକୁ ଦେଖି ଭୟଭିତ ହୋଇଯାଇଥିଲେ। ଘଟଣା ସମ୍ପର୍କରେ ଖବର ମିଳିବା ପରେ ଆନନ୍ଦପୁର ଡିଏଫଓ ପ୍ରଶାନ୍ତକୁମାର ପଣ୍ଡାଙ୍କ ନିର୍ଦ୍ଦେଶରେ ସ୍ଥାନୀୟ ବନ କର୍ମଚାରୀ ପହଞ୍ଚି ସ୍ଥାନୀୟ ଯୁବକଙ୍କ ସହଯୋଗରେ ସାପଟିକୁ ଡ୍ରେନ ଭିତରୁ ସୁରକ୍ଷିତ ଭାବେ ଉଦ୍ଧାର କରି ଆଣି ବରାଙ୍ଗ ସରକ୍ଷିତ ଜଙ୍ଗଲର କୋର ଏରିଆ ମଧ୍ୟରେ ଛାଡ଼ି ଦେଇଥିବା ଜଣାପଡ଼ିଛି। ଗତ କିଛି ବର୍ଷ ହେଲା ବରାଙ୍ଗ ଏବଂ ସ୍ଥାନୀୟ ପଟିଲୋ ସଂରକ୍ଷିତ ଜଙ୍ଗଲ ଅଞ୍ଚଳର ବିଭିନ୍ନ ଗାଁରୁ ଅଜଗର ସାପ ଉଦ୍ଧାର ହେବା ଘଟଣା ପରିବେଶବିତ ତଥା ପ୍ରକୃତି ପ୍ରେମୀଙ୍କ ମଧ୍ୟରେ ଉତ୍ସାହ ଭରି ଦେଇଛି।

ରିଆଲିଟି ଶୋ'ରୁ ଓଲିଉଡ୍‌କୁ ଯାତ୍ରା । ହୃଦୟସ୍ପର୍ଶୀ ଓ ଉଚ୍ଚକୋଟୀର ତାଙ୍କ ଅଭିନୟ । ରୋମାଣ୍ଟିକ୍ ସିନ୍ ହେଉ କି ଇମୋସନାଲ ଅବା ଥ୍ରିଲର, ସବୁଠି ସେ ନିଜ ପ୍ରତିଭାର ଚମତ୍କାରିତା ପ୍ରଦର୍ଶନ କରିଛନ୍ତି । ଏମିତି ଜଣେ ଅଭିନେତ୍ରୀ ହେଉଛନ୍ତି ଓଲିଉଡର ଚୁଲ୍‌ବୁଲି ନାୟିକା ଏଲିନା ସାମନ୍ତରାୟ । ସେ ଜଣେ ପ୍ରକୃତି ପ୍ରେମୀ ମଧ୍ୟ । 'ଇସ୍କ ତୁ ହି ତୁ' ଥିଲା ତାଙ୍କର ଡେବ୍ୟୁ ଫିଲ୍ମ । 'କେହି ନୁହଁ କାହାର', 'ମୁଁ ଖାଣ୍ଟି ଓଡ଼ିଆ ଝିଅ', 'ଲଭ୍ ଷ୍ଟେସନ୍', 'ଅଭୟ', 'ପାପ', 'ପ୍ରତିଶୋଧ', 'ପାବାର' ଆଦି ଅନେକ ଫିଲ୍ମରେ ଅଭିନୟ କରି ଦର୍ଶକଙ୍କ ହୃଦୟ ଜିଣି ପାରିଛନ୍ତି । ଏବେ ଦଶହରାରେ ରିଲିଜ୍ ହୋଇଛି ତାଙ୍କ ଅଭିନୀତ 'ଚ୍ୟାଲେଞ୍ଜ' । ଏଥିରେ ସେ 'ସ୍ନେହା' ଚରିତ୍ରରେ ନଜର ଆସିଛନ୍ତି । 'ଚ୍ୟାଲେଞ୍ଜ'କୁ ନେଇ ଏଲିନାଙ୍କ ଅନୁଭୂତି, ତାଙ୍କର ଆଗାମୀ ପ୍ରୋଜେକ୍ଟ ବିଷୟରେ ଜାଣିବା ତାଙ୍କ ମୁହଁରୁ... ।

# "ସିନେମାରେ ବଜେଟ୍ ନୁହେଁ, କାହାଣୀକୁ ଗୁରୁତ୍ୱ ଦିଏ"

ଏଲିନା ସାମନ୍ତରାୟ, ଅଭିନେତ୍ରୀ



**ଏଲିନାଙ୍କ ଆଗାମୀ ଯୋଜନା ?**

- ଖୁବ୍ ଶୀଘ୍ର ଏକ ବଡ଼ ପ୍ରୋଜେକ୍ଟରେ ନଜର ଆସିବି । ଏହା ବାସ୍ତବଧର୍ମୀ ସୁନ୍ଦର କାହାଣୀ ଉପରେ ପର୍ଯ୍ୟବସିତ । ଏମିତି ସିନେମା ଓଲିଉଡ୍ ଇଣ୍ଡଷ୍ଟ୍ରି ପାଇଁ ନିହାତି ଦରକାର । ସିନେମାରେ ଜୟପ୍ରକାଶ ମହାନ୍ତି ( ଟିଲୁ ଭାଇଙ୍କ) ସହିତ ମୋର କେମେଷ୍ଟ୍ରି ଦେଖିବାକୁ ମିଳିବ ।

**'ଚ୍ୟାଲେଞ୍ଜ'କୁ ନେଇ କ'ଣ କହିବେ?**

- ଚ୍ୟାଲେଞ୍ଜ ଗୋଟେ ସୁନ୍ଦର କାହାଣୀ । ମଲ୍ଟିଷ୍ଟାର୍ କାଷ୍ଟ ସିନେମା । ସାଇ କିରଣ ମଙ୍ଗରାଜଙ୍କ ନିର୍ଦ୍ଦେଶିତ ଏହି ସିନେମାଟି ସମାଜ ପାଇଁ ଭଲ ବାର୍ତ୍ତା ଦେଉଛି ଯେ, ସତ୍ୟ ସହିତ ସବୁବେଳେ ସମସ୍ତେ ଛିଡ଼ା ହେବା ଆବଶ୍ୟକ । ଏହା ବ୍ୟତୀତ ସମାଜ ପାଇଁ କେଉଁଟା ଠିକ୍ ଆଉ ଭୁଲ୍, ଭାଇ-ଭଉଣୀର ସମ୍ପର୍କ, ପ୍ରେମ, ଇମୋସନ୍ ସବୁକିଛି ରହିଛି ଏହି ସିନେମାରେ । ଗୋଟେ ଭଲ କାହାଣୀ ଆଣିବାକୁ ପୂରା ଟିମ୍ ପରିଶ୍ରମ କରିଛୁ । ଗୌରବ ଆନନ୍ଦ ଏବଂ ତାଙ୍କ ଟିମ୍‌ଙ୍କ ଦ୍ୱାରା ଫିଲ୍ମର ଗୀତ ଗୁଡ଼ିକ ଭଲ ହୋଇଛି । ଅମିତ ସାର୍ କୋରିଓଗ୍ରାଫ୍ କରିଛନ୍ତି । ସମସ୍ତ ଟେକ୍ନିସିଆନ୍ ପାରୁ ପର୍ଯ୍ୟନ୍ତ ଚେଷ୍ଟା କରିଛନ୍ତି ଫିଲ୍ମଟିକୁ ଆକର୍ଷଣୀୟ କରିବା ପାଇଁ । ବିଜିଏମ୍ ବହୁତ ସୁନ୍ଦର ରହିଛି । ପ୍ରତ୍ୟେକ ସିନ୍‌ରେ ବ୍ୟାକଗ୍ରାଉଣ୍ଡ ସାଉଣ୍ଡର ବି ନୂତନତ୍ୱ ରହିଛି । ସିନେମାଟି ସମସ୍ତଙ୍କ ମନକୁ ଛୁଇଁବ ବୋଲି ମୋର ଆଶା ।

**ଡ୍ରିମ୍ ରୋଲ ?**

- ନୂଆ କରି ଇଣ୍ଡଷ୍ଟ୍ରିକୁ ଆସିବାବେଳେ ଡ୍ରିମ୍ ରୋଲ୍‌କୁ ନେଇ ମନରେ ଖୁସି ଥିଲା । ଏବେ ଭଲ କାହାଣୀରେ କାମ କରିବାକୁ ଇଚ୍ଛା ଅଛି । ମୁଁ ସିନେମାର ବଜେଟ ନୁହେଁ, ମୌଳିକତାକୁ ହିଁ ଗୁରୁତ୍ୱ ଦିଏ । କାହାଣୀକୁ ସୁଟ୍ କରିବା ପରି ନୃତ୍ୟଭିତ୍ତିକ ଗୀତ କରେ ।

**'ସ୍ନେହା' ଚରିତ୍ର ପାଇଁ କେମିତି ପ୍ରସ୍ତୁତ ହୋଇଥିଲେ?**

- ସ୍ନେହା ଜଣେ ସରଳ ଝିଅର କାହାଣୀ । ସେ ପ୍ରତ୍ୟେକ ପରିସ୍ଥିତିରେ ନିଜର ଭାଇ-ଭାଉଜଙ୍କ ସହିତ ରହୁଛି । ଆଦିତ୍ୟକୁ ସେ ଭଲ ପାଉଛି । ସହରର ପ୍ରତିଷ୍ଠିତ ବ୍ୟକ୍ତି ଜେଡି କିପରି ଡାକ୍ତରଖାନା ତିଆରି କରି ସାଧାରଣ ଜନତାଙ୍କୁ ଶୋଷଣ କରୁଛି ଆଉ ନେତା ମନ୍ତ୍ରୀଙ୍କ ସହଯୋଗ ପାଉଛି, ଆଦିତ୍ୟ ସହିତ ମିଶି ସ୍ନେହା ତା'ର ପର୍ଦ୍ଦାଫାସ କରୁଛି । ଜେଡିକୁ ଚ୍ୟାଲେଞ୍ଜ ଦେବାକୁ ଆଦିତ୍ୟକୁ ସ୍ନେହା ସାହସ ଦେଉଛି । ସୁଖଶାନ୍ତି ସବୁକୁ ହରାଇ ବି ଆଦିତ୍ୟ ଶେଷରେ ଜେଡିକୁ ଧ୍ୱଂସ କରୁଛି । ତେଣୁ ବହୁତ ସୁନ୍ଦର ଭାବେ ମୋର ଚରିତ୍ରକୁ ସଜାଇଛନ୍ତି ପୁଟୁ ଭାଇ । ଅର୍ଦ୍ଧେନ୍ଦୁଙ୍କ ସହିତ କାମ କରିବାର ଅନୁଭୂତି ବି ନିଆରା । ସୁନ୍ଦର ଦେଖାଯିବା ପାଇଁ ଧନ୍ୟବାଦ ଦେବି ଡିଓପି ପ୍ରତାପ ଭାଇଙ୍କୁ । "ଦୁଲ୍‌ଦୁଲି' ଗୀତକୁ ବହୁତ ଭଲ ପାଇବା ମିଳୁଛି । ରୋମାଣ୍ଟିକ୍ ଗୀତ "ମଖମଲି ମିଶିରି' ବି ଭଲ ହୋଇଛି । ସ୍ନେହା ଚରିତ୍ରକୁ ମୁଁ କେତେ ପ୍ରତିଶତ ଭଲ କରି ପାରିଛି, ତାହା ଦର୍ଶକ ହିଁ କହି ପାରିବେ । ଏହି ବାସ୍ତବଧର୍ମୀ ସିନେମାଟି ନିଶ୍ଚିତ ଦର୍ଶକଙ୍କୁ ଛୁଇଁବ । ଦର୍ଶକଙ୍କ ପ୍ରତିକ୍ରିୟାରେ ଆମ ଭୁଲ୍ ଠିକ୍ ସଜାଡ଼ି ହୋଇ ପାରିବ ।

**ଆପଣଙ୍କ ପ୍ରାୟ ସିନେମାରେ ଟ୍ରେନ୍ ସିନ୍ ଥାଏ, ଏହାକୁ ନେଇ କିଛି ସ୍ମରଣୀୟ ମୁହୂର୍ତ୍ତ ଅଛି?**

- ଟ୍ରେନ୍‌ରେ ସିନ୍ ଭଗବାନଙ୍କ ଆଶୀର୍ବାଦ । ସାଇ କିରଣ ମଙ୍ଗରାଜ ଭାଇଙ୍କୁ ଧନ୍ୟବାଦ ଦେବି । ସେ 'ଚ୍ୟାଲେଞ୍ଜ'ରେ ପ୍ଲାଟଫର୍ମରେ ମୋ ପାଇଁ 'ଡିଡିଏଲ୍' ସିନ୍ ତିଆରି କରିଛନ୍ତି । 'ଡିଡିଏଲ' ଗୀତ ସାଙ୍ଗକୁ ହଠାତ୍ ମୋ ଉପରେ ଫୁଲ ବର୍ଷୁଛି । ହିରୋ ମୋ' ହାତକୁ ଭିଡ଼ି ଟ୍ରେନ୍‌କୁ ନେଉ ଯାଉଛନ୍ତି । ଡିଡିଏଲ୍ ସିନ୍ କରିବା ସୌଭାଗ୍ୟର ବିଷୟ । ଏହା ମୋ' ପାଇଁ ସ୍ମରଣୀୟ ରହିବ ।

**ଆପଣଙ୍କ ନୃତ୍ୟଭିତ୍ତିକ ଗୀତର ସବୁବେଳେ କ୍ରେଜ୍ ଥାଏ । ସେନେଇ କ'ଣ କହିବେ?**

- ଧନ୍ୟବାଦ ଦେବି ଅମିତ ସାର୍‌ଙ୍କୁ । 'ଦୁଲ୍‌ଦୁଲି', 'ମଖମଲି ମିଶିରି' ଆଦି ଗୀତ ସବୁ ସେ କରାଇଛନ୍ତି । ତା' ପୂର୍ବରୁ 'ଲାଲ୍ ଟହ ଟହ...' ଗୀତ ବି ଟ୍ରେଣ୍ଡରେ ରହିଥିଲା । ପ୍ରାୟତଃ ନୃତ୍ୟଭିତ୍ତିକ ଗୀତ ବ୍ୟାବସାୟିକ ସଫଳତା ପାଇଛି । ମୁଁ ନାଚକୁ ଏନ୍‌ଜଏ କରେ । ହେଲେ ମୋତେ ଗାଇଡାନ୍ସ ନିହାତି ଦରକାର ଥାଏ । ସବୁ ଶ୍ରେୟ ଅମିତ ସାର୍‌ଙ୍କୁ ଦେବି । ମୋର ଲୁକ୍ ତିଆରି ପାଇଁ ଟିମ୍ ମଧ୍ୟ ବହୁତ ପରିଶ୍ରମ କରନ୍ତି ।

**ଫିଟ୍ ରହିବାକୁ କ'ଣ କରନ୍ତି?**

- କଳାକାରଙ୍କୁ ସବୁବେଳେ ଫିଟ୍ ରହିବାକୁ ହୁଏ । ସେଥିପାଇଁ ମୁଁ ଘର ପ୍ରସ୍ତୁତ ସନ୍ତୁଳିତ ଖାଦ୍ୟ ଖାଏ । ୱାର୍କଆଉଟ୍ କରେ । ଏକ ସୁସ୍ଥ ଜୀବନଶୈଳୀ ହିଁ ଜଣଙ୍କୁ ସୁସ୍ଥ ରଖିବାରେ ଭୂମିକା ଗ୍ରହଣ କରେ ।

**ଦର୍ଶକଙ୍କୁ କ'ଣ ମେସେଜ ଦେବେ?**

- ଦର୍ଶକ ହେଉଛନ୍ତି ଭଗବାନ । ମୁଁ ସୌଭାଗ୍ୟଶାଳୀ ଯେ ଓଡ଼ିଶାର ଦର୍ଶକ ମୋତେ ଭଲପାଇବା ଦେଇଆସିଛନ୍ତି । ଯେବେ ବି କିଛି ସିନେମା ନେଇ ଆସିଛି , ସମସ୍ତେ ଭଲ ପାଇବା ଦେଉଛନ୍ତି । ସାମାଜିକ ଗଣମାଧ୍ୟମ ଜରିଆରେ ମୋତେ ମେସେଜ୍ କରୁଛନ୍ତି । ତେଣୁ ଦର୍ଶକଙ୍କ ଭଲ ପାଇବା ଏମିତି ରହିଥାଉ ।



# ଷ୍ଟାଇଲିସ୍ ହିରୋ ଲୋହିତାକ୍ଷ

ଷ୍ଟାଇଲ ଯେମିତି, ସ୍ମାଇଲ ସେମିତି । ହାଇଟ୍ ଯେମିତି, ଫାଇଟ୍ ସେମିତି । ଯେମିତି କନ୍ଦେଇ ପାରନ୍ତି, ସେମିତି ହସେଇ ବି ପାରନ୍ତି । ଆଗାମୀ ଚଳଚ୍ଚିତ୍ର 'ଲଢ଼େଇ' ଜରିଆରେ ଇଣ୍ଡଷ୍ଟ୍ରିରେ ଆଉ ଜଣେ ନାୟକଙ୍କର ଆବିର୍ଭାବ ଘଟିବାକୁ ଯାଉଛି । ସେ ହେଉଛନ୍ତି ଲୋହିତାକ୍ଷ ପଟ୍ଟନାୟକ । ତାଙ୍କର ଷ୍ଟାଇଲ ଷ୍ଟେଟ୍‌ମେଣ୍ଟ ଦେଖି ନୂଆପିଢ଼ିର ସବୁ ନାୟିକା ଫିଦା । ଯଦିଓ ଆଗରୁ ସେ ଅନେକ ଚଳଚ୍ଚିତ୍ରରେ ଶିଶୁ କଳାକାର ଭାବେ ଅଭିନୟ କରି ଦର୍ଶକଙ୍କ ହୃଦୟ ଜିତି ପାରିଛନ୍ତି । ତେବେ ନାୟକ ଭାବରେ ଏହା ତାଙ୍କର ପ୍ରଥମ ସିନେମା । 'ହୋମ୍ ପ୍ରଡକ୍ସନ' ବ୍ୟାନରର ଏହି ଚଳଚ୍ଚିତ୍ରରେ ତାଙ୍କୁ ଉପସ୍ଥାପିତ କରାଯାଉଛି । ତେଣୁ ନିର୍ମାତା ଦେବାଶିଷ ପଟ୍ଟନାୟକ କୌଣସିଥିରେ କିଛି ଉଣା କରି ନାହାଁନ୍ତି ଏବଂ ଏ ଗୁରୁ ଦାୟିତ୍ୱ ନ୍ୟସ୍ତ କରିଛନ୍ତି ନିର୍ଭରଯୋଗ୍ୟ ନିର୍ଦ୍ଦେଶକ ଅଶୋକ ପତିଙ୍କ ହାତରେ । ଲୋହିତାକ୍ଷଙ୍କୁ ଆଖିରେ ରଖି କାହାଣୀ ଲେଖା ଯାଇଛି ଏବଂ ତାଙ୍କ ବିପକ୍ଷରେ ଜଣେ ନବାଗତାଙ୍କୁ ସୁଯୋଗ ମିଳିଛି । ସେହି ନାୟିକାଙ୍କ ନାଁ ହେଉଛି ଅଭିଲିପ୍ସା । ନିଜର ନୂଆ ଲୁକ, ନୂଆ ଇମେଜ ଓ ନୂଆ ଅନ୍ଦାଜରେ ଲୋହିତାକ୍ଷ ସମସ୍ତଙ୍କର ମନ ଜିଣିବେ ବୋଲି ପ୍ରଯୋଜନା ସଂସ୍ଥା ଦୃଢ ଆଶାବାଦୀ ଅଛନ୍ତି । 'ଲଢେଇ' ଆଗାମୀ ଦୀପାବଳିରେ ମୁକ୍ତିଲାଭ କରିବ ବୋଲି କୁହାଯାଉଛି ।

# ନଭେମ୍ବରରେ 'ଦର୍ପଣ'




ଦର୍ପଣ ଭିତରେ ଦିଶିବ ଏକ ଭୟଙ୍କର ଚେହେରା । ମଣିଷ ଭିତରର ରାକ୍ଷସ ଚରିତ୍ର ପଦାକୁ ଫୁଟି ଆସିବ । ଯାହାକୁ ଦେଖି ହଲରେ ଥରିବେ ଦର୍ଶକ । ଭରପୂର କମେଡ଼ି ସହିତ ଡ୍ରାମା ବି ଜବରଦସ୍ତ । ଏମିତି ଏକ ନିଆରା ରହସ୍ୟଭରା କାହାଣୀକୁ ନେଇ ନଭେମ୍ବରରେ ପରଦାକୁ ଆସିବ ନୂଆ ଓଡ଼ିଆ ଚଳଚ୍ଚିତ୍ର 'ଦର୍ପଣ' । ନିତିଦିନିଆ ଜୀବନରେ ଦର୍ପଣ ହିଁ ଦେଖାଏ ପ୍ରତିଛବି । ବେଳେବେଳେ ମଣିଷ ସାମ୍ନାରେ ଏହାକୁ ରଖିଦେଲେ ହୁଏତ ମୁହଁ ତଳେ ଲୁଚିଥିବା ଭିନ୍ନ ଏକ ଭୟଙ୍କର ରୂପ ସାମ୍ନାକୁ ଆସିଯାଏ । ଏହିଭଳି ଏକ ରହସ୍ୟଭରା କାହାଣୀକୁ ଚଳଚ୍ଚିତ୍ରର ରୂପ ଦେଇଛନ୍ତି ସିନେମାର ନିର୍ଦ୍ଦେଶକ ଭରତ ପୁଷ୍ପରାଗ । ପ୍ରଥମ ଥର 'ସାୟନ୍ ପ୍ରଡକ୍ସନ ହାଉସ୍' ବ୍ୟାନରରେ ନିର୍ମାଣ ହୋଇଛି ପ୍ରଥମ ଓଡ଼ିଆ ହରର୍ ସହ ସାଇକୋ ଥ୍ରିଲର୍ ସିନେମା 'ଦର୍ପଣ' । ଯାହା ଏକ ଭୟାନକ କାହାଣୀ ଉପରେ ଆଧାରିତ । ଯେଉଁଥିରେ ହରର୍, ସସ୍‌ପେନ୍ସ ଓ ଫାମିଲି ଡ୍ରାମା ସହ ଭରପୂର କମେଡି ମଧ୍ୟ ରହିଛି । ଏହି ଚଳଚ୍ଚିତ୍ରରେ ନାୟକ ଭାବରେ ନଜର ଆସୁଛନ୍ତି ଅଙ୍କିତ କୁମାର । ଅଙ୍କିତଙ୍କ ବିପକ୍ଷରେ ଅଛନ୍ତି ସୁନ୍ଦରୀ ନାୟିକା ତୃପ୍ତି ମୀରାମ୍ବିକା । ଆଗରୁ ତୃପ୍ତି ଓ ଅଙ୍କିତ୍ ଅନେକ ସିନେମା ସହ ବଡ଼ ପରଦାରେ ମଧ୍ୟ ଅଭିନୟ କରିସାରିଛନ୍ତି । ଏହି ଦର୍ପଣ ସିନେମା ମାଧ୍ୟମରେ ଏ ଦୁହିଁଙ୍କୁ ଦମଦାର ଚରିତ୍ରରେ ଦର୍ଶକ ଦେଖିବାକୁ ପାଇବେ । ଏତଦ୍ ବ୍ୟତୀତ ଏହି ସିନେମାରେ ନୂଆ ଓ ପୁରୁଣା ଉଭୟ କଳାକାରମାନଙ୍କୁ ଦର୍ଶକ ଦେଖିବାକୁ ପାଇବେ । ହିରଣ୍ମୟୀ, ପ୍ରଦ୍ୟୁମ୍ନ ଲେଙ୍କା, ରାନୁ ପାଢ଼ୀ, କାଳୀ ଚରଣ, ଲଲାଟ, ପ୍ରଜ୍ଞା, ଏମିତି ବହୁତ କଳାକାରଙ୍କୁ ଦେଖିବାକୁ ମିଳିବ । ଏହି ଚଳଚ୍ଚିତ୍ରର କାହାଣୀ ଓ ପ୍ରଯୋଜନା ଦାୟିତ୍ୱରେ ଅଛନ୍ତି ଦିଲ୍ଲୀପ କୁମାର ସାହୁ । ଏହାର ସୁଟିଂ ଓଡ଼ିଶା ସମେତ ଓଡ଼ିଶା ବାହାରେ ମଧ୍ୟ ବିଭିନ୍ନ ସ୍ଥାନରେ ହେଉଛି । 'ଦର୍ପଣ' ଚଳଚ୍ଚିତ୍ରରେ ମ୍ୟୁଜିକ୍ ଦେଇଛନ୍ତି ସଙ୍ଗୀତ ନିର୍ଦ୍ଦେଶକ ବୈଦ୍ୟନାଥ ଦାଶ ଓ ଟୁନୁ ପଟ୍ଟନାୟକ । ସେହିପରି ଅସୀମା ପଣ୍ଡା, ହ୍ୟୁମାନ ସାଗର, ଅନ୍ତରା ଚକ୍ରବର୍ତ୍ତୀ, ଅନନ୍ୟା ଶ୍ରୀତମ ନନ୍ଦ ଓ ନାଭ୍ୟା ବିଭିନ୍ନ ଗୀତରେ କଣ୍ଠଦାନ କରିଛନ୍ତି । ଏହାର ସଂଳାପ ଲେଖିଛନ୍ତି କମେଶ ଶୁକ୍ଲା ଓ ନୃତ୍ୟ ନିର୍ଦ୍ଦେଶନା ଦେଇଛନ୍ତି ସୁଧାକର ବସନ୍ତ । ଉକ୍ତ ଚଳଚ୍ଚିତ୍ରରେ ଦର୍ଶକମାନେ ନିହାତି ଭାବରେ କିଛି ଭିନ୍ନ ଦେଖିବାକୁ ପାଇବେ ବୋଲି ପ୍ରଯୋଜକ ଆଶା ରଖିଛନ୍ତି ।



# ଓଟିଟିରେ 'ଘମାଘୋଟ୍'ର ରେକର୍ଡ

ଓଡ଼ିଆ ହାଇ-ଆକ୍ସନ ଫିଲ୍ମ 'ଘମାଘୋଟ୍' ଗତ ସେପ୍ଟେମ୍ବର ୨୨ରେ ଓଡ଼ିଶାର ଲୋକପ୍ରିୟ ଷ୍ଟ୍ରିମିଂ ପ୍ଲାଟଫର୍ମ ଆଓ ନେକ୍ସଟରେ ଡିଜିଟାଲ୍ ପ୍ରିମିୟର ହୋଇଥିଲା । ଯାହାକି ଓଟିଟିରେ ରେକର୍ଡ ବ୍ରେକ୍ କରିଛି । ମାତ୍ର ୨୧ ଦିନରେ ୪ ଲକ୍ଷ ଭିୟୁଜ୍ ଏହା ସଂଗ୍ରହ କରିଛି । 'କୌସ୍ତବ ଡ୍ରିମୱାର୍କ୍ସ ଷ୍ଟୁଡିଓ' ଅଧୀନରେ ତଥା କୌଶିକ ଦାସଙ୍କ ଦ୍ୱାରା ପ୍ରଯୋଜିତ ଓ ରାଜା. ଡି.ଙ୍କ ନିର୍ଦ୍ଦେଶିତ ଫିଲ୍ମ 'ଘମାଘୋଟ୍' ଗତ ମାର୍ଚ୍ଚ ମାସରେ ଓଡ଼ିଶାର ଫିଲ୍ମ ହଲ୍‌ରେ ରିଲିଜ ହୋଇ ବକ୍ସ ଅଫିସ୍‌ରେ ହିଟ୍ ହୋଇଥିଲା । ଜବରଦସ୍ତ ଡ୍ରାମା ଏବଂ ଆକର୍ଷଣୀୟ କାହାଣୀ ସହିତ ଏହି ଫିଲ୍ମଟି ରାଜ୍ୟରେ ଗ୍ୟାଙ୍ଗ ୱାରର ଅନ୍ଧାର ଦୁନିଆର ଗଭୀରତାକୁ ଅତି ସରଳ ଭାବରେ ଦର୍ଶକଙ୍କ ପାଖରେ ପହଞ୍ଚାଇ ଥିଲା ନିର୍ଦ୍ଦେଶକ ରାଜା ଡି. କହିଛନ୍ତି ଯେ, ଆକ୍ସନ୍ ସିକ୍ୱେନ୍ସଗୁଡ଼ିକ ରଶି ବିନା ପ୍ରଦର୍ଶନ କରାଯାଇଥିଲା । ଫଳରେ ଏହା ଫାଇଟ୍ ଦୃଶ୍ୟଗୁଡ଼ିକକୁ ଅତ୍ୟନ୍ତ ନିଚ୍ଛକ ଏବଂ ବାସ୍ତବବାଦୀ କରିଥିଲା । ଫିଲ୍ମରେ ଅଭିଷେକ ପଣ୍ଡା, ଦୀପକ ପରିଡ଼ା, ବିଶ୍ୱଜିତ ରାଉତ, ଜୋଣ୍ଟି, ଆକାଶ ହୋତା, ଆକାଶ ରାଉତ, ସନ୍ଦୀପ ମିଶ୍ର, ସନୋଜ କୁମାର, ଗୋଲ୍‌ଡି ଦାସ, ଶକ୍ତି, ରାଜେଶ କୁମାର ସାହୁ, ତପି ମିଶ୍ର, ଆଇମନ୍ ପ୍ରଧାନ, ଶୈଳେନ୍ଦ୍ର ସାମନ୍ତରାୟ ଏବଂ କ୍ରୀଷ୍ଟା କରଙ୍କ ପରି ପ୍ରତିଭାଶାଳୀ କଳାକାରମାନେ ନିଜର ଅଭିନୟର ଯାଦୁ ଦେଖାଇଛନ୍ତି ।






# 'ହେ ମା'ର ଶୁଭମୁକ୍ତି

ଶାରଦୀୟ ଦୁର୍ଗାପୂଜା ଅବସରରେ 'ମଞ୍ଜୟ ଏଣ୍ଟରଟେନମେଣ୍ଟ' ପ୍ରସ୍ତୁତ ଆଧୁନିକ ମ୍ୟୁଜିକ୍ ଭିଡିଓ 'ହେ ମା'ର ଶୁଭମୁକ୍ତି ହୋଇଯାଇଛି । ଏହାର ପରିକଳ୍ପନା କରିଛନ୍ତି ମଙ୍ଗଳ ଜ୍ୟୋତି ଦାସ । ଗୀତ ଲେଖିଛନ୍ତି ବିଶିଷ୍ଟ ଗୀତିକାର ସଚି ମହାନ୍ତି । ସଙ୍ଗୀତ ନିର୍ଦ୍ଦେଶନା ଦେଇଛନ୍ତି ଶାନ୍ତନୁ ନାୟକ । କଣ୍ଠଦାନ କରିଛନ୍ତି ବିଖ୍ୟାତ କଣ୍ଠଶିଳ୍ପୀ କ୍ରିଷ୍ଣା ବେଉରା । ଏହାର ପ୍ରଯୋଜନା ଭାର ନନ୍ଦିତା ଦାସ ନେଇଥିବା ବେଳେ କାର୍ଯ୍ୟନିର୍ବାହୀ ପ୍ରଯୋଜନା କରିଛନ୍ତି ଚିତ୍ରଶିଳ୍ପୀ ଓ କଥାକାର ସଂଜୟ ଭଟ୍ଟ । ତେବେ ଏହି ଆଧୁନିକ ମ୍ୟାଜିକ୍ ଭିଡିଓକୁ ଦର୍ଶକେ ଖୁବ୍ ପସନ୍ଦ କରିଛନ୍ତି ।

**ପରଦା ପଛର କାହାଣୀ**

# ଗୁଳି ବର୍ଷଣ ମଧ୍ୟରେ ଫିଲ୍ମ ସୁଟିଂ

ହିନ୍ଦୀ ସିନେମା ଜଗତରେ ଜଣେ ସାହସୀ ଅଭିନେତା ତଥା ନିର୍ଦ୍ଦେଶକ ଭାବେ ପରିଚିତ ଫିରୋଜ ଖାନ୍ । ବଲିଉଡ୍‌ର ଜଗତରେ ସେ 'କାଓବୟ' ଭାବେ ପରିଚିତ । ସେ ଜଣେ ଲୋକପ୍ରିୟ ଅଭିନେତା, ନିର୍ଦ୍ଦେଶକ ଓ ପ୍ରଯୋଜକ ଥିଲେ । ଫିରୋଜ ଖାନ୍ ତାଙ୍କ ଷ୍ଟାଇଲିସ୍ ଅନ୍ଦାଜ ପାଇଁ ବେଶ୍ ଜଣାଶୁଣା । ତାଙ୍କ ନିର୍ମିତ ଫିଲ୍ମରେ ଗ୍ଲାମର୍, ବୋଲ୍ଡ ଦୃଶ୍ୟ ଅଧିକ ଥାଏ । ସେ ଫିଲ୍ମରେ ପରଫେକ୍ଟ ସଟ୍ ଦେବା ପାଇଁ ଯେ କୌଣସି ବିପଦପୂର୍ଣ୍ଣ ସ୍ଥାନରେ ମଧ୍ୟ ସୁଟିଂ କରିବାକୁ ଆଗେଇ ଆସୁଥିଲେ । ତାଙ୍କ ଫିଲ୍ମ 'ଧର୍ମାତ୍ମା'କୁ ନେଇ ଏକ ରୋଚକୀୟ କାହାଣୀ ରହିଛି । ସେ ଏହି ଫିଲ୍ମକୁ ଗୁଳି ବର୍ଷଣ ମଧ୍ୟରେ ସୁଟିଂ କରିଥିଲେ । ନିର୍ଦ୍ଦେଶକ ଭାବେ ତାଙ୍କ ପ୍ରଥମ ଫିଲ୍ମ 'ଧର୍ମାତ୍ମା'ର ଯୋଜନା କରୁଥିଲେ, ଏହି ଫିଲ୍ମଟିକୁ ସେ କୌଣସି ସାଧାରଣ ସ୍ଥାନ ନୁହେଁ, ବରଂ ସୁନ୍ଦର ଓ ସାଂସ୍କୃତିକ ପରିବେଶ ମଧ୍ୟରେ ସୁଟିଂ କରିବେ । ଏହାରି ମଧ୍ୟରେ ତାଙ୍କ ନଜର ଆଫଗାନିସ୍ତାନ ଉପରେ ପଡ଼ିଥିଲା । କିନ୍ତୁ ସେତେବେଳେ ସେଠାରେ ରାଜନୈତିକ ଅସ୍ଥିରତା ଲାଗି ରହିଥିଲା । ସ୍ଥିତି ଏତେ ଖରାପ ଥିଲା ଯେ, ଫିଲ୍ମ ନିର୍ମାତାମାନେ ସେଠାକୁ ଯିବାକୁ ଭୟ କରୁଥିଲେ । କିନ୍ତୁ ଫିରୋଜ ଖାନ୍ ଆଫଗାନିସ୍ତାନର ମରୁଭୂମି ଓ ପାହାଡ଼ରେ ଫିଲ୍ମ ସୁଟିଂ କରିବାକୁ ନିଷ୍ପତ୍ତି ନେଇଥିଲେ । ତାଙ୍କ ଫିଲ୍ମର କାହାଣୀ ଅନୁସାରେ ଏହି ସ୍ଥାନ ପରଫେକ୍ଟ ବୋଲି ସେ କହିଥିଲେ । ସୁଟିଂ ସମୟରେ ତାଙ୍କ ଟିମ୍ ଉପରେ ଅଚାନକ ଗୁଳି ମାଡ଼ ହୋଇଥିଲା । ସୁଟିଂ ସେଟ୍‌ରେ ଥିବା ସମସ୍ତ କଳାକାର ଭୟଭୀତ ହୋଇପଡ଼ିଥିଲେ । ସେଠାରୁ ପ୍ରତ୍ୟାବର୍ତ୍ତନ କରିବାକୁ ଭାବିଥିଲେ । କିନ୍ତୁ ଫିରୋଜ ଖାନ୍ ହାର ମାନି ନଥିଲେ । ସେଠାକାର ତତ୍କାଳୀନ ରାଷ୍ଟ୍ରପତି ମୋହମ୍ମଦ ଦାଉଦ ଖାନଙ୍କୁ ଭେଟିଥିଲେ । ରାଷ୍ଟ୍ରପତିଙ୍କୁ ତାଙ୍କ ଫିଲ୍ମର କାହାଣୀ କହିବା ସହ ଆଫଗାନିସ୍ତାନ ସୌନ୍ଦର୍ଯ୍ୟକୁ ସମଗ୍ର ବିଶ୍ୱରେ ଦେଖାଇବାକୁ ଚାହୁଁଥିବା କହିଥିଲେ । ଫିରୋଜ ଖାନ୍‌ଙ୍କ ସାହସ ଓ ନିଷ୍ଠା ଦେଖି ପ୍ରଭାବିତ ହୋଇଥିଲେ ରାଷ୍ଟ୍ରପତି । ତାଙ୍କୁ ଓ ତାଙ୍କ ଟିମ୍‌କୁ ସ୍ୱତନ୍ତ୍ର ସୁରକ୍ଷା ବ୍ୟବସ୍ଥା ଯୋଗାଇଥିଲେ । ଫଳରେ ଫିରୋଜ ଖାନ୍ ନିର୍ଭୟରେ ନିଜ ଫିଲ୍ମ ସୁଟିଂ କରିଥିଲେ । ତେଣୁ ସେ ନିଜ ଫିଲ୍ମ ପାଇଁ କିଛି ବି କରିପାରନ୍ତି ବୋଲି ଏଥିରୁ ପ୍ରମାଣିତ ହୋଇଥିଲା ।



### ପ୍ରଥମ ଟେଷ୍ଟରେ ଜାଡେଜା ଶ୍ରେଷ୍ଠ, ୧୦ରୁ ଦ୍ୱିତୀୟ ମୁକାବିଲା

# ଭାରତ ଇନିଂସ ଓ ୧୪୦ ରନରେ ବିଜୟୀ

**ଅହମ୍ମଦାବାଦ, ୪।୧୦ (ଏଜେନ୍ସି):** ୱେଷ୍ଟଇଣ୍ଡିଜ୍ ବିପକ୍ଷ ପ୍ରଥମ ଟେଷ୍ଟମ୍ୟାଚ୍‌କୁ ଘରୋଇ ଭାରତ ଅଢ଼େଇ ଦିନରେ ଜିତିନେଇଛି। ପ୍ରଥମ ଦିନରୁ ଏକତରଫା ହୋଇଥିବା ଏହି ମ୍ୟାଚ୍ ଶନିବାର ୩ୟ ଦିନରେ ସମାପ୍ତ ହୋଇଥିଲା। ଅହମ୍ମଦାବାଦ ଟେଷ୍ଟକୁ ଭାରତ ଇନିଂସ ଓ ୧୪୦ ରନ୍‌ରେ ଜିତିବାରେ ସଫଳ ହୋଇଛି। ରବୀନ୍ଦ୍ର ଜାଡ଼େଜା ଓ ମହମ୍ମଦ ସିରାଜ୍‌ଙ୍କ ବୋଲିଂ ସଫଳତା ବଳରେ ଭାରତ ଏହି ବିଜୟ ହାସଲ କରିଛି। ପ୍ରଥମ ଇନିଂସରେ ୨୮୬ ରନ୍ ପଛରେ ରହିଥିବା ୱେଷ୍ଟଇଣ୍ଡିଜ୍ ୨ୟ ଇନିଂସରେ ମାତ୍ର ୧୪୬ ରନ୍‌କରି ଅଲ୍‌ଆଉଟ ହୋଇ ଯାଇଥିଲା। ଫଳରେ ୨ ମ୍ୟାଚ୍‌ର ଟେଷ୍ଟ ଶୃଙ୍ଖଳାରେ ଭାରତ ଅପରାଜେୟ ୧-୦ ଲିଡ୍ ନେଇପାରିଛି। ଆସନ୍ତା ୧୦ରୁ ଦିଲ୍ଲୀରେ ଉଭୟ ଦଳଙ୍କ ମଧ୍ୟରେ ୨ୟ ତଥା ଅନ୍ତିମ ଟେଷ୍ଟମ୍ୟାଚ୍ ଖେଳାଯିବ। ଅପରାଜିତ ଶତକ ସହ ୪ଟି ୱିକେଟ୍ ନେଇଥିବା ରବୀନ୍ଦ୍ର ଜାଡ଼େଜା ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ।




ଏହି ମ୍ୟାଚ୍‌ର ଶୁକ୍ରବାର ୨ୟ ଦିନ ଶେଷରେ ଭାରତ ପ୍ରଥମ ଇନିଂସ୍‌ରେ ୫ ୱିକେଟ୍‌ରେ ୪୪୮ ରନ୍ କରିଥିଲା। ଶନିବାର ତୃତୀୟ ଦିନ ସକାଳୁ ସେହି ସ୍କୋର୍‌ରେ ଭାରତ ପ୍ରଥମ ଇନିଂସ ଘୋଷଣା କରିଥିଲା। ଫଳରେ ଭାରତ ୨୮୬ ରନ୍ ଆଗରେ ରହିଥିଲା। ରବୀନ୍ଦ୍ର ଜାଡ଼େଜା ୧୦୪ ଓ ୱାଶିଂଟନ ସୁନ୍ଦର ୯ ରନ୍‌କରି ଅପରାଜିତ ଥିଲେ। ପ୍ରଥମ ଇନିଂସ ପରି ଦ୍ୱିତୀୟ ଇନିଂସରେ ମଧ୍ୟ ୱେଷ୍ଟଇଣ୍ଡିଜ୍ ନିମ୍ନମାନର ବ୍ୟାଟିଂ କରିଥିଲା। ଉଭୟ ଇନିଂସ୍‌କୁ ମିଶାଇ ୱେଷ୍ଟଇଣ୍ଡିଜ୍‌ର ଜଣେ ମାତ୍ର ବ୍ୟାଟ୍‌ସମ୍ୟାନ୍ ଅର୍ଦ୍ଧଶତକ ହାସଲ କରି ପାରିନଥିଲେ। ଦୁଇ ଓପ୍‌ନର ଜନ୍ କ୍ୟାମ୍ପବେଲ୍ ୧୪ ଓ ତ୍ୟାଗନାରାୟଣ ଚନ୍ଦ୍ରପଲ ୮ ରନ୍ କରିଥିଲେ। ମଧ୍ୟକ୍ରମରେ ବ୍ରାଣ୍ଡନ୍ କିଙ୍ଗ୍ (୫) ଏବଂ ଅଧିନାୟକ ରୋଷ୍ଟନ୍ ଚେଜ୍ ଓ ସାଇ ହୋପ୍ ୧ ରନ୍ ଲେଖାଏଁ କରିଥିଲେ। ୪୬ ରନ୍‌ରେ ଇଣ୍ଡିଜ୍ ୫ଟି ୱିକେଟ୍ ହରାଇବା ପରେ ଆଲିକ୍ ଆଥାନେଜ୍ ଓ ଜଷ୍ଟିନ୍ ଗ୍ରିଭ୍‌ସ ୪୬ ରନ୍ ଯୋଗ କରିଥିଲେ। ଆଥାନେଜ୍ ୩ଟି ଚୌକା ସହ ସର୍ବାଧିକ ୩୮ ରନ୍ କରିଥିଲେ। ଜଷ୍ଟିନ୍ ଗ୍ରିଭ୍‌ସ ୪ଟି ଚୌକା ସହ ୨୫ ରନ୍ କରିଥିଲେ। ଶେଷ ୱିକେଟ୍‌ରେ ୨୬ ରନ୍ ହୋଇଥିବା ବେଳେ ଏଥିରୁ ଜେଡେନ୍ ସିଲ୍‌ସ ୧୨ ବଲ୍‌ରୁ ୨ଟି ଛକା ଓ ଗୋଟିଏ ଚୌକା ସହ ୨୨ ରନ୍ କରିଥିଲେ। ଯୋହାନ୍ ଲେନ୍ ୧୪ ରନ୍ କରିଥିବା ବେଳେ ଖାରି ପିଏରେ ୧୩ ରନ୍‌କରି ଅପରାଜିତ ଥିଲେ। ରବୀନ୍ଦ୍ର ଜାଡ଼େଜା ୫୪ ରନ୍ ଦେଇ ୪ଟି ୱିକେଟ୍ ନେଇଥିଲେ। ମହମ୍ମଦ ସିରାଜ୍ ୩୧ ରନ୍‌ରେ ୩ଟି ଓ କୁଲଦୀପ ଯାଦବ ୨୩ ରନ୍‌ଦେଇ ୨ଟି ୱିକେଟ୍ ନେଇଥିଲେ।

**ସଂକ୍ଷିପ୍ତ ସ୍କୋର**

**ୱେଷ୍ଟଇଣ୍ଡିଜ୍ ପ୍ରଥମ ଇନିଂସ**
୧୬୨/୧୦ (ଜଷ୍ଟିନ୍ ଗ୍ରୀଭସ୍-୩୨, ଶାଇ ହୋପ୍-୨୬, ରୋଷ୍ଟୋନ ଚେଜ୍-୨୪, ସିରାଜ-୪/୪୦, ବୁମ୍‌ରା-୩/୪୨, କୁଲଦୀପ ଯାଦବ-୨/୨୫)।

**ଭାରତ ପ୍ରଥମ ଇନିଂସ**
୪୪୮/୫, ଘୋଷିତ (ଧ୍ରୁବ ଜୁରେଲ-୧୨୫, ରବୀନ୍ଦ୍ର ଜାଡେଜା-୧୦୪ ନଟ୍‌ଆଉଟ, ଲୋକେଶ ରାହୁଲ-୧୦୦, ଚେଜ୍-୨/୯୦)।

**ୱେଷ୍ଟଇଣ୍ଡିଜ୍ ଦ୍ୱିତୀୟ ଇନିଂସ**
୧୪୬/୧୦ (ଆଲିକ୍ ଆଥାନାଜେ-୩୮, ଗ୍ରୀଭ୍ସ-୨୫, ଜେଡେନ ସିଲ୍ସ-୨୨, ଜାଡେଜା-୪/୫୪, ସିରାଜ-୩/୩୧, କୁଲଦୀପ-୨/୩୧)।

● ୧୪୮ ବର୍ଷର କ୍ରିକେଟ ଇତିହାସରେ ପ୍ରଥମ

## ଗୋଟିଏ ବର୍ଷରେ ୨ଥର ୧୦୦ରେ ଆଉଟ ହେଲେ ରାହୁଲ

**ଅହମ୍ମଦାବାଦ, ୪।୧୦ (ଏଜେନ୍ସି):** ୱେଷ୍ଟଇଣ୍ଡିଜ ବିପକ୍ଷ ପ୍ରଥମ ଟେଷ୍ଟକୁ ଘରୋଇ ଭାରତ ଏକ ଇନିଂସ ଓ ୧୪୦ ରନରେ ବିଜୟୀ ହୋଇଛି। ଏହି ମ୍ୟାଚରେ ଲୋକେଶ ରାହୁଲ ଶତକୀୟ ଇନିଂସ ଖେଳି ଦଳକୁ ବଡ଼ ବିଜୟ ଦେବାରେ ସହାୟତା କରିଥିଲେ। ଇନିଂସ ଓପନ କରିଥିବା ରାହୁଲ ଠିକ୍ ୧୦୦ ରନ କରି ଆଉଟ୍ ହୋଇଥିଲେ। ଏଥିସହ ସେ ଏକ ବିରଳ କ୍ଲବରେ ସାମିଲ ହୋଇଛନ୍ତି। ଗୋଟିଏ କ୍ୟାଲେଣ୍ଡର ବର୍ଷରେ ଟେଷ୍ଟ କ୍ରିକେଟରେ ଦୁଇଥର ଠିକ୍ ୧୦୦ ରନରେ ଆଉଟ୍ ହେବାରେ ସେ ବିଶ୍ୱର ପ୍ରଥମ କ୍ରିକେଟର୍। ରାହୁଲ ଏଥିପୂର୍ବରୁ ଚଳିତ ବର୍ଷ ଇଂଲଣ୍ଡ ବିପକ୍ଷ ସିରିଜରେ ଲର୍ଡ୍ସରେ ଠିକ୍ ୧୦୦ ରନ କରିବା ପରେ ଆଉଟ୍ ହୋଇଥିଲେ। ୧୮୭୭ ମସିହାରୁ ଟେଷ୍ଟ କ୍ରିକେଟ୍ ଆରମ୍ଭ ହୋଇଥିବାବେଳେ ଅଦ୍ୟାବଧି ୧୪୮ ବର୍ଷ ମଧ୍ୟରେ କୌଣସି କ୍ରିକେଟର ଗୋଟିଏ ବର୍ଷରେ ଦୁଇଥର ଟେଷ୍ଟରେ ୧୦୦ ରନରେ ଆଉଟ ହୋଇ ନ ଥିଲେ। ସେହିଭଳି ବିଶ୍ୱର ୭ମ କ୍ରିକେଟର୍ ଭାବେ ରାହୁଲ ଟେଷ୍ଟ କ୍ରିକେଟରେ ଦୁଇଥର ୧୦୦ ରନରେ ଆଉଟ୍ ହୋଇଛନ୍ତି।

## କ୍ରିକେଟ୍‌ରୁ ରସନାରାଙ୍କ ଅବସର




**ଭୁବନେଶ୍ୱର, ୪।୧୦ (ସମିସ):** ଓଡ଼ିଶାର ଆନ୍ତର୍ଜାତିକ ମହିଳା କ୍ରିକେଟର ରସନାରା ପରୱିନ ସମସ୍ତ ଫର୍ମାଟ କ୍ରିକେଟ୍‌ରୁ ଅବସର ଘୋଷଣା କରିଛନ୍ତି। ୩୩ ବର୍ଷ ବୟସ୍କା ରାସନାରା ୨୦୧୨ ଟ୍ୱେଣ୍ଟି୨୦ ବିଶ୍ୱକପ୍‌ରେ ଭାରତ ପାଇଁ ପାକିସ୍ତାନ ଓ ଶ୍ରୀଲଙ୍କା ବିପକ୍ଷରେ ୨ଟି ଟ୍ୱେଣ୍ଟି୨୦ ମ୍ୟାଚ୍ ଖେଳି ୪ଟି ୱିକେଟ୍ ନେଇଥିଲେ। ୨୦୧୩ରେ ୱେଷ୍ଟଇଣ୍ଡିଜ୍ ମହିଳା ଦଳ ବିପକ୍ଷରେ ରାସନାରା ଏକମାତ୍ର ଦିନିକିଆ ମ୍ୟାଚ୍ ଖେଳି ୱିକେଟ୍ ପାଇନଥିଲେ। ବଲାଙ୍ଗିରର ଅଫ୍‌ସ୍ପିନର ରାସନାରା ପରୱିନ ପାଖାପାଖି ୨ ଦଶନ୍ଧି ଓଡ଼ିଶା ମହିଳା ଦଳ ପାଇଁ ଖେଳିଥିଲେ। ଓଡ଼ିଶା ଓ ଭାରତୀୟ କ୍ରିକେଟ୍ ପ୍ରତି ରାସନାରାଙ୍କ ଅବଦାନ ପାଇଁ ଓସିଏ ପକ୍ଷରୁ ତାଙ୍କୁ ଶୁଭେଚ୍ଛା ଜ୍ଞାପନ କରାଯାଇଛି। ତାଙ୍କ ଉଲ୍ଲେଖନୀୟ କ୍ରିକେଟ୍ ଜୀବନର ଲାଗି ଓସିଏ ସଭାପତି ପଙ୍କଜ ଲୋଚନ ମହାନ୍ତି, ସମ୍ପାଦକ ସଞ୍ଜୟ ବେହେରା ଓ ଅନ୍ୟ କର୍ମକର୍ତ୍ତା ରାସନାରାଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

## ଓଡ଼ିଶା ରଣଜୀ ଦଳରୁ ବିପ୍ଳବ, ସୂର୍ଯ୍ୟକାନ୍ତ, ଶାନ୍ତନୁ ବାଦ୍

**ଭୁବନେଶ୍ୱର, ୪।୧୦ (ସମିସ):** ରଣଜୀ ଟ୍ରଫିର ୨୦୨୫-୨୬ ଋତୁ ଚଳିତମାସ ୧୫ରୁ ଆରମ୍ଭ ହେଉଛି। ରଣଜୀ ଟ୍ରଫିରେ ଓଡ଼ିଶା ଏଲିଟ୍ ଗ୍ରୁପ୍ 'ଏ'ରେ ରହିଛି। ପ୍ରଥମ ୩ଟି ମ୍ୟାଚ୍ ଲାଗି ୧୫ ଜଣିଆ ଓଡ଼ିଶା ଦଳ ଓଡ଼ିଶା କ୍ରିକେଟ୍ ଆସୋସିଏସନ୍ (ଓସିଏ) ଘୋଷଣା କରିଛି। ଗତବର୍ଷ ଓଡ଼ିଶା ଛାଡ଼ି ମଧ୍ୟପ୍ରଦେଶ ଚାଲି ଯାଇଥିବା ବ୍ୟାଟ୍‌ସମ୍ୟାନ ଶୁଭ୍ରାଂଶୁ ସେନାପତି ପୁଣି ଓଡ଼ିଶା ଫେରିବା ପରେ ତାଙ୍କୁ ନେତୃତ୍ୱ ପ୍ରଦାନ କରାଯାଇଛି। ଓପ୍‌ନର ସ୍ୱସ୍ତିକ ସାମଲ ଉପଅଧିନାୟକ ହୋଇଛନ୍ତି। ଗତବର୍ଷ ଓଡ଼ିଶାର ନେତୃତ୍ୱ ନେଇଥିବା ଓପ୍‌ନର ଶାନ୍ତନୁ ମିଶ୍ର ଦଳରୁ ବାଦ୍ ପଡ଼ିଛନ୍ତି। ଶାନ୍ତନୁଙ୍କ ସହ ପୂର୍ବତନ ଅଧିନାୟକ ବିପ୍ଳବ ସାମନ୍ତରାୟ ଓ ପେସ୍ ବୋଲର ସୂର୍ଯ୍ୟକାନ୍ତ ପ୍ରଧାନଙ୍କୁ ଦଳରେ ସ୍ଥାନ ମିଳିନାହିଁ। ଶାନ୍ତନୁ ଓ ବିପ୍ଳବ ଷ୍ଟାଣ୍ଡବାଇ ତାଲିକାରେ ଅଛନ୍ତି। ଦଳରେ ୩ ଜଣ ନୂଆ ମୁହଁ ସାମିଲ ହୋଇଛନ୍ତି। ସେମାନେ ହେଲେ ଓପ୍‌ନିଂ ବ୍ୟାଟ୍‌ସମ୍ୟାନ ଗୌରବ ଚୌଧୁରୀ, ଅଲ୍‌ରାଉଣ୍ଡର ସମ୍ବିତ ବରାଳ ଓ ବାମହାତି ସ୍ପିନର ବାଦଲ ବିଶ୍ୱାଳ। ଓଡ଼ିଶା ଅକ୍ଟୋବର ୧୫ରୁ ବାରବାଟୀ ଷ୍ଟାଡିୟମ୍‌ରେ ବରୋଦାର ମୁକାବିଲା କରିବ। ଅକ୍ଟୋବର ୨୫ରୁ କାନପୁରରେ ଉତ୍ତର ପ୍ରଦେଶ ଓ ନଭେମ୍ବର ୧ରୁ ବାରବାଟୀରେ ଆନ୍ଧ୍ରପ୍ରଦେଶ ବିପକ୍ଷରେ ଓଡ଼ିଶା ଏହି ୩ଟି ମ୍ୟାଚ୍ ଖେଳିବ। ଗତବର୍ଷ ଏଲିଟ୍ ଗ୍ରୁପ୍ 'ଏ'ରେ ଥିବା ଓଡ଼ିଶା ଦଳ ଦୁର୍ବଳ ପ୍ରଦର୍ଶନ କରି ୭ଟି ମ୍ୟାଚ୍‌ରୁ ୨ଟି ବିଜୟ ସହ ୧୭ ପଏଣ୍ଟ ପାଇ ୬ଷ୍ଠ ସ୍ଥାନରେ ରହିଥିଲା।

ଘୋଷିତ ଦଳ: ଶୁଭ୍ରାଂଶୁ ସେନାପତି (ଅଧିନାୟକ), ସ୍ୱସ୍ତିକ ସାମଲ (ଉପଅଧିନାୟକ), ଗୌରବ ଚୌଧୁରୀ, ସନ୍ଦୀପ ପଟ୍ଟନାୟକ, ଗୋବିନ୍ଦ ପୋଦ୍ଦାର, ଆଶୀର୍ବାଦ ସ୍ୱାଇଁ, ରାଜେଶ ଧୁପର (ଉଭୟେ ୱିକେଟ୍ ରକ୍ଷକ), ଅନୀଲ ପରିଡ଼ା, ସମ୍ବିତ ବରାଳ, ସୁମିତ ଶର୍ମା, ବାଦଲ ବିଶ୍ୱାଳ, ସୁନୀଲ ରାଉଳ, ରାଜେଶ ମହାନ୍ତି, ତାରିଣୀ ସ' ଓ ତାପସ ଦାସ।

## ଶ୍ରୀଲଙ୍କା-ଅଷ୍ଟ୍ରେଲିଆ ମ୍ୟାଚ୍ ବାତିଲ

**କଲମ୍ବୋ, ୪।୧୦ (ଏଜେନ୍ସି):** ମହିଳା ଦିନିକିଆ ବିଶ୍ୱକପ୍‌ରେ ଶନିବାର ଏଠାରେ ହେବାକୁ ଥିବା ଶ୍ରୀଲଙ୍କା-ଅଷ୍ଟ୍ରେଲିଆ ମ୍ୟାଚ୍ ବର୍ଷା ଯୋଗୁଁ ବାତିଲ ହୋଇଯାଇଛି। ବର୍ଷା ଲାଗି ରହିବାରୁ ଟସ୍ ମଧ୍ୟ ପଡ଼ିନଥିଲା। ଫଳରେ ଉଭୟ ଦଳ ପଏଣ୍ଟ ଭାଗ କରିଛନ୍ତି। ଏହି ଫଳାଫଳରେ ଶ୍ରୀଲଙ୍କା ଲାଭବାନ ହୋଇଛି। ଚାମ୍ପିଅନ ଅଷ୍ଟ୍ରେଲିଆକୁ ହରାଇବା ଘରୋଇ ଦଳ ପକ୍ଷେ ବେଶ୍ କଷ୍ଟକର ହୋଇଥାନ୍ତା। ଭାରତଠାରୁ ପ୍ରଥମ ମ୍ୟାଚ୍ ହାରିଥିବା ଶ୍ରୀଲଙ୍କା ୧ ପଏଣ୍ଟ ପାଇ ଖାତା ଖୋଲିପାରିଛି। ୨ଟି ମ୍ୟାଚ୍‌ରୁ ୩ ପଏଣ୍ଟ ପାଇ ଅଷ୍ଟ୍ରେଲିଆ ଟେବୁଲ ଶୀର୍ଷରେ ପହଞ୍ଚିଛି। ଚଳିତ ବିଶ୍ୱକପ୍‌ରେ ପ୍ରଥମଥର ଏକ ମ୍ୟାଚ୍ ବର୍ଷା ଯୋଗୁଁ ବାତିଲ ହୋଇଛି। ଆସନ୍ତା ୮ରେ କଲମ୍ବୋରେ ପାକିସ୍ତାନର ମୁକାବିଲା କରିବ ଅଷ୍ଟ୍ରେଲିଆ। ଅଷ୍ଟ୍ରେଲିଆ ଖେଳିଥିବା ପ୍ରଥମ ମ୍ୟାଚରେ ନ୍ୟୁଜିଲାଣ୍ଡକୁ ୮୯ ରନ୍‌ରେ ହରାଇ ବିଜୟ ଅଭିଯାନ ଆରମ୍ଭ କରିଥିଲା।

### ଇରାନୀ କପ୍ କ୍ରିକେଟ

## ଲକ୍ଷ୍ୟ ୩୬୧; ଅବଶିଷ୍ଟ ଭାରତ ଏକାଦଶ ୩୦/୨

**ନାଗପୁର, ୪।୧୦ (ଏଜେନ୍ସି):** ଚଳିତ ଇରାନୀ କପ୍ କ୍ରିକେଟ୍ ମ୍ୟାଚ୍‌ରେ ଅବଶିଷ୍ଟ ଭାରତ ବିପକ୍ଷରେ ରଣଜୀ ଟ୍ରଫି ଚମ୍ପିଆନ୍ ବିଦର୍ଭ ଦୃଢ଼ ସ୍ଥିତିରେ ରହିଛି। ବିଦର୍ଭ ପ୍ରଥମ ଇନିଂସରେ ୩୪୨ ରନ୍ କରିଥିଲା। ପ୍ରଥମ ଇନିଂସରେ ୧୨୮ ରନ୍ ଆଗରେ ଥିବା ବିଦର୍ଭ ଶନିବାର ୪ର୍ଥ ଦିନରେ ୨ୟ ଇନିଂସରେ ୨୩୨ ରନ୍‌କରି ଅଲ୍‌ଆଉଟ୍ ହୋଇଯାଇଛି।

ଫଳରେ ଅବଶିଷ୍ଟ ଭାରତକୁ ୨ୟ ଇନିଂସରେ ୩୬୧ ରନ୍‌ର ବିଜୟଲକ୍ଷ୍ୟ ମିଳିଛି। ଏହାର ପିଛାକରି ୪ର୍ଥ ଦିନ ଶେଷରେ ଅବଶିଷ୍ଟ ଭାରତ ୨ ୱିକେଟ୍ ହରାଇ ୩୦ ରନ୍ କରିପାରିଛି। ୮ଟି ୱିକେଟ୍ ବାକିଥାଇ ଅବଶିଷ୍ଟ ଭାରତ ଆଉ ୩୩୧ ରନ୍ ଆବଶ୍ୟକ କରୁଛି। ରବିବାର ମ୍ୟାଚ୍‌ର ୫ମ ତଥା ଅନ୍ତିମ ଦିନ। ଯଦି ଅବଶିଷ୍ଟ ଭାରତ ମ୍ୟାଚ୍ ଡ୍ର ରଖେ; ତେବେ ପ୍ରଥମ ଇନିଂସରେ ଆଗୁଆ ରହିଥିବା ବିଦର୍ଭ ଦଳ ଚମ୍ପିଆନ୍ ହେବ। ଅବଶିଷ୍ଟ ଭାରତର ୨ୟ ଇନିଂସରେ ଅଭିମନ୍ୟୁ ଈଶ୍ୱରନ୍ ୧୭ ଓ ଆର୍ଯ୍ୟନ୍ ଜୁୟାଲ ୬ ରନ୍‌କରି ଆଉଟ୍ ହୋଇଥିଲେ। ଈଶାନ୍ କିଷନ୍ ୫ ଓ ଅଧିନାୟକ ରଜତ ପଟିଦାର ୨ ରନ୍‌କରି ଅପରାଜିତ ଅଛନ୍ତି। ୩ୟ ଦିନ ଶେଷରେ ବିଦର୍ଭ ୨ୟ ଇନିଂସରେ ୨ ୱିକେଟ୍‌ରେ ୯୬ ରନ୍ କରିଥିଲା। ୪ର୍ଥ ଦିନରେ ଧ୍ରୁବ ସୋରେ ୨୭ ଓ ଡାନିସ୍ ମାଲେୱାର ୧୬ ରନ୍‌କରି ଆଉଟ୍ ହୋଇଥିଲେ। ଅଧିନାୟକ ଅକ୍ଷୟ ୱାଡ୍‌କର ୪ଟି ଚୌକା ସହ ୩୬ ଓ ହର୍ଷ ଦୁବେ ୩ଟି ଚୌକା ସହ ୨୯ ରନ୍ କରିଥିଲେ। ତଳ ଅର୍ଡରରେ ଦର୍ଶନ ନାଲ୍‌କାଣ୍ଡେ ୩୫ ଓ ଯଶ ଠାକୁର ୧୩ ରନ୍ କରିଥିଲେ। ଭାରତ ପାଇଁ ଟେଷ୍ଟ ଖେଳିଥିବା ଅଂଶୁଳ କାମ୍ବୋଜ ୪ଟି ଏବଂ ସାରାଂଶ ଜୈନ, ମାନବ ସୁତାର ଓ ଗୁରନୁର ବ୍ରାର ୨ଟି ଲେଖାଏଁ ୱିକେଟ୍ ନେଇଥିଲେ।

### ଭାରତ-ଅଷ୍ଟ୍ରେଲିଆ ଦିନିକିଆ ସିରିଜ୍ ୧୯ରୁ

## ରୋହିତଙ୍କ ସ୍ଥାନରେ ଗିଲ୍ ଅଧିନାୟକ

### ଶର୍ମା ସ୍ଥାନ ବଜାୟ ରଖିଲେ
### କୋହଲି ସାମିଲ, ବୁମ୍‌ରାଙ୍କୁ ବିଶ୍ରାମ

**ମୁମ୍ବଇ,୪।୧୦(ଏଜେନ୍ସି):** ଅଷ୍ଟ୍ରେଲିଆ ବିପକ୍ଷ ଦିନିକିଆ ସିରିଜ୍‌ରେ ଶୁବମନ ଗିଲ୍ ଅଧିନାୟକ ମନୋନୀତ ହୋଇଛନ୍ତି। ସେ ନିୟମିତ ଅଧିନାୟକ ଥିବା ରୋହିତ ଶର୍ମାଙ୍କ ସ୍ଥାନରେ ପ୍ରଥମଥର ଭାରତୀୟ ଦଳର ନେତୃତ୍ୱ ନେବେ। ଅଷ୍ଟ୍ରେଲିଆରେ ଏହି ଦିନିକିଆ ସିରିଜ୍ ଅକ୍ଟୋବର ୧୯, ୨୩ ଓ ୨୫ରେ ଖେଳାଯିବ। ୨୬ ବର୍ଷୀୟ ଗିଲ୍ ମଧ୍ୟ ରୋହିତ ଶର୍ମାଙ୍କ ଅବସର ପରେ ଟେଷ୍ଟ ଦଳର ନେତୃତ୍ୱ ନେଉଛନ୍ତି। ଏବେ ୨୦୨୭ ବିଶ୍ୱକପ୍ ଆଉ ଦୁଇ ବର୍ଷ ରହିଛି। ଏଣୁ ଗିଲଙ୍କୁ ତାଙ୍କ ଟିମ୍ ଚୟନ କରିବାକୁ ପର୍ଯ୍ୟାପ୍ତ ସମୟ ମିଳିବ ବୋଲି ମୁଖ୍ୟ ଚୟନକର୍ତ୍ତା ଅଜିତ ଅଗରକର କହିଛନ୍ତି। ସେ ଆହୁରି ମଧ କହିଛନ୍ତି, ହେଡ୍ କୋଚ୍ ଗୌତମ ଗମ୍ଭୀର, ବିସିସିଆଇ ସମ୍ପାଦକ ଦେବଜିତ ସାଇକିଆଙ୍କ ସହ ପରାମର୍ଶ ପରେ ଗିଲଙ୍କୁ ଦିନିକିଆ ଦଳର ନେତୃତ୍ୱ ଦିଆଯାଇଛି।

ଏହି ୩ ମ୍ୟାଚ୍ ବିଶିଷ୍ଟ ସିରିଜ୍ ଲାଗି ଚାମ୍ପିଅନ୍ସ ଟ୍ରଫିରେ ଶେଷଥର ଭାରତ ପକ୍ଷରୁ ଖେଳିଥିବା ଦୁଇ ସୁପରଷ୍ଟାର ବିରାଟ କୋହଲି ଓ ରୋହିତ ଶର୍ମାଙ୍କୁ ସ୍ଥାନ ମିଳିଛି। ଅନ୍ୟ ସମସ୍ତ ଖେଳାଳି ଆଶାଅନୁଯାୟୀ ଦଳରେ ସ୍ଥାନ ପାଇଛନ୍ତି। କେବଳ ଫାଷ୍ଟ ବୋଲର ଯଶପ୍ରୀତ୍ ବୁମ୍‌ରାଙ୍କୁ ଏହି ସିରିଜ୍‌ରେ ବିଶ୍ରାମ ଦିଆଯାଇଛି। ଏହା ପରେ ନଭେମ୍ବର-ଡିସେମ୍ବରରେ ଘରୋଇ ମାଟିରେ ଦକ୍ଷିଣ ଆଫ୍ରିକା ସହ ଓ ୨୦୨୬ ଜାନୁଆରୀରେ ନ୍ୟୁଜିଲାଣ୍ଡ ସହ ଦିନିକିଆ ସିରିଜ୍ ଖେଳାଯିବ। ଅଷ୍ଟ୍ରେଲିଆ ବିପକ୍ଷ ଦିନିକିଆ ସିରିଜ୍ ପରେ ୫ ମ୍ୟାଚ୍ ବିଶିଷ୍ଟ ଟି-୨୦ ସିରିଜ୍ ଅକ୍ଟୋବର ୨୯ରୁ ଆରମ୍ଭ ହୋଇ ନଭେମ୍ବର ୮ରେ ଶେଷ ହେବ। ଏହି ସିରିଜ୍ ଲାଗି ପରେ ଭାରତୀୟ ଦଳ ଘୋଷଣା କରାଯିବ।

**ଘୋଷିତ ଦଳ**
ଶୁବମନ ଗିଲ୍ (ଅଧିନାୟକ), ଶ୍ରେୟସ ଆୟର (ଉପଅଧିନାୟକ), ରୋହିତ ଶର୍ମା, ବିରାଟ କୋହଲି, ଯଶସ୍ୱୀ ଜୟସ୍ୱାଲ, ଲୋକେଶ ରାହୁଲ ଓ ଧ୍ରୁବ ଜୁରେଲ (ୱିକେଟରକ୍ଷକ), ନୀତୀଶ କୁମାର ରେଡ୍ଡୀ, ୱାଶିଂଟନ ସୁନ୍ଦର, ଅକ୍ଷର ପଟେଲ, ଅର୍ଶଦୀପ ସିଂହ, ମହମ୍ମଦ୍ ସିରାଜ, ପ୍ରସିଦ୍ଧ କ୍ରିଷ୍ଣା ଓ ହର୍ଷିତ ରାଣା।

## ମାର୍ଶଙ୍କ ଶତକ; ଅଷ୍ଟ୍ରେଲିଆ ଟି୨୦ ସିରିଜ୍ ବିଜୟୀ




**ମାଉଣ୍ଟ ମୌଙ୍ଗନୁଇ, ୪।୧୦:** ଘରୋଇ ନ୍ୟୁଜିଲାଣ୍ଡ ବିପକ୍ଷରେ ଟ୍ୱେଣ୍ଟି୨୦ ସିରିଜ୍ ଜିତିନେଇଛି ଅଷ୍ଟ୍ରେଲିଆ। ଅଧିନାୟକ ମିଚେଲ ମାର୍ଶଙ୍କ ଅପରାଜିତ ଶତକ ବଳରେ ଶନିବାର ୩ୟ ତଥା ଅନ୍ତିମ ଟ୍ୱେଣ୍ଟି୨୦ ମ୍ୟାଚ୍‌କୁ ଅଷ୍ଟ୍ରେଲିଆ ୩ ୱିକେଟ୍‌ରେ ଜିତିନେଇଛି। ବ୍ୟାଟିଂ ବିଫଳତା ଭୋଗି ପ୍ରଥମେ ବ୍ୟାଟିଂ କରିଥିବା ନ୍ୟୁଜିଲାଣ୍ଡ ୯ ୱିକେଟ୍‌ରେ ୧୫୬ ରନ୍ କରିଥିଲା। ପରେ ଅଷ୍ଟ୍ରେଲିଆର ବ୍ୟାଟ୍‌ସମ୍ୟାନ ମଧ୍ୟ ବିଫଳ ହୋଇଥିଲେ ହେଁ ମାର୍ଶ ଗୋଟିଏ ପଟେ ଛିଡ଼ାହୋଇ ଅପରାଜିତ ଶତକ ମାରି ଦଳକୁ ଜିତାଇଥିଲେ। ୧୨ଟି ବଲ୍ ବାକିଥାଇ ୭ ୱିକେଟ୍ ହରାଇ ଅଷ୍ଟ୍ରେଲିଆ ଜିତିଥିଲା। ୨ୟ ଟ୍ୱେଣ୍ଟି୨୦ ବାତିଲ ହୋଇଥିବା ବେଳେ ଏହି ମ୍ୟାଚ୍ ଜିତି ଅଷ୍ଟ୍ରେଲିଆ ୨-୦ରେ ଶୃଙ୍ଖଳା ଜିତିବାରେ ସଫଳ ହୋଇଛି। ଜୀବନର ପ୍ରଥମ ଟି-୨୦ ଶତକ ହାସଲ କରିଥିବା ମାର୍ଶ ୫୨ ବଲ୍‌ରୁ ୭ଟି ଛକା ଓ ୮ଟି ଚୌକା ସହ ୧୦୩ ରନ୍‌କରି ଅପରାଜିତ ଥିଲେ। ମିଚେଲ ମାର୍ଶ ଏହି ମ୍ୟାଚ୍‌ର ଓ ସିରିଜ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ। ମାର୍ଶ ଉଭୟ ବ୍ୟାଟିଂ ଓ ନେତୃତ୍ୱ ନେଇ ଅଷ୍ଟ୍ରେଲିଆକୁ ବିଜୟୀ କରାଇଥିଲେ।

## ନକ୍‌ଭୀଙ୍କୁ ମିଳିବ ସ୍ୱର୍ଣ୍ଣ ପଦକ

**କରାଚି, ୪।୧୦ (ଏଜେନ୍ସି):** ଏସିଆ କପ୍ ଫାଇନାଲରେ ଜିତିବା ପରେ ଭାରତୀୟ ଖେଳାଳି ଜିଦ୍ ଧରିଥିଲେ ଯେ ପାକିସ୍ତାନ ସରକାରରେ ମନ୍ତ୍ରୀ ଥିବା ଏସୀୟ କ୍ରିକେଟ୍ ପରିଷଦ (ଏସିସି) ଅଧ୍ୟକ୍ଷ ମୋହସିନ ନକ୍‌ଭିଙ୍କଠାରୁ ସେମାନେ ଟ୍ରଫି ଗ୍ରହଣ କରିବେ ନାହିଁ। ପରେ ନକ୍‌ଭି ଟ୍ରଫି ଧରି ତାଙ୍କ ହୋଟେଲ ରୁମ୍‌କୁ ଚାଲି ଯାଇଥିଲେ। ତାଙ୍କର ଏହି ନୀତି ପାଇଁ ନକ୍‌ଭିଙ୍କୁ ସ୍ୱତନ୍ତ୍ର ସ୍ୱର୍ଣ୍ଣପଦକ ପ୍ରଦାନ କରାଯିବ। କରାଚିରେ ହେବାକୁ ଥିବା ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ନକ୍‌ଭିଙ୍କୁ ସହିଦ୍ ଜୁଲ୍‌ଫିକର ଅଲୀ ଭୁଟ୍ଟୋ ସ୍ୱର୍ଣ୍ଣପଦକ ପ୍ରଦାନ କରାଯିବ। ପିପିପି ଅଧ୍ୟକ୍ଷ ବିଲାୱଲ ଭୁଟ୍ଟୋ ଜର୍ଦାରି ଉତ୍ସବରେ ମୁଖ୍ୟ ଅତିଥି ହେବେ। ପୁଣି ନକ୍‌ଭି କହିଛନ୍ତି ଯେ ଭାରତୀୟ ଦଳ ଦୁବାଇସ୍ଥିତ ଏସିସି କାର୍ଯ୍ୟାଳୟକୁ ଆସି ତାଙ୍କଠାରୁ ହିଁ ଟ୍ରଫି ଗ୍ରହଣ କରିପାରିବେ। ସେ ନିଜେ ଟ୍ରଫି ପ୍ରଦାନ କରିବେ ବୋଲି ନକ୍‌ଭି ଜିଦ୍ ଧରିଛନ୍ତି। ବିସିସିଆଇକୁ ସେ କ୍ଷମା ମାଗିଛନ୍ତି ବୋଲି ଭାରତ ଯେଉଁ ଦାବିକରୁଛି; ତାହା ମିଥ୍ୟା ବୋଲି ନକ୍‌ଭି କହିଛନ୍ତି।

## ୱାର୍ଲ୍ଡ ପାରା ଆଥଲେଟିକ୍ସ: ଭାରତର ଶ୍ରେଷ୍ଠ ପ୍ରଦର୍ଶନ

**ନୂଆଦିଲ୍ଲୀ,୪।୧୦(ଏଜେନ୍ସି):** ଏଠାରେ ଚାଲିଥିବା ୱାର୍ଲ୍ଡ ପାରାଆଥଲେଟିକ୍ସ ଚାମ୍ପିଅନସିପ୍‌ରେ ଏକତା ଭାୟାନ ଭାରତ ଲାଗି ୧୮ଶ ପଦକ ବିଜୟୀ ହୋଇଛନ୍ତି। ଏହା ଫଳରେ ୱାର୍ଲ୍ଡ ପାରା ଆଥଲେଟିକ୍ସରେ ଭାରତ ତାହାର ଶ୍ରେଷ୍ଠ ପ୍ରଦର୍ଶନ କରିଛି। ଏହି ପ୍ରତିଯୋଗିତାର ୭ମ ଦିନରେ ଭାରତ ୩ଟି ପଦକ ଜିତିଛି। ଏକତା ଏଫ୍-୫୧ କ୍ଲବ୍ ଥ୍ରୋ କାଟାଗୋରୀରେ ଦ୍ୱିତୀୟ ସ୍ଥାନ ଅଧିକାର କରି ରୌପ୍ୟ ପଦକ ବିଜୟୀ ହୋଇଥିଲେ। ତାଙ୍କ ଛଡ଼ା ଟି୬୪ ହାଇଜମ୍ପରେ ପ୍ରବୀଣ କୁମାର ଓ ସଟ୍‌ପୁଟ ଏଫ୍-୫୭ରେ ସୋମନ ରାଣା କାଂସ୍ୟ ପଦକ ବିଜୟୀ ହୋଇଥିଲେ।

### ମହିଳା ଦିନିକିଆ ବିଶ୍ୱକପ୍

# ଆଜି ଭାରତ-ପାକିସ୍ତାନ ଲଢ଼େଇ

**କଲମ୍ବୋ, ୦୪।୧୦ (ଏଜେନ୍ସି):** ଭାରତରେ ଚାଲିଥିବା ଆଇସିସି ମହିଳା ଦିନିକିଆର ୧୩ତମ ସଂସ୍କରଣରେ ରବିବାର ଏକ ହାଇଭୋଲଟେଜ ମୁକାବିଲା ଖେଳାଯିବ। ଏଥିରେ ଦୁଇ ପାରମ୍ପରିକ ପ୍ରତିଦ୍ୱନ୍ଦ୍ୱୀ ଭାରତ ଓ ପାକିସ୍ତାନ ପରସ୍ପରକୁ ସାମ୍ନା କରିବେ। ଟୁର୍ଣ୍ଣାମେଣ୍ଟର ସହ-ଆୟୋଜକ ରହିଥିବା ଶ୍ରୀଲଙ୍କାର ଆର୍ ପ୍ରେମଦାସ ଷ୍ଟାଡିୟମରେ ଏହି ମ୍ୟାଚ୍ ରବିବାର ଅପରାହ୍ଣ ୩ଟାରୁ ଆରମ୍ଭ ହେବ। ରାଜନୈତିକ କାରଣ ଲାଗି ଭାରତରେ ମ୍ୟାଚ୍ ଖେଳିବାକୁ ରାଜି ନ ହେବାରୁ ଆଇସିସି ପାକିସ୍ତାନର ସମସ୍ତ ମ୍ୟାଚ ଶ୍ରୀଲଙ୍କାରେ ଆୟୋଜିତ କରିବାକୁ ନିଷ୍ପତ୍ତି ନେଇଥିଲା।




ପୂର୍ବରୁ ଆୟୋଜକ ଭାରତ ଉଦ୍‌ଘାଟନୀ ଦିବସରେ ପ୍ରଥମ ମ୍ୟାଚରେ ୫୯ ରନରେ ଶ୍ରୀଲଙ୍କାକୁ ମାତ୍ ଦେଇ ଅଭିଯାନ ଆରମ୍ଭ କରିଥିଲା। ଅପରପକ୍ଷରେ ପାକିସ୍ତାନ ପ୍ରଥମ ମ୍ୟାଚରେ ୭ ୱିକେଟରେ ବାଂଲାଦେଶ ନିକଟରୁ ଲଜ୍ଜାଜନକ ଭାବେ ପରାସ୍ତ ହୋଇଥିଲା। ତେଣୁ ହରମନପ୍ରୀତ୍ କୌରଙ୍କ ନେତୃତ୍ୱାଧୀନ ଟିମ୍ ଇଣ୍ଡିଆ ଏହି ବିଜୟଧାରାକୁ ବଜାୟ ରଖିବା ଲକ୍ଷ୍ୟରେ ପଡ଼ିଆକୁ ଓହ୍ଲାଇବ। ଶ୍ରୀଲଙ୍କା ବିପକ୍ଷ ମ୍ୟାଚରେ ମଧ୍ୟ ଓ ନିମ୍ନକ୍ରମରେ ଅମନଜୋତ୍ କୌର ଓ ଦୀପ୍ତି ଶର୍ମା ଲଢୁଆ ଅର୍ଦ୍ଧଶତକୀୟ ଇନିଂସ ଖେଳିବା ଯୋଗୁ ଭାରତ ୮ ୱିକେଟରେ ୨୬୯ ରନ କରିବାକୁ ସକ୍ଷମ ହୋଇଥିଲା। ଏହି ମ୍ୟାଚରେ କିନ୍ତୁ ସ୍ମୃତି ମନ୍ଧାନା (୮ ରନ), ଅଧିନାୟିକା ହରମନପ୍ରୀତ୍ କୌର (୨୧ ରନ) ଓ ଜେମିମା ରୋଡ୍ରିଗ୍ସ୍‌ଜ (୦) ନିରାଶ କରିଥିଲେ। ତେଣୁ ଆସନ୍ତାକାଲି ପାକିସ୍ତାନ ବିପକ୍ଷ ଗୁରୁତ୍ୱପୂର୍ଣ୍ଣ ମ୍ୟାଚରେ ଦଳ ଏହି ୩ ବରିଷ୍ଠ ଖେଳାଳିଙ୍କ ନିକଟରୁ ବଡ଼ ସ୍କୋର ଆଶାରେ ରହିଛି।

**ଭାରତ ସପକ୍ଷରେ ରେକର୍ଡ:**

ରେକର୍ଡ ଉପରେ ନଜର ପକାଇଲେ ମହିଳା ଦିନିକିଆ କ୍ରିକେଟରେ ଭାରତ ଓ ପାକିସ୍ତାନ ୧୧ଥର ସାମ୍ନାସାମ୍ନି ହୋଇଛନ୍ତି। ଏଥିରେ ଭାରତୀୟ ମହିଳା ଦଳ ସମସ୍ତ ୧୧ଟି ଯାକ ମ୍ୟାଚ୍ ଜିତି ଅଗ୍ରଣୀ ରହିଛି। ତେଣୁ ରେକର୍ଡ ଭାରତ ସପକ୍ଷରେ ରହିଛି। ଶେଷଥର ଲାଗି ଦୁଇ ଦଳ ୨୦୨୨ରେ ଏକ ଦିନିକିଆ ମ୍ୟାଚରେ ମୁହାଁମୁହିଁ ହୋଇଥିଲେ। ଏଥିରେ ଭାରତ ୧୦୭ ରନର ବଡ଼ ବ୍ୟବଧାନରେ ବିଜୟୀ ହୋଇଥିଲା।

## ଭାରତ-ପାକ୍ ଖେଳାଳି ହାତ ମିଳାଇବେ ନାହିଁ

**ନୂଆଦିଲ୍ଲୀ, ୪।୧୦ (ଏଜେନ୍ସି):** ରବିବାର ମହିଳା ବିଶ୍ୱକପ୍‌ରେ ଭାରତ-ପାକିସ୍ତାନ ମୁକାବିଲା ହେବ। ଏସିଆ କପ୍‌ରେ ପୁରୁଷ କ୍ରିକେଟରଙ୍କ ପରି ଏହି ମ୍ୟାଚ୍‌ରେ ପାକିସ୍ତାନ ଖେଳାଳିଙ୍କ ସହ ଭାରତୀୟ ମହିଳା ଖେଳାଳି ହାତ ମିଳାଇବେ ନାହିଁ ବୋଲି ଜାଣିବାକୁ ମିଳିଛି। ଏହା ବିଷୟରେ ବିସିସିଆଇ ସମ୍ପାଦକ ଦେବଜିତ ସାଇକିଆ କହିଛନ୍ତି, ଭାରତ ଉକ୍ତ ମ୍ୟାଚ୍ ଖେଳିବ ଏବଂ କ୍ରିକେଟ୍‌ର ସମସ୍ତ ନିୟମ ପାଳନ କରାଯିବ। ତେବେ ଉଭୟ ଦଳର ଖେଳାଳି ହାତ ମିଳାଇବେ କିମ୍ବା କୋଳାକୋଳି ହେବ; ତାହା ମୁଁ କହିପାରିବି ନାହିଁ। ଆମର ଧ୍ୟାନ ଖେଳ ଉପରେ ରାଜନୀତି ଉପରେ ନୁହେଁ। ଗତ ସପ୍ତାହକ ମଧ୍ୟରେ ଦୁଇ ଦେଶର ସମ୍ପର୍କରେ ସେପରି କିଛି ପରିବର୍ତ୍ତନ ହୋଇନାହିଁ; ବରଂ ଏହା ଖରାପ ହୋଇଛି।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ରୁ ଦାସ
EXECUTIVE EDITOR: SAMARENDU DAS